ଧରିତ୍ରୀ
DHARITRI
ଧରିତ୍ରୀ 52 Years
ଭୁବନେଶ୍ୱର, ମଙ୍ଗଳବାର, ଡିସେମ୍ବର ୯/୨୦୨୫ (୧୪ ପୃଷ୍ଠା) | Bhubaneswar, Tuesday, December 9/2025 | Page 14 | ₹ 7.00
୫୨ଶ ଭାଗ ୧୬ ସଂଖ୍ୟା | www.orissakhabar.com/www.dharitri.com | Printed at Bhubaneswar, Sambalpur, Rayagada & Angul | VOLUME 52 ISSUE 16 | ମୂଲ୍ୟ ₹୭/-

# କେନ୍ଦ୍ରୀୟ ଅନୁଦାନ କମିଛି ୪ହଜାର କୋଟି: ବିରୋଧୀ

■ ଓଡ଼ିଶାର ବିକାଶ ଦେଖିବ ବିଶ୍ୱ: ମୁଖ୍ୟମନ୍ତ୍ରୀ
■ ଅତିରିକ୍ତ ବ୍ୟୟମଞ୍ଜୁରୀ ବିଧେୟକ ପାରିତ

**ଓଡ଼ିଶାରେ ଭାଜପା ସରକାର ଗଠନ ହେବା ପରେ ରାଜ୍ୟକୁ ଅଧିକ ଅନୁଦାନ ମିଳିବ ବୋଲି ରାଜ୍ୟବାସୀ ଆଶା ରଖିଥିଲେ। ହେଲେ ବାସ୍ତବକ୍ଷେତ୍ରରେ ତାହା ପ୍ରତିଫଳିତ ହେଉନାହିଁ। ବିଜେଡି ସରକାର ସମୟରେ ରାଜ୍ୟକୁ ଯେତିକି କେନ୍ଦ୍ରୀୟ ଅନୁଦାନ ମିଳୁଥିଲା ତାହାଠାରୁ ଏବେ କମ୍ ମିଳୁଛି ବୋଲି ବିରୋଧୀମାନେ ଅଭିଯୋଗ କରୁଛନ୍ତି। ପୂର୍ବବର୍ଷ(୨୦୨୩-୨୪)ତୁଳନାରେ ଗତ ୮ ମାସରେ ୧୮ପ୍ରତିଶତ ଅର୍ଥାତ୍ ୪ ହଜାରରୁ ଊର୍ଦ୍ଧ୍ୱ କୋଟି ଟଙ୍କାର କେନ୍ଦ୍ରୀୟ ଅନୁଦାନ କମ୍ ମିଳିଛି ବୋଲି କହି ସୋମବାର ବିଧାନସଭାରେ ବିରୋଧୀ ସଦସ୍ୟମାନେ ରାଜ୍ୟ ସରକାରଙ୍କ ଉପରେ ବର୍ଷିଛନ୍ତି।**

ଭୁବନେଶ୍ୱର,୮।୧୨
(ରବିନାରାୟଣ ଜେନା/ସୁନିତ୍ ମିଶ୍ର)

କେନ୍ଦ୍ର ଓ ରାଜ୍ୟରେ ଡବଲ ଇଞ୍ଜିନ ସରକାର ଚାଲିଛି। ଓଡ଼ିଶାକୁ ଡବଲ ଫାଇଦା ହେବା କଥା, ମାତ୍ର ବିଜେଡି ସରକାର ସମୟରେ ରାଜ୍ୟକୁ ଯେତିକି ଅନୁଦାନ ମିଳୁଥିଲା ତାହାଠାରୁ ଏବେ କମ୍ ପରିମାଣର ମିଳୁଛି। ଗତ ୮ମାସରେ ୧୮ପ୍ରତିଶତ ଅର୍ଥାତ୍ ୪ହଜାରରୁ ଊର୍ଦ୍ଧ୍ୱ କୋଟି ଟଙ୍କାର କେନ୍ଦ୍ରୀୟ ଅନୁଦାନ କମ୍ ରାଜ୍ୟ ପାଇଛି। ଏଥିରେ ରାଜ୍ୟର ବିକାଶ କିଭଳି ହେବ। ସରକାର କେବଳ ଋଣ କରି ଘିଅ ଖାଇବାକୁ ବାହାରିଛନ୍ତି। ରାଜସ୍ୱ ଅଭାବରୁ ଖୋଲା ବଜାରରୁ ସରକାର ୯୧ହଜାର କୋଟି ଋଣ କରିଛନ୍ତି। ଏଭଳି ବିକାଶ ହେଲେ ୨୦୦୦ ପୂର୍ବରୁ ରାଜ୍ୟରେ ଯେଭଳି ବିକଳ ଅର୍ଥନୀତି ଥିଲା ପୁଣି ସେହି ଅବସ୍ଥା ସୃଷ୍ଟି କାହିଁକି ନ ହେବ ବୋଲି କହି ବିରୋଧୀ ବିଜେଡି ଓ କଂଗ୍ରେସ ସୋମବାର ଅତିରିକ୍ତ ବ୍ୟୟମଞ୍ଜୁରୀ ବିଧେୟକ ଆଲୋଚନା କାଳରେ ସରକାରଙ୍କୁ ଘେରିବାକୁ ଉଦ୍ୟମ କରିଛନ୍ତି। ଶାସକଦଳ ଏହାର ଦୃଢ଼ ଜବାବ ରଖି କହିଛି, ପୂର୍ବରେ ୨୪ବର୍ଷର ବିଜେଡି ସରକାର କେବଳ ଠିକାଦାର ପ୍ରୀତି ଦେଖାଇ ଓଡ଼ିଶାକୁ ଲୁଟ୍ କରୁଥିଲା, ହେଲେ ଏବେ ବିକାଶ କ'ଣ ରାଜ୍ୟବାସୀ ଦେଖିବେ ବୋଲି ସଦସ୍ୟମାନେ କହିଥିଲେ। ଅନ୍ୟପକ୍ଷରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି, ରାଜ୍ୟ ସରକାରଙ୍କ ବଜେଟରେ କାର୍ଯ୍ୟକ୍ରମ ବାବଦ ଖର୍ଚ୍ଚରେ ରାଜ୍ୟର ଭିଜନ ରହିଛି। ରାଜ୍ୟ ସରକାର ଓଡ଼ିଶାକୁ ଏକ ବିକଶିତ ରାଜ୍ୟରେ ପରିଗଣିତ କରିବାପାଇଁ ଯେଉଁ ଲକ୍ଷ୍ୟ ରଖିଛନ୍ତି, ସେଥିପାଇଁ ଓଡ଼ିଶା ଭିଜନ-୨୦୩୬ ପ୍ରସ୍ତୁତ କରାଯାଇଛି। ଏହା ନିଶ୍ଚିତ ରୂପେ ପ୍ରତିଫଳିତ ହେବ ଏବଂ ସାରା ବିଶ୍ୱ ଓଡ଼ିଶାର ବିକାଶ ଦେଖିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ବିରୋଧୀ ଓ ଶାସକଦଳର ସଦସ୍ୟଙ୍କ ଅତିରିକ୍ତ ବଜେଟ ଆଲୋଚନା ଶୁଣିବା ପରେ ବାଚସ୍ପତି ସୁରମା ପାଢ଼ୀ ୧୭ହଜାର ୪୪୦କୋଟି ଟଙ୍କାର ଅତିରିକ୍ତ ବଜେଟକୁ ବାଚନିକ ଭୋଟରେ ପାରିତ କରିଥିଲେ। ଏହି ସମୟରେ ବିରୋଧୀ କଂଗ୍ରେସ ଓ ବିଜେଡି କକ୍ଷତ୍ୟାଗ କରିଥିବା ଦେଖିବାକୁ ମିଳିଥିଲା।

ବିଧାନସଭାରେ ସୋମବାର ମଧ୍ୟାହ୍ନ ୧୨ଟା ୧୫ରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ୧୭ହଜାର ୪୪୦କୋଟି ଟଙ୍କାର ଅତିରିକ୍ତ ବ୍ୟୟମଞ୍ଜୁରୀ ବିଧେୟକ ଆଗତ କରି ଗୃହରେ ପାରିତ ☞ପୃଷ୍ଠା-୪

## ବାରବାଟୀରେ ଭାରତ-ଦକ୍ଷିଣ ଆଫ୍ରିକା ମ୍ୟାଚ୍ ଆଜି

କଟକ,୮।୧୨(ଅନାଦି କର)

ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ମଙ୍ଗଳବାର ଐତିହାସିକ ବାରବାଟୀ ଷ୍ଟାଡିୟମରେ ପ୍ରଥମ ଟି୨୦ ମ୍ୟାଚ୍ ଖେଳାଯିବ। ଏହି ମ୍ୟାଚ୍ ପାଇଁ ଖେଳାଳିଙ୍କଠାରୁ ଆରମ୍ଭ କରି ପିଚ୍, ସୁରକ୍ଷା ବ୍ୟବସ୍ଥା ସମେତ ସବୁ ପ୍ରକାର ପ୍ରସ୍ତୁତି ଶେଷ। ଏବେ କେବଳ ଲଢ଼େଇକୁ ଅପେକ୍ଷା। ବାରବାଟୀରେ ଖୁବ କମ୍ ଅନ୍ତର୍ଜାତୀୟ ମ୍ୟାଚ ଖେଳାଯାଉଥିବାରୁ ଏହି ମ୍ୟାଚ୍ ଲାଗି ଦର୍ଶକମାନେ ଉତ୍କଣ୍ଠାର ସହ ଅପେକ୍ଷା କରି ରହିଛନ୍ତି। ମ୍ୟାଚ୍ ଲାଗି ଦୁଇ ଦଳ ସୋମବାର ବାରବାଟୀ ଷ୍ଟାଡିୟମରେ ଦୀର୍ଘ ସମୟ ଧରି ଅଭ୍ୟାସ ମଧ୍ୟ କରିଛନ୍ତି।

ବାରବାଟୀ ଷ୍ଟାଡିୟମରେ ପ୍ରଥମ ଥର ପାଇଁ ନାଲି ମାଟିରେ ପିଚ୍ ପ୍ରସ୍ତୁତ କରାଯାଇଛି। ଏଥିସହିତ ମ୍ୟାଚ୍ ଆଗକୁ ବଢ଼ିବା ସହ କାକରର ପ୍ରଭାବ ମଧ୍ୟ ବୃଦ୍ଧି ପାଇବ। ଏଣୁ ମ୍ୟାଚ୍‌ଟି ହାଇସ୍କୋରିଂ ହେବ ବୋଲି ଆଶା କରାଯାଉଛି। ବାରବାଟୀରେ ଏପର୍ଯ୍ୟନ୍ତ ୩ଟି ଟି୨୦ ମ୍ୟାଚ୍ ଖେଳାଯାଇଛି। ପୂର୍ବରୁ ବାରବାଟୀ ଗ୍ରାଉଣ୍ଡରେ ଭାରତ ଓ ଦ.ଆଫ୍ରିକା ପରସ୍ପରକୁ ଦୁଇ ଥର ଭେଟିଥିବା ବେଳେ ଉଭୟ ଥର ଭ୍ରମଣକାରୀ ଦଳ ବାଜିମାତ୍ କରିଛି। ଏଣୁ ରେକର୍ଡ ସମ୍ପୂର୍ଣ୍ଣ ରୂପେ ଦ. ଆଫ୍ରିକା ସପକ୍ଷରେ ☞ପୃଷ୍ଠା-୪



ବାରବାଟୀ ଷ୍ଟାଡିୟମରେ ସୋମବାର ଭାରତୀୟ ଦଳର ନେଟ୍ସ ସେସନରେ ବୋଲିଂ କରୁଛନ୍ତି ଯଶପ୍ରୀତ୍ ବୁମ୍‌ରା। (ଫଟୋ: ରାଜକିଶୋର ମହାନ୍ତି)

## ଥାଇଲାଣ୍ଡ ପଳାଇଛନ୍ତି ୨ ମାଲିକ ଲୁଥ୍ରା ଭ୍ରାତା

ଗୋଆ ନାଇଟ୍ କ୍ଲବ୍ ଅଗ୍ନିକାଣ୍ଡ

ନୂଆଦିଲ୍ଲୀ,୮।୧୨

ଉତ୍ତର ଗୋଆର ନାଇଟ୍ କ୍ଲବ୍‌ରେ ଶନିବାର ମଧ୍ୟରାତ୍ରିରେ ଭୟାବହ ଅଗ୍ନିକାଣ୍ଡ ଘଟି ୨୫ ଜଣଙ୍କ ମୃତ୍ୟୁ ଘଟିଥିଲା। ମୃତକଙ୍କ ମଧ୍ୟରେ ନାଇଟ୍ କ୍ଲବ୍‌ର ୨୦ କର୍ମଚାରୀ ଓ ୫ ପର୍ଯ୍ୟଟକ ଥିଲେ। ନାଇଟ୍ କ୍ଲବ୍‌ରେ ଆବଶ୍ୟକ ସୁରକ୍ଷା ଓ ଅଗ୍ନି ନିର୍ବାପକ ବ୍ୟବସ୍ଥା ନ ଥିଲା। ଏହି ମାମଲାରେ ପୋଲିସ ନାଇଟ୍ କ୍ଲବ୍‌ର ଜଣେ ମ୍ୟାନେଜରଙ୍କୁ ସୋମବାର ଦିଲ୍ଲୀରୁ ଗିରଫ କରାଯାଇଥିବାବେଳେ ବର୍ତ୍ତମାନ ସୁଦ୍ଧା ୫ ଜଣ ଅଭିଯୁକ୍ତ ଗିରଫ ହେଲେଣି। ଅଗ୍ନିକାଣ୍ଡର କିଛି ଘଣ୍ଟା ପରେ ନାଇଟ୍ କ୍ଲବ୍‌ର ୨ ମାଲିକ ସୌରଭ ଲୁଥ୍ରା ଓ ଗୌରବ ଲୁଥ୍ରା ଭାରତ ଛାଡ଼ି ଥାଇଲାଣ୍ଡ ପଳାଇଥିବା ପୋଲିସ କହିଛି। ଏତଲା ଦାଏର ପରେ ପୋଲିସ ସେମାନଙ୍କୁ ଖୋଜିବା ଲାଗି ଦିଲ୍ଲୀ ଯାଇଥିଲା। ସେମାନେ ଦିଲ୍ଲୀ ବାସଭବନରେ ନ ଥିବାରୁ ପୋଲିସ ଏକ ନୋଟିସ ଦେଇଆସିଥିଲା। ଲୁକ୍ ଆଉଟ୍ ସର୍କୁଲାର ଜାରି ପାଇଁ ପୋଲିସ ରବିବାର ସନ୍ଧ୍ୟାରେ ବ୍ୟୁରୋ ଅଫ୍ ଇମିଗ୍ରେଶନକୁ ନିବେଦନ କରିଥିଲା। ତେବେ ରବିବାର ଭୋର ୫ଟା ୩୦ ମିନିଟ୍ ☞ପୃଷ୍ଠା-୪

**ଆଜିର ସମ୍ପାଦକୀୟ**

ନେହେରୁ ନୁହେଁ, ଭବିଷ୍ୟତକୁ ଦେଖ

## କଲେଜରେ ଛୁରାମାଡ଼, ଛାତ୍ର ଗୁରୁତର

**ଛାତ୍ର ଛାତ୍ରଙ୍କ ମଧ୍ୟରେ ଗଣ୍ଡଗୋଳ, ମାର୍‌ପିଟ, ଆକ୍ରମଣ ଘଟଣା ଶିକ୍ଷାନୁଷ୍ଠାନରେ ଅପ୍ରୀତିକର ପରିସ୍ଥିତି ସୃଷ୍ଟିକରୁଛି। ଏହାକୁ ନେଇ ଛାତ୍ରୀଛାତ୍ର, ଅଭିଭାବକ ମହଲରେ ଘୋର ଅସନ୍ତୋଷ ଦେଖାଦେଉଛି, ଯାହା ଶିକ୍ଷାନୁଷ୍ଠାନର ଶୈକ୍ଷିକ ବାତାବରଣକୁ ନଷ୍ଟ କରୁଛି। ଯଦିଓ ଶିକ୍ଷାନୁଷ୍ଠାନରେ ଏସବୁ କାର୍ଯ୍ୟକଳାପକୁ ନିୟନ୍ତ୍ରଣ ଲାଗି ପ୍ରିନ୍ସିପାଲ, ବରିଷ୍ଠ ଅଧ୍ୟାପିକା, ଅଧ୍ୟାପକମାନେ ହସ୍ତକ୍ଷେପ କରିଥାନ୍ତି। କିନ୍ତୁ ଏଭଳି ଘଟଣା ଥମିବାର ନାଁ ଧରୁନି। ଏହି କ୍ରମରେ ସୋମବାର ମୟୂରଭଞ୍ଜ ଜିଲା କୁଳିଅଣାର ବାଇଗଣବାଡ଼ିଆସ୍ଥିତ ବାବାବଳିଆ କଲେଜରେ ଦୁଇ ଯୁକ୍ତ-୨ ଛାତ୍ରଙ୍କ ମଧ୍ୟରେ ଗଣ୍ଡଗୋଳ ଉଗ୍ରରୂପ ନେଇଛି। ଜଣେ ଛାତ୍ରଙ୍କ ଛୁରାମାଡ଼ରେ ଅନ୍ୟ ଜଣେ ଗୁରୁତର ହୋଇ କଟକ ବଡ଼ ମେଡିକାଲରେ ଭର୍ତ୍ତି ହୋଇଛନ୍ତି। ଆକ୍ରମଣକାରୀ ଛାତ୍ରଙ୍କୁ ପୋଲିସ ଅଟକ ରଖିଛି।**

ବାରିପଦା/କୁଳିଅଣା,୮।୧୨
(ନୀଳାଦ୍ରି ବିହାରୀ ଦଣ୍ଡପାଟ/ଆଦିକନ୍ଦ ସାହୁ)

ମୟୂରଭଞ୍ଜ ଜିଲା କୁଳିଅଣା ଥାନା ଅଧୀନ ବାଇଗଣବାଡ଼ିଆସ୍ଥିତ ବାବା ବଳିଆ (ବିବି) ମହାବିଦ୍ୟାଳୟରେ ସୋମବାର ଏକ ଅଭାବନୀୟ ଘଟଣା ଘଟିଛି। ଦୁଇ ଛାତ୍ରଙ୍କ ମଧ୍ୟରେ ସଂଘର୍ଷ ଘଟି ଛୁରା ମାଡ଼ରେ ଜଣେ ଛାତ୍ର ଗୁରୁତର ହୋଇଛନ୍ତି। ଗୁରୁତର ଛାତ୍ର ଜଣକ ହେଲେ କୁଳିଅଣା ଥାନା ଅଧୀନ ତିଳକଗଡ଼ିଆ ଗ୍ରାମର ପ୍ରହ୍ଲାଦ ବିନ୍ଧାଣି(୧୭)। ସେ ଉକ୍ତ କଲେଜର

**ପ୍ରେମ ବ୍ୟାପାରକୁ ନେଇ ଚର୍ଚ୍ଚା**

ଯୁକ୍ତ ୨ ବାଣିଜ୍ୟ ବିଭାଗର ଛାତ୍ର। କଲେଜ କର୍ତ୍ତୃପକ୍ଷ ତାଙ୍କୁ ଗୁରୁତର ଅବସ୍ଥାରେ ଉଦ୍ଧାର କରି ଚିକିତ୍ସା ପାଇଁ ବାରିପଦାସ୍ଥିତ ଜିଲା ମୁଖ୍ୟାଳୟ ଡାକ୍ତରଖାନାରେ ଭର୍ତ୍ତି କରିଥିଲେ। ସେଠାରେ ଅବସ୍ଥା ସଙ୍କଟାପନ୍ନ ହେବାରୁ ତାଙ୍କୁ କଟକ ବଡ଼ ଡାକ୍ତରଖାନା ସ୍ଥାନାନ୍ତର କରାଯାଇଛି। ଆକ୍ରମଣକାରୀ ଯୁକ୍ତ ୨ କଳା ବିଭାଗର ଛାତ୍ର ଜଣକ ବାରିପଦା ସଦର ଥାନା ଅଞ୍ଚଳର। ପୋଲିସ ତାଙ୍କୁ ଅଟକ ରଖି ପଚରାଉଚୁରା ଜାରି ରଖିଥିବା ବେଳେ ବ୍ୟବହୃତ ଛୁରିକୁ ଜବତ କରିଛି। ଏ ସଂକ୍ରାନ୍ତରେ ଥାନାରେ ଏକ ମାମଲା (ନଂ. ୨୦୮/୨୫) ରୁଜୁ ହୋଇଛି। ପ୍ରେମ ବ୍ୟାପାରକୁ ନେଇ ଏହି ଛୁରାମାଡ଼ ଘଟଣା ଘଟିଥିବା ଚର୍ଚ୍ଚା ହେଉଛି।

ପୋଲିସ ସୂଚନା ଅନୁଯାୟୀ, ୨ ଛାତ୍ରଙ୍କ ମଧ୍ୟରେ କିଛି ଦିନ ହେଲା ତିକ୍ତତା ଲାଗିରହିଥିଲା। ସୋମବାର ମଧ୍ୟାହ୍ନ ୧୨ଟା୩୦ ମିନିଟ ସମୟରେ ଉଭୟଙ୍କ ମଧ୍ୟରେ ବଚସା ହୋଇଥିଲା। ଏଥିରେ ଉତ୍ତ୍ୟକ୍ତ ହୋଇ ଯୁକ୍ତ ୨ କଳା ବିଭାଗର ଛାତ୍ର ଜଣକ ଏକ ଛୁରିରେ ପ୍ରହ୍ଲାଦଙ୍କ ପେଟକୁ ଭୁସିଦେବାରୁ ତାଙ୍କ ଅନ୍ତବୁଜୁଳା ପଦାକୁ ବାହାରି ଆସିଥିଲା। କଲେଜ କର୍ତ୍ତୃପକ୍ଷ ଆକ୍ରମଣକାରୀ ଛାତ୍ରଙ୍କୁ କାବୁ କରି ପୋଲିସକୁ ଖବର ଦେଇଥିଲେ। ବାରିପଦା ସଦର ଏସ୍‌ଡିପିଓ ପ୍ରଭାତ କୁମାର ମଲ୍ଲିକ ଓ ତଦନ୍ତକାରୀ ଅଫିସର ଏସ୍ଆଇ ପ୍ରକାଶ କୁମାର ଗୋସ୍ୱାଇଁ ସଦଳବଳ ପହଞ୍ଚି ଆକ୍ରମଣକାରୀଙ୍କୁ ଥାନାକୁ ଆଣି ପଚରାଉଚରା ଚଳାଇଥିବା ସୂଚନା ମିଳିଛି।

## ମାଲକାନଗିରି: ୨୪ ଘଣ୍ଟା ପାଇଁ ଇଣ୍ଟରନେଟ୍, ମଦଦୋକାନ ବନ୍ଦ

**ମହିଳାଙ୍କ ମୁଣ୍ଡବିହୀନ ମୃତଦେହ ଜବତ ଘଟଣା**

ଏମ୍‌ଭି-୨୬ରେ ଜାଳିଦେଲେ ୫୦ ଘର, ପୋଲିସ ଛାଉଣି

ମାଲକାନଗିରି/କୋରୁକୋଣ୍ଡା,୮।୧୨
(ଦୁର୍ଯ୍ୟୋଧନ ପାତ୍ର/ଶିବଦତ୍ତ ସାହୁ)

ମାଲକାନଗିରି ଜିଲା କୋରୁକୋଣ୍ଡା ଥାନା ଅନ୍ତର୍ଗତ ଡୁଡ଼ାମେଟଲା ନଦୀ ନିକଟରୁ ଜଣେ ମହିଳାଙ୍କ ମୁଣ୍ଡବିହୀନ ମୃତଦେହ ଜବତ ଘଟଣା ପରେ ଉତ୍ତେଜନା ତୀବ୍ର ହେବାରେ ଲାଗିଛି। ଏହାକୁ ନେଇ ରାଖେଲଗୁଡ଼ା ଏବଂ ଏମ୍‌ଭି -୨୬ ଗ୍ରାମ ମଧ୍ୟରେ ଚାପା ଉତ୍ତେଜନା ଲାଗି ରହିଛି। ରବିବାର ଜିଲାପାଳଙ୍କ ସହ ପୋଲିସ ପହଞ୍ଚି ସ୍ଥିତି ନିୟନ୍ତ୍ରଣାଧୀନ କରିଥିବା ବେଳେ ସୋମବାର ପୁଣି ଉତ୍ତେଜନା ବଢ଼ିଛି। ଗୋଟିଏ ଗୋଷ୍ଠୀର ଲୋକ ରାଖେଲଗୁଡ଼ା ନଦୀକୂଳରେ ପାରମ୍ପରିକ ଅସ୍ତ୍ରଶସ୍ତ୍ର ଧରି ଏକତ୍ରିତ ହୋଇଥିବା ବେଳେ ଅନ୍ୟ ଏକ ଗୋଷ୍ଠୀ ମାଲକାନଗିରି ସଦର ମହକୁମାରେ ☞ପୃଷ୍ଠା-୪

### ବିଧାନସଭା ସରଗରମ

ଭୁବନେଶ୍ୱର,୮।୧୨(ରବିନାରାୟଣ ଜେନା)

ମାଓପ୍ରବଣ ମାଲକାନଗିରି ଜିଲାରେ ସରକାରଙ୍କ ଅବହେଳାରୁ ଆଇନଶୃଙ୍ଖଳା ପରିସ୍ଥିତି ଦିନକୁ ଦିନ ବିଗିଡ଼ିବାରେ ଲାଗିଛି ବୋଲି ବିରୋଧୀ ବିଜେଡି ଓ କଂଗ୍ରେସ ପକ୍ଷରୁ ସରକାରଙ୍କୁ ଟାର୍ଗେଟ କରାଯାଇଛି। ବିଧାନସଭାରେ ସୋମବାର ଶୂନ୍ୟକାଳରେ ବିରୋଧୀଦଳ ଉପମୁଖ୍ୟ ସଚେତକ ପ୍ରତାପ ଦେବ କହିଛନ୍ତି, ମାଲକାନଗିରିରେ କିଛିଦିନ ମଧ୍ୟରେ ଦୁଇଟି ☞ପୃଷ୍ଠା-୪



ଏମ୍‌ଭି-୨୬ ଗାଁରେ ଆନ୍ଦୋଳନକାରୀ ଜଣଙ୍କ ଘରେ ନିଆଁ ଲଗାଉଛନ୍ତି।

## ୪୨ବର୍ଷ ପରେ ମନ୍ଦିରକୁ ଫେରିବ ବିରଳ ପ୍ରାଚୀନ ମୂର୍ତ୍ତି

ସୋନପୁର,୮।୧୨(ମୃତ୍ୟୁଞ୍ଜୟ ଶତପଥୀ)

ସୁବର୍ଣ୍ଣପୁର ସହର ଗୋପାଳଜୀ ମନ୍ଦିରରୁ ଚୋରି ହୋଇ ଦୀର୍ଘ ୪୨ବର୍ଷ ସିବିଆଇ ମାଲଖାନାରେ ଥିବା ୧୨ ବିରଳ ପ୍ରାଚୀନ ମୂର୍ତ୍ତି ପୁଣି ମନ୍ଦିରକୁ ଫେରିବ। ସୋମବାର ଭୁବନେଶ୍ୱରସ୍ଥିତ ଖୋର୍ଦ୍ଧା ଏଡିଜେ-୩ କୋର୍ଟଙ୍କ ରାୟ ପରେ ମୂର୍ତ୍ତି ଫେରିବା ଆଶା ଉଜ୍ଜୀବିତ ହୋଇଛି। ବିଚାରପତି ହିମାଂଶୁ ମଲ୍ଲିକ ଏ ସମ୍ପର୍କରେ ରାୟ ପ୍ରଦାନ କରିଛନ୍ତି। ଏହିଖବର ପ୍ରଚାରିତ ହେବା ପରେ ସୁବର୍ଣ୍ଣପୁର ଜିଲାରେ ଖୁସିର ମାହୋଲ ସୃଷ୍ଟି ହୋଇଛି।

ସୋନପୁର ରାଜଉଆସର ଠିକ୍ ସମ୍ମୁଖରେ ଗୋପାଳଜୀ ମନ୍ଦିର ଅବସ୍ଥିତ। ରାଜ ପରିବାରର ଇଷ୍ଟଦେବତା ହେଉଛନ୍ତି ଶ୍ରୀଗୋପାଳଜୀ ଠାକୁର। ଦେଶ ସ୍ୱାଧୀନ ହେଲା ପରେ ରାଜ ଶାସନ ଅବସାନ ପରେ ମନ୍ଦିରଗୁଡ଼ିକର ଦାୟିତ୍ୱ ସରକାର ନେଇଥିଲେ। ତେବେ ୧୯୮୨ ମସିହାରେ ମନ୍ଦିରରୁ ବହୁମୂଲ୍ୟ ପ୍ରାଚୀନ ରାଧା, ଗୋପାଳଜୀ, ଗରୁଡଙ୍କ ସମେତ ୯ଗୋଟି ପାର୍ଶ୍ୱ ଦେବତା ଏପରି ମୋଟ ୧୨ମୂର୍ତ୍ତି ଚୋରି ହୋଇଥିଲା। ସେହିବର୍ଷ ଦିଲ୍ଲୀ ବିମାନ ବନ୍ଦରଠାରେ ସିବିଆଇ ଦ୍ୱାରା ଚୋର ଧରାପଡିଥିଲେ। ଚାନ୍ଦିନିଚୌକର ଫତେପୁରୀ ନିକଟରୁ ସିବିଆଇ ମୂର୍ତ୍ତିଗୁଡ଼ିକ ଜବତ କରିଥିଲା। ଏଥିରେ ଏକାଧିକ ଲୋକଙ୍କ ସମ୍ପୃକ୍ତି ଥିବା ନେଇ ମାମଲା ରୁଜୁ ହୋଇଥିଲା। ସୁବର୍ଣ୍ଣପୁର ଗୋପାଳଜୀ ମନ୍ଦିରରୁ ଚୋରି ମୂର୍ତ୍ତିଗୁଡ଼ିକ ଚିହ୍ନଟ ହୋଇଥିଲା। ମୂର୍ତ୍ତିଗୁଡ଼ିକ ସେବେଠାରୁ ଭୁବନେଶ୍ୱରସ୍ଥିତ ସିବିଆଇ ମାଲଖାନାରେ ଆସି ରହିଥିଲା। ବିଭିନ୍ନ ସମୟରେ ଏସମ୍ପର୍କିତ ଖବର ବିଭିନ୍ନ ଗଣମାଧ୍ୟମରେ ପ୍ରକାଶିତ ହୋଇ ଆସୁଥିଲେ ମଧ୍ୟ ପ୍ରଶାସନ ପକ୍ଷରୁ ଉଦ୍ୟମ ହେଉ ନ ଥିଲା। ମନ୍ଦିର କମିଟି ପକ୍ଷରୁ ମୂର୍ତ୍ତିଗୁଡ଼ିକୁ ସ୍ୱମନ୍ଦିରକୁ ଫେରାଇ ଆଣିବା ପାଇଁ ଉଦ୍ୟମ ହୋଇଥିଲା। ☞ପୃଷ୍ଠା-୪

**ଉଦ୍ଧାର ପରେ ସିବିଆଇ ମାଲଖାନାରେ ରହିଛି**




ସୁବର୍ଣ୍ଣପୁର ଗୋପାଳଜୀ ମନ୍ଦିର

## ଓଡ଼ିଶା ଯୋଜନାକୁ ସୀମାନ୍ତବର୍ତ୍ତୀ ୭ ଗାଁର ବର୍ଜନ ନିଷ୍ପତ୍ତି

**ଓଡ଼ିଶା ସୀମାନ୍ତବର୍ତ୍ତୀ କେତେକ ଅଞ୍ଚଳକୁ ନିଜର ଦର୍ଶାଇବା ପାଇଁ ଆନ୍ଧ୍ରପ୍ରଦେଶ ସରକାର ଦୀର୍ଘବର୍ଷ ହେଲା ଅନେକ ଷଡ଼ଯନ୍ତ୍ର କରିଆସୁଛନ୍ତି। ଏହାର ବହୁ ଉଦାହରଣ କୋରାପୁଟ ଜିଲା ପଟ୍ଟାଙ୍ଗି ବ୍ଲକ୍ ଅଧୀନ କୋଟିଆ ପଞ୍ଚାୟତରେ ଦେଖିବାକୁ ମିଳିଛି। ବର୍ତ୍ତମାନ ଆନ୍ଧ୍ର ସରକାରଙ୍କ ଏଜେଣ୍ଟମାନେ କୋଟିଆ ପଞ୍ଚାୟତ ଅଧୀନ ୭ ଗ୍ରାମର ଲୋକଙ୍କୁ ମେଳି କରି ଓଡ଼ିଶା ବିରୋଧୀ ମନୋଭାବ ସୃଷ୍ଟି କରିବା ପାଇଁ ଏକ ବଡ଼ ଷଡ଼ଯନ୍ତ୍ର ଚଳାଇଛନ୍ତି। ସେହି ଏଜେଣ୍ଟମାନଙ୍କ କଥାରେ ପଡ଼ି ୭ ଗ୍ରାମର ଲୋକେ ଓଡ଼ିଶାର ସରକାରୀ ଯୋଜନା ଗ୍ରହଣ ନ କରିବାକୁ ସୋମବାର ଏକ ବୈଠକରେ ନିଷ୍ପତ୍ତି ନେଇଛନ୍ତି। ଏନେଇ ବ୍ଲକ ଓ ଜିଲା ପ୍ରଶାସନ ଅବଗତ ଥିଲେ ମଧ୍ୟ କୌଣସି ତତ୍ପରତା ଦେଖିବାକୁ ମିଳିନାହିଁ।**

ପଟ୍ଟାଙ୍ଗି,୮।୧୨(ଶରତ କୁମାର ଧଳ)

କୋରାପୁଟ ଜିଲା ପଟ୍ଟାଙ୍ଗି ବ୍ଲକ୍ ଅଧୀନ କୋଟିଆ ପଞ୍ଚାୟତ ଫାଟୁସିନେରୀ ଗ୍ରାମ ନିକଟ ଓଡ଼ିଶା-ଆନ୍ଧ୍ର ସୀମାନ୍ତ ଏକ ସ୍ଥାନରେ ୭ ଗ୍ରାମର ମୁଖିଆ ଓ ଗ୍ରାମବାସୀ ଏକତ୍ର ହୋଇ ସୋମବାର ଏକ ବୈଠକ କରିଛନ୍ତି। ଓଡ଼ିଶାର ସମସ୍ତ ସରକାରୀ ଯୋଜନା ଗ୍ରହଣ ନ କରିବାକୁ ଏଥିରେ ନିଷ୍ପତ୍ତି ନିଆଯାଇଛି। ପଟ୍ଟାଙ୍ଗି ବ୍ଲକ୍ ପ୍ରଶାସନ ଏ କ୍ଷେତ୍ରରେ କୌଣସି ଆଗ୍ରହ ପ୍ରକାଶ କରି ନ ଥିବା ଜଣାପଡ଼ିଛି।

ଆନ୍ଧ୍ର ସରକାରଙ୍କ ଏଜେଣ୍ଟମାନଙ୍କ ନେତୃତ୍ୱରେ ଫାଟୁସିନେରୀ, ଫଗୁଣସିନେରୀ, ସଲପଗୁଡ଼ା, ହରମାଣ୍ଡାଙ୍ଗି, କଣାଦୋରା, ତଳଗଞ୍ଜେଇପଦର ଓ ଢୋଲିଆମ୍ବ ଆଦି ଗ୍ରାମର ମୁଖିଆ ଓ ଗ୍ରାମବାସୀ ଏକତ୍ର ହୋଇଛନ୍ତି। ନଭେମ୍ବର ୨୫ରେ ଆନ୍ଧ୍ରର କୃଷି ବିଭାଗର କେତେଜଣ ଅଧିକାରୀଙ୍କ ଦ୍ୱାରା ହରମାଣ୍ଡାଙ୍ଗି, ଫାଟୁସିନେରୀ ଓ ଢୋଲିଆମ୍ବ ଆଦି ଗ୍ରାମରେ ହେଉଥିବା ସର୍ଭେକୁ ପଟ୍ଟାଙ୍ଗି

**ଆନ୍ଧ୍ରର ଚକ୍ରାନ୍ତ**

ବ୍ଲକ୍ ପ୍ରଶାସନ ବନ୍ଦକରି ସର୍ଭେ କାଗଜକୁ ଜବତ କରିଥିଲା। ଏହାକୁ ବୈଠକରେ ବିରୋଧ କରାଯାଇଛି। ଓଡ଼ିଶା ପକ୍ଷରୁ ଯୋଗାଇ ଦିଆଯାଉଥିବା ସମସ୍ତ ଯୋଜନା ତଥା ଶିକ୍ଷା, ଭତ୍ତା ଆଦି ବ୍ୟବସ୍ଥାକୁ ଗ୍ରହଣ ନ କରିବାକୁ ନିଷ୍ପତ୍ତି ନିଆଯାଇଛି। ଫାଟୁସିନେରୀ ଗ୍ରାମ ନିକଟ ଓଡ଼ିଶା-ଆନ୍ଧ୍ର ସୀମାନ୍ତରେ ଲାଗିଥିବା ଓଡ଼ିଶାର ନାମଫଳକକୁ ଭାଙ୍ଗିଦେଇ ଘୋର ପ୍ରତିବାଦ କରାଯାଇଥିଲା। ବୈଠକ କରିବା ପୂର୍ବରୁ ଫାଟୁସିନେରୀରେ ଅବସ୍ଥିତ ଓଡ଼ିଶାର ପ୍ରାଥମିକ ବିଦ୍ୟାଳୟକୁ ଅଭିଭାବକମାନେ କୌଣସି ପିଲାଙ୍କୁ ଛାଡ଼ି ନ ଥିଲେ। ଏହି ସ୍କୁଲକୁ ପିଲାଙ୍କୁ ନ ଛାଡ଼ିବାକୁ ଆନ୍ଧ୍ରର ଏଜେଣ୍ଟମାନେ ସେମାନଙ୍କୁ ବୁଝାଇଲେ। ଗ୍ରାମବାସୀଙ୍କ ବୈଠକ ନେଇ ସ୍ଥାନୀୟ ବ୍ଲକ୍ ପ୍ରଶାସନ ଅବଗତ ହୋଇଥିଲେ ସୁଦ୍ଧା କୌଣସି ପଦକ୍ଷେପ ନିଆଯାଇ ନ ଥିଲା।

ସୂଚନାଯୋଗ୍ୟ, କୋଟିଆ ପଞ୍ଚାୟତ ସୀମାନ୍ତ ଉପରସେମ୍ଳି ଗ୍ରାମରେ ଓଡ଼ିଶା ପକ୍ଷରୁ ଅଙ୍ଗନୱାଡି କେନ୍ଦ୍ର ଆରମ୍ଭ କରାଯାଇଥିଲା। ଓଡ଼ିଶାର ଏହି ଅଙ୍ଗନୱାଡି କେନ୍ଦ୍ର ଓ ବିଦ୍ୟାଳୟକୁ ଗ୍ରାମବାସୀ ପିଲାମାନଙ୍କୁ ପଠାଇବା ବନ୍ଦ କରିଦେଇଛନ୍ତି। ଅଙ୍ଗନୱାଡି କେନ୍ଦ୍ର ଖୋଲିବାକୁ ମଧ୍ୟ ବାରଣ କରାଯାଇଛି। ତେବେ ସ୍ଥାନୀୟ ବ୍ଲକ୍ ପ୍ରଶାସନ ପକ୍ଷରୁ ବନ୍ଦ ଥିବା ଅଙ୍ଗନୱାଡି କେନ୍ଦ୍ର ଓ ବିଦ୍ୟାଳୟ ଖୋଲିବା ନେଇ କୌଣସି ପଦକ୍ଷେପ ଗ୍ରହଣ କରାଯାଇ ନ ଥିବା ଜଣାପଡ଼ିଛି। ଅଙ୍ଗନୱାଡି କର୍ମୀ ଓ ଶିକ୍ଷକ ନିୟମିତ ଗ୍ରାମରେ ପହଞ୍ଚି ଅଭିଭାବକମାନଙ୍କୁ ବୁଝାଇବା ପାଇଁ ଚେଷ୍ଟା ଜାରି ରଖିଥିଲେ ସୁଦ୍ଧା କୌଣସି ସୁଫଳ ମିଳୁନାହିଁ। ଏ ସମ୍ପର୍କରେ ପଟ୍ଟାଙ୍ଗି ବିଡିଓ ରାମକ୍ରିଷ୍ଣା ନାୟକଙ୍କୁ ପଚାରିବାରୁ ଘଟଣା ବିଷୟରେ ଅବଗତ ଅଛି। ଏ ନେଇ ଜିଲା ପ୍ରଶାସନଙ୍କୁ ଅବଗତ କରାଯାଇଛି ବୋଲି ସେ କହିଛନ୍ତି। ଏ ବିଷୟରେ ଜିଲାପାଳ ମନୋଜ ସତ୍ୟବାନ ☞ପୃଷ୍ଠା-୪

# ଜାପାନରେ ୭.୬ ତୀବ୍ରତାର ଭୂକମ୍ପ

## ସୁନାମି ସତର୍କ ସୂଚନା ଜାରି

ଟୋକିଓ,୮।୧୨

ଜାପାନ ଉପକୂଳରେ ସୋମବାର ୭.୬ ତୀବ୍ରତାର ଭୂକମ୍ପ ଅନୁଭୂତ ହୋଇଛି। ଏହାର ପ୍ରଭାବରେ ରାତି ୧୧ଟା ୪୦ ସୁଦ୍ଧା ୩ ମିଟର ଉଚ୍ଚର ସୁନାମି ଆସିବା ନେଇ ପାଣିପାଗ ବିଭାଗ ପକ୍ଷରୁ ସତର୍କ ସୂଚନା ଜାରି କରାଯାଇଛି। ଆଓମୋରି ସହର ନିକଟ ହୋକୋଇଡୋ ଉପକୂଳକରେ ସମୁଦ୍ର ପତ୍ତନଠାରୁ ପ୍ରାୟ ୫୦ କିଲୋମିଟର ଗଭୀରରେ ଭୂକମ୍ପର କେନ୍ଦ୍ରସ୍ଥଳ ବୋଲି କୁହାଯାଉଛି। ଭୂକମ୍ପ ସମୟରେ ଗାଡ଼ିଗୁଡ଼ିକ ଦୋହଲୁଥିବା ଏବଂ ଲୋକେ ଭୟରେ ଘରୁ ବାହାରି ଆସୁଥିବାର ଭିଡିଓ ସୋସିଆଲ ମିଡିଆରେ ପୋଷ୍ଟ କରାଯାଇଛି।

# ୬.୩୩ କୋଟିର ସାଇବର ଜାଲିଆତି: ଦିଲ୍ଲୀରେ ୩ ଓଡ଼ିଆ ଗିରଫ

ନୂଆଦିଲ୍ଲୀ,୮।୧୨

ପୁଞ୍ଜି ବଜାର ନିୟନ୍ତ୍ରକ ସେବିର ପଞ୍ଜୀକୃତ ଷ୍ଟକ୍ ଦଲାଲଙ୍କ ପ୍ରତିନିଧି ପରିଚୟ ନେଇ ସାଇବର ଜାଲିଆତି ନେଟ୍‌ୱର୍କ ଚଳାଇଥିବା ୩ ଜଣ ଓଡ଼ିଆଙ୍କୁ ଦିଲ୍ଲୀ ପୋଲିସ ଗିରଫ କରିଛି। ଉକ୍ତ ନେଟ୍‌ୱର୍କ ଦେଶରେ ୫୦ ଲକ୍ଷ ଟଙ୍କାର ନିବେଶ ଦୁର୍ନୀତିରେ ସମ୍ପୃକ୍ତ ବୋଲି ପୋଲିସ କହିଛି। ଗିରଫ ଅଭିଯୁକ୍ତମାନେ ହେଲେ ଓଡ଼ିଶାର ପ୍ରଭାଷ ଚନ୍ଦ୍ର ପଣ୍ଡା(୪୩), ଏବଂ ତାଙ୍କ ପୁତୁରା ପ୍ରୀତମ ରୋଶନ ପଣ୍ଡା(୨୭) ଓ ଶ୍ରୀତମ ରୋଶନ ପଣ୍ଡା(୨୪)। ୧୬୫ଟି ସାଇବର ଅପରାଧ ଅଭିଯୋଗ ସହ ସେମାନେ ସମ୍ପୃକ୍ତ, ଯେଉଁଥିରେ ୬.୩୩ କୋଟି ଟଙ୍କା ଆର୍ଥିକ କାରବାର ହୋଇଥିଲା। ଠକାମିର ଶିକାର ହୋଇଥିବା ଜଣେ ବ୍ୟକ୍ତିଙ୍କ ଅଭିଯୋଗକ୍ରମେ ଦ୍ୱାରକା ଥାନାରେ ମାମଲା ରୁଜୁ ହୋଇଥିଲା। ଉକ୍ତ ବ୍ୟକ୍ତିଙ୍କୁ ଜାଲ୍ ସେବି ସାର୍ଟିଫିକେଟରେ ଜାଲିଆତି ହୋଇଥିବା ଟ୍ରେଡିଂ ଇଣ୍ଟରଫେସ୍ ଜରିଆରେ ସେକେଣ୍ଡାରୀ ଷ୍ଟକ୍‌ରେ ନିବେଶ କରିବାକୁ ପ୍ରବର୍ତ୍ତାଯାଇଥିଲା। ସେମାନଙ୍କ କଥାରେ ବିଶ୍ୱାସ କରି ବ୍ୟକ୍ତିଜଣକ ବିଭିନ୍ନ ଆକାଉଣ୍ଟକୁ ୪୯.୭୩ ଲକ୍ଷ ଟଙ୍କା ଟ୍ରାନ୍ସଫର କରିଥିଲେ। ପରେ ଉକ୍ତ ଆକାଉଣ୍ଟଗୁଡ଼ିକ ଓଡ଼ିଶାର ଏକ ଗ୍ରୁପ୍ ଦ୍ୱାରା ଚଳାଯାଉଥିବା ଜଣାପଡ଼ିଥିଲା।

# ମ୍ୟାନ୍‌ମାର ସେନାର ବୋମାମାଡ଼: ୧୮ ମୃତ

ବ୍ୟାଙ୍କକ୍,୮।୧୨

ମ୍ୟାନ୍‌ମାର ସେନା ସାଗାଇଙ୍ଗ୍ ଅଞ୍ଚଳରେ ଥିବା ଏକ ଚା' ଦୋକାନ ଉପରେ ଏୟାରଷ୍ଟ୍ରାଇକ୍ କରିବାରୁ ୧୮ ଜଣଙ୍କ ମୃତ୍ୟୁ ଘଟିବା ସହ ଅନ୍ୟ ୨୦ ଜଣ ଆହତ ହୋଇଛନ୍ତି। ଲୋକମାନେ ଚା' ଦୋକାନ ଭିତରୁ ଫୁଟବଲ୍ ମ୍ୟାଚ୍ ଦେଖୁଥିବାବେଳେ ଏହି ବୋମାମାଡ଼ ହୋଇଥିଲା ବୋଲି ସୋମବାର ସ୍ଥାନୀୟ ଅନ୍‌ଲାଇନ ମିଡିଆ ରିପୋର୍ଟରେ କୁହାଯାଇଛି। ୨୦୨୧ ଫେବୃଆରୀରେ ସେନା ବିଦ୍ରୋହ ବଳରେ ନିର୍ବାଚିତ ସରକାରଠାରୁ କ୍ଷମତା ଦଖଲ କରିବା ପରେ ସେଠାରେ ଅନିଶ୍ଚିତତା ଲାଗିରହିଛି। ଗତ ଶୁକ୍ରବାର ରାତିରେ ତାବାୟିନ୍ ସହର ଅନ୍ତର୍ଗତ ମାୟାକନ୍‌ଠାରେ ଏହି ଆକ୍ରମଣ ହୋଇଛି।

# ପ୍ରଯୋଜକ ବିକ୍ରମ ଭଟ୍ଟ, ସ୍ତ୍ରୀ ଗିରଫ

## ୩୦ କୋଟିର ଜାଲିଆତି ମାମଲା


ବିକ୍ରମ ଭଟ୍ଟ

ନୂଆଦିଲ୍ଲୀ,୮।୧୨

ଚଳଚ୍ଚିତ୍ର ପ୍ରଯୋଜକ ବିକ୍ରମ ଭଟ୍ଟ ଏବଂ ତାଙ୍କ ସ୍ତ୍ରୀ ଶ୍ୱେତାମ୍ବରୀ ଭଟ୍ଟଙ୍କୁ ୩୦ କୋଟି ଟଙ୍କା ଜାଲିଆତି ମାମଲାରେ ସମ୍ପୃକ୍ତି ଅଭିଯୋଗରେ ରାଜସ୍ଥାନ ପୋଲିସ ଗିରଫ କରିଛି। ଏହି ମାମଲାରେ ଉଦୟପୁରର ଇନ୍ଦିରା ଗ୍ରୁପ୍ ଅଫ୍ କମ୍ପାନିଜ୍ ମାଲିକ ଡ. ଅଜୟ ମର୍ଡିଆ ସମ୍ପୃକ୍ତ। ପୋଲିସ ଭଟ୍ଟ ଦମ୍ପତିଙ୍କୁ ରିମାଣ୍ଡରେ ଆଣି ଅଧିକ ତଦନ୍ତ ପାଇଁ ଉଦୟପୁର ନେବ। ଏହି ମାମଲାରେ ପୋଲିସ ଦ୍ୱିତୀୟ ଥର ପାଇଁ ୬ ଅଭିଯୁକ୍ତଙ୍କୁ ନୋଟିସ ଜାରି କରିଥିଲା। ସେମାନଙ୍କୁ ଡିସେମ୍ବର ୮ ସୁଦ୍ଧା ପୋଲିସ ନିକଟରେ ହାଜର ହେବାକୁ ସମୟ ଦିଆଯାଇଥିଲା। ପ୍ରସ୍ତାବିତ ବାୟୋପିକ୍ ପ୍ରୋଜେକ୍ଟ ସହ ଜଡ଼ିତ ଜାଲିଆତି ମାମଲାରେ ବିକ୍ରମ ସମ୍ପୃକ୍ତ। ଏନେଇ ଇନ୍ଦିରା ଆଇଭିଏଫ୍ ପ୍ରତିଷ୍ଠାତା ଡ. ଅଜୟ ମୁର୍ଡିଆ ପୋଲିସରେ ଅଭିଯୋଗ କରିଥିଲେ। ଭଟ୍ଟ ଓ ତାଙ୍କ ସହଯୋଗୀମାନେ ମିଥ୍ୟା ପ୍ରତିଶ୍ରୁତି ଦେଇ ଆର୍ଥିକ ଜାଲିଆତି କରିଥିବା ମୁର୍ଡିଆ ଅଭିଯୋଗରେ ଦର୍ଶାଇଥିଲେ।



ମୁମ୍ବାଇର ଗେଟ୍‌ୱେ ଅଫ୍ ଇଣ୍ଡିଆଠାରେ ନ୍ୟାଭି ଡେ' ବିଟିଙ୍ଗ୍ ରିଟ୍ରିଟ୍ ଓ ଟାଟୁ ଉତ୍ସବ ପୂର୍ବରୁ ସୋମବାର ନୌସେନା ଯବାନମାନେ ରିହର୍ସାଲରେ ଭାଗ ନେଇଛନ୍ତି।

# କାଗଜକଲମରେ ପରୀକ୍ଷା ପାଇଁ ସଂସଦୀୟ କମିଟିର ସୁପାରିସ

ନୂଆଦିଲ୍ଲୀ,୮।୧୨(ପି.ଟି.)

ପ୍ରବେଶିକା ପରୀକ୍ଷାଗୁଡ଼ିକରେ ପ୍ରଶ୍ନପତ୍ର ଲିକ୍ ଭଳି ସମସ୍ୟା ଲାଗିରହିଥିବାରୁ ସଂସଦୀୟ କମିଟି ଉଦ୍‌ବେଗ ପ୍ରକାଶ କରିଛି। ଅନ୍ୟପକ୍ଷରେ ବହୁବର୍ଷ ହେଲା ସିବିଏସ୍‌ଇ ଏବଂ ୟୁପିଏସ୍‌ସି ଭଳି ପରୀକ୍ଷା ପ୍ରଶ୍ନପତ୍ର ଲିକ୍‌ରୁ ମୁକ୍ତ ରହିଥିବାରୁ କାଗଜକଲମରେ ପରୀକ୍ଷା କରାଇବା ଉପରେ ଅଧିକ ଗୁରୁତ୍ୱ ଦିଆଯିବା ଲାଗି କମିଟି ସୁପାରିସ କରିଛି। ଗତବର୍ଷ ଜାତୀୟ ପରୀକ୍ଷା ଏଜେନ୍ସି (ଏନ୍‌ଟିଏ)ର ପ୍ରଦର୍ଶନ ଆତ୍ମବିଶ୍ୱାସକୁ ଯଥେଷ୍ଟ ପ୍ରେରିତ କରି ନ ଥିବା କମିଟି କହିଛି।

କଂଗ୍ରେସ ଏମ୍‌ପି ଦିଗ୍‌ବିଜୟ ସିଂଙ୍କ ଅଧ୍ୟକ୍ଷତାରେ ଗଠିତ କମିଟି ଉଲ୍ଲେଖ କରିଛି, କେବଳ ୨୦୨୪ରେ ଏନ୍‌ଟିଏ ଦ୍ୱାରା ୧୪ଟି ପ୍ରତିଯୋଗିତାମୂଳକ ପରୀକ୍ଷା କରାଯାଇଥିଲା। ସେଥିରୁ ଅନ୍ୟୁନ ୫ଟି ବଡ଼ ଧରଣର ସମସ୍ୟାର ସମ୍ମୁଖୀନ ହୋଇଥିଲା। ଫଳରେ ୟୁଜିସି-ନେଟ୍, ସିଏସ୍‌ଆଇଆର୍-ନେଟ ଏବଂ ଏନ୍‌ଇଇଟି-ପିଜି ପରୀକ୍ଷାକୁ ସ୍ଥଗିତ ରଖାଯାଇଥିଲା। ଏନ୍‌ଇଇଟି-ୟୁଜି ପରୀକ୍ଷାରେ ପ୍ରଶ୍ନପତ୍ର ଲିକ୍ ହୋଇଥିବାବେଳେ ସିୟୁଇଟି (ୟୁଜି/ପିଜି)ରେ ଫଳାଫଳ ସ୍ଥଗିତ ରହିଥିଲା। ସେହିପରି ଚଳିତ ବର୍ଷ ଜାନୁଆରୀରେ ଅନୁଷ୍ଠିତ ଜେଇଇ ମେନ୍ ପରୀକ୍ଷାରେ ୧୨ଟି ପ୍ରଶ୍ନରେ ତ୍ରୁଟି ଥିବାରୁ ସେଗୁଡ଼ିକୁ ପ୍ରତ୍ୟାହାର କରିନିଆଯାଇଥିଲା ବୋଲି କମିଟି ଏହାର ରିପୋର୍ଟରେ କହିଛି। ଏଭଳି ଘଟଣା ବ୍ୟବସ୍ଥା ଉପରେ ପରୀକ୍ଷାର୍ଥୀମାନଙ୍କ ଆତ୍ମବିଶ୍ୱାସକୁ ଅନୁପ୍ରାଣିତ କରୁ ନ ଥିବା ଶିକ୍ଷା, ମହିଳା ଓ ଶିଶୁ ଏବଂ ଯୁବ ଓ କ୍ରୀଡ଼ା ସମ୍ପର୍କିତ ସ୍ଥାୟୀ କମିଟି ରିପୋର୍ଟରେ କୁହାଯାଇଛି। ତେଣୁ ଏନ୍‌ଟିଏ ତୁରନ୍ତ ସେଗୁଡ଼ିକୁ ସୁଧାରିବା ଦିଗରେ କାର୍ଯ୍ୟ କରିବା ଆବଶ୍ୟକ, ଯେପରି ଭବିଷ୍ୟତରେ ଏଭଳି ସମସ୍ୟା ଦେଖାଦେବ ନାହିଁ ବୋଲି କମିଟି ସୁପାରିସ କରିଛି। ପରୀକ୍ଷା ବ୍ୟବସ୍ଥାକୁ ସୁରକ୍ଷିତ କରିବାକୁ ହେଲେ କାଗଜ କଲମରେ ପରୀକ୍ଷା ଉପରେ ଅଧିକ ଧ୍ୟାନ ଦିଆଯିବା ଆବଶ୍ୟକ। ଏନ୍‌ଟିଏ ଏହି ମଡେଲକୁ ଅନୁଧ୍ୟାନ କରି କାର୍ଯ୍ୟକାରୀ କରିବାକୁ କମିଟି କହିଛି।

# ଗାନ୍ଧିଜୀଙ୍କ ଇଚ୍ଛାକୁ ବଦଳାଇଥିଲା କଂଗ୍ରେସ: ମୋଦି

## ଲୋକ ସଭାରେ ବନ୍ଦେ ମାତରମ୍ ବିତର୍କ

## ପ୍ରଧାନମନ୍ତ୍ରୀ ଇତିହାସ ବଦଳାଇବାକୁ ଚାହୁଁଛନ୍ତି: କଂଗ୍ରେସ



ଲୋକ ସଭାରେ ବନ୍ଦେ ମାତରମ୍ ବିତର୍କରେ ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ଏବଂ କଂଗ୍ରେସ ଏମ୍‌ପି ପ୍ରିୟଙ୍କା ଗାନ୍ଧୀ ଭଦ୍ରା ଭାଗ ନେଇଛନ୍ତି।

ନୂଆଦିଲ୍ଲୀ,୮।୧୨(ପି.ଟି.)

ସାମାଜିକ ସୌହାର୍ଦ୍ଦ୍ୟ ନାମରେ କଂଗ୍ରେସ ଜାତୀୟ ଗାନ ବନ୍ଦେ ମାତରମ୍‌କୁ ଖଣ୍ଡ ଖଣ୍ଡ କରିଦେଇଥିଲା ବୋଲି ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି ସୋମବାର ଅଭିଯୋଗ କରିଛନ୍ତି। ଏହି ଦଳ ଏବେ ବି ତୁଷ୍ଟୀକରଣ ରାଜନୀତି କରୁଥିବା ପ୍ରଧାନମନ୍ତ୍ରୀ କହିଛନ୍ତି। ବନ୍ଦେ ମାତରମ୍‌ର ୧୫୦ ବର୍ଷ ପୂର୍ତ୍ତି ଅବସରରେ ଲୋକ ସଭାରେ ବିତର୍କ ଆରମ୍ଭ କରି ମୋଦି ପୂର୍ବତନ ପ୍ରଧାନମନ୍ତ୍ରୀ ଜବାହରଲାଲ୍ ନେହେରୁଙ୍କୁ ଟାର୍ଗେଟ କରିଛନ୍ତି। ବନ୍ଦେ ମାତରମ୍ ଗାନ ମୁସଲମାନମାନଙ୍କୁ କ୍ରୋଧିତ କରିବ ପ୍ରସ୍ତାବରେ ନେହେରୁ ରାଜି ହୋଇଥିଲେ ବୋଲି ସୁଭାଷ ଚନ୍ଦ୍ର ବୋଷଙ୍କ ନିକଟକୁ ଲେଖିଥିବା ପତ୍ରରୁ ଜଣାପଡ଼ିଛି। ଲକ୍ଷ୍ନୌରେ ମହମ୍ମଦ ଅଲ୍ଲୀ ଜିନ୍ନାଙ୍କ ବିକ୍ଷୋଭ ପରେ ନେହେରୁ ଏହି ପତ୍ର ଲେଖିଥିଲେ। ପରେ ବନ୍ଦେ ମାତରମ୍ ଗାନ ବ୍ୟବହାର କରାଯିବା ଉପରେ ସମୀକ୍ଷା ପାଇଁ କଂଗ୍ରେସର ଏକ ଅଧିବେଶନ ବଙ୍ଗରେ ଡକାଯାଇଥିଲା। ଏହା ସତ୍ତ୍ୱେ ବନ୍ଦେ ମାତରମ୍ ସହ କଂଗ୍ରେସ ସାଲିସ କରିଥିଲା ଏବଂ ସାମାଜିକ ସୌହାର୍ଦ୍ଦ୍ୟ ନାମରେ ଏହାକୁ ଭାଗ ଭାଗ କରିଦିଆଯାଇଥିଲା, ଇତିହାସ ଯାହାର ସାକ୍ଷୀ ରହିଛି ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ତୁଷ୍ଟୀକରଣ ରାଜନୀତିର ଚାପରେ କଂଗ୍ରେସ ଏପରି କରିଥିଲା। ଏହି କାରଣରୁ କଂଗ୍ରେସ ଦେଶ ବିଭାଜନ ଦାବି ନିକଟରେ ମୁଣ୍ଡ ନୁଆଁଇଥିଲା ବୋଲି ପ୍ରଧାନମନ୍ତ୍ରୀ କହିଛନ୍ତି। ସେ ଆହୁରି ଦର୍ଶାଇଛନ୍ତି, ବନ୍ଦେ ମାତରମ୍ ଏତେ ଲୋକପ୍ରିୟ ହୋଇଯାଇଛି ଯେ ଜାତୀୟ ସଙ୍ଗୀତ ହେବାକୁ ଯାଉଛି ବୋଲି ମହାତ୍ମା ଗାନ୍ଧୀ ୧୯୦୫ରେ ଲେଖିଥିଲେ। ତେବେ ଏହା ପ୍ରତି କାହିଁକି ଅନ୍ୟାୟ କରାଗଲା ବୋଲି ସେ ବିବ୍ରତ ହୋଇଥିଲେ। ବନ୍ଦେ ମାତରମ୍ ଉପରେ ମହାତ୍ମା ଗାନ୍ଧୀଙ୍କ ଇଚ୍ଛାକୁ ବଦଳାଇଦେବା ପାଇଁ କେଉଁ ଚାପ ଏତେ ଶକ୍ତିଶାଳୀ ଥିଲା ବୋଲି ପ୍ରଧାନମନ୍ତ୍ରୀ ପ୍ରଶ୍ନ କରିଛନ୍ତି। ସେହିପରି ବିତର୍କରେ ଭାଗନେଇ ପ୍ରତିରକ୍ଷା ମନ୍ତ୍ରୀ ରାଜନାଥ ସିଂ କହିଛନ୍ତି, ବନ୍ଦେ ମାତରମ୍‌ର ନିଷ୍ପକ୍ଷ ମୂଲ୍ୟାୟନ କରିବାର ସମୟ ଆସିଛି। ସମ୍ପୂର୍ଣ୍ଣ ଗାନ ଏବଂ 'ଆନନ୍ଦ ମଠ' ପୁସ୍ତକ କଦାପି ମୁସଲମାନ ବିରୋଧୀ ନ ଥିଲା, ବରଂ ବେଙ୍ଗଲ ନବାବ ଏବଂ ବ୍ରିଟିଶ ସାମ୍ରାଜ୍ୟବାଦ ବିରୋଧରେ ଥିଲା। କଂଗ୍ରେସର ତୁଷ୍ଟୀକରଣ ରାଜନୀତି ଭାରତକୁ ଭାଗ ଭାଗ କରାଇଲା ବୋଲି ରାଜନାଥ ଅଭିଯୋଗ କରିଛନ୍ତି।

ବିତର୍କରେ ଭାଗନେଇ ମୁଖ୍ୟ ବିରୋଧୀ ଦଳ କଂଗ୍ରେସ ପ୍ରଧାନମନ୍ତ୍ରୀଙ୍କୁ ସମାଲୋଚନା କରିଛି। ପ୍ରଧାନମନ୍ତ୍ରୀ ଇତିହାସର ପୁନର୍ଲିଖନ କରିବାକୁ ଉଦ୍ୟମ କରିବା ସହ ବନ୍ଦେ ମାତରମ୍ ବିତର୍କକୁ ରାଜନୈତିକ ରୂପ ଦେଉଛନ୍ତି ବୋଲି ଲୋକ ସଭାରେ କଂଗ୍ରେସର ଉପନେତା ଗୌରବ ଗୋଗୋଇ ଅଭିଯୋଗ କରିଛନ୍ତି। ଭାଜପା ଯେତେ ଚେଷ୍ଟା କଲେ ମଧ୍ୟ ନେହେରୁଙ୍କ ଅବଦାନ ଉପରେ ଗୋଟିଏ ବି ଦାଗ ଲଗାଇପାରିବ ନାହିଁ ବୋଲି ସେ କହିଛନ୍ତି। କଂଗ୍ରେସ ବନ୍ଦେ ମାତରମ୍‌କୁ ଜାତୀୟ ଗାନ ମାନ୍ୟତା ଦେଇଛି, ତାହା ଗୁରୁତ୍ୱପୂର୍ଣ୍ଣ। ବିଭିନ୍ନ ପ୍ରସଙ୍ଗରେ ନେହେରୁ ଏବଂ କଂଗ୍ରେସର ନାଁ ନେବା ପ୍ରଧାନମନ୍ତ୍ରୀଙ୍କର ଅଭ୍ୟାସ ବୋଲି ଗୋଗୋଇ କହିଛନ୍ତି। କଂଗ୍ରେସ ନେତ୍ରୀ ପ୍ରିୟଙ୍କା ଗାନ୍ଧୀ ଭଦ୍ରା ଆଲୋଚନାରେ ଭାଗନେଇ କହିଛନ୍ତି, ପଶ୍ଚିମବଙ୍ଗ ବିଧାନସଭା ନିର୍ବାଚନ ଆଗକୁ ଥିବାରୁ ଲୋକମାନେ ସମ୍ମୁଖୀନ ହେଉଥିବା ସମସ୍ୟାଗୁଡ଼ିକରୁ ଦୃଷ୍ଟି ଏଡ଼ାଇବା ପାଇଁ କେନ୍ଦ୍ର ସରକାର ବନ୍ଦେ ମାତରମ୍ ଉପରେ ବିତର୍କ କରାଉଛନ୍ତି। ମୋଦିଙ୍କ ଆତ୍ମବିଶ୍ୱାସ ହ୍ରାସ ପାଇବା ସହ ତାଙ୍କ ନୀତିଗୁଡ଼ିକ ଦେଶକୁ ଦୁର୍ବଳ କରିଦେଇଥିବା ପ୍ରିୟଙ୍କା କହିଛନ୍ତି। ଭାଜପା ଦେଶର ପ୍ରଥମ ପ୍ରଧାନମନ୍ତ୍ରୀଙ୍କୁ ଟାର୍ଗେଟ କରୁଛି। ଯେଉଁମାନେ ଦେଶର ସ୍ୱାଧୀନତା ପାଇଁ ସଂଗ୍ରାମ କରିଥିଲେ, ସରକାର ସେମାନଙ୍କ ବିରୋଧରେ ସାନି ଅଭିଯୋଗ ଆଣିବା ପାଇଁ ଏହି ବିତର୍କକୁ ବ୍ୟବହାର କରୁଥିବା ୱାୟନାଡ୍ ଏମ୍‌ପି ଅଭିଯୋଗ କରିଛନ୍ତି।

ସେହିପରି ସମାଜବାଦୀ ପାର୍ଟି ଅଧ୍ୟକ୍ଷ ଅଖିଳେଶ ଯାଦବ ଭାଜପାକୁ ସମାଲୋଚନା କରି କହିଛନ୍ତି, ଯେଉଁମାନେ ସ୍ୱାଧୀନତା ସଂଗ୍ରାମରେ ଭାଗ ନେଇ ନ ଥିଲେ, ସେମାନେ ଏବେ ବନ୍ଦେ ମାତରମ୍‌ର ମୂଲ୍ୟବୋଧ ଉପରେ ଆଲୋଚନା କରୁଛନ୍ତି। ଜଣକର ବିଶ୍ୱାସକୁ ଅନ୍ୟମାନଙ୍କ ଉପରେ ଲଦିଦେବା ପାଇଁ ଜାତୀୟ ଗାନକୁ ଅସ୍ତ୍ର ଭାବେ ବ୍ୟବହାର କରାଯିବା ଉଚିତ ନୁହେଁ ବୋଲି ଅଖିଳେଶ କହିଛନ୍ତି। ଡିଏମ୍‌କେ ସାଂସଦ ଏ. ରାଜା କହିଛନ୍ତି, ମୁସଲମାନମାନଙ୍କୁ ବାଦ୍ ଦେବା ଲକ୍ଷ୍ୟରେ ବନ୍ଦେ ମାତରମ୍‌କୁ ଉପସ୍ଥାପନ କରାଯାଇଥିବାର ଐତିହାସିକ ଦସ୍ତାବିଜରୁ ଜଣାପଡ଼ିଛି। ଏହି ଗୀତକୁ ନେଇ ବିବାଦ ସମ୍ପ୍ରଦାୟ ଦ୍ୱାରା କରାଯାଇ ନ ଥିଲା, ବରଂ ଏହାକୁ 'କେବଳ ହିନ୍ଦୁ' ସଙ୍ଗୀତ ଭାବେ ପ୍ରସ୍ତୁତ କରିଥିବା ଲୋକଙ୍କ ଦ୍ୱାରା ହୋଇଥିଲା ବୋଲି ରାଜା କହିଛନ୍ତି।

# ଭାରତରେ ବାକ୍ ସ୍ୱାଧୀନତା ବିପଦରେ: ରଶ୍‌ଦି

ନୂଆଦିଲ୍ଲୀ,୮।୧୨

ନରେନ୍ଦ୍ର ମୋଦିଙ୍କ ସରକାର ସମୟରେ ଭାରତରେ ବାକ୍ ସ୍ୱାଧୀନତା ଏବଂ ଗଣମାଧ୍ୟମ ସ୍ୱାଧୀନତା ବିପଦରେ ଥିବା ନେଇ ଖ୍ୟାତନାମା ଲେଖକ ସଲମାନ ରଶ୍‌ଦି ସତର୍କ କରାଇଛନ୍ତି। ଏହି ଭାରତୀୟ-ବ୍ରିଟେନ୍ ଔପନ୍ୟାଶିକଙ୍କ ପୁସ୍ତକ 'ସାଟାନିକ୍ ଭର୍ସସ'କୁ ଇସ୍‌ଲାମୀୟ ଚାପରେ କଂଗ୍ରେସ ନେତୃତ୍ୱାଧୀନ ସରକାର ଭାରତରେ ନିଷେଧ କରିଥିଲା। ମୋଦିଙ୍କ ଭାରତରେ ହିନ୍ଦୁ ଜାତୀୟତାବାଦ ବଢ଼ିବା ସହ ଅଭିବ୍ୟକ୍ତି ସ୍ୱାଧୀନତାକୁ ସଙ୍କୁଚିତ କରାଯାଉଥିବାରୁ ରଶ୍‌ଦି ଉଦ୍‌ବେଗ ପ୍ରକାଶ କରିଛନ୍ତି। ୨୦୨୫ରେ ବିଶ୍ୱ ପ୍ରେସ୍ ସ୍ୱାଧୀନତା ସୂଚକାଙ୍କରେ ଭାରତ ୧୫୧ତମ ର୍‍ୟାଙ୍କ୍‌ରେ ରହିଛି। ପୂର୍ବବର୍ଷ ଏହା ୧୫୯ତମ ସ୍ଥାନରେ ରହିଥିଲା। ତେବେ ଏଥିରେ ପାଶ୍ଚାତ୍ୟ ପକ୍ଷପାତିତା ଥିବା ଦର୍ଶାଇ ଭାରତୀୟ ନେତାମାନେ ଉକ୍ତ ର୍‍ୟାଙ୍କିଙ୍ଗ୍‌କୁ ସମାଲୋଚନା କରିଥିଲେ। ବାକ୍ ସ୍ୱାଧୀନତା ପାଇଁ ବହୁ ଦଶନ୍ଧି ଧରି ଲଢ଼େଇ କରିଆସୁଥିବା ରଶ୍‌ଦିଙ୍କୁ ୨୦୨୨ରେ ନ୍ୟୁୟର୍କରେ ମରଣାନ୍ତକ ଆକ୍ରମଣ ହୋଇଥିଲା, ଯେଉଁଥିରେ ସେ ଗୋଟିଏ ଆଖି ହରାଇଥିଲେ। ତାଙ୍କ ଉପନ୍ୟାସକୁ ନେଇ ଇରାନ ସୁପ୍ରିମ ଲିଡର ଆୟାତୋଲ୍ଲା ଖୋମେନେଇ ୧୯୮୯ରେ ତାଙ୍କ ବିରୋଧରେ ଫତୱା ଜାରି କରିଥିଲେ।


ସଲମାନ ରଶ୍‌ଦି

# କାମ୍ବୋଡିଆ ସୀମାରେ ଥାଇଲାଣ୍ଡର ଏୟାରଷ୍ଟ୍ରାଇକ୍

ବ୍ୟାଙ୍କକ୍,୮।୧୨

କାମ୍ବୋଡିଆର ବିବାଦୀୟ ସୀମାରେ ଥାଇଲାଣ୍ଡ ଏୟାରଷ୍ଟ୍ରାଇକ୍ କରିଥିବା ଥାଇ ମନ୍ତ୍ରଣାଳୟ ସୋମବାର କହିଛି। ଆମେରିକା ରାଷ୍ଟ୍ରପତି ଡୋନାଲ୍ଡ ଟ୍ରମ୍ପଙ୍କ ମଧ୍ୟସ୍ଥତାରେ ହୋଇଥିବା ଯୁଦ୍ଧବିରତି ଚୁକ୍ତିନାମାକୁ ଉଭୟ ଉଲ୍ଲଂଘନ କରିଥିବା ନେଇ ପରସ୍ପରକୁ ଦୋଷାରୋପ କରିଛନ୍ତି। ସାନି ସଂଘର୍ଷରେ ଥାଇଲାଣ୍ଡର ଜଣେ ସୈନ୍ୟ ନିହତ ହେବା ସହ ୪ ଜଣ ଆହତ ହୋଇଛନ୍ତି। ପୂର୍ବଭାଗରେ ଥିବା ଉବୋନ୍ ରାଟ୍‌ଚାଥାନି ପ୍ରଦେଶର ୨ଟି ସ୍ଥାନରେ ସଂଘର୍ଷ ଘଟିଥିଲା ବୋଲି ଥାଇଲାଣ୍ଡ ସେନା ପକ୍ଷରୁ କୁହାଯାଇଛି। ଏହାର ଜବାବ ଦେବାକୁ ଯାଇ ଥାଇଲାଣ୍ଡ କାମ୍ବୋଡିଆର ବିଭିନ୍ନ ଅଞ୍ଚଳକୁ ଟାର୍ଗେଟ କରି ଏୟାରଷ୍ଟ୍ରାଇକ୍ କରିଛି। ଅନ୍ୟପକ୍ଷରେ କାମ୍ବୋଡିଆ ପ୍ରତିରକ୍ଷା ମନ୍ତ୍ରଣାଳୟ କହିଛି, ରବିବାର ଦିନ ତମାମ ଉତ୍ତେଜନା ଲାଗିରହିବା ପରେ ଭୋର ସମୟରେ ଥାଇଲାଣ୍ଡ ୨ଟି ସୀମାନ୍ତ ଅଞ୍ଚଳରେ ଆକ୍ରମଣ କରିଥିଲା। ତେବେ କାମ୍ବୋଡିଆ ସୈନ୍ୟ ପ୍ରତିଆକ୍ରମଣ କରିନାହାନ୍ତି। ଥାଇଲାଣ୍ଡ ସେନା କହିବା ଅନୁଯାୟୀ, କାମ୍ବୋଡିଆ ସୈନ୍ୟ ଥାଇଲାଣ୍ଡର ଜନବସତି ଅଞ୍ଚଳକୁ ଟାର୍ଗେଟ କରି ବିଏମ୍-୨୧ ରକେଟ ମାଡ଼ କରିଥିଲା। ଏଥିରେ କେତେଜଣ ମୃତାହତ ହୋଇଛନ୍ତି, ତାହା ସ୍ପଷ୍ଟ ହୋଇନାହିଁ। ସୂଚନାଯୋଗ୍ୟ, ଗତ ଜୁଲାଇରେ ଦୁଇ ପଡୋଶୀ ଦେଶ ମଧ୍ୟରେ ୫ ଦିନ ସଂଘର୍ଷ ଲାଗିରହିବା ସହ ଅନେକ ସୈନ୍ୟ ଓ ସାଧାରଣ ନାଗରିକ ପ୍ରାଣ ହରାଇଥିଲେ। ଆକ୍ରମଣ ବନ୍ଦ ପାଇଁ ଟ୍ରମ୍ପ ମଧ୍ୟସ୍ଥତା କରିଥିଲେ ମଧ୍ୟ ଉତ୍ତେଜନା ଜାରି ରହିଛି।

# ବଳାତ୍କାର ମାମଲାରେ ଅଭିନେତା ଦିଲୀପ ଦୋଷମୁକ୍ତ

## ରାୟ ବିରୋଧରେ ଅପିଲ୍ କରିବେ କେରଳ ସରକାର



କୋଚି,୮।୧୨

୨୦୧୭ରେ ମାଲୟାଲମ ଚଳଚ୍ଚିତ୍ରର ଜଣେ ଅଭିନେତ୍ରୀଙ୍କୁ ଅପହରଣ ଓ ବଳାତ୍କାର ମାମଲାରେ ଅଭିନେତା ଦିଲୀପଙ୍କୁ ଏର୍ଣାକୁଲମ୍ ଡିଷ୍ଟ୍ରିକ୍ଟ ଓ ପ୍ରିନ୍ସିପାଲ ସେସନ୍ସ କୋର୍ଟ ଦୋଷମୁକ୍ତ କରିଛନ୍ତି। ଉକ୍ତ ରାୟ ବିରୋଧରେ ଅପିଲ କରିବାକୁ କେରଳ ସରକାର ସୋମବାର ଘୋଷଣା କରିଛନ୍ତି। ରାଜ୍ୟ ଆଇନମନ୍ତ୍ରୀ ପି. ରାଜୀଭ କହିଛନ୍ତି, ସରକାର ପୀଡ଼ିତାଙ୍କ ପଛରେ ଦୃଢ଼ ଭାବେ ଛିଡ଼ାହେବେ ଏବଂ ତାଙ୍କୁ ସମ୍ପୂର୍ଣ୍ଣ ନ୍ୟାୟ ପ୍ରଦାନ ସୁନିଶ୍ଚିତ କରାଇବା ଲାଗି ସମସ୍ତ ଆବଶ୍ୟକ ଆଇନଗତ ପଦକ୍ଷେପ ନେବେ। ମୁଖ୍ୟ ଅଭିଯୁକ୍ତ ସୁନୀଲ ଏନ୍.ଏସ୍ ଓରଫ୍ ପୁଲସାର ସୁନିଙ୍କ ସମେତ ପ୍ରଥମରୁ ଷଷ୍ଠ ଅଭିଯୁକ୍ତଙ୍କୁ ଅଦାଲତ ଦୋଷୀସାବ୍ୟସ୍ତ କରିଥିବାବେଳେ ଉପଯୁକ୍ତ ପ୍ରମାଣ ଅଭାବରୁ ୭ମରୁ ୧୧ତମ ଅଭିଯୁକ୍ତଙ୍କୁ ଦୋଷମୁକ୍ତ କରିଛନ୍ତି। ଦିଲୀପ ଏହି ମାମଲାରେ ଅଷ୍ଟମ ଅଭିଯୁକ୍ତ ଥିଲେ। ରାୟ ପ୍ରକାଶ ପାଇବା ପରେ ଦିଲୀପ କହିଛନ୍ତି, ତାଙ୍କୁ ବଦନାମ କରିବା ସହ କ୍ୟାରିୟର ନଷ୍ଟ କରିବା ପାଇଁ ଏହା ଏକ ଷଡ଼ଯନ୍ତ୍ର ଥିଲା।

ସୂଚନାଯୋଗ୍ୟ, ୨୦୧୭ ଫେବୃଆରୀ ୧୭ରେ ମାଲୟାଲମ ଚଳଚ୍ଚିତ୍ର ଶିଳ୍ପର ଜଣେ ଖ୍ୟାତନାମା ଅଭିନେତ୍ରୀଙ୍କୁ କେରଳର କୋଚି ନିକଟରେ ଅପହରଣ କରିନିଆଯାଇ ଚଳନ୍ତା କାର୍‌ରେ ବଳାତ୍କାର କରାଯାଇଥିଲା। ଅଭିଯୋଗ ଅନୁଯାୟୀ, ୨୦ ବର୍ଷୀୟ ଅଭିନେତ୍ରୀ ବିଳମ୍ବିତ ରାତିରେ ଥ୍ରିସୁରରୁ କୋଚି ଫେରୁଥିବାବେଳେ ଗୋଟିଏ ଗାଡ଼ି ତାଙ୍କ କାର୍‌କୁ ପିଛା କରିଥିଲା। ୨ ଜଣ ବ୍ୟକ୍ତି ତାଙ୍କ କାର୍‌ରେ ପ୍ରବେଶ କରି ଡ୍ରାଇଭରଙ୍କୁ ଧମକ ଦେବା ସହ କୋଚି ଅଭିମୁଖେ ଚଲାଇବାକୁ କହିଥିଲେ। ଅଭିନେତ୍ରୀଙ୍କୁ କାର୍‌ରେ ୨ ଘଣ୍ଟା ପଣବନ୍ଦୀ ରଖାଯାଇ ଯୌନ ନିର୍ଯାତନା ଦିଆଯାଇଥିଲା। ଅପରାଧୀମାନେ ଅଭିନେତ୍ରୀଙ୍କୁ ବ୍ଲାକ୍‌ମେଲ୍ କରିବା ପାଇଁ ତାଙ୍କ ଫଟୋ ନେଇଥିଲେ। ପୀଡ଼ିତା ଅଭିନେତ୍ରୀ ନିର୍ଦ୍ଦେଶକଙ୍କ ଘରେ ପହଞ୍ଚିବା ପରେ ସେ ପୋଲିସକୁ ଜଣାଇଥିଲେ। ପୋଲିସ ତଦନ୍ତ କରି ଦିଲୀପଙ୍କ ସମେତ ଅନ୍ୟ ଅଭିଯୁକ୍ତମାନଙ୍କୁ ଗିରଫ କରିଥିଲା। ଦିଲୀପ ଅପରାଧର ମାଷ୍ଟରମାଇଣ୍ଡ ଥିଲେ ବୋଲି ଅଭିଯୋଗରେ ଦର୍ଶାଯାଇଥିଲା।

## ଇଣ୍ଡିଗୋ ବିମାନ ସେବା ବିଭ୍ରାଟ

# କଠୋର କାର୍ଯ୍ୟାନୁଷ୍ଠାନ ନିଆଯିବ: ମନ୍ତ୍ରୀ

## ଯାତ୍ରୀଙ୍କୁ ଫେରସ୍ତ ହେଲାଣି ୮୨୭ କୋଟି ଟଙ୍କା

ନୂଆଦିଲ୍ଲୀ,୮।୧୨(ପି.ଟି.)

ଇଣ୍ଡିଗୋ ଏୟାରଲାଇନ୍ସର ବିମାନ ସେବାରେ ସପ୍ତାହେ ହେଲା ବିଭ୍ରାଟ ଲାଗିରହିଥିବାବେଳେ ଲୋକ ସଭାରେ ବିରୋଧୀ ଦଳ ସୋମବାର ଏହା ଉପରେ ସରକାରଙ୍କ ବିବୃତି ଦାବି କରିଥିଲେ। ବିମାନ ସେବା ବାଧାପ୍ରାପ୍ତ ହେବାରୁ ଦେଶର ବିଭିନ୍ନ ଏୟାରପୋର୍ଟରେ ଅନେକ ହଜାର ଯାତ୍ରୀ ନାହିଁ ନ ଥିବା ଅସୁବିଧାର ସମ୍ମୁଖୀନ ହୋଇଛନ୍ତି। କ'ଣ ପାଇଁ ଏଭଳି ସମସ୍ୟା ଉପୁଜିଲା, ସରକାର ଜଣାନ୍ତୁ ବୋଲି ପ୍ରଶ୍ନୋତ୍ତର କାଳରେ ଗୃହର ଉପନେତା ଗୌରବ ଗୋଗୋଇ କହିଥିଲେ। ବେସାମରିକ ବିମାନ ଚଳାଚଳ ମନ୍ତ୍ରୀ କେ. ରାମମୋହନ ନାଇଡୁ ଏହା ଉପରେ ସବିଶେଷ ତଥ୍ୟ ଦେବେ ବୋଲି ବାଚସ୍ପତି ଓମ୍ ବିର୍ଲା କହିଥିଲେ। ବିମାନ ସେବାରେ ସଙ୍କଟ ପାଇଁ ଇଣ୍ଡିଗୋ ବିରୋଧରେ ସରକାର ଅତ୍ୟନ୍ତ କଠୋର କାର୍ଯ୍ୟାନୁଷ୍ଠାନ ଗ୍ରହଣ କରିବେ ବୋଲି ମନ୍ତ୍ରୀ ନାଇଡୁ ପ୍ରତିଶ୍ରୁତି ଦେଇଛନ୍ତି। ଉକ୍ତ ଏୟାରଲାଇନ୍ସ ଏହାର କର୍ମଚାରୀ ଏବଂ ଡ୍ୟୁଟି ରୋଷ୍ଟର ପରିଚାଳନା କରିବାରେ ବିଫଳ ହୋଇଛି। ସରକାର ଏହା ଉପରେ ତଦନ୍ତ କରୁଛନ୍ତି। କାର୍ଯ୍ୟାନୁଷ୍ଠାନ ବର୍ତ୍ତମାନର ସ୍ଥିତି ପାଇଁ ନୁହେଁ ବରଂ ଦୃଷ୍ଟାନ୍ତମୂଳକ ଭାବେ ଗ୍ରହଣ କରାଯିବ ବୋଲି ମନ୍ତ୍ରୀ କହିଛନ୍ତି।

ସୋମବାର ଇଣ୍ଡିଗୋର ପ୍ରାୟ ୫୦୦ ବିମାନ ଉଡ଼ାଣ ବାତିଲ ହୋଇଥିବାବେଳେ ୧୩୭ଟି ରୁଟ୍‌ରେ ୧,୮୦୨ ବିମାନ ଉଡ଼ାଣ କରିଛି। ସପ୍ତାହେ ଧରି ବାତିଲ ଓ ବିଳମ୍ବିତ ହୋଇଥିବା ବିମାନ ପାଇଁ ଏୟାରଲାଇନ୍ସ କର୍ତ୍ତୃପକ୍ଷ ସୋମବାର ସୁଦ୍ଧା ଯାତ୍ରୀମାନଙ୍କୁ ମୋଟ ୮୨୭ କୋଟି ଟଙ୍କା ଫେରସ୍ତ କରିଛନ୍ତି। ଏଥିସହିତ ଯାତ୍ରୀମାନଙ୍କୁ ୪,୫୦୦ ବ୍ୟାଗେଜ୍ ଫେରାଇ ଦିଆଯାଇଛି।

# ଶୁଭାଙ୍ଗୀ ଦତ୍ତଙ୍କୁ ଶ୍ରେଷ୍ଠ ଅଭିନେତ୍ରୀ ପୁରସ୍କାର

## ଅନ୍ତର୍ଜାତୀୟ ଚଳଚ୍ଚିତ୍ର ଉତ୍ସବ



ନୂଆଦିଲ୍ଲୀ

ଅଷ୍ଟ୍ରେଲିଆରେ ଅନୁଷ୍ଠିତ ଅନ୍ତର୍ଜାତୀୟ ଚଳଚ୍ଚିତ୍ର ଉତ୍ସବରେ ଅଭିନେତ୍ରୀ ଶୁଭାଙ୍ଗୀ ଦତ୍ତଙ୍କୁ ସର୍ବଶ୍ରେଷ୍ଠ ଅଭିନେତ୍ରୀ ପୁରସ୍କାର ମିଳିଛି। ସେ ଅନୁପମ ଖେର୍‌ଙ୍କ ନିର୍ଦ୍ଦେଶିତ 'ତନଭି ଦି ଗ୍ରେଟ୍' ଚଳଚ୍ଚିତ୍ରରେ ପ୍ରଥମେ ଅଭିନୟ କରିଥିଲେ। ଉକ୍ତ ଚଳଚ୍ଚିତ୍ରକୁ ଶ୍ରେଷ୍ଠ ସ୍କ୍ରିନ୍‌ପ୍ଲେ ପୁରସ୍କାର ମିଳିଛି। ଉକ୍ତ ଚଳଚ୍ଚିତ୍ରର କାହାଣୀ ଅନୁପମ ଅଭିଷେକ ଦୀକ୍ଷିତ ଏବଂ ଅଙ୍କୁର ସୁମନ ଲେଖିଥିଲେ। ଗତ ଶନିବାର ଚଳଚ୍ଚିତ୍ର ଉତ୍ସବ ଅନୁଷ୍ଠିତ ହୋଇଥିଲା। ତାଙ୍କ ଅଭିନୀତ ଚଳଚ୍ଚିତ୍ର ବିଶ୍ୱବ୍ୟାପୀ ଚର୍ଚ୍ଚା ହୋଇଥିବାରୁ ଶୁଭାଙ୍ଗୀ ଏଥିପାଇଁ ଦର୍ଶକମାନଙ୍କୁ କୃତଜ୍ଞତା ଜଣାଇଛନ୍ତି। ତନଭି ଚରିତ୍ରରେ ଅଭିନୟ କରିଥିବା ଶୁଭାଙ୍ଗୀ ପୁରସ୍କାର ପାଇଥିବାରୁ ଅତ୍ୟନ୍ତ ସ୍ୱତନ୍ତ୍ର ଅନୁଭବ କରୁଥିବା କହିଛନ୍ତି। ଅନୁପମ ଖେର୍ ତାଙ୍କ ଉପରେ ବିଶ୍ୱାସ ରଖିବା ସହ ଗାଇଡ୍ କରିଥିବାରୁ ସେ ତାଙ୍କୁ ଧନ୍ୟବାଦ ଜଣାଇଛନ୍ତି। ଏହି ପୁରସ୍କାର ଆମର ସମ୍ପୂର୍ଣ୍ଣ ଟିମ୍ ପାଇଁ ବୋଲି ଏକ ବିବୃତିରେ ଶୁଭାଙ୍ଗୀ କହିଛନ୍ତି।




# କାର୍ଯ୍ୟକ୍ରମ ବ୍ୟୟ ଜଣାଉଛି ସରକାରଙ୍କ ଭିଜନ: ମୁଖ୍ୟମନ୍ତ୍ରୀ

- ବିଧାନସଭାରେ ୨ ମିନିଟ୍ ବସୁନାହାନ୍ତି ନବୀନ
- ଅକ୍ଟୋବର ସୁଦ୍ଧା ମୁଣ୍ଡ ପିଛା ଋଣ ୨୬,୯୭୮ ଟଙ୍କା

**ଭୁବନେଶ୍ୱର, ୮।୧୨ (ସୁନିତ୍ ମିଶ୍ର)**

ଚଳିତ ଆର୍ଥିକ ବର୍ଷ(୨୦୨୫-୨୬)ପାଇଁ ୨ ଲକ୍ଷ ୯୦ ହଜାର କୋଟି ଟଙ୍କାର ପୂର୍ଣ୍ଣାଙ୍ଗ ବଜେଟ ଏହି ଗୃହରେ ପାରିତ ହୋଇଛି। ବଜେଟର ପ୍ରାବଧାନ ଅନୁଯାୟୀ ସରକାର ବିଭିନ୍ନ କାର୍ଯ୍ୟକ୍ରମକୁ ତ୍ୱରାନ୍ୱିତ କରୁଛନ୍ତି। ମାତ୍ର ସମାଜର ୪ ମୁଖ୍ୟବର୍ଗ 'ଅନ୍ନଦାତା, ମହିଳା, ଯୁବା ଏବଂ ଗରିବ'ଙ୍କ ବିକାଶ ଯେଭଳି ସର୍ବାଙ୍ଗୀନ ହୋଇପାରିବ ସେଥିପାଇଁ ଆବଶ୍ୟକ ପଡୁଥିବା ଅତିରିକ୍ତ ବ୍ୟୟ ନିମନ୍ତେ ସରକାର ୧୭ ହଜାର ୪୪୦ କୋଟି ଟଙ୍କାର ଅତିରିକ୍ତ ବଜେଟ ଆଣିଛନ୍ତି। ସେଥିମଧ୍ୟରୁ କେବଳ କାର୍ଯ୍ୟକ୍ରମ ବ୍ୟୟ ବାବଦକୁ ୧୩ ହଜାର ୭୧୬ କୋଟି ଟଙ୍କା ଖର୍ଚ୍ଚ ହେବାକୁ ରହିଛି। ଏଥିରୁ ହିଁ ସରକାରଙ୍କ ଭିଜନ ଏବଂ ଆନ୍ତରିକତା ସମସ୍ତେ ଜାଣିପାରୁଥିବେ ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି।

କଂଗ୍ରେସ ଓ ବିଜେଡିକୁ ଗୃହରେ ଟାର୍ଗେଟ କରି ମୁଖ୍ୟମନ୍ତ୍ରୀ କହିଛନ୍ତି, କଂଗ୍ରେସ ବନ୍ଧୁମାନେ ସରକାରଙ୍କ ଭିତ୍ତିଭୂମି ନିର୍ମାଣକୁ ନେଇ କିଛି ପ୍ରଶ୍ନ ପଚାରିଥିଲେ। ସେମାନେ ଜାଣିବା କଥା, ଦକ୍ଷିଣ ଭାରତର ଜଣେ କଂଗ୍ରେସ ଶାସିତ ରାଜ୍ୟର ମୁଖ୍ୟମନ୍ତ୍ରୀ କହିଥିଲେ, 'ତାଙ୍କ ରାଜ୍ୟର ଆର୍ଥିକ ସ୍ଥିତି ଏତେ ଉତ୍କଟ ଯେ ଚାହିଁଲେ ବି ମାସକୁ ୫୦୦ କୋଟି ଟଙ୍କା ପୁଞ୍ଜି ପାଇଁ ଖର୍ଚ୍ଚ କରିପାରୁନାହାନ୍ତି। ଅର୍ଥାତ୍ ସେ ବର୍ଷକରେ ଭିତ୍ତିଭୂମି ପାଇଁ ଯେତେ ଖର୍ଚ୍ଚ କରୁଛନ୍ତି, ଓଡ଼ିଶା ସରକାର ମାସରେ ସେତିକି ବ୍ୟୟ କରୁଛନ୍ତି। ସେହିପରି ବିରୋଧୀ ଦଳ ନେତା ବିଧାନସଭାରେ ୨ ମିନିଟ୍ ବସିବାକୁ ଧୈର୍ଯ୍ୟ ରଖୁନାହାନ୍ତି, ହେଲେ ନୂଆପଡ଼ାରେ ୬ ଘଣ୍ଟା ପ୍ରଚାର କରିବାକୁ ସମୟ ରହୁଛି। ଯଦି ଅସୁସ୍ଥ କଥା ଅଛି ତେବେ ଅଲଗା କଥା। ବିରୋଧୀ ଦଳ ନେତା ଥରୁଟିଏ ବି ଅତିରିକ୍ତ ବଜେଟ ଆଲୋଚନାରେ ଭାଗ ନେଇ କିଛି ପ୍ରଶ୍ନ କଲେ ନାହିଁ। ବିରୋଧୀ ପ୍ରଶ୍ନ କଲେ ସକାଳ ଯାଏ ଉତ୍ତର ଦେବାକୁ ରାଜି ଅଛି ବୋଲି ସେ କହିଛନ୍ତି।

ମୁଖ୍ୟମନ୍ତ୍ରୀ ଗୃହରେ ଅତିରିକ୍ତ ବଜେଟ ବ୍ୟୟ ମଞ୍ଜୁରୀ ବିଲ୍ ଉପରେ ମତ ରଖି କହିଛନ୍ତି, ବାର୍ଷିକ ବଜେଟ କେବଳ ବର୍ଷକର ଆୟ-ବ୍ୟୟର ହିସାବ ନୁହେଁ। ସରକାର ରାଜ୍ୟ ଗଠନରେ ବିଶ୍ୱାସ କରନ୍ତି। ଏହି ରାଜ୍ୟ ଓ ରାଷ୍ଟ୍ର ନିର୍ମାଣ କେବଳ ଗୋଟିଏ କିମ୍ବା ୨ଟି ବଜେଟରେ ହେବା ସମ୍ଭବ ନୁହେଁ। ଏଥିପାଇଁ ଏକ ଭିଜନ ଏବଂ ଦୂରଦୃଷ୍ଟିର ଆବଶ୍ୟକତା ଅଛି। ଏହି ସ୍ୱପ୍ନକୁ ସାକାର କରିବା ପାଇଁ ସବୁଠାରୁ ବଡ଼ ଅବଦାନ ରହିବ ଭିତ୍ତିଭୂମି ନିର୍ମାଣ। ଯେତେ ଅଧିକ



ମୋହନ ଚରଣ ମାଝୀ

ଭିତ୍ତିଭୂମି ନିର୍ମାଣ ହେବ ସେତିକି ଅଧିକ ରୋଜଗାର ସୃଷ୍ଟି ସାଙ୍ଗକୁ ଆର୍ଥିକ ଅଭିବୃଦ୍ଧି ହେବ। ମହାଲେଖାକାର, ଓଡ଼ିଶାଙ୍କଠାରୁ ମିଳିଥିବା ତଥ୍ୟ ଅନୁଯାୟୀ, ଅକ୍ଟୋବର ୨୦୨୫ ପର୍ଯ୍ୟନ୍ତ ରାଜ୍ୟର ରାଜସ୍ୱ ବଳକା ସ୍ଥିତି ବଜାୟ ଥିବାବେଳେ, ଋଣ ଭାର ରାଜ୍ୟ ସକଳ ଘରୋଇ ଉତ୍ପାଦର ଅନୁପାତ ୧୧.୯% ରହିଛି। ସୁଧ ଦେୟ ଓ ରାଜସ୍ୱ ଆୟର ଅନୁପାତ ୨.୨%ରେ ସୀମିତ ଅଛି। ଏଥି ସହିତ ଅକ୍ଟୋବର ୨୦୨୫ ଶେଷ ସୁଦ୍ଧା ରାଜ୍ୟର ମୁଣ୍ଡପିଛା ଋଣଭାର କେବଳ ୨୬,୯୭୮ ଟଙ୍କା ରହିଛି, ଯାହାକି ଅନ୍ୟ ରାଜ୍ୟଗୁଡିକ ତୁଳନାରେ ଯଥେଷ୍ଟ କମ୍ ଅଟେ।

ସେ ଆହୁରି କହିଛନ୍ତି, କୃଷକଙ୍କ ଠାରୁ ପ୍ରାୟ ୧୦ ନିୟୁତ ଟନ୍ ଧାନ କିଣାଯିବା ସହ ସେମାନଙ୍କୁ ଠିକ ସମୟରେ ସେମାନଙ୍କ ପ୍ରାପ୍ୟ ମିଳିପାରିବ। ରାଜ୍ୟର ସମସ୍ତ ଅନ୍ନଦାତାଙ୍କୁ ନିର୍ଭର ପ୍ରତିଶ୍ରୁତି ଦେଇ ମୁଖ୍ୟମନ୍ତ୍ରୀ କହିଛନ୍ତି, ଗୋଟିଏ ବି ଯୋଗ୍ୟ ଚାଷୀ ଧାନ ବିକ୍ରୟରୁ ବଞ୍ଚିତ ହେବେନାହିଁ। ଏଥିପାଇଁ ଯଦି କିଛି ପ୍ରକ୍ରିୟାରେ ସଂଶୋଧନ ଆବଶ୍ୟକ, ତେବେ ତାଙ୍କ ସରକାର ତାହା ବିଚାର କରିବେ। 'ଅନ୍ନଦାତାଙ୍କ ବିକାଶ ପାଇଁ ଗତ ସରକାରର ମଡେଲ ସାରା ଦେଶ ଦେଖିଛି। ଏମିତି ବିକାଶ କଲେ ଚାଷୀଙ୍କ ମାସିକ ଆୟ ୫ ହଜାର ୧୧୨ ଟଙ୍କା ସହିତ ସାରା ଦେଶରେ ତଳ ଆଡୁ ୨ୟ ସ୍ଥାନରେ ଓଡିଶା ଥିଲା। କିନ୍ତୁ ଭାଜପା ସରକାର ଅମଳରେ ତାହା ହେବ ନାହିଁ। ସମୃଦ୍ଧ ଓଡିଶା, ସୁଭଦ୍ରା ଯୋଜନା ପରି କାର୍ଯ୍ୟକ୍ରମ ଯୋଗୁ ପ୍ରତି ପରିବାର ଆୟ ବାର୍ଷିକ ପ୍ରାୟ ଅଧିକ ୫୮ ହଜାର ଟଙ୍କା ହୋଇପାରିଛି। ବିରୋଧୀ ଦଳର କିଛି ସଦସ୍ୟ ଡବଲ ଇଞ୍ଜିନ ସରକାର କିପରି କାମ କରୁଛି ତା'ର ଉପରେ ପ୍ରଶ୍ନ କରିଥିଲେ। ଡବଲ-ଇଞ୍ଜିନ୍ ସରକାରର ଦ୍ରୁତ ପ୍ରକଳ୍ପ ଅନୁମୋଦନ, ବୃହତ ଆର୍ଥିକ ସହାୟତା ଏବଂ କେନ୍ଦ୍ର ଓ ରାଜ୍ୟ ମଧ୍ୟରେ ସୁଗମ ସମନ୍ୱୟ ସୁନିଶ୍ଚିତ କରି ଓଡ଼ିଶା ପାଇଁ ଅଭୂତପୂର୍ବ ପ୍ରଗତିକୁ ଉନ୍ମୁକ୍ତ କରିଛି। ରାଜ୍ୟର ରାଜସ୍ୱ ସମ୍ବଳ ସଂଗ୍ରହ ସ୍ଥିତି ଆଶାନୁରୂପ ରହିଛି। ଏ ବର୍ଷ ରାଜ୍ୟ ସରକାର ସମ୍ବଳ ସଂଗ୍ରହ ନେଇ ଧାର୍ଯ୍ୟ ହୋଇଥିବା ଲକ୍ଷ୍ୟ ହାସଲ କରିପାରିବେ। ଚଳିତ ଆର୍ଥିକ ବର୍ଷର ନଭେମ୍ବର, ୨୦୨୫ ସୁଦ୍ଧା ରାଜ୍ୟର ମୋଟ ରାଜସ୍ୱ ସଂଗ୍ରହ କ୍ଷେତ୍ରରେ ୮.୩୩% ଅଭିବୃଦ୍ଧି ହାସଲ ହୋଇଛି। ଏହା ବଜେଟ୍ ଆକଳନର ୫୪% ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି।

# ହାତୀ ଆକ୍ରମଣରେ ଯୁବକ ମୃତ

**ଚମ୍ପୁଆ,୮।୧୨(ମହେଶ୍ୱର ଦାସ)**

କେନ୍ଦୁଝର ବନଖଣ୍ଡ ଚମ୍ପୁଆ ବନାଞ୍ଚଳ ଅଧୀନ ଉଖୁଣ୍ଡା ସେକ୍ସନର ଉଛବାଲିଠାରେ ସୋମବାର ଦ୍ୱିପ୍ରହରରେ ହାତୀ ଆକ୍ରମଣରେ ଜଣେ ଯୁବକଙ୍କ ମୃତ୍ୟୁ ଘଟିଛି। ମୃତକ ହେଲେ ଭଣ୍ଡାବାଙ୍କ ସାହିର ମନୋଜ ମହାନ୍ତଙ୍କ ପୁଅ ସମରେନ୍ଦ୍ର ମହାନ୍ତ(୧୮)। ସମରେନ୍ଦ୍ର କୌଣସି କାମରେ ଉଛବାଲି ଯାଉଥିବା ବେଳେ ହାତୀ ଆକ୍ରମଣର ଶିକାର ହୋଇଥିଲେ। ସ୍ଥାନୀୟ ଲୋକେ ତାଙ୍କୁ ଗୁରୁତର ଅବସ୍ଥାରେ ଭଣ୍ଡା ଚିକିତ୍ସାଳୟରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତ ଘୋଷଣା କରିଥିଲେ। ବର୍ତ୍ତମାନ ଚମ୍ପୁଆ ରେଞ୍ଜରେ ୩୭ଟି ହାତୀ ରହିଥିବା ବେଳେ ଉଛବାଲିଠାରେ ୩ ଗୋଟି ହାତୀ ରହିଛନ୍ତି। ପ୍ରଥମ ପର୍ଯ୍ୟାୟରେ ମୃତ ସମରେନ୍ଦ୍ରଙ୍କ ପରିବାରକୁ ୧ ଲକ୍ଷ ଟଙ୍କା ସରକାରୀ ସହାୟତା ପ୍ରଦାନ କରାଯିବ ବୋଲି ଏସିଏଫ ଅକ୍ଷୟ ଛତ୍ରିଆ ସୂଚନା ଦେଇଛନ୍ତି।

# ୧୦ ଡିଗ୍ରୀ ତଳେ ୧୦ ସହର

## ଦ୍ୱିତୀୟ ଦିନ ପାଇଁ ଜି. ଉଦୟଗିରି ସବୁଠୁ ଥଣ୍ଡା

**ଭୁବନେଶ୍ୱର, (ବନ୍ଦନା ସେଠୀ)/ ଜି. ଉଦୟଗିରି, ୮।୧୨ (ଶିଶିର ପଟ୍ଟନାୟକ/ଚିନ୍ମୟ କୁମାର ସେଠୀ)**

ରାଜ୍ୟରେ ପ୍ରବଳ ଥଣ୍ଡା ଅନୁଭୂତ ହେଉଛି। ବିଶେଷକରି ପଶ୍ଚିମ ଓ ଦକ୍ଷିଣ ଓଡ଼ିଶାରେ ହାଡ଼ ଥରାଇଦେବା ଭଳି ଶୀତ ଜାରି ରହିଛି। କନ୍ଧମାଳ ଜିଲାର ଜି. ଉଦୟଗିରିଠାରେ ଲଗାତାର ଦ୍ୱିତୀୟଦିନ ପାଇଁ ରାଜ୍ୟର ସର୍ବନିମ୍ନ ତାପମାତ୍ରା ରେକର୍ଡ କରାଯାଇଛି। ଏଠାରେ ତାପମାତ୍ରା ୪.୩ ଡିଗ୍ରୀକୁ ଖସି ଆସିଥିବାବେଳେ ଗ୍ରାମାଞ୍ଚଳରେ ଏହାଠାରୁ ୨/୩ ଡିଗ୍ରୀ କମ୍ ରହୁଥିବାରୁ ଗ୍ରାମୀଣ ଜୀବନଜୀବିକା ପ୍ରଭାବିତ ହୋଇଛି। ବିଶେଷକରି ଶ୍ରମିକ ଶ୍ରେଣୀର ଲୋକେ ହଇରାଣ ହେଉଛନ୍ତି। ଶୀତ ପ୍ରକୋପରୁ ରକ୍ଷା ପାଇବା ପାଇଁ ବିଭିନ୍ନ ସ୍ଥାନରେ ଲୋକେ ନିଆଁ ପୁଉଁଥିବା ଦେଖିବାକୁ ମିଳୁଛି। ଅନ୍ୟପକ୍ଷରେ ଦୁଇ ସହରରେ ତାପମାତ୍ରା ସ୍ୱାଭାବିକଠାରୁ ୫ରୁ ୬ ଡିଗ୍ରୀ କମ୍ ରହିଛି। ଝାରସୁଗୁଡାଠାରେ ସର୍ବନିମ୍ନ ତାପମାତ୍ରା ୭.୪ ଡିଗ୍ରୀ ରହିଥିବାବେଳେ ଏହା ସ୍ୱାଭାବିକ ତାପମାତ୍ରାଠାରୁ ୬.୨ ଡିଗ୍ରୀ କମ୍। ସେହିପରି ଅନୁଗୋଳରେ ନିମ୍ନତମ ତାପମାତ୍ରା ୮.୮ ଥିବାବେଳେ ଏହା ସ୍ୱାଭାବିକ ତାପମାତ୍ରାଠାରୁ ୫.୪ ଡିଗ୍ରୀ କମ୍ ରହିଛି। ସେହିଭଳି ରାଜ୍ୟର ୧୦ ସହରର ତାପମାତ୍ରା ୧୦ ଡିଗ୍ରୀ ତଳେ ରହିଥିବା ଜଣାଯାଇଛି। ସିମିଳିଗୁଡାରେ ୪.୬ ଡିଗ୍ରୀ, ଫୁଲବାଣୀ ୭.୨, ଦାରିଙ୍ଗୀବାଡି ୭.୫, ରାଉରକେଲା ୭.୬, ଟିପିଲିମା ୮, କିରେଇ ୮.୯ ଓ ଭବାନୀପାଟଣାରେ ୯ ଡିଗ୍ରୀ ରେକର୍ଡ ହୋଇଛି। ଗତ ୨୪ ଘଣ୍ଟାରେ ଫୁଲବାଣୀରେ ଘନ କୁହୁଡି ଦେଖାଦେଇଥିବାବେଳେ ରାଉରକେଲା, ଭବାନୀପାଟଣା, ଝାରସୁଗୁଡାରେ ସାମାନ୍ୟରୁ ମଧ୍ୟମ କୁହୁଡି ଦେଖାଯାଇଥିଲା। ମଙ୍ଗଳବାର ଓ ବୁଧବାର ଦୁଇଦିନ ପାଇଁ ସୁନ୍ଦରଗଡ଼, କନ୍ଧମାଳ ଜିଲାର ବିଭିନ୍ନ ସ୍ଥାନରେ ଘନ କୁହୁଡି ଏବଂ ସୁନ୍ଦରଗଡ, ଅନୁଗୋଳ ଓ ଝାରସୁଗୁଡାରେ ପ୍ରବଳ ଶୀତ ହେବା ନେଇ ପାଣିପାଗ ବିଭାଗ ପକ୍ଷରୁ ୟେଲୋ ୱାର୍ନିଂ ଜାରି ହୋଇଛି। ୧୨ ତାରିଖ ଯାଏ ରାଜ୍ୟର ବିଭିନ୍ନ ଜିଲାରେ ପ୍ରବଳ ଶୀତ ନେଇ ପୂର୍ବାନୁମାନ କରାଯାଇଛି ବୋଲି ପାଣିପାଗ ବିଜ୍ଞାନୀ ସଞ୍ଜୀବ ଦ୍ୱିବେଦୀ ସୂଚନା ଦେଇଛନ୍ତି।

# ଆଖି ବୁଜିଲେ ଆତ୍ମାହୁତି ଉଦ୍ୟମ କରିଥିବା ଛାତ୍ରୀ

## ୫ ଲକ୍ଷ ଟଙ୍କା, ଚାକିରି ପ୍ରତିଶ୍ରୁତି ପରେ ଧାରଣା ପ୍ରତ୍ୟାହୃତ

**ରାଉରକେଲା, ୮।୧୨(ସଙ୍ଗୀତା ଜେନା)**

ଜଣେ ଯୁବକଙ୍କ ଉତ୍ପୀଡ଼ନର ଶିକାର ହୋଇ ଶୁକ୍ରବାର ଆତ୍ମାହୁତି ଉଦ୍ୟମ କରିଥିବା ରାଜଗାଙ୍ଗପୁର ସରବତୀ ମହିଳା କଲେଜର ଯୁକ୍ତ ୩ ଦ୍ୱିତୀୟ ବର୍ଷ ଛାତ୍ରୀ (୧୭)ଙ୍କ ଚିକିତ୍ସାଧୀନ ଅବସ୍ଥାରେ ଆଇଜିଏଚ୍‌ରେ ରବିବାର ବିଳମ୍ବିତ ରାତିରେ ମୃତ୍ୟୁ ହୋଇଛି। ଏହି ଘଟଣାରେ ମୃତା ଛାତ୍ରୀଙ୍କ ପରିବାରକୁ କ୍ଷତିପୂରଣ ବାବଦ ୫୦ ଲକ୍ଷ ଟଙ୍କା ଏବଂ ପରିବାରର ଜଣେ ସଦସ୍ୟଙ୍କୁ ସରକାରୀ ଚାକିରି ଦାବି କରି ହସ୍ପିଟାଲ ପରିସରରେ ସାମାଜିକ କର୍ମୀ ରଶ୍ମୀ ଏକ୍କା, ଶିଳ୍ପା ଏକ୍କା ଏବଂ ଅମରେଶ ପଣ୍ଡାଙ୍କ ନେତୃତ୍ୱରେ ମୃତାଙ୍କ ପରିବାର ଲୋକେ ଧାରଣା ଦେଇଥିଲେ। ଖବର ପାଇ ରାଜଗାଙ୍ଗପୁର ସହାୟକ ତହସିଲଦାର (ମାଜିଷ୍ଟ୍ରେଟ୍) କିରଣ କୁମାର ସୋରେନ, ସୁନ୍ଦରଗଡ଼ ଅତିରିକ୍ତ ଏସ୍‌ପି ଶାନ୍ତା ନୂତନ ସମାଦ ପ୍ରମୁଖ ସେଠାରେ ପହଞ୍ଚି ଲୋକମାନଙ୍କୁ ବୁଝାଶୁଝା କରିଥିଲେ। ପ୍ରଥମ ପର୍ଯ୍ୟାୟରେ ମୃତା ଛାତ୍ରୀଙ୍କ ପରିବାର ଲୋକଙ୍କୁ ଅନ୍ତ୍ୟେଷ୍ଟିକ୍ରିୟା ବାବଦକୁ ୨୦ ହଜାର ଟଙ୍କା ପ୍ରଦାନ କରାଯାଇଥିଲା। ଏଥିସହ ପରବର୍ତ୍ତୀ ସମୟରେ ୪ଲକ୍ଷ ଟଙ୍କା ପ୍ରଦାନ ପ୍ରତିଶ୍ରୁତି ଦେବା ପରେ ଧାରଣା ପ୍ରତ୍ୟାହୃତ ହୋଇଥିଲା। ଅପରାହ୍ଣ ୩ଟାରେ ଆଇଜିଏଚ୍ ମର୍ଗ ହାଉସକୁ ବ୍ୟବଚ୍ଛେଦ ପାଇଁ ମୃତଦେହ ନିଆଯାଇଥିଲା। ସନ୍ଧ୍ୟା ୫ଟାରେ ଲାଞ୍ଜିବେର୍ନାଠାରେ ଛାତ୍ରୀଙ୍କ ଅନ୍ତ୍ୟେଷ୍ଟିକ୍ରିୟା କରାଯାଇଥିଲା। ଅପରପକ୍ଷେ ନାବାଳିକାଙ୍କୁ ଉତ୍ପୀଡ଼ନ କରିଥିବା ଯୁବକଙ୍କୁ ପୋଲିସ ରବିବାର ଗିରଫ କରି କୋର୍ଟଚାଲାଣ କରିଛି।



## ଓଡ଼ିଶା ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ଫର୍ମ ପୂରଣ: ଆଉ ୩ ଦିନ ବଢ଼ିଲା

କଟକ,୮।୧୨(କାର୍ତ୍ତିକ ସାହୁ): ଓଡ଼ିଶା ଆଦର୍ଶ ବିଦ୍ୟାଳୟ ଏବଂ ଓଡ଼ିଶା ମାଇନିଂ ଆଦର୍ଶ ବିଦ୍ୟାଳୟ ପ୍ରବେଶିକା ପରୀକ୍ଷା ୨୦୨୬ ନିମନ୍ତେ ଅନ୍‌ଲାଇନରେ ଫର୍ମ ପୂରଣ ପାଇଁ ଆଉ ୩ ଦିନ ଅଧିକ ସମୟ ବଢ଼ାଇ ଦିଆଯାଇଛି। ସମଗ୍ର ରାଜ୍ୟରୁ ଛାତ୍ରଛାତ୍ରୀଙ୍କ ଅଭିଭାବକଙ୍କ ଅନୁରୋଧକ୍ରମେ ପୁଣି ଡିସେମ୍ବର ୮ରୁ ୧୦ ତାରିଖ ମଧ୍ୟରାତ୍ରି ପର୍ଯ୍ୟନ୍ତ ଅନ୍‌ଲାଇନ୍ ଫର୍ମ ପୂରଣ ପାଇଁ ସୁଯୋଗ ଦିଆଯାଇଛି। ନିର୍ଦ୍ଧାରିତ ସମୟ ମଧ୍ୟରେ www.bseodisha.ac.in ଓ www.oav.edu.inରେ ଉପଲବ୍ଧ ଲିଙ୍କ୍‌ରେ ଫର୍ମ ପୂରଣ କରାଯିବ। ଏହାପରେ ଅବଧି ଆଉ ବଢ଼ାଯିବ ନାହିଁ ବୋଲି ମାଧ୍ୟମିକ ଶିକ୍ଷା ପରିଷଦ (ବୋର୍ଡ) ପକ୍ଷରୁ ମଙ୍ଗଳବାର ପ୍ରକାଶିତ ବିଜ୍ଞପ୍ତିରେ ଦର୍ଶାଯାଇଛି।

# ଆଜି କ'ଣ କେଉଁଠି

**ଭୁବନେଶ୍ୱର**
- ଉତ୍କଳ ସମ୍ମିଳନୀ ପକ୍ଷରୁ କାନ୍ତ କବି ଲକ୍ଷ୍ମୀକାନ୍ତ ମହାପାତ୍ରଙ୍କ ଜୟନ୍ତୀ ପାଳନ, ସ୍ଥାନ: ରବୀନ୍ଦ୍ର ମଣ୍ଡପ, ସମୟ: ସକାଳ ୯ଟା।
- କର୍ପୋରେଟ୍ କ୍ରିକେଟ୍ ଲିଗ୍ ପକ୍ଷରୁ ସିସିସିଏଲ୍ ଖବରଦାତା ସମ୍ମିଳନୀ, ସ୍ଥାନ: ବୁଦ୍ଧମନ୍ଦିର, ସମୟ: ପୂର୍ବାହ୍ନ ୧୧ଟା।
- ଭାଷା ଆନ୍ଦୋଳନ ଓଡ଼ିଶା ଆନୁକୂଲ୍ୟରେ ପୁସ୍ତକ ଲୋକାର୍ପଣ, ସ୍ଥାନ: ପ୍ରଦର୍ଶନୀ ପଡ଼ିଆ, ସମୟ: ଅପରାହ୍ନ ୫ଟା।
- ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ପକ୍ଷରୁ ୭ମ ରାଜ୍ୟସ୍ତରୀୟ ପୁସ୍ତକ ମହୋତ୍ସବ, ସ୍ଥାନ: ପ୍ରଦର୍ଶନୀ ପଡ଼ିଆ, ୟୁନିଟ୍ ୩, ସମୟ: ସନ୍ଧ୍ୟା ୬ଟା।

**କଟକ**
- ରଘୁନାଥ ଜୀଉ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟର ବାର୍ଷିକ କ୍ରୀଡ଼ା ଉଦ୍‌ଘାଟନ, ସ୍ଥାନ: ବିଦ୍ୟାଳୟ ପରିସର, ଦେଉଳସାହି, ସମୟ: ମଧ୍ୟାହ୍ନ ୧୨ଟା ୧୫।
- କ୍ରିଏଟିଭ ଆର୍ଟିଷ୍ଟ ଗ୍ରୁପ୍ ପକ୍ଷରୁ ଚିତ୍ରଶିଳ୍ପୀ ବିଭୂତି କାନୁନଗୋଙ୍କ ୧୦୪ତମ ଜୟନ୍ତୀ ଅବସରରେ ଚିତ୍ରାଙ୍କନ ପ୍ରତିଯୋଗିତା, ସ୍ଥାନ: ଶ୍ରୀରାମଚନ୍ଦ୍ର ଭବନ, ସମୟ: ଅପରାହ୍ନ ୩ଟା।
- ଓଡ଼ିଶା ଲଳିତ କଳା ଏକାଡେମୀ ଓ କ୍ରିଏଟିଭ ଆର୍ଟିଷ୍ଟ ଗ୍ରୁପ୍ ପକ୍ଷରୁ ଚିତ୍ରଶିଳ୍ପୀ ବିଭୂତି କାନୁନଗୋଙ୍କ ୧୦୪ତମ ଜୟନ୍ତୀ, ସ୍ଥାନ: ଶ୍ରୀରାମଚନ୍ଦ୍ର ଭବନ, ସମୟ: ସନ୍ଧ୍ୟା ୬ଟା ୩୦।

**ଖୋର୍ଦ୍ଧା**
- କ୍ରିକେଟ ଟୁର୍ଣ୍ଣାମେଣ୍ଟ, ସ୍ଥାନ: କୁରାଢମଲ୍ଲ ଖେଳପଡ଼ିଆ, ସମୟ: ପୂର୍ବାହ୍ନ ୧୧ଟା।

**ପୁରୀ**
- ବାର୍ଷିକ କ୍ରୀଡ଼ା ଉତ୍ସବ, ସ୍ଥାନ: ସାଇ ଗ୍ଲୋବାଲ୍ ସ୍କୁଲ, ସମୟ: ସକାଳ ୮ଟା।
- ବିଶ୍ୱସ୍ତରୀୟ ସମ୍ମିଳନୀ ସମ୍ପର୍କିତ ବୈଠକ, ସ୍ଥାନ: କ୍ଷେତ୍ରୀୟ ହୋମିଓପାଥିକ ଅନୁସନ୍ଧାନ ସଂସ୍ଥା, ସମୟ: ପୂର୍ବାହ୍ନ ୧୦ଟା।
- ସାଇବର ସୁରକ୍ଷା କର୍ମଶାଳା, ସ୍ଥାନ: ସରକାରୀ ଶିଳ୍ପ ତାଲିମ୍ ଅନୁଷ୍ଠାନ, ପେଣ୍ଠକଟା, ସମୟ: ପୂର୍ବାହ୍ନ ୧୦ଟା୩୦।
- ବେଦ ସମ୍ପର୍କିତ ଜାତୀୟ କର୍ମଶାଳା ବୈଠକ, ସ୍ଥାନ: ସଦାଶିବ ସଂସ୍କୃତ ବିଦ୍ୟାଳୟ ପରିସର, ସମୟ: ପୂର୍ବାହ୍ନ ୧୧ଟା।
- ସାପକୋଠୀ ସମନ୍ୱୟ କମିଟି ପକ୍ଷରୁ ଜିଲାପାଳଙ୍କୁ ଦାବିପତ୍ର, ସ୍ଥାନ: ଜିଲାପାଳଙ୍କ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୧ଟା୩୦।
- ଜାତୀୟ ସମ୍ମିଳନୀ, ସ୍ଥାନ: କଲେଜ ଅଫ ଫାର୍ମାସ୍ୟୁଟିକାଲ୍ ସାଇନ୍ସ, ବାଲିଗୁଆଲି, ସମୟ: ପୂର୍ବାହ୍ନ ୧୧ଟା ୩୦।

**ବାଲେଶ୍ୱର**
- ବ୍ଲକସ୍ତରୀୟ ବିଜ୍ଞାନ ମେଳା ଓ ବାଲ ବୈଜ୍ଞାନିକ ପ୍ରଦର୍ଶନୀ, ସ୍ଥାନ: ଡଗରପଡ଼ା ସରକାରୀ ଉଚ୍ଚ ବିଦ୍ୟାଳୟ, ଖଇରା, ସମୟ: ସକାଳ ୯ଟା।
- ନାଟ୍ୟ ପରିଷଦର ବାର୍ଷିକ ଉତ୍ସବ, ସ୍ଥାନ: ଫକୀରମୋହନ ଉଚ୍ଚ ମାଧ୍ୟମିକ ବିଦ୍ୟାଳୟ, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା।
- ପ୍ରତିଭା ସମ୍ମାନ ଓ ଗୁରୁ ସମ୍ବର୍ଦ୍ଧନା ଉତ୍ସବ-୨୦୨୫, ସ୍ଥାନ: ଇମାମୀ ଜଗନ୍ନାଥ ମନ୍ଦିର ପରିସର, ବାଲଗୋପାଳପୁର, ବାଲେଶ୍ୱର, ସମୟ: ପୂର୍ବାହ୍ନ ୧୦ଟା।

**ଭଦ୍ରକ**
- ଓଡ଼ିଶା ଶିକ୍ଷା ବିକାଶ ପରିଷଦ ପକ୍ଷରୁ ବ୍ଲକସ୍ତରୀୟ ବିଜ୍ଞାନ ମେଳା, ସ୍ଥାନ: ମଠଡିହ ତଥାସ୍ତୁ ଶିଶୁ ବିଦ୍ୟାମନ୍ଦିର, ଆରଡ଼ି, ସମୟ: ସକାଳ ୯ଟା।
- କବିତା ପାଠୋତ୍ସବ ଓ ଆଲୋଚନାଚକ୍ର, ସ୍ଥାନ: ନୂଆବଜାର ଭାଗବତ କଲ୍ୟାଣ ମଣ୍ଡପ, ଭଦ୍ରକ, ସମୟ: ଅପରାହ୍ନ ୫ଟା।

**ମୟୂରଭଞ୍ଜ**
- ବ୍ଲକସ୍ତରୀୟ ଓଷ୍ଟା ଶିଶୁ ଉତ୍ସବ, ସ୍ଥାନ: ରିଜିଓନାଲ ଉଚ୍ଚ ବାଳିକା ବିଦ୍ୟାଳୟ, ପୁରୁଣା ବାରିପଦା, ସମୟ: ପୂର୍ବାହ୍ନ ୧୦ଟା।
- ମୟୂରଭଞ୍ଜ ମହୋତ୍ସବ, ସ୍ଥାନ: ଛଉ ପଡ଼ିଆ, ବାରିପଦା, ସମୟ: ଅପରାହ୍ନ ୫ଟା।
- ଆଦିବାସୀ ସୁପରଷ୍ଟାର କଳ୍ପନା ହାଁସଦାଙ୍କ ସଙ୍ଗୀତ ପରିବେଷଣ, ସ୍ଥାନ: ମୟୂରଭଞ୍ଜ ମହୋତ୍ସବ ଛଉ ପଡ଼ିଆ, ବାରିପଦା, ସମୟ: ସନ୍ଧ୍ୟା ୭ଟା।

**ଅନୁଗୋଳ**
- କ୍ଲଷ୍ଟରସ୍ତରୀୟ ଶିକ୍ଷା ସଭା, ସ୍ଥାନ: ଆଠମଲ୍ଲିକସ୍ଥିତ ପିଏମଶ୍ରୀ ମହେନ୍ଦ୍ର ଉଚ୍ଚ ବିଦ୍ୟାଳୟ, ସମୟ: ପୂର୍ବାହ୍ନ ୧୦ ଟା।

**କେନ୍ଦ୍ରାପଡ଼ା**
- ଜିଲାସ୍ତରୀୟ କ୍ରିକେଟ ମ୍ୟାଚ, ସ୍ଥାନ: ବଡମଙ୍ଗ, ଆଳି, ସମୟ: ପୂର୍ବାହ୍ନ ୧୦ଟା।

**ଜଗତ୍‌ସିଂହପୁର**
- ମଣି ମନ୍ଦିର ଟ୍ରଷ୍ଟ ପକ୍ଷରୁ ଚକ୍ଷୁ ପରୀକ୍ଷା ଶିବିର, ସ୍ଥାନ: ନୁଆବଜାର, ପାରାଦୀପ, ସମୟ: ସକାଳ ୯ଟା।
- ଆନ୍ତର୍ଜାତିକ ଦୁର୍ନୀତି ନିବାରଣ ଦିବସ କାର୍ଯ୍ୟକ୍ରମ, ସ୍ଥାନ: ବନ୍ଦର ଭିଜିଲାନ୍ସ ବିଭାଗ ସମ୍ମିଳନୀ କକ୍ଷ, ପାରାଦୀପ, ସମୟ: ପୂର୍ବାହ୍ନ ୧୦ଟା।
- ଜିଲାସ୍ତରୀୟ ବାଲ ବୈଜ୍ଞାନିକ ପ୍ରଦର୍ଶନୀ, ସ୍ଥାନ: ଜଗନ୍ନାଥ ସରକାରୀ ଉଚ୍ଚ ବିଦ୍ୟାଳୟ, ମଧୁସୂଦନପୁର, ଜଗତ୍‌ସିଂହପୁର, ସମୟ: ପୂର୍ବାହ୍ନ ୧୧ଟା।

**ନୟାଗଡ଼**
- ମା' ବରୁଣେଇ କ୍ରିକେଟ ଟୁର୍ଣ୍ଣାମେଣ୍ଟର ୫ମ ଦିବସରେ ଚମ୍ପେଶ୍ୱର ବନାମ ଖଣ୍ଡପଡ଼ା, ସ୍ଥାନ: କଣ୍ଟିଲୋ ମିନି ଷ୍ଟାଡିୟମ, ସମୟ: ପୂର୍ବାହ୍ନ ୧୦ଟା।
- ମହାଲକ୍ଷ୍ମୀ ପୂଜା ମହୋତ୍ସବର ଭସାଣି ଉତ୍ସବ, ସ୍ଥାନ:ଖଣ୍ଡପଡ଼ା ରଥଗଡା ଛକ, ସମୟ: ସଂଧ୍ୟା ୭ଟା।
- ସୁନାଖଳା ମହୋତ୍ସବର ୨ୟ ଦିବସ, ସ୍ଥାନ: ସିଟି ସ୍କୁଲ ପଡ଼ିଆ ସୁନାଖଳା, ସମୟ: ସଂଧ୍ୟା ୬ଟା।

**ରାୟଗଡ଼ା**
- ବ୍ଲକସ୍ତରୀୟ ଲୋକ ମହୋତ୍ସବ ଚଇତି-୨୦୨୫, ସ୍ଥାନ: କଲ୍ୟାଣସିଂହପୁର ରଥ ପଡିଆ, ସମୟ: ସକାଳ ୭ ଟା।

**କୋରାପୁଟ**
- ପରବ ନେଇ ଜିଲାସ୍ତରୀୟ ସାଂସ୍କୃତିକ ପ୍ରତିଯୋଗିତା ଉଦ୍‌ଘାଟନ, ସ୍ଥାନ: କୋରାପୁଟ ସାଂସ୍କୃତିକ ପରିଷଦ ପରିସର, ସମୟ: ପୂର୍ବାହ୍ନ ୧୦ଟା।

**ସମ୍ବଲପୁର**
- ଦୁର୍ଗା ଚିତ୍ରକଳା ପ୍ରଦର୍ଶନୀ-୨୦୨୫ର ପ୍ରସ୍ତୁତି ବୈଠକ, ସ୍ଥାନ: ଗୁଜୁରାତି କଲୋନୀ ସ୍ଥିତ ବନ୍ଦନା ଆର୍ଟ କର୍ନର, ସମୟ: ପୂର୍ବାହ୍ନ ୧୦ଟା।
- ତୃତୀୟ ସମ୍ବଲପୁରୀ ବହି ହାଟ -୨୦୨୫ର ପ୍ରସ୍ତୁତି ବୈଠକ, ସ୍ଥାନ : ସାମ୍ବାଦିକ ଭବନ, ସମୟ : ପୂର୍ବାହ୍ନ ୧୦ଟା ୩୦।
- ସମ୍ବଲପୁରୀ ଧନୁଯାତ୍ରାର କଳାକାରମାନଙ୍କ ଅଭିନୟ ଅଭ୍ୟାସ କାର୍ଯ୍ୟକ୍ରମ, ସ୍ଥାନ : ସାମ୍ବାଦିକ ଭବନ, ସମୟ : ସନ୍ଧ୍ୟା ୭ଟା।

**ବଲାଙ୍ଗୀର**
- ବ୍ଲକସ୍ତରୀୟ ଯୁବ ମହୋତ୍ସବ-୨୦୨୫, ସ୍ଥାନ: ବ୍ଲକ ପରିସର, ଲୋଇସିଂହା, ସମୟ: ପୂର୍ବାହ୍ନ ୧୦ଟା।

**ରାଉରକେଲା**
- ସାଂସଦ ଖେଳ ମହୋତ୍ସବର ଦ୍ୱିତୀୟ ଦିବସ, ସ୍ଥାନ: ବିର୍ସା ମୁଣ୍ଡା ଆଥ୍‌ଲେଟିକ ଷ୍ଟାଡିୟମ, ସମୟ: ସକାଳ ୯ଟା।
- ଆୟୁଷ କଲେଜ ଛାତ୍ରୀଛାତ୍ରଙ୍କ ଆମରଣ ଅନଶନ, ସ୍ଥାନ: ରାଉରକେଲା ହୋମିଓପ୍ୟାଥି କଲେଜ, ସମୟ: ସକାଳ ୯ଟା।
- ପଶ୍ଚିମାଞ୍ଚଳ ଏଆଇ ହାକାଥନ୍, ସ୍ଥାନ: ଏନ୍‌ଆଇଟି, ସମୟ : ସକାଳ ୯ଟା।

**ବରଗଡ଼**
- ଜିଲାସ୍ତରୀୟ ଯୁବ ଉତ୍ସବ ଉପଲକ୍ଷେ ଗଳ୍ପ, ପଦ୍ୟ ଲିଖନ ପ୍ରତିଯୋଗିତା, ସ୍ଥାନ: ରାଣା ପ୍ରତାପ ଉଚ୍ଚ ବିଦ୍ୟାଳୟ,ବରଗଡ଼, ସମୟ: ସକାଳ ୯ଟା।
- ପଦ୍ମପୁର ଲୋକ ମହୋତ୍ସବର ସାଂସ୍କୃତିକ ଶୋଭାଯାତ୍ରା ଓ ବାଣିଜ୍ୟ ମେଳା, ସ୍ଥାନ: ଅଶୋକ ପଡ଼ିଆ ପଦ୍ମପୁର, ବରଗଡ଼, ସମୟ:ସକାଳ ୧୦ଟା।
- ଧନୁଯାତ୍ରା କଳାକାରଙ୍କ ପୂର୍ବାଭ୍ୟାସ, ସ୍ଥାନ: କଲ୍ୟାଣ ମଣ୍ଡପ, ଗାନ୍ଧିଛକ, ବରଗଡ଼, ସମୟ:ପୂର୍ବାହ୍ନ ୧୧ଟା।

**କଳାହାଣ୍ଡି**
- କଂଗ୍ରେସ ପକ୍ଷରୁ ଏସ୍‌ପି ଅଫିସ ଘେରାଉ, ସ୍ଥାନ: ଭବାନୀପାଟଣା ଏସ୍‌ପି ଅଫିସ ସମ୍ମୁଖ, ସମୟ: ପୂର୍ବାହ୍ନ ୧୦ଟା।
- ଚାଷ ପ୍ରଣାଳୀ ଉପରେ ସମୀକ୍ଷା ବୈଠକ, ସ୍ଥାନ: ଭବାନୀପାଟଣାସ୍ଥିତ ଜିଲା ମୁଖ୍ୟ କୃଷି ଅଧିକାରୀଙ୍କ କାର୍ଯ୍ୟାଳୟ, ସମୟ: ପୂର୍ବାହ୍ନ ୧୦ଟା।

**ବୌଦ୍ଧ**
- ଜିଲାସ୍ତରୀୟ ରାଜସ୍ୱ ବୈଠକ, ସ୍ଥାନ: ଜିଲାପାଳଙ୍କ ସଦ୍‌ଭାବନା ସଭାଗୃହ, ବୌଦ୍ଧ, ସମୟ: ୧୦ଟା ୩୦।

**ସୁବର୍ଣ୍ଣପୁର**
- ଜିଲାସ୍ତରୀୟ ଧାନ ସଂଗ୍ରହ କମିଟିର ଶୁଭାରମ୍ଭ, ସ୍ଥାନ: ବିନିକା ବ୍ଲକର ସିଲାଟି ମାର୍କେଟ୍ ୟାର୍ଡ, ସମୟ: ପୂର୍ବାହ୍ନ ୧୦ଟା।
- ସୁବର୍ଣ୍ଣପୁରର ଇଷ୍ଟଦେବୀ ସୁରେଶ୍ୱରୀଙ୍କ ସନ୍ଧ୍ୟା ଆଳତୀ ଓ ବିଶେଷ ପୂଜା, ସ୍ଥାନ: ମନ୍ଦିର ପରିସର, ସମୟ: ସନ୍ଧ୍ୟା ୬ଟା।
- ତରଭା ମା' ପାଟ ମାହେଶ୍ୱରୀ ମନ୍ଦିରରେ ସନ୍ଧ୍ୟା ଆଳତୀ ଓ ପୂଜାର୍ଚ୍ଚନା, ସ୍ଥାନ-ମନ୍ଦିର ପରିସର, ସମୟ: ସନ୍ଧ୍ୟା ୬ଟା।

**ନୂଆପଡ଼ା**
- ୧୭ତମ ବିରାଟ ଧନୁଯାତ୍ରା ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: କୋମନା ବ୍ଲକ ଲଖନା ଧନୁଯାତ୍ରା ପଡିଆ, ସମୟ: ସନ୍ଧ୍ୟା ୬ଟା।
- ୪ର୍ଥ ଆଞ୍ଚଳିକ ବିରାଟ ଧନୁଯାତ୍ରା ମହୋତ୍ସବ ପାଇଁ ପ୍ରସ୍ତୁତି ବୈଠକ, ସ୍ଥାନ: କୋମନା ବ୍ଲକ ତରବୋଡ଼ ଖେଳପଡିଆ, ସମୟ: ଅପରାହ୍ନ ୫ଟା ୩୦।

**ଝାରସୁଗୁଡ଼ା**
- ହନୁମାନଙ୍କ ପଞ୍ଚ ଉପଚାର ପୂଜା ଓ ଚାଳିଶା ପାଠ, ସ୍ଥାନ: ସାହାପଡ଼ା ହନୁମାନ ମନ୍ଦିର, ସମୟ: ସକାଳ ୮ଟା।
- ରୁଦ୍ରାଭିଷେକ ପୂଜା, ସ୍ଥାନ: ଲହାବଗା ସ୍ୱପନେଶ୍ୱର ମନ୍ଦିର, ସମୟ: ପୂର୍ବାହ୍ନ ୧୦ଟା।
- କୃଷି ଯନ୍ତ୍ରପାତି ମେଳା, ସ୍ଥାନ: ମନମୋହନ ସ୍କୁଲପଡିଆ, ସମୟ: ପୂର୍ବାହ୍ନ ୧୧ଟା ୩୦।

# ଆଜିର ରାଶିଫଳ

ଜ୍ୟୋତିର୍ବିଦ୍ୟା ବିଶାରଦ ପ୍ରସନ୍ନ କୁମାର ମହାପାତ୍ର
ମଙ୍ଗରାଜପୁର ଶାସନ, କାଦୁଆ, ଗଞ୍ଜାମ
Email-pkmahapatro@gmail.com

**ମେଷ** ଶୁଭଚନ୍ଦ୍ର ପ୍ରଭାବରେ ପାରିବାରିକ ସ୍ଥିତି ଏବଂ କର୍ମକ୍ଷେତ୍ର ଭଲ ରହିବ। ପରିବାରର ଆବଶ୍ୟକତାକୁ ଅନୁଭବକରି ଇଚ୍ଛା ନ ଥାଇ ମଧ୍ୟ କେତେକ କାମ କରିବାକୁ ବାଧ୍ୟ ହେବେ। ବନ୍ଧୁଙ୍କ ପରାମର୍ଶରେ ଅନ୍ୟ ଦ୍ୱାରା ପ୍ରେରିତ ହୋଇ ଦୂରସ୍ଥାନକୁ ଯାତ୍ରା କରିପାରନ୍ତି। ଆନୁଷ୍ଠାନିକ କାମରେ ଆଦର ଅଭ୍ୟର୍ଥନା ମିଳିବା ସାଙ୍ଗକୁ ପ୍ରଶଂସିତ ମଧ୍ୟ ହୋଇପାରନ୍ତି।

**ବୃଷ** ଦ୍ୱିତୀୟସ୍ଥ ବୃହସ୍ପତିଙ୍କ ଯୋଗୁ ଆଲୋଚନା ପରିସରରେ ଠିକ୍ ନିଷ୍ପତ୍ତି ନେବାରେ ସମର୍ଥ ହେବେ। କେତେକ କ୍ଷେତ୍ରରେ ବେପରୁଆ କାର୍ଯ୍ୟକଳାପ ସକାଶେ ଉଚ୍ଚବର୍ଗଙ୍କଠାରୁ ସମାଲୋଚିତ ହେବେ। ଅଭାବ ପୂରଣ ଦିଗରେ ଚେଷ୍ଟିତ ହେବେ। ବ୍ୟବସାୟିକ ସ୍ଥିତି ଏବଂ ପାରିବାରିକ ପରିସ୍ଥିତି ପ୍ରାୟତଃ ଭଲ ରହିବ।

**ମିଥୁନ** ଧନ ସ୍ଥାନରେ ଚନ୍ଦ୍ର ଅର୍ଥନୈତିକ ଅଭିବୃଦ୍ଧି ସହ ଲୋକସମ୍ପର୍କ ସୃଷ୍ଟିରେ ସହାୟକ ହୋଇପାରନ୍ତି। କିନ୍ତୁ କର୍ମସ୍ଥ ଶନିଙ୍କ କୁପ୍ରଭାବରୁ ନୀଚଜାତିର ବ୍ୟକ୍ତିବିଶେଷଙ୍କ ଦ୍ୱାରା ଶତ୍ରୁତା ପ୍ରତିବନ୍ଧକର ସମ୍ମୁଖୀନ ହେବେ। ପରକଥାରେ ପଡ଼ି ନିଜ ଲୋକଙ୍କୁ ଭୁଲ୍ ବୁଝିପାରନ୍ତି। ଆଜିର ପ୍ରତ୍ୟୁଷ ଯାତ୍ରାରେ ସଫଳତା ପାଇବେ।

**କର୍କଟ** ରାଶି ପ୍ରତି ଚନ୍ଦ୍ର ଓ ମଙ୍ଗଳଙ୍କ ସମ୍ପର୍କ ହେତୁ ସୁସ୍ଥ ରହିବା ସାଙ୍ଗକୁ କଳ୍ପନାବିଳାସୀ ହେବେ। ପାରିବାରିକ କ୍ଷେତ୍ର ବୁଝାମଣା ଭିତ୍ତିରେ ଶୃଙ୍ଖଳିତ ରହିବ ଏବଂ କର୍ମକ୍ଷେତ୍ରରେ ପ୍ରଶଂସିତ ମଧ୍ୟ ହେବେ। ପୂର୍ବ ସ୍ଥିରୀକୃତ ନୂତନ କର୍ମାରମ୍ଭ ପ୍ରୀତିପ୍ରଦ ହେବ, ମାତ୍ର ସମସ୍ୟା ଛାଡ଼ିବ ନାହିଁ। ରାହୁ ଓ ରବିଙ୍କ ଦୁର୍ବଳତା ରାଜନୀତିରେ ବିବାଦୀୟ ପରିସ୍ଥିତି ସୃଷ୍ଟିକରିବ।

**ସିଂହ** ରବିଙ୍କ ଦୁର୍ବଳତା ଦୈହିକ ଦୁର୍ବଳତା ସାଙ୍ଗକୁ ଉପରିସ୍ଥ କର୍ମଚାରୀଙ୍କ ଦୋଷାରୋପ ମାନସିକ ଅସ୍ଥିରତା ସୃଷ୍ଟି କରିବ। ଅବଶ୍ୟ ଉଚ୍ଚାରୋହୀ ମଙ୍ଗଳଙ୍କ ପ୍ରଭାବରୁ ପାରିବାରିକ କ୍ଷେତ୍ର ଏବଂ ଜମିଜମା କାରବାର ବୃଦ୍ଧି ପାଇବ। ଶତ୍ରୁଠାରୁ ମଧ୍ୟ କାମ ହାସଲ କରିନେବେ। ବନ୍ଧୁଙ୍କ ସହାୟତାରେ ବିବାଦୀୟ ପରିସ୍ଥିତିକୁ ସଜାଡ଼ିନେବେ।

**କନ୍ୟା** ରାଶି ପ୍ରତି ଶନିଙ୍କ ଦୃଷ୍ଟି ଶାରୀରିକ ଓ ମାନସିକ ଅସ୍ଥିରତା ସାଙ୍ଗକୁ ନିରୁତ୍ସାହିତ କରିବ। ବନ୍ଧୁଙ୍କ ସହାୟତାରେ ଆର୍ଥିକ ସମସ୍ୟା ସୁଧାରିନେବେ। କର୍ମକ୍ଷେତ୍ର ସ୍ୱାଭାବିକ ରହିବ। ପାରିବାରିକ କ୍ଷେତ୍ରରେ ପ୍ରତିକୂଳ ପରିସ୍ଥିତି ସହ ଅସୁବିଧା ଥିବା ଅନୁଭବ କରିବେ। ସେବା ଓ ସହଯୋଗ ମନୋଭାବରୁ ପ୍ରଶଂସିତ ହୋଇପାରନ୍ତି।

**ତୁଳା** ସପ୍ତମାଧିପତି ଧର୍ମଭାବକୁ ଦେଖୁଥିବାରୁ ବୈଷୟିକ ସୁଖସମ୍ପଦ ଓ ପ୍ରୀତିପ୍ରଦ ଜୀବନଯାତ୍ରା ପ୍ରଦାନ କରିବ। ସହକର୍ମୀଙ୍କ ଦ୍ୱନ୍ଦ୍ୱଯୁକ୍ତ କଥାକୁ ଆପଣ ଠିକ୍ ଭାବେ ବୁଝି ପାରିବେନାହିଁ। କଚେରି ମାମଲାର ଶୁଣାଣି ବିଳମ୍ବରେ ଘଟିବା ହେତୁ ବ୍ୟସ୍ତତା ବୃଦ୍ଧି ପାଇବ। କର୍ମକ୍ଷେତ୍ରରେ କୌଣସି ସୁଯୋଗ ହରାଇ ମୁଣ୍ଡରେ ହାତ ଦେଇ ଅନୁତାପ କରିପାରନ୍ତି।

**ବିଛା** ରାଶିକୁ ବୃହସ୍ପତି ଦେଖୁଥିବାରୁ ଗଠନମୂଳକ ଚିନ୍ତାଧାରା ସାମାଜିକ ସମ୍ମାନ ପାଇବାରେ ସାହାଯ୍ୟ କରିବ। ଶନିଙ୍କ କୁପ୍ରଭାବରେ ନିଜ ପରିସରର ବ୍ୟକ୍ତିବିଶେଷ କୁତ୍ସାରଟନା କରିପାରନ୍ତି। ଭାବୁଥିବା କାମଟି ପୂର୍ଣ୍ଣାଙ୍ଗ କରିବା କଷ୍ଟ ହୋଇପାରେ। ଆଜିର ଯାତ୍ରା ସମୟରେ ଅପରିଚିତ ବ୍ୟକ୍ତିଙ୍କ ସାହାଯ୍ୟ ସ୍ମରଣୀୟ ରହିବ।

**ଧନୁ** ପ୍ରଶାସନିକ ସ୍ତରରେ ଗୁରୁତ୍ୱପୂର୍ଣ୍ଣ ନିଷ୍ପତ୍ତି ନେବା ପୂର୍ବରୁ ଅନ୍ୟମାନଙ୍କ ମତକୁ ଉପେକ୍ଷାକରିବା ଠିକ୍ ନ ହୋଇପାରେ। ଉପରିସ୍ଥଙ୍କ ସହ ସୁସମ୍ପର୍କ ଥିବାରୁ ଖଳ ଲୋକଙ୍କ ପ୍ରାୟୋଜିତ ଅପମାନଜନକ ସ୍ଥିତିରୁ ଖୁସି ହେବେ। ଗୁରୁକ୍ଷେତ୍ରସ୍ଥ ଆନୁଷ୍ଠାନିକ କାମରେ ପ୍ରଶଂସିତ କରାଇବେ। ସ୍ୱାସ୍ଥ୍ୟ ସମସ୍ୟା ନିୟନ୍ତ୍ରଣ ଭିତରେ ରହିବାର ସୂଚନା ରହିଛି।

**ମକର** ସପ୍ତମାଧିପତିଙ୍କ ଶୁଭଦୃଷ୍ଟିରୁ ଅଟକି ରହିଥିବା ଅଭିଳାଷଟି ପୂରଣ ହେବାରୁ ଆନନ୍ଦ ଅନୁଭବ କରିବେ। ପାରିବାରିକ ସ୍ଥିତି କେତେକାଂଶରେ ଶାନ୍ତ ରହିବା ସାଙ୍ଗକୁ ବନ୍ଧୁମାନଙ୍କ ଆଦରଣୀୟ ହେବେ। ଜମିଜମା ବିବାଦ କ୍ରମଶଃ ଜଟିଳ ଆକାର ଧାରଣ କରିବା ସୂଚନା ରହିଛି। କର୍ମକ୍ଷେତ୍ରରେ ନିଜର ସୀମା ଭିତରେ ଜଗି ରଖି ଚଳିବା ଭଲହେବ।

**କୁମ୍ଭ** ସାମାନ୍ୟ ଥଣ୍ଡା ଲାଗି ରହିବା ହେତୁ ସ୍ୱାସ୍ଥ୍ୟ ବିଗିଡ଼ିବା ଆଶଙ୍କା ରହିଛି। ପାରିବାରିକ କ୍ଷେତ୍ରରେ ମୂଲ୍ୟହୀନ କଥାକୁ ଗୁରୁତ୍ୱଦେଇ ଶୋକାକୁଳ ରହିପାରନ୍ତି। କେତୁଙ୍କ କୁପ୍ରଭାବରୁ ବ୍ୟବସାୟିକ ସ୍ଥିତିର ଦୁରବସ୍ଥା ଦୁଶ୍ଚିନ୍ତାର କାରଣ ହୋଇପାରେ। ସନ୍ତାନଙ୍କ କୃତି ଓ କୃତିତ୍ୱ ଯୋଗୁ ଗୌରବାନ୍ୱିତ ହୋଇପାରନ୍ତି।

**ମୀନ** ଗୁରୁଙ୍କ ଶୁଭଦୃଷ୍ଟିରୁ କର୍ମକ୍ଷେତ୍ରରେ ପ୍ରତିଷ୍ଠାର୍ଜନ କରିପାରନ୍ତି। ସାହିତ୍ୟ, ଗବେଷଣା, ଆଲୋଚନା, ଏଜେନ୍ସି, ସାମ୍ବାଦିକତାରେ ପ୍ରଶଂସିତ ହେବେ। ପୂର୍ବ ଶତ୍ରୁତାକୁ କେନ୍ଦ୍ରକରି ଉନ୍ନୟନମୂଳକ କାମ ବାଧାପ୍ରାପ୍ତ ହୋଇପାରେ। ସଭାସମିତିରେ କୌଣସି ପକ୍ଷକୁ ସମର୍ଥନକରି ବନ୍ଧୁମାନଙ୍କ ଦ୍ୱାରା ସମାଲୋଚିତ ହୋଇପାରନ୍ତି।

ଆଜି ଡିସେମ୍ବର ୯ ତାରିଖ, ବିଶ୍ୱ ରୋଗୀ ନିରାପତ୍ତା ଦିବସ, କାନ୍ତକବି ଲକ୍ଷ୍ମୀକାନ୍ତ ମହାପାତ୍ରଙ୍କ ଜୟନ୍ତୀ, ପୌଷ କୃଷ୍ଣ ୫ମୀଯୁକ୍ତ ଷଷ୍ଠୀ ମଙ୍ଗଳବାର। ରାଶିନକ୍ଷତ୍ର-ଅଶ୍ଳେଷା/କର୍କଟ, ୫ମୀର ଏକୋଦ୍ଦିଷ୍ଟ ଓ ପାର୍ବଣ ଶ୍ରାଦ୍ଧ। ସକାଳ ଘ.୦୬।୧୩ ମି. ଗତେ, ଘ.୦୬।୫୭ ମଧ୍ୟେ, ଘ.୦୮।୫୬ ଗତେ, ଘ.୧୧।୧୭ ମଧ୍ୟେ ଶୁଦ୍ଧ ଶୁଭବେଳା। ଅପରାହ୍ନ ଘ.୦୨।୨୧ ମି. ଗତେ, ଘ.୦୩।୪୨ ମି. ମଧ୍ୟେ ରାହୁକାଳ।

## ପ୍ରଥମ ପୃଷ୍ଠାରୁ...

### କେନ୍ଦ୍ରୀୟ ଅନୁଦାନ...

କରିବାକୁ ସମସ୍ତ ସଦସ୍ୟଙ୍କ ସହଯୋଗ ଲୋଡ଼ିଥିଲେ। ଏହାପରେ ବିରୋଧୀ ଦଳ ସଦସ୍ୟ ଅରୁଣ ସାହୁ ଆଲୋଚନା ଆରମ୍ଭ କରି ସରକାରଙ୍କୁ ପ୍ରଶ୍ନବାଣରେ ଛନ୍ଦିଥିଲେ। ସେ ରାଜ୍ୟରେ ବଢ଼ି ଚାଲିଥିବା ବିପର୍ଯ୍ୟସ୍ତ ଆଇନଶୃଙ୍ଖଳାଠାରୁ ଆରମ୍ଭ କରି ଦୁର୍ନୀତି,କଟକରେ ଦଙ୍ଗା, ପୁରୀରେ ରଥଯାତ୍ରାବେଳେ ଦଳାଚକଟା ମୃତ୍ୟୁ ସହିତ ସ୍ୱାସ୍ଥ୍ୟ, ଶିକ୍ଷା, ଚାକିରି, ଦାଦନ, ଚାଷୀଙ୍କ କ୍ଷେତ୍ରରେ ସରକାରଙ୍କ ଚରମ ବିଫଳତା କାହିଁକି ବୋଲି ପ୍ରଶ୍ନ କରିଥିଲେ। ଆଲୋଚନାରେ ଭାଗନେଇ ବିରୋଧୀଦଳ ଉପନେତା ପ୍ରସନ୍ନ ଆଚାର୍ଯ୍ୟ କହିଥିଲେ, ସରକାରଙ୍କ ଅତିରିକ୍ତ ବଜେଟ ମାୟାଜାଲ ପରି ଲାଗୁଛି। ପୂର୍ବର ୨୪ବର୍ଷର ସରକାର କ'ଣ କଲେ ନ କଲେ ତା' ଉପରେ ନୀତି ଆୟୋଗ ପ୍ରମାଣପତ୍ର ଦେଇଛନ୍ତି, ପୂର୍ବ ସରକାର ରାଜ୍ୟକୁ ଆର୍ଥିକ ସୁପରିଚାଳନା, ବେକାରି ଦୂରୀକରଣ ଏବଂ ନିରନ୍ତର ବିକାଶ ଲକ୍ଷ୍ୟରେ ପ୍ରଶଂସନୀୟ କାର୍ଯ୍ୟ କରିଛନ୍ତି। ୨୦୦୦ରେ ରାଜ୍ୟରେ ଦେବାଳିଆ ସ୍ଥିତି ଥିବାବେଳେ ପୂର୍ବ ସରକାର ଏକ ସୁଦୃଢ଼ ଅର୍ଥନୀତି ପ୍ରତିଷ୍ଠା କରିଥିଲେ।

ପ୍ରସନ୍ନ କହିଥିଲେ, ୨୦୨୫ ଅକ୍ଟୋବର ସୁଦ୍ଧା କେନ୍ଦ୍ର ସରକାର ରାଜ୍ୟକୁ ମାତ୍ର ୧୮ ପ୍ରତିଶତ ଅର୍ଥ ଅନୁଦାନ ପ୍ରଦାନ କରିଛନ୍ତି। ୨୦୨୩-୨୪ରେ ବିଜେଡି ସରକାର ସମୟରେ କେନ୍ଦ୍ର ୨୧ହଜାରରୁ ଊର୍ଦ୍ଧ୍ୱ କୋଟି ଟଙ୍କାର ଅନୁଦାନ ଦେଇଥିବାବେଳେ ଅକ୍ଟୋବର ସୁଦ୍ଧା ଭାଜପା ସରକାର ସମୟରେ ୨୦୨୪-୨୫ରେ ମାତ୍ର ୧୭ହଜାର କୋଟି ଆସିଛି। ପୂର୍ବ ସରକାର ସମୟରେ ଜିଏସ୍‌ଡିପି ୯ପ୍ରତିଶତ ଥିବାବେଳେ ଏବେ ଏହା ୭.୨ ପ୍ରତିଶତକୁ ଖସିଛି। କୃଷି,ଶିଳ୍ପ ଓ ସେବା କ୍ଷେତ୍ରରେ ମଧ୍ୟ ହ୍ରାସ ପାଇଛି। ପୂର୍ବ ସରକାର ଯେଉଁ ରାଜସ୍ୱ ସଂଗ୍ରହ କରୁଥିଲେ ଭାଜପା ସରକାର ସେଥିରେ ମଧ୍ୟ ସକ୍ଷମ ହୋଇପାରିନାହିଁ। ଜିଏସ୍‌ଟି କ୍ଷେତ୍ରରେ ଦେଶରେ ଓଡ଼ିଶା ଅନ୍ୟାନ୍ୟ ରାଜ୍ୟଠାରୁ ପଛରେ ପଡ଼ିଛି। ରାଜ୍ୟ ସରକାର ଏହା ଉପରେ ଆତ୍ମ ସମୀକ୍ଷା କରନ୍ତୁ। ଖାଲି ଖର୍ଚ୍ଚ କଲେ ଚଳିବନାହିଁ, ସେହି ଅନୁପାତରେ ରୋଜଗାର ସୃଷ୍ଟି କରିବାର ରହିଛି ବୋଲି ପ୍ରସନ୍ନ କହିଥିଲେ।

ଆଲୋଚନାରେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ ଭାଗ ନେଇ ଆଦିବାସୀଙ୍କୁ ସରକାରଙ୍କ ଅବହେଳାକୁ ନେଇ ଟାର୍ଗେଟ କରିଥିଲେ। ସେ କହିଥିଲେ, ସରକାର କେବଳ ଲୋକଦେଖାଣିଆ ବଜେଟ କରୁଛନ୍ତି। ମାତ୍ର ଠିକଣା ବାଟରେ ଖର୍ଚ୍ଚ କରିପାରୁ ନାହାନ୍ତି। ମେଡିକାଲରେ ଡାକ୍ତର ନ ଥିବାବେଳେ ବିଦ୍ୟାଳୟରେ ଶିକ୍ଷକ ନାହାନ୍ତି। ରାଜ୍ୟରେ ମା'ମାନେ ଅସୁରକ୍ଷିତ ରହିଛନ୍ତି। ଆଦିବାସୀମାନେ ନିର୍ଯାତିତ ହୋଇ ରହିଛନ୍ତି। ପେସା ଆଇନ ସରକାର କାର୍ଯ୍ୟକାରୀ କରୁ ନାହାନ୍ତି। ରାଜ୍ୟରେ ୯୪ ପ୍ରତିଶତ ଅନୁସୂଚିତ ଜାତି, ଜନଜାତି ଓ ପଛୁଆବର୍ଗ ରହିଥିଲେ ହେଁ ସେମାନଙ୍କୁ ଶିକ୍ଷା କ୍ଷେତ୍ରରେ ଅଧିକାର ମିଳୁନାହିଁ କହି ସରକାରଙ୍କ ବଜେଟକୁ ବିରୋଧ କରିଥିଲେ।

ଅନ୍ୟପକ୍ଷରେ ଭାଜପା ସଦସ୍ୟ ଟଙ୍କଧର ତ୍ରିପାଠୀ କହିଥିଲେ, ଆମର ବରିଷ୍ଠ ସଦସ୍ୟ ଜୟନାରାୟଣ ମିଶ୍ର କହୁଛନ୍ତି, ହୁଇସିଲ୍ ମାରିଲେ ବିଜେଡି ଚୂନା ହୋଇଯିବ। ଏକଥା ଏବେ ଧୀରେ ଧୀରେ ସମସ୍ତେ ଜାଣିଗଲେଣି, ଯେଉଁଥିପାଇଁ ବାପା ବିଜେଡିରେ, ପୁଅ ଏବେ ଆମ ଦଳରେ। ସେ ପୂର୍ବ ସରକାରକୁ ଟାର୍ଗେଟ କରି କହିଥିଲେ, ଚାଷୀଙ୍କ ୧୦୦ଟଙ୍କାର ବୋନସ ଦେବାକୁ ତତ୍କାଳୀନ ମୁଖ୍ୟମନ୍ତ୍ରୀ ସୋହେଲା ଚାଷୀ ସମାବେଶରେ ଘୋଷଣା କରି ପରେ ଭୁଲି ଯାଇଥିଲେ। ଶିକ୍ଷାର ରୂପାନ୍ତରୀକରଣ କେବଳ ଠିକାଦାରଙ୍କୁ ପୋଷିବା ପାଇଁ କରାଯାଇଥିଲା। ପୋଲିସ ରାଜନୈତିକ ଆକାଂକ୍ଷା ରଖି କାର୍ଯ୍ୟ କରୁଥିଲା। ବିଶ୍ୱରେ ନଗଡା ଓଡ଼ିଶାର ଚିତ୍ରକୁ ନଗ୍ନ କରିଥିଲା। ନୂଆପଡ଼ା ଉପନିର୍ବାଚନରେ ଏହା ପ୍ରମାଣିତ ହୋଇଛି। ଲୋକଙ୍କ ଆଶୀର୍ବାଦ ରହିଛି, ୫୦ବର୍ଷ ଯାଏ ହଟିବୁନି ବୋଲି କହି ଟଙ୍କଧର ବିରୋଧୀଙ୍କ ଉପରେ ବର୍ଷିଥିଲେ।

### ମାଲକାନଗିରି: ୨୪ ଘଣ୍ଟା...

ଏକାଠିହୋଇ ଜିଲାପାଳଙ୍କୁ ଭେଟିଛନ୍ତି। ମୃତ ମହିଳାଙ୍କ ମୁଣ୍ଡକୁ ଯଥାଶୀଘ୍ର ପରିବାର ଲୋକଙ୍କୁ ହସ୍ତାନ୍ତର କରିବା ନେଇ ଆଦିବାସୀ ସଂଘ ଅଡ଼ି ବସିଛି। ସୋମବାର ରାଖେଲଗୁଡ଼ା ଗ୍ରାମବାସୀଙ୍କ ସମେତ ଆଦିବାସୀ ସମ୍ପ୍ରଦାୟର ଲୋକେ ଏମ୍‌ଭି-୨୬ ଗାଁରେ ପଶି ପ୍ରାୟ ୧୦୦ରୁ ଊର୍ଦ୍ଧ୍ୱ ଘର ଭାଙ୍ଗିବା ସହ ୫୦ରୁ ଊର୍ଦ୍ଧ୍ୱ ଘରେ ନିଆଁ ଲଗାଇ ଜାଳିଦେଇଛନ୍ତି। ଜିଲାରେ ଶାନ୍ତି ବଜାୟ ରଖିବାକୁ ମାଲକାନଗିରି ଜିଲାରେ ସୋମବାର ସନ୍ଧ୍ୟା ୬ଟାରୁ ୨୪ ଘଣ୍ଟା ପାଇଁ ଇଣ୍ଟରନେଟ୍ ସେବା ବନ୍ଦ ସହ ବିଦେଶୀ ମଦଦୋକାନ ବନ୍ଦ ପାଇଁ ଜିଲାପାଳ ସୋମେଶ ଉପାଧ୍ୟାୟ ନିର୍ଦ୍ଦେଶ ଜାରି କରିଛନ୍ତି।

ସୋମବାର ସକାଳ ୯ ଟାରେ ରାଖେଲଗୁଡ଼ା ପୋଲ ନିକଟରେ ଥିବା ହାଟପଦାରେ ଆଦିବାସୀ ସମାଜ ପକ୍ଷରୁ ଏକ ବୈଠକ ଅନୁଷ୍ଠିତ ହୋଇଥିଲା। ଏଥିରେ ବିଭିନ୍ନ ଅଞ୍ଚଳରୁ ପ୍ରାୟ ୧୦ ହଜାରରୁ ଊର୍ଦ୍ଧ୍ୱ ପୁରୁଷ ଓ ମହିଳା ଏକାଠି ହୋଇଥିଲେ। ଉକ୍ତ ପୋଲ ଉପରେ ଏସ୍‌ପିଙ୍କ ସମେତ ବହୁ ପୋଲିସ ଅଧିକାରୀ ଉପସ୍ଥିତ ଥିଲେ ମଧ୍ୟ ଆଦିବାସୀମାନେ ପାରମ୍ପରିକ ଅସ୍ତ୍ରଶସ୍ତ୍ର ଧରି ଏମ୍‌ଭି-୨୬ ଗାଁ ଅଭିମୁଖେ ବାହାରିଥିଲେ। ପୋଲିସର ବାରଣ ସତ୍ତ୍ୱେ ଉତ୍ୟକ୍ତ ଲୋକେ ଏମ୍‌ଭି-୨୬ ଗାଁରେ ଘରେ ଘରେ ପଶି ଭଙ୍ଗାରୁଜା କରିବା ସହ ବହୁ ଆସବାବପତ୍ର, ଗାଡ଼ି, ମୋଟରସାଇକେଲ ସହ ଘରେ ନିଆଁ ଲଗାଇ ଦେଇଥିଲେ। ସୋମବାର ଏମ୍‌ଭି -୨୬ ଗାଁର ପ୍ରାୟ ୫୦ରୁ ଊର୍ଦ୍ଧ୍ୱ ଘର ପୋଡ଼ି ନଷ୍ଟହେବା ସହ ବହୁ ଗାଡିମୋଟର, ଧାନ ଚାଉଳ ପୋଡ଼ି ନଷ୍ଟ ହୋଇଯାଇଛି। ଅଗ୍ନିଶମ ବିଭାଗ କର୍ମଚାରୀ ନିଆଁକୁ ଆୟତ୍ତ କରିବାକୁ ଉଦ୍ୟମ ଜାରି ରଖିଛନ୍ତି। ସେହିପରି ଏମ୍‌ଭି- ୨୬ ଗାଁରେ ପୋଲିସ ଫ୍ଲାଗ୍ ମାର୍ଚ୍ଚ କରିବା ସହ ଗାଁ ଏବଂ ଆଖପାଖ ଅଞ୍ଚଳରେ ପୋଲିସ ଫୋର୍ସ ଏବଂ ବିଏସ୍‌ଏଫ୍ ଯବାନଙ୍କୁ ମୁତୟନ କରାଯାଇଛି।

ଅନ୍ୟପକ୍ଷେ ଜିଲାର ୨୧୪ଟି ଗ୍ରାମରୁ ପ୍ରାୟ ୪ହଜାରରୁ ଊର୍ଦ୍ଧ୍ୱ ମହିଳା ଓ ପୁରୁଷ ସୋମବାର ଏମ୍‌ଭି- ୩ ରାଧାଗୋବିନ୍ଦ ମନ୍ଦିରରେ ଏକାଠି ହୋଇଥିଲେ। ସେଠାରେ ସେମାନେ ଏକ ବୈଠକ କରିବା ପରେ ଜିଲାପାଳଙ୍କ କାର୍ଯ୍ୟାଳୟକୁ ଆସି ନିଜର ସୁରକ୍ଷା ନେଇ ଦାବି ଜଣାଇଥିଲେ। ଆଗାମୀ ୨୪ ଘଣ୍ଟା ମଧ୍ୟରେ ସ୍ଥିତି ନିୟନ୍ତ୍ରଣ କରାଯିବ ବୋଲି ଜିଲାପାଳ ପ୍ରତିଶ୍ରୁତି ଦେବା ସହ ଶାନ୍ତିଶୃଙ୍ଖଳା ରକ୍ଷା କରିବାକୁ ଉଭୟ ଗୋଷ୍ଠୀଙ୍କୁ ଅନୁରୋଧ କରିଥିଲେ। ନବରଙ୍ଗପୁର ପୂର୍ବତନ ଏମ୍‌ପି ପ୍ରଦୀପ ମାଝି ଏମ୍‌ଭି -୨୬ ଗାଁରେ ପହଞ୍ଚି ସ୍ଥିତି ଅନୁଧ୍ୟାନ କରିବା ପରେ ରାଖେଲଗୁଡ଼ାଠାରେ ଆଦିବାସୀ ସମାଜ ପକ୍ଷରୁ ଆୟୋଜିତ ବୈଠକରେ ଯୋଗଦେଇଥିଲେ। ଏଭଳି ପରିସ୍ଥିତିରେ ଆଇନକୁ ହାତକୁ ନ ନେବା ପାଇଁ ସେ ସମସ୍ତଙ୍କୁ ପରାମର୍ଶ ଦେଇଥିଲେ। ସନ୍ଧ୍ୟା ସୁଦ୍ଧା ସ୍ଥିତି ନିୟନ୍ତ୍ରଣ ଥିବାବେଳେ ଏମ୍‌ଭି -୨୬ ଗାଁର ଅଧିକାଂଶ ଲୋକ ଗାଁ ଛାଡ଼ି ଅନ୍ୟତ୍ର ଚାଲିଯାଇଛନ୍ତି। ଶାନ୍ତି ପାଇଁ ଜିଲା ପ୍ରଶାସନ ପକ୍ଷରୁ ୨ଗୋଷ୍ଠୀଙ୍କୁ ଡକାଯାଇ ଆଲୋଚନା କରାଯିବ ବୋଲି ଏସ୍‌ପି ବିନୋଦ ପାଟିଲ ସୂଚନା ଦେଇଛନ୍ତି।

### ବିଧାନସଭା ସରଗରମ...

ସମ୍ବେଦନଶୀଳ ଘଟଣା ଘଟିଲାଣି। ପୂର୍ବରୁ ଜଣେ ନାବାଳିକାଙ୍କୁ ୩ଜଣ ଗଣବଳାତ୍କାର କରିଥିବାବେଳେ ଏବେ ଦିନକ ପୂର୍ବରୁ ଜଣେ ମହିଳା ଧାନ କାଟିବାକୁ ବିଲକୁ ଯାଇଥିବାବେଳେ ୪ଜଣ ବ୍ୟକ୍ତି ତାଙ୍କୁ ବଳାତ୍କାର କରିବା ପରେ ଗଳାକାଟି ହତ୍ୟା କରିବା ଘଟଣା ଏବେ ତୀବ୍ର ରୂପ ନେଇଛି। । ହେଲେ ଏ ବିଷୟରେ ଗୃହ ବିଭାଗ ଜାଣି ନ ପାରିବା ଦୁର୍ଭାଗ୍ୟଜନକ। ତତ୍‌କ୍ଷଣାତ୍ ଘଟଣା ସ୍ଥଳକୁ ଯାଇ ତଦନ୍ତ କରି ରିପୋର୍ଟ ଦେବା ପାଇଁ ମୁଖ୍ୟମନ୍ତ୍ରୀ ନିର୍ଦ୍ଦେଶ ଦେବାକୁ ସେ ଦାବି ରଖିଥିଲେ।

ଏହି ଆଲୋଚନାରେ ସ୍ୱର ମିଳାଇ କଂଗ୍ରେସ ବିଧାୟକ ମଙ୍ଗୁ ଖିଲ କହିଛନ୍ତି, ମହିଳାଟିଏ ବିଲକୁ ଧାନ କାଟିବାକୁ ଯାଉଛି କିନ୍ତୁ ତାଙ୍କୁ ବୀଭତ୍ସ ହତ୍ୟା କରାଯାଉଛି। ପରେ ଗୋଟେ ମିସିଂ କେସ୍ ରୁଜୁ ହେଲା କିନ୍ତୁ ଯେତେବେଳେ ମହିଳାଙ୍କୁ ଖୋଜାଖୋଜି କରାଗଲା ସେତେବେଳକୁ ତାଙ୍କର ମୃତଦେହ ମିଳୁଛି; ଯାହାକୁ ନେଇ ସେଠାରେ ବଡ଼ ଧରଣର ଗୋଷ୍ଠୀ ସଂଘର୍ଷ ଆରମ୍ଭ ହୋଇଛି। ବଙ୍ଗାଳୀ ଓ ଆଦିବାସୀଙ୍କ ମଧ୍ୟରେ ଗୋଷ୍ଠୀ ସଂଘର୍ଷ ଜାରି ରହିଛି। ତାକୁ କାହିଁକି ହାଲୁକା ଭାବରେ ପୋଲିସ ନେଉଛି। ମୋ ମାଲକାନଗିରିରେ ଆଇନ ଶୃଙ୍ଖଳା ପ୍ରତି ମୁଖ୍ୟମନ୍ତ୍ରୀ ଧ୍ୟାନ ଦିଅନ୍ତୁ। କାହିଁକି ନା ଦିନକୁ ଦିନ ଆଇନ ଶୃଙ୍ଖଳା ପରିସ୍ଥିତି ବିଗିଡ଼ିବାରେ ଲାଗିଛି ବୋଲି ସେ ବାଚସ୍ପତିଙ୍କ ଦୃଷ୍ଟି ଆକର୍ଷଣ କରିବା ସହିତ ସରକାର ତୁରନ୍ତ ପଦକ୍ଷେପ ନେବାକୁ ଦାବି କରିଥିଲେ।

### ବାରବାଟୀରେ ଭାରତ-ଦକ୍ଷିଣ...

ରହିଛି। ତେବେ ଏହି ଗ୍ରାଉଣ୍ଡରେ ଟି୨୦ ଫର୍ମାଟରେ ଭାରତୀୟ ଦଳ ମଧ୍ୟ ବିଜୟ ସ୍ୱାଦ ଚାଖିଛି। ୨୦୧୭ରେ ଶ୍ରୀଲଙ୍କା ବିପକ୍ଷରେ ଖେଳାଯାଇଥିବା ଏକ ଟି୨୦ ମ୍ୟାଚ୍‌କୁ ଭାରତ ୯୩ ରନର ବଡ଼ ବ୍ୟବଧାନରେ ଜିତିଥିଲା। କିନ୍ତୁ ଟିମ୍ ଇଣ୍ଡିଆ ଏଥର ଏହି ଗ୍ରାଉଣ୍ଡରେ ଦକ୍ଷିଣ ଆଫ୍ରିକା ବିପକ୍ଷ ରେକର୍ଡରେ ସୁଧାର ଆଣିବା ଲକ୍ଷ୍ୟରେ ରହିଛି।

ଟିମ୍ ଇଣ୍ଡିଆ ଏହି ମ୍ୟାଚ୍ ଲାଗି ଦଳରେ କୌଣସି ବିଶେଷ ପରିବର୍ତ୍ତନ କରିବ ନାହିଁ। ଏ ନେଇ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଦଳୀୟ ନେଟ୍ ସେଶନ ପୂର୍ବରୁ ଅନୁଷ୍ଠିତ ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି। ସବୁଠୁ ଗୁରୁତ୍ୱପୂର୍ଣ୍ଣ କଥା ହେଲା ଭାରତୀୟ ଟେଷ୍ଟ ଓ ଦିନିକିଆ ଦଳର ଅଧିନାୟକ ଶୁବମନ ଗିଲ୍ ଦୀର୍ଘ ସମୟ ଧରି ସୋମବାର ନେଟ୍ସରେ ଝାଳ ବୁହାଇଥିଲେ। ଏହାର ଅର୍ଥ ସେ ଏବେ ବେକଜନିତ ସମସ୍ୟାରୁ ସମ୍ପୂର୍ଣ୍ଣ ମୁକ୍ତିଳି ସାରିଛନ୍ତି। ଇଞ୍ଜୁରି କାରଣରୁ ସେ ଦ. ଆଫ୍ରିକା ବିପକ୍ଷ ଦ୍ୱିତୀୟ ଟେଷ୍ଟ ଓ ଦିନିକିଆ ସିରିଜ୍‌ରୁ ବାଦ୍ ପଡ଼ିଥିଲେ। ସୋମବାର ତାଙ୍କ ବ୍ୟାଟିଂ ପ୍ରାକ୍ଟିସରୁ ତାଙ୍କର ଖେଳିବା ନିଶ୍ଚିତ ମନେହେଉଛି। ତାଙ୍କ ବ୍ୟତୀତ ହାର୍ଦ୍ଦିକ ପାଣ୍ଡ୍ୟା ମଧ୍ୟ ଦଳକୁ ପ୍ରତ୍ୟାବର୍ତ୍ତନ କରିବାକୁ ଯାଉଛନ୍ତି। ସେ ମଧ୍ୟ ଇଞ୍ଜୁରୀ କାରଣରୁ ଗତ ୨ ମାସ ହେଲା କ୍ରିକେଟରୁ ଦୂରେଇ ରହିଥିଲେ। ଉଭୟ ଖେଳାଳି ଏସିଆ କପ୍ ଚାମ୍ପିୟନ ଭାରତୀୟ ଦଳର ସଦସ୍ୟ ଥିଲେ। ତେବେ ଉଇକେଟକିପର ଭାବେ କିଏ ଖେଳିବ, ତାହାକୁ ନେଇ ପ୍ରଶ୍ନବାଚୀ ରହିଛି। ଦଳରେ ଉଇକେଟକିପର ଭାବେ ସଞ୍ଜୁ ସାମସନ ଓ ଜୀତେଶ ଶର୍ମା ସ୍ଥାନ ପାଇଛନ୍ତି। ଏମାନଙ୍କ ମଧ୍ୟରୁ ଜଣଙ୍କୁ ହିଁ ଚୂଡ଼ାନ୍ତ ଏକାଦଶରେ ସାମିଲ କରାଯିବ। ସାମସନ ଜଣେ ଟପ୍ ଅର୍ଡର ବ୍ୟାଟର ଭାବେ ନିଜକୁ ପ୍ରତିଷ୍ଠିତ କରାଇ ସାରିଛନ୍ତି। ହେଲେ ଦଳରେ ଗିଲ୍‌ଙ୍କ ଉପସ୍ଥିତି ଯୋଗୁ ତାଙ୍କୁ ଟପ୍ ଅର୍ଡରରେ ସ୍ଥାନ ମିଳିବାର ସମ୍ଭାବନା ନାହିଁ। ଏଣୁ ତାଙ୍କୁ ମିଡିଲ ଅର୍ଡର କିମ୍ବା ଲୋୟର ମିଡିଲ ଅର୍ଡରରେ ଖେଳିବାକୁ ପଡ଼ିବ। ଏହି ପୋଜିଶନରେ ତାଙ୍କୁ ସୁଯୋଗ ମିଳିଥିଲେ ହେଁ ସେ ଏ ପର୍ଯ୍ୟନ୍ତ କିଛି ଆଖିଦୃଶିଆ ପ୍ରଦର୍ଶନ କରିପାରି ନାହାନ୍ତି। ଅନ୍ୟପକ୍ଷରେ ଜୀତେଶ ଜଣେ ଲୋୟର ଅର୍ଡର ବ୍ୟାଟର ଏବଂ ମ୍ୟାଚ୍ ଫିନିଶ୍ କରିବାର ଦକ୍ଷତା ମଧ୍ୟ ତାଙ୍କ ପାଖରେ ରହିଛି, ଯାହା କି ତାଙ୍କ ସପକ୍ଷରେ ଯାଇପାରେ। ଏହା ବ୍ୟତୀତ ଦଳରେ ଟିମ୍ କମ୍ବିନେଶନକୁ ଅନ୍ୟ କୌଣସି ଚିନ୍ତା ନାହିଁ। ଟିମ ଇଣ୍ଡିଆ ଦୁଇ ପେସର, ଦୁଇ ସ୍ପିନର ଓ ଦୁଇ ଅଲରାଉଣ୍ଡରଙ୍କ ସହ ମ୍ୟାଚ୍‌କୁ ଓହ୍ଲାଇବ ବୋଲି ଆଶା କରାଯାଉଛି।

**ସମ୍ଭାବ୍ୟ ଭାରତୀୟ ଦଳ:** ସୂର୍ଯ୍ୟକୁମାର ଯାଦବ (ଅଧିନାୟକ), ଅଭିଷେକ ଶର୍ମା, ଶୁବମନ ଗିଲ୍, ତିଲକ ବର୍ମା, ହାର୍ଦ୍ଦିକ ପାଣ୍ଡ୍ୟା, ସଞ୍ଜୁ ସାମସନ/ଜୀତେଶ ଶର୍ମା (ଉଇକେଟକିପର), ଶିବମ ଦୁବେ, ଅକ୍ଷର ପଟେଲ/ୱାଶିଂଟନ ସୁନ୍ଦର, ଯଶପ୍ରୀତ ବୁମରା, ଅର୍ଶଦୀପ ସିଂ, କୁଲଦୀପ ଯାଦବ/ବରୁଣ ଚକ୍ରବର୍ତ୍ତୀ।

**ସମ୍ଭାବ୍ୟ ଦକ୍ଷିଣ ଆଫ୍ରିକା ଦଳ:** ଏଡେନ ମାରକ୍ରମ(ଅଧିନାୟକ), କ୍ୱିଣ୍ଟନ ଡି କକ୍, ରିଜା ହେଣ୍ଡ୍ରିକ୍ସ/ଟ୍ରିଷ୍ଟାନ ଷ୍ଟବ୍ସ, ଡେୱାଲ୍ଡ ବ୍ରେଭିସ, ଟୋନି ଡି ଜର୍ଜି, ଡେଭିଡ୍ ମିଲର, ମାର୍କୋ ଜାନସେନ, କର୍ବିନ ବୋଶ୍, କେଶବ ମହାରାଜ, ଲୁନ୍‌ଗି ଏନ୍‌ଗିଡି, ଏନରିଚ ନର୍କିଆ।

### ଥାଇଲାଣ୍ଡ ପଳାଇଛନ୍ତି...

ସମୟରେ ୨ ଅଭିଯୁକ୍ତ ଥାଇଲାଣ୍ଡର ଫୁକେଟ୍ ପଳାଇଥିବା ମୁମ୍ବାଇ ବିମାନବନ୍ଦରର ଇମିଗ୍ରେଶନ ବ୍ୟୁରୋ ଜାଣିବାକୁପାଇଛି। ସୌରଭ ଏକ ସୋସିଆଲ ମିଡିଆ ପୋଷ୍ଟରେ ଅଗ୍ନିକାଣ୍ଡ ମୃତକଙ୍କ ପାଇଁ ଗଭୀର ଦୁଃଖ ପ୍ରକାଶ କରିବା ସହ ମୃତକମାନଙ୍କ ପରିବାରକୁ ସବୁପ୍ରକାର ସହାୟତା କରାଯିବ ବୋଲି ସେ ପ୍ରତିଶ୍ରୁତି ଦେଇଥିଲେ। ରବିବାର ମୁଖ୍ୟ ସାଧାରଣ ପରିଚାଳକ ରାଜୀବ ମୋଡକ, ସାଧାରଣ ପରିଚାଳକ ବିବେକ ସିଂ, ବାର୍ ମ୍ୟାନେଜର ରାଜବୀର ସିଙ୍ଘାନିଆ ଏବଂ ଗେଟ୍ ମ୍ୟାନେଜର ପ୍ରିୟାଂଶୁ ଠାକୁରଙ୍କୁ ଗିରଫ କରାଯାଇଥିଲା। କୋର୍ଟରେ ହାଜର ପରେ ସେମାନଙ୍କୁ ୬ ଦିନିଆ ବିଚାର ବିଭାଗୀୟ ହାଜତକୁ ପଠାଯାଇଛି।

ଅଗ୍ନିକାଣ୍ଡ ଘଟଣାର ତଦନ୍ତ ପାଇଁ ଗୋଆ ସରକାର ୪ ଜଣିଆ ମାଜିଷ୍ଟ୍ରେଟସ୍ତରୀୟ ତଦନ୍ତ କମିଟି ଗଠନ କରିଛନ୍ତି। କେଉଁ କାରଣ ଏବଂ ପରିସ୍ଥିତିରୁ ଅଗ୍ନିକାଣ୍ଡ ଘଟିଲା କମିଟି ତାହାର ତଦନ୍ତ କରି ରିପୋର୍ଟ ଦେବ। ନାଇଟ୍ କ୍ଲବ୍‌ରେ ଆତସବାଜି କାର୍ଯ୍ୟ ବେଳେ ନିଆଁ ଲାଗିଯାଇଥିବା ଅଧିକାରୀମାନେ ଆଶଙ୍କା ବ୍ୟକ୍ତ କରିଛନ୍ତି।

### ୪୨ବର୍ଷ ପରେ...

ଏହି ମାମଲାର ଶୁଣାଣି ହୋଇଥିଲା। ମୂର୍ତ୍ତିଗୁଡିକ ଗୋପାଳଜୀ ମନ୍ଦିରରେ ପୁନଃ ସ୍ଥାପନ ପାଇଁ କୋର୍ଟ ପରାମର୍ଶ ଦେଇଥିଲେ। ମାତ୍ର କୌଣସି କାରଣରୁ ମୂର୍ତ୍ତିଗୁଡିକ ସୁବର୍ଣ୍ଣପୁର ଫେରାଇ ଅଣାଯାଇ ପାରି ନ ଥିଲା। ତେବେ ବର୍ତ୍ତମାନର ଜିଲାପାଳ ଡ. ନୃପରାଜ ସାହୁ ଏହା ଜାଣିବା ପରେ ମୂର୍ତ୍ତିଗୁଡ଼ିକୁ ଫେରସ୍ତ ଆଣିବାକୁ ଉଦ୍ୟମ କରିଥିଲେ। ସୋନପୁର ଉପଜିଲାପାଳ ତଥା ଦେବୋତ୍ତର ଅଧିକାରୀ ଡ. ସୌମ୍ୟରୂପା ରଥ ଏନେଇ ଉଦ୍ୟମ ଜାରି ରଖିଥିଲେ। ମହନ୍ତ ବଂଶୀଧର ଦାସ, ଆଇନଜୀବୀ ଏବଂ ଅନ୍ୟ ଭକ୍ତଙ୍କ ସହଯୋଗରୁ ମୂର୍ତ୍ତିଗୁଡିକ ଦିନେ କିମ୍ବା ଦୁଇଦିନ ଭିତରେ ଗୋପାଳଜୀ ମନ୍ଦିରକୁ ଫେରିବା ସମ୍ଭାବନା ସୃଷ୍ଟି ହୋଇଛି।

### ଓଡ଼ିଶା ଯୋଜନାକୁ...

ମହାଜନଙ୍କ ସହ କୌଣସି ଯୋଗାଯୋଗ ହୋଇପାରିନାହିଁ। ଉପଜିଲାପାଳ ପ୍ରେମଲାଲ ହିଆଲଙ୍କୁ ପଚାରିବାରୁ ଘଟଣା ସମ୍ପର୍କରେ କୌଣସି ଖବର ଆସିନାହିଁ। କିନ୍ତୁ ପଟ୍ଟାଙ୍ଗିତହସିଲଦାର ଦେବେନ୍ଦ୍ର ବାହାଦୁର ସିଂ ଧାରୁଆଙ୍କ ସହ ଆଲୋଚନା କରି ତ୍ୱରିତ ପଦକ୍ଷେପ ଗ୍ରହଣ କରାଯିବ ବୋଲି ସେ କହିଛନ୍ତି।




# ଢଗଢମାଳି

(କ୍ରମେ ଲୋକମୁଖରୁ ଓ ଜନମାନସରୁ ବିସ୍ମୃତ ହେଉଥିବା ଢଗଢମାଳିକୁ ପାଠିକା-ପାଠକଙ୍କ ନିକଟରେ ପହଞ୍ଚାଇବା ସକାଶେ ଧରିତ୍ରୀର ପ୍ରୟାସ)

**ଅଲାଜୁକ ଷାଠିଆ
ପାନ ନାହିଁ ଗୁଆ ନାହିଁ
ଖାଲି ବଟୁଆ।**

ଦିନହୀନ ଦରିଦ୍ର ବ୍ୟକ୍ତିଙ୍କ ପକ୍ଷେ ବଡ଼ ପଣିଆ ଶୋଭା ପାଇ ନ ଥାଏ। ନିଃସ୍ୱ ବ୍ୟକ୍ତି ଉପରକୁ ଚାକଚକ୍ୟ ଦେଖାଉଥିବା ଉପଲକ୍ଷେ ଏଭଳି ବ୍ୟଙ୍ଗୋକ୍ତି ପ୍ରକାଶ କରାଯାଇଛି।

**ଅରଜେ ଜଣେ, ଖାଆନ୍ତି ପଣେ,
ତା' ଘରଟି ବୁଡ଼ଇ ଦିନେ।**

ଆଜିର ମହଙ୍ଗା ଯୁଗରେ ଜଣଙ୍କ ଉପାର୍ଜନରେ ଘର ଚଳାଇବା ଯେ କେତେ କଷ୍ଟକର ତାହା କେବଳ ଅନୁଭବୀ ହିଁ ଜାଣିଥାଏ। ଏପରିସ୍ଥଳେ ବହୁ କୁଟୁମ୍ବୀ ଘରେ ଜଣକ ଉପାର୍ଜନରେ ଅନ୍ୟମାନେ ପୋଷିହେଲେ ସେ ଘରେ ଆର୍ଥିକ ସମସ୍ୟା ଲାଗି ରହିବା ସହ ଘରର ଉନ୍ନତି ହୋଇପାରି ନ ଥାଏ ବୋଲି ଏଠାରେ ଉଲ୍ଲେଖ କରାଯାଇଛି।

ଓଡ଼ିଆ ଢଗଢମାଳି ଓ ଲୋକଗୀତ – ଫ୍ରେଣ୍ଡସ ପବ୍ଲିଶର୍ସ




ସୋମବାର ଅପରାହ୍ନ ୫ଟାରେ ମହାକାଶରୁ ଉତ୍ତୋଳିତ ପାଣିପାଗର ଚିତ୍ର।

# ଜଳିଗଲା ଫଳ ମାର୍କେଟ

ବଲାଙ୍ଗୀର, ୮।୧୨
(ବୀରେନ୍ଦ୍ର କୁମାର ଝାଙ୍କର)



ବଲାଙ୍ଗୀରରେ ଫଳ ଦୋକାନ ଜଳିପୋଡ଼ି ଛାରଖାର ହୋଇଯାଇଛି।

■ ୧ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ସମ୍ପତ୍ତି ନଷ୍ଟ
■ କ୍ଷତିପୂରଣ ଦାବିରେ ଫଳଦୋକାନୀ କଲେ ରାସ୍ତାରୋକୋ

ବଲାଙ୍ଗୀର ସହର ସରକାରୀ ବସଷ୍ଟାଣ୍ଡ ସମ୍ମୁଖ ଫଳ ମାର୍କେଟ ସୋମବାର ଅପରାହ୍ନ ପ୍ରାୟ ୩ଟାରେ ସମ୍ପୂର୍ଣ୍ଣ ଜଳିପୋଡ଼ି ଛାରଖାର୍ ହୋଇଯାଇଛି। ନିମିଷେକ ମଧ୍ୟରେ ୮୧ ଷ୍ଟଲ ବିଶିଷ୍ଟ ଫଳମାର୍କେଟ ସମ୍ପୂର୍ଣ୍ଣ ପୋଡି ଯାଇଥିଲା। କେଉଁ କାରଣରୁ ଅଗ୍ନିକାଣ୍ଡ ଘଟିଲା ତାହାର ଠିକ୍ କାରଣ ଜଣାପଡି ନ ଥିଲେ ମଧ୍ୟ ଶର୍ଟସର୍କିଟରୁ ଅଗ୍ନିକାଣ୍ଡ ଘଟି ଫଳମାର୍କେଟ ଛାରଖାର ହୋଇଯାଇଥିବା କୁହାଯାଉଛି। ଅନ୍ୟପଟେ ଫଳ ମାର୍କେଟ ଭିତର ଆବର୍ଜନା ନିଆଁରୁ ଅଗ୍ନିକାଣ୍ଡ ଘଟିଥିବା କିଛି ଲୋକ ସନ୍ଦେହ କରୁଛନ୍ତି। ଏହି ଅଗ୍ନିକାଣ୍ଡରୁ ଅଳ୍ପକେ ବର୍ତ୍ତିଯାଇଛନ୍ତି ଫଳ ଦୋକାନୀ ଓ କିଣୁଥିବା ଲୋକ। ତିନୋଟି ଦମକଳ ବାହିନୀଙ୍କ ଶତଚେଷ୍ଟା ସତ୍ତ୍ୱେ ଗୋଟିଏ ବି ଷ୍ଟଲକୁ ଅଗ୍ନିକାଣ୍ଡରୁ ରକ୍ଷା କରାଯାଇ ପାରି ନ ଥିବା ଦୋକାନୀମାନେ କହିଛନ୍ତି। ୮୧ଟି ଷ୍ଟଲରୁ ପ୍ରାୟ ୭୦ଟି ଷ୍ଟଲରେ ଫଳ ଦୋକାନ ଲାଗିଥିଲା ଏବଂ ସେମାନଙ୍କ ୧ କୋଟିରୁ ଊର୍ଦ୍ଧ୍ୱ ଟଙ୍କାର ସମ୍ପତ୍ତି ନଷ୍ଟ ହୋଇଥିବା ଅଭିଯୋଗ କରିଛନ୍ତି। ଫଳଦୋକାନୀମାନେ ଦୀର୍ଘ ସମୟ ଧରି ଫଳ ମାର୍କେଟ ସମ୍ମୁଖ ୨୬ ନଂ.ଜାତୀୟ ରାଜପଥକୁ ଅବରୋଧ କରି ନାରାବାଜି ଦେଇଥିଲେ। କେଉଁ କାରଣରୁ ଅଗ୍ନିକାଣ୍ଡ ଘଟିଲା ତାର ଉଚିତ୍ ତଦନ୍ତ କରାଯିବା ସହ ପ୍ରତ୍ୟେକ ଫଳ ଦୋକାନୀଙ୍କ ୧ ଲକ୍ଷରୁ ଊର୍ଦ୍ଧ୍ୱ ଟଙ୍କାର ସମ୍ପତ୍ତି ନଷ୍ଟ ହୋଇଥିବା ଅଭିଯୋଗ କରି କ୍ଷତିପୂରଣ ଓ ସହାୟତା ଦାବି କରିଥିଲେ। ଘଟଣା ସମ୍ପର୍କରେ ଖବରପାଇ ବଲାଙ୍ଗୀର ଜିଲାପାଳ ଗୌରବ ଶିଓାଜୀ ଇସଲୱାର ଓ ଏସପି ଅଭିଳାଷ ଜି ଘଟଣାସ୍ଥଳ ପରିଦର୍ଶନ କରିବା ସହ ଫଳ ଦୋକାନୀଙ୍କ କ୍ଷୟକ୍ଷତିର ଆକଳନ କରାଯିବ ଏବଂ ସେମାନଙ୍କୁ କିଭଳି ଉଚିତ୍ କ୍ଷତିପୂରଣ ମିଳିବ ସେନେଇ ପଦକ୍ଷେପ ନିଆଯିବ ବୋଲି କହିଛନ୍ତି।

# ସମବାୟ ବ୍ୟାଙ୍କରେ ଓଟିଏସ୍ ଲାଗୁ ହେଉ: ଶାସକ-ବିରୋଧୀ

## ୫ବର୍ଷରେ ୯୭.୯୯ଲକ୍ଷ କୋଟି ଜମାକୁ ୪.୪୫ ଲକ୍ଷ କୋଟିର ଋଣ

ଭୁବନେଶ୍ୱର, ୮।୧୨
(ରବିନାରାୟଣ ଜେନା)

ରାଜ୍ୟରେ ବିଭିନ୍ନ ସମବାୟ ବ୍ୟାଙ୍କରେ ୱାନ୍ ଟାଇମ୍ ସେଟେଲମେଣ୍ଟ (ଓଟିଏସ୍) ବ୍ୟବସ୍ଥା ଲାଗୁ କରିବା ଲାଗି ଶାସକ ଓ ବିରୋଧୀ ପ୍ରଶ୍ନକାଳରେ ଦାବି କରିଛନ୍ତି। ସୋମବାର ପ୍ରଶ୍ନକାଳରେ ଶାସକଦଳ ସଦସ୍ୟ ସନ୍ତୋଷ କୁମାର ଖଟୁଆ ଏବଂ ବିଭୂତି ଭୂଷଣ ବଳବନ୍ତରାୟଙ୍କ ଏହି ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି, ରାଜ୍ୟସ୍ତରୀୟ ବ୍ୟାଙ୍କର୍ସ କମିଟି ବୈଠକରେ ଯେଉଁ ସମୀକ୍ଷା ହେଉଛି ସେହିକ୍ରମରେ ବ୍ୟାଙ୍କଗୁଡ଼ିକୁ କୃଷିଋଣଠାରୁ ଆରମ୍ଭ କରି ବିଭିନ୍ନ ଟାର୍ଗେଟ ପ୍ରଦାନ କରାଯାଉଛି। ଓଟିଏସ୍ ସମ୍ପର୍କରେ ରାଜ୍ୟ ସରକାର ବିଚାର କରୁଛନ୍ତି। ପରବର୍ତ୍ତୀ ପର୍ଯ୍ୟାୟରେ ଏନେଇ ଯାହା କିଛି କୁହାଯାଇପାରିବ।

ଆଲୋଚନାରେ ଭାଗନେଇ କଂଗ୍ରେସ ବିଧାୟକଦଳ ନେତା ରାମଚନ୍ଦ୍ର କାଡାମ କହିଥିଲେ, ନନ୍ଦପୁର, ପାଡୱାରି, କୁନ୍ଦୁଲି, ଶୁଙ୍କି ପ୍ରଭୃତି ପାହାଡିଆ ଅଞ୍ଚଳରେ ଲୋକଙ୍କୁ ୫୦ରୁ ୬୦ କିମି ପର୍ଯ୍ୟନ୍ତ ବ୍ୟାଙ୍କ ସେବା ପାଇଁ ଯିବାକୁ ପଡୁଛି। ସେଠାରେ ସରକାର କାହିଁକି ବ୍ୟାଙ୍କିଙ୍ଗ ସେବା ତ୍ୱରାନ୍ୱିତ କରୁ ନାହାନ୍ତି ? ଉତ୍ତରରେ ମନ୍ତ୍ରୀ କହିଥିଲେ, ସରକାର ୫୬୪ ସିଏସ୍‌ପି ଆଉଟଲେଟ ଖୋଲିବା ପାଇଁ ଯାଉଛନ୍ତି। ସମସ୍ତ ଜିପିରେ ବ୍ୟାଙ୍କିଙ୍ଗ ସୁବିଧା ଯୋଗାଇ ଦିଆଯିବ। ସଦସ୍ୟ ତୁଷାରକାନ୍ତି ବେହେରା ସମବାୟଙ୍କୁ କାହିଁକି ସରକାରୀ ନେଣଦେଣ ତଥା ଚାଷୀଙ୍କୁ ଡିବିଟି ଦେୟରେ ସମ୍ପୂର୍ଣ୍ଣ ଭାବେ ସାମିଲ କରାଯାଉ ନାହିଁ। ମନ୍ତ୍ରୀ ଉତ୍ତରରେ କହିଥିଲେ, ହିତାଧିକାରୀଙ୍କ ନିଜସ୍ୱ ମତକୁ ସରକାର ଗୁରୁତ୍ୱ ଦେବାକୁ ଉଚିତ ମଣୁଛନ୍ତି। ବରିଷ୍ଠ ସଦସ୍ୟ ବଦ୍ରି ନାରାୟଣ ପାତ୍ର କହିଥିଲେ, ରାଷ୍ଟ୍ରାୟତ୍ତ ବ୍ୟାଙ୍କ ଯୁବବର୍ଗଙ୍କୁ ଋଣ ଦେବାବେଳେ ଯେଉଁ ବନ୍ଧକ ମାଗୁଛନ୍ତି, ଏଦିଗରେ ସରକାର ଗ୍ୟାରେଣ୍ଟି ନେବେ କି ? ଉତ୍ତରରେ ମନ୍ତ୍ରୀ କହିଥିଲେ, ଏକ୍ଷେତ୍ରରେ ବ୍ୟାଙ୍କ ତା'ର 'ଆଟିଟ୍ୟୁଡ୍' ବଦଳାଇବାକୁ ପଡ଼ିବ। ଆତ୍ମନିଯୁକ୍ତି ଓ କ୍ଷୁଦ୍ରଶିଳ୍ପ ପାଇଁ ସବୁ ବ୍ୟାଙ୍କ ୯୫,୦୭୬ କୋଟି ଋଣ ଦେଇଛନ୍ତି। ରାଜ୍ୟର ୬,୪୯୭ ଗ୍ରାମପଞ୍ଚାୟତରେ ନିୟମିତ ବ୍ୟାଙ୍କ ରହିଛି। ୪,୨୩୫ ଗ୍ରାମପଞ୍ଚାୟତରେ ବ୍ୟାଙ୍କ ସୁବିଧା ନାହିଁ। ସେଠି ସିଏସ୍‌ପି ଆଉଟଲେଟ୍ ଖୋଲା ଯାଇଛି। ଏପରି ୩,୬୭୧ ସିଏସ୍‌ପି ଆଉଟ୍‌ଲେଟ୍ ରହିଛି। ଖୁବ୍‌ଶୀଘ୍ର ୫୬୪ ଗ୍ରାମପଞ୍ଚାୟତରେ ସିଏସ୍‌ପି ଆଉଟଲେଟ୍ ଖୋଲିବ।

ମୂଳ ପ୍ରଶ୍ନକର୍ତ୍ତା ପ୍ରଶାନ୍ତ ବେହେରା ପ୍ରଶ୍ନ କରିଥିଲେ, ଗତ ୫ବର୍ଷରେ ରାଷ୍ଟ୍ରାୟତ୍ତ ଓ ଘରୋଇ ବ୍ୟାଙ୍କ କେତେ ଋଣ ଦେଇଛନ୍ତି ଏବଂ ସରକାରୀ ଜମା ନେଇଛନ୍ତି ? ଉତ୍ତରରେ ମନ୍ତ୍ରୀ କହିଥିଲେ, ୩୧ ମାର୍ଚ୍ଚ ୨୦୨୫ ସୁଦ୍ଧା ରାଜ୍ୟର ସମସ୍ତ ରାଷ୍ଟ୍ରାୟତ୍ତ ଓ ଘରୋଇ ବ୍ୟାଙ୍କ ୯୭ ଲକ୍ଷ ୯୯୯.୪୧ କୋଟି ଜମା ରାଶି ରଖିଥିଲେ। ସେଥିରୁ ୪ ଲକ୍ଷ ୪୫ହଜାର ୮୬୭.୨୨ କୋଟି ଋଣ ଦେଇଛନ୍ତି। ପ୍ରଶାନ୍ତ ତାଙ୍କ ଅତିରିକ୍ତ ପ୍ରଶ୍ନରେ ଟାଙ୍ଗୀ ଅନ୍ତର୍ଗତ ଗୋବିନ୍ଦପୁରରେ ବ୍ୟାଙ୍କ ଶାଖା ଖୋଲିବାକୁ ଦାବି ରଖିଥିଲେ। ଉତ୍ତରରେ ଆଇନମନ୍ତ୍ରୀ କହିଥିଲେ, ଯଦି ସେଠାରେ ବ୍ୟାଙ୍କ ଶାଖା ନ ଥିବ ତେବେ ସରକାର ପଦକ୍ଷେପ ନେବେ।

# ଜନଶୁଣାଣି: ପୁରୁଣା ୯୧, ନୂଆ ୯୬ ପ୍ରତିଶତ ଫଇସଲା

ଭୁବନେଶ୍ୱର,୮।୧୨
(ରବିନାରାୟଣ ଜେନା)

ରାଜ୍ୟ ସରକାରଙ୍କ ପକ୍ଷରୁ ଜନଶୁଣାଣିକୁ ସର୍ବାଧିକ ପ୍ରାଥମିକତା ଦିଆଯାଉଛି। ପୂର୍ବ ସରକାର ସମୟରେ ଲୋକେ ମୁଖ୍ୟମନ୍ତ୍ରୀଙ୍କ ଅଭିଯୋଗ ପ୍ରକୋଷ୍ଠରେ ମୁଖ୍ୟମନ୍ତ୍ରୀଙ୍କୁ ପାଉ ନ ଥିଲେ। ହେଲେ ଭାଜପା ସରକାରରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ଏବଂ ତାଙ୍କ ଟିମ୍ ଲୋକଙ୍କ ଗୁହାରି ଶୁଣୁଛନ୍ତି ବୋଲି ଆଇନମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ କହିଛନ୍ତି।

ବିଧାନସଭାର ପ୍ରଶ୍ନକାଳରେ ସଦସ୍ୟ ଟଙ୍କଧର ତ୍ରିପାଠୀଙ୍କ ପ୍ରଶ୍ନର ଉତ୍ତରରେ ମୁଖ୍ୟମନ୍ତ୍ରୀଙ୍କ ପକ୍ଷରୁ ଆଇନମନ୍ତ୍ରୀ ହରିଚନ୍ଦନ ଉତ୍ତର ରଖି କହିଥିଲେ, ନିର୍ଦ୍ଦିଷ୍ଟ ସମୟସୀମା ମଧ୍ୟରେ ଲୋକଙ୍କ ଅଭିଯୋଗର ଶୁଣାଣି କରିବାକୁ ସରକାର ଗୁରୁତ୍ୱ ଦେଉଛନ୍ତି; ଯେଉଁଥିପାଇଁ ପୂର୍ବରୁ ରହିଥିବା ଲକ୍ଷାଧିକ ଅଭିଯୋଗର ଶୁଣାଣି କରାଯାଇଛି। ପୂର୍ବ ସରକାର ତଥା ୨୦୨୧ ନଭେମ୍ବର ପହିଲାରୁ ଜନଶୁଣାଣି ପୋର୍ଟାଲ କାର୍ଯ୍ୟକ୍ଷମ ହେବା ପରେ ୧୪ଲକ୍ଷ ୪୧ହଜାର ୮୩୨ ଅଭିଯୋଗ ଆସିଥିଲା। ସେଥିମଧ୍ୟରୁ ୧୩ଲକ୍ଷ ୭ହଜାର ୨୫୩ ଶୁଣାଣି ହୋଇଛି, ଯାହା କି ୯୧ ପ୍ରତିଶତ। ମାତ୍ର ଭାଜପା ସରକାର କ୍ଷମତାକୁ ଆସିବା ପରେ ଯେଉଁ ଅଭିଯୋଗ ଆସିଥିଲା ତା'ର ୯୬ ପ୍ରତିଶତ ଶୁଣାଣି ହୋଇଛି ବୋଲି ମନ୍ତ୍ରୀ କହିଥିଲେ।

ଏହି ଅବସରରେ ବିରୋଧୀ ଦଳ ମୁଖ୍ୟ ସଚେତକ ପ୍ରମିଳା ମଲ୍ଲିକ ପ୍ରଶ୍ନ କରିଥିଲେ, ବ୍ଲକ ଓ ତହସିଲସ୍ତରରେ ଯେଉଁ ଅଭିଯୋଗ ଆସୁଛି, ତାହାର ତାଲିକା ଯଦି ବିଧାୟକମାନଙ୍କୁ ଦିଆଯାଆନ୍ତା ଏବଂ ଶୁଣାଣିରେ ବିଧାୟକମାନେ ସାମିଲ ରୁହନ୍ତେ; ତେବେ ଲୋକେ ଅଧିକ ଉପକୃତ ହୋଇପାରନ୍ତେ। ଉତ୍ତରରେ ଆଇନ ମନ୍ତ୍ରୀ କହିଥିଲେ, ବିଧାୟକମାନେ ସାମିଲ ହେବା କଥା। ଏହାଦ୍ୱାରା ଜନଶୁଣାଣି ଅଧିକ ଦକ୍ଷ ଓ ପାରଦର୍ଶୀ ହୋଇପାରିବ ଏବଂ ଲୋକେ ସୁଫଳ ପାଇବେ।

# ୪ ବର୍ଷରେ ନଦୀରେ ବୁଡ଼ି ୧୭୫୦ ମୃତ

## ପୁରୀ ସମୁଦ୍ରରେ ଯାଇଛି ୬୨ ଜୀବନ

ଭୁବନେଶ୍ୱର,୮।୧୨
(ସତ୍ୟଜିତ ରାଉତ)

ରାଜ୍ୟରେ ୨୦୨୨ରୁ ଏପର୍ଯ୍ୟନ୍ତ ରାଜ୍ୟର ବିଭିନ୍ନ ନଦୀ ଓ ସମୁଦ୍ରରେ ବୁଡ଼ି ମୋଟ୍ ୧୮୩୨ ଜଣଙ୍କ ଜୀବନ ଯାଇଛି। ଏହାମଧ୍ୟରୁ ନଦୀରେ ବୁଡି ୧୭୫୦ଜଣଙ୍କ ମୃତ୍ୟୁ ହୋଇଛି। ଜଟଣୀ ବିଧାୟକ ବିଭୁତିଭୁଷଣ ବଳବନ୍ତରାୟଙ୍କ ଅଣତାରକା ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ଗୃହରେ ଏହି ଲିଖିତ ଉତ୍ତର ଦେଇଛନ୍ତି। ଏହି ଅବଧି ସମୟରେ କଟକରେ ନଦୀରେ ବୁଡ଼ି ସର୍ବାଧିକ ୧୭୯ ଜଣଙ୍କ ମୃତ୍ୟୁ ହୋଇଛି। ସେହିପରି କେନ୍ଦୁଝରରେ ୧୬୦, ମୟୂରଭଞ୍ଜରେ ୧୫୪, କେନ୍ଦ୍ରାପଡ଼ାରେ ୧୧୦ ଓ ସମ୍ବଲପୁରରେ ୧୦୭ ଜଣଙ୍କ ଜୀବନ ଯାଇଛି। ତେବେ ଏହି ସମୟ ମଧ୍ୟରେ ପୁରୀ ସମୁଦ୍ରରେ କେବଳ ୬୨ଜଣଙ୍କ ମୃତ୍ୟୁ ଘଟିଛି। ଏମାନଙ୍କ ମଧ୍ୟରୁ ୨୦୨୨ରେ ୭ଜଣ, ୨୦୨୩ରେ ୧୩ଜଣ, ୨୦୨୪ରେ ୧୯ଜଣ ଓ ୨୦୨୫ ବର୍ଷରେ ଏପର୍ଯ୍ୟନ୍ତ ୨୩ଜଣଙ୍କ ମୃତ୍ୟୁ ଘଟିଛି। ସେହିପରି ୨୦୨୨ରୁ ଏଯାଏ ଜଗତ୍‌ସିଂହପୁରରେ ୬ଜଣ, ବାଲେଶ୍ୱରରେ ଜଣେ ଓ ଗଞ୍ଜାମ ଜିଲାରେ ୧୩ଜଣ ସମୁଦ୍ରରେ ବୁଡ଼ି ପ୍ରାଣ ହରାଇଛନ୍ତି। ତେବେ ନଦୀ ଓ ସମୁଦ୍ର ବୁଡ଼ି ହ୍ରାସ ପାଇଁ କି ପଦକ୍ଷେପ ଗ୍ରହଣ କରାଯାଉଛି ବୋଲି ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ଉତ୍ତର ଦେଇ ଜଣାଇଛନ୍ତି, ନଦୀ ଓ ସମୁଦ୍ର ତଟବର୍ତ୍ତୀ ଗଭୀର ଜଳରେ ଏବଂ ପହଁରା ନ ଜାଣି ନ ଗାଧୋଇବା ପାଇଁ ସଚେତନତା ସୃଷ୍ଟି କରାଯାଉଛି। ଏଥିସହ ରାଜ୍ୟର ବିଭିନ୍ନ ନଦୀ ଓ ସମୁଦ୍ରରେ ବୁଡି ଲୋକଙ୍କ ଜୀବନ ହାନି ସଂଖ୍ୟାର ହ୍ରାସ ପାଇଁ ଓଡ଼ିଶା ଅଗ୍ନିଶମ ଓ ଜରୁରୀକାଳୀନ ସେବା ପକ୍ଷରୁ ରାଜ୍ୟର ସମସ୍ତ ଦମକଳ କେନ୍ଦ୍ରର ଅଧିକାରୀମାନଙ୍କୁ ବିଭିନ୍ନ ସମ୍ବେଦନଶୀଳ ସ୍ଥାନକୁ ଚିହ୍ନଟ କରିବା ତଥା ଜନସଚେତନତା ସୃଷ୍ଟି କରିବା ପାଇଁ ନିର୍ଦ୍ଦେଶ ଦିଆଯାଇଛି ବୋଲି ମୁଖ୍ୟମନ୍ତ୍ରୀ ଉଲ୍ଲେଖ କରିଛନ୍ତି।

# ଏନ୍‌ବିଡବ୍ଲ୍ୟୁ ଜାରି ୩୪,୬୩୬ ଅଭିଯୁକ୍ତଙ୍କୁ ଖୋଜୁଛି ପୋଲିସ

## ପୁରୀ ଜିଲାରେ ସର୍ବାଧିକ ୨୪୫୭

ଭୁବନେଶ୍ୱର,୮।୧୨
(ସତ୍ୟଜିତ ରାଉତ)

ରାଜ୍ୟରେ ଜାମିନବିହୀନ ଗିରଫ ପରୱାନା (ଏନ୍‌ବିଡବ୍ଲ୍ୟୁ) ଜାରି ହୋଇଥିବା ୩୪ ହଜାର ୬୩୬ଜଣ ଅଭିଯୁକ୍ତ ଏପର୍ଯ୍ୟନ୍ତ ଧରାପଡ଼ି ନାହାନ୍ତି। ପୋଲିସ ସେମାନଙ୍କୁ ଧରିବାକୁ ଖୋଜାଖୋଜି ଚଳାଇଛି। ଜଟଣୀ ବିଧାୟକ ବିଭୂତି ଭୂଷଣ ବଳବନ୍ତରାୟଙ୍କ ଅଣତାରକା ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ଗୃହରେ ଦେଇଥିବା ଲିଖିତ ଉତ୍ତରରୁ ଏହା ଜଣାପଡ଼ିଛି। ରାଜ୍ୟରେ ୨୦୨୫ ସେପ୍ଟେମ୍ବର ୩୦ ସୁଦ୍ଧା ମୋଟ ୩୪,୬୩୬ ଜଣ ବ୍ୟକ୍ତିଙ୍କ ବିରୋଧରେ ଏନ୍‌ବିଡବ୍ଲ୍ୟୁ ଜାରି ହୋଇ ଏହାକୁ କାର୍ଯ୍ୟକାରୀ କରାଯାଇପାରିନାହିଁ। ସମସ୍ତ ୩୪ ପୋଲିସ ଜିଲା ମଧ୍ୟରୁ ପୁରୀ ଜିଲାରେ ସର୍ବାଧିକ ୨,୪୫୭ ଜଣଙ୍କ ବିରୋଧରେ ଏନ୍‌ବିଡବ୍ଲ୍ୟୁ ଜାରି ହୋଇ ଧରା ପଡ଼ିନାହାନ୍ତି। ଏହି ତାଲିକାର ଦ୍ୱିତୀୟରେ ଭଦ୍ରକ ୨,୪୩୦, ତୃତୀୟରେ ବାଲେଶ୍ୱର ୨,୧୩୪, ଚତୁର୍ଥରେ ଗଞ୍ଜାମ ୨,୦୨୩ ଏବଂ ପଞ୍ଚମରେ ଭୁବନେଶ୍ୱର ୟୁପିଡି ୧,୯୫୬ ରହିଛି। ସେହିପରି କଟକ ସହରାଞ୍ଚଳ ପୋଲିସ ଜିଲାରେ ମଧ୍ୟ ୧,୨୭୮ ଜଣ ଏନ୍‌ବିଡବ୍ଲ୍ୟୁ ଅଭିଯୁକ୍ତଙ୍କୁ ପୋଲିସ ଏଯାଏ ଧରିପାରିନାହିଁ। ଏନ୍‌ବିଡବ୍ଲ୍ୟୁ ଜାରି ବ୍ୟକ୍ତିମାନଙ୍କୁ ଆଇନ ନିକଟରେ ସମର୍ପଣ କରିବାକୁ କି ପଦକ୍ଷେପ ଗ୍ରହଣ କରାଯାଉଛି ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ଉଲ୍ଲେଖ କରିଛନ୍ତି ଯେ, ପୋଲିସ କର୍ମଚାରୀମାନେ ନିରବଚ୍ଛିନ୍ନ ଭାବେ ସେମାନଙ୍କ ଠିକଣା ସଂଗ୍ରହ କରି ବିଭିନ୍ନ ସ୍ଥାନରେ ଚଢ଼ାଉ କରି ଜାମିନବିହୀନ ଗିରଫ ପରୱାନା ଥିବା ଅଭିଯୁକ୍ତଙ୍କୁ ଗିରଫ କରିବାକୁ ଉଦ୍ୟମ ଜାରି ରଖିଛନ୍ତି। ବିଭିନ୍ନ ଜିଲାରେ ଥିବା ଥାନାଗୁଡ଼ିକ ସହ ୱାରେଣ୍ଟିମାନଙ୍କ ବିଷୟରେ ସୂଚନା ଆଦାନପ୍ରଦାନ କରାଯାଇ ସେମାନଙ୍କ ଗନ୍ତବ୍ୟ ଓ ରହଣିସ୍ଥଳରେ ରାଜ୍ୟ ଭିତରେ ଓ ବାହାରେ ଚଢ଼ାଉ କରାଯାଇ ସେମାନଙ୍କୁ ଗିରଫ ତଥା କୋର୍ଟରେ ହାଜର କରାଯାଉଛି। ପ୍ରୋକ୍ଲେମେଶନ୍ ଆଣ୍ଡ୍ ଆଟାଚମେଣ୍ଟ ବଳରେ ଅଭିଯୁକ୍ତମାନଙ୍କ ସ୍ଥାବର ଓ ଅସ୍ଥାବର ସମ୍ପତ୍ତି ଜବତ ସହ ସେମାନଙ୍କ ନାମରେ ଢେଙ୍ଗୁରା ପିଟାଯାଇ କୋର୍ଟ ତଥା ଥାନାରେ ଆତ୍ମସମର୍ପଣ କରିବା ପାଇଁ ପଦକ୍ଷେପ ନିଆଯାଉଛି ବୋଲି ମୁଖ୍ୟମନ୍ତ୍ରୀ ଉତ୍ତରରେ ଉଲ୍ଲେଖ କରିଛନ୍ତି।

# ଭ୍ରଷ୍ଟାଚାର ଏବେ ବିଶ୍ୱସ୍ତରୀୟ ପ୍ରସଙ୍ଗ

## ଆଜି ଅନ୍ତଃରାଷ୍ଟ୍ରୀୟ ଭ୍ରଷ୍ଟାଚାର ନିରୋଧ ଦିବସ

ଭ୍ରଷ୍ଟାଚାର ଏବେ ବିଶ୍ୱସ୍ତରୀୟ ପ୍ରସଙ୍ଗ ପାଲଟିଛି। ସରକାରୀ, ବେସରକାରୀ କାର୍ଯ୍ୟାଳୟଠାରୁ ଆରମ୍ଭ କରି ବ୍ୟକ୍ତିଗତ ସ୍ତରରେ ପ୍ରାୟ ସମସ୍ତେ ଭ୍ରଷ୍ଟାଚାରରେ ଲିପ୍ତ ରହିଛନ୍ତି। ଏହା ଲୋକତନ୍ତ୍ରକୁ ଦୁର୍ବଳ କରିବା ସହିତ ଦେଶର ଆର୍ଥିକ ବିକାଶରେ ବାଧା ସୃଷ୍ଟି କରୁଛି। ତେଣୁ ଦେଶର ପ୍ରତ୍ୟେକ ନାଗରିକ ଭ୍ରଷ୍ଟାଚାରଠାରୁ ଦୂରେଇ ରହିବା ଆବଶ୍ୟକ। ଭ୍ରଷ୍ଟାଚାର ବିରୋଧରେ ଲୋକଙ୍କୁ ସଚେତନ କରିବା ଏବଂ ଏହାର ମୁକାବିଲା ପାଇଁ ମିଳିତ ପ୍ରୟାସ କରିବାକୁ ପ୍ରେରଣା ଦେବା ଉଦ୍ଦେଶ୍ୟରେ ପ୍ରତିବର୍ଷ ଡିସେମ୍ବର ୯ରେ ଅନ୍ତଃରାଷ୍ଟ୍ରୀୟ ଭ୍ରଷ୍ଟାଚାର ନିରୋଧ ଦିବସ ପାଳନ କରାଯାଉଛି। ୨୦୦୩ ଅକ୍ଟୋବର ୩୧ରେ ସଂଯୁକ୍ତ ରାଷ୍ଟ୍ର (ୟୁଏନ୍) ମହାସଭାରେ ଭ୍ରଷ୍ଟାଚାର ବିରୋଧରେ କନ୍‌ଭେନ୍‌ଶନ୍ ପାରିତ ହୋଇଥିଲା। ଏହା ପରଠାରୁ ଡିସେମ୍ବର ୯କୁ ଅନ୍ତଃରାଷ୍ଟ୍ରୀୟ ଭ୍ରଷ୍ଟାଚାର ନିରୋଧ ଦିବସ ଭାବେ ପାଳିତ ହୋଇଆସୁଛି। ଚଳିତ ବର୍ଷର ଥିମ୍ ରହିଛି 'ଦୁର୍ନୀତି ବିରୋଧରେ ଯୁବପିଢ଼ିଙ୍କୁ ଏକତ୍ରିତ କରିବା'। ଲୋକମାନଙ୍କୁ ଭ୍ରଷ୍ଟାଚାରର ନକରାତ୍ମକ ଦିଗଗୁଡିକ ପ୍ରତି ସଚେତନ କରିବା ଏବଂ ଏହା ବିପକ୍ଷରେ ଲଢେଇ କରିବା ପାଇଁ ଲୋକଙ୍କୁ ଏକଜୁଟ୍ କରିବା ଏହି ଦିବସର ମୁଖ୍ୟ ଉଦ୍ଦେଶ୍ୟ।

-**ବନ୍ଦନା ସେଠୀ**, ଭୁବନେଶ୍ୱର

# ଆଖି ବୁଜିଲା ଚିକିତ୍ସାଧୀନ ମାଖନା ହାତୀ

କେନ୍ଦୁଝର,୮।୧୨
(ନରେଶ ଚନ୍ଦ୍ର ପଟ୍ଟନାୟକ)

କେନ୍ଦୁଝର ବନଖଣ୍ଡ ତେଲକୋଇ ରେଞ୍ଜ କାଳିମା ଗ୍ରାମ ନିକଟରେ ସୋମବାର ସନ୍ଧ୍ୟା ୬ଟା ୩୫ରେ ଏକ ଅସୁସ୍ଥ ମାଖନା ହାତୀ ଆଖି ବୁଜିଛି। ତା'ର ଗୋଡ଼ରେ କ୍ଷତ ହୋଇଥିବାରୁ କେଉଁଆଡ଼େ ଯାଇ ପାରୁ ନ ଥିଲା। ବନ ବିଭାଗ ଗତ ସେପ୍ଟେମ୍ବର ୨୭ରୁ ତା' ଉପରେ ନଜର ରଖି ଚିକିତ୍ସା ଜାରି ରଖିଥିଲା। ସନ୍ଧ୍ୟାରେ କାଳିମା ଗ୍ରାମ ନିକଟସ୍ଥ ଏକ ଜଳାଶୟରେ ଖସିପଡ଼ିଥିଲା। ପ୍ରବଳ ଥଣ୍ଡା ଏବଂ ସ୍ୱାସ୍ଥ୍ୟାବସ୍ଥା ଯୋଗୁ ଉଠିବାରେ ଅସମର୍ଥ ହୋଇଥିଲା। ବନ ବିଭାଗ ପକ୍ଷରୁ ବଞ୍ଚାଇବା ପାଇଁ ଉଦ୍ୟମ ସତ୍ତ୍ୱେ ମୃତ୍ୟୁ ହୋଇଥିଲା। ଡିଏଫ୍‌ଓ ଧନ୍‌ରାଜ ଏଚ୍‌ଡି କହିଛନ୍ତି, ପ୍ରାଣୀ ଚିକିତ୍ସା ଦଳ ଭୁବନେଶ୍ୱରସ୍ଥିତ ବିଶେଷଜ୍ଞଙ୍କ ସହିତ ପରାମର୍ଶ କରି ଜରୁରିକାଳୀନ ସହାୟତା, ଯତ୍ନ ପ୍ରଦାନ କରିଥିଲେ; କିନ୍ତୁ ହାତୀଟି ବଞ୍ଚିପାରି ନ ଥିଲା।


## ମାଧ୍ୟମିକ ଶିକ୍ଷା ପରିଷଦ, ଓଡ଼ିଶା, କଟକ

ମଧ୍ୟମା ସଂସ୍କୃତ ପରୀକ୍ଷା, ୨୦୨୬ (ରେଗୁଲାର ଓ ଏକ୍ସ-ରେଗୁଲାର) ଦଶମ ଶ୍ରେଣୀର କାର୍ଯ୍ୟସୂଚୀ
ବିଜ୍ଞପ୍ତି ନଂ.2400/ (Exam.Conf.-II)/ ତା.3.12.2025 ରିଖ

No.N-229:ଏତଦ୍ଦ୍ୱାରା ରାଜ୍ୟର ସମସ୍ତ ସଂସ୍କୃତ ବିଦ୍ୟାଳୟ/ଟୋଲ୍‌ର ପ୍ରଧାନଶିକ୍ଷକ/ ପ୍ରଧାନଶିକ୍ଷୟିତ୍ରୀ, ପରୀକ୍ଷାର୍ଥୀ, ଅଭିଭାବକ ଏବଂ ସର୍ବସାଧାରଣଙ୍କ ଅବଗତି ନିମନ୍ତେ ଜଣାଇ ଦିଆଯାଉଅଛି ଯେ, ଆସନ୍ତା ୨୦୨୬ ମସିହା ମଧ୍ୟମା ସଂସ୍କୃତ (ରେଗୁଲାର ଓ ଏକ୍ସ-ରେଗୁଲାର) ପରୀକ୍ଷା ତା.୧୯.୦୨.୨୦୨୬ ରିଖଠାରୁ ଆରମ୍ଭ ହୋଇ ତା. ୦୨.୦୩.୨୦୨୬ ରିଖ ପର୍ଯ୍ୟନ୍ତ ନିମ୍ନୋକ୍ତ କାର୍ଯ୍ୟସୂଚୀ ଅନୁଯାୟୀ ଅନୁଷ୍ଠିତ ହେବ ।

| | |
|---|---|
| **19/02/2026 (Thursday)**<br>**(09.00 am to 11.30 am)**<br>**PAPER-IV (MOR/MHN)**<br>ମାତୃଭାଷା (ଓଡ଼ିଆ/ହିନ୍ଦୀ)<br>MATRUBHASA (ODIA/HINDI) | **20/02/2026 (Friday)**<br>**(09.00 am to 11.30 am)**<br>**PAPER-I (VOD)**<br>ସଂସ୍କୃତ ବ୍ୟାକରଣ ଓ ଦର୍ଶନ<br>(SANSKRUTA VYAKARANA 'O' DARSHAN) |
| **21/02/2026 (Saturday)**<br>**(09.00 am to 11.00 am)**<br>**PAPER-VIII (ENG)**<br>ଇଂରାଜୀ ENGLISH | **23/02/2026 (Monday)**<br>**(09.00 am to 11.30 am)**<br>**PAPER-II (SHA)**<br>ସଂସ୍କୃତ ସାହିତ୍ୟମ୍ (SANSKRUTA SAHITYAM) |
| **24/02/2026 (Tuesday)**<br>**(09.00 am to 11.30 am)**<br>**PAPER-III (KKJ/AVJ)**<br>ପ୍ରୟୋଗାତ୍ମକ ସଂସ୍କୃତ<br>(PRAYOGATMAKA SANSKRUTA)<br>(କର୍ମକାଣ୍ଡ ଓ ଜ୍ୟୋତିଷ କିମ୍ବା ଆୟୁର୍ବେଦ ଓ ଯୋଗ) | **25/02/2026 (Wednesday)**<br>**(09.00 am to 11.00 am)**<br>**PAPER-VI (GSC)**<br>ବିଜ୍ଞାନ (SCIENCE) |
| **27/02/2026 (Friday)**<br>**(09.00 am to 11.00 am)**<br>**PAPER-VII (SSC)**<br>ସାମାଜିକ ବିଜ୍ଞାନ (SOCIAL SCIENCE) | **02/03/2026 (Monday)**<br>**(09.00 am to 11.15 am)**<br>**PAPER-V (MTH)**<br>ଗଣିତ (MATHEMATICS) |

✓ **VOD, SHA, KKJ/AVJ** ଏବଂ **MOR/MHN** ବିଷୟଗୁଡ଼ିକରେ ୫୦ ମାର୍କର **Subjective** ପ୍ରଶ୍ନ ଏବଂ ୫୦ ମାର୍କର **Objective (MCQ)** ପ୍ରଶ୍ନ ଆସିବ ।
✓ **MTH, GSC, SSC** ଏବଂ **ENG** ବିଷୟଗୁଡ଼ିକରେ ୩୫ ମାର୍କର **Subjective** ପ୍ରଶ୍ନ ଏବଂ ୪୦ ମାର୍କର **Objective (MCQ)** ପ୍ରଶ୍ନ ଆସିବ ।
**Objective (MCQ)** ପ୍ରଶ୍ନର ଉତ୍ତର **OMR Answer Sheet**ରେ ଏବଂ **Subjective** ପ୍ରଶ୍ନର ଉତ୍ତର ପ୍ରଶ୍ନ ସଂଲଗ୍ନ ଉତ୍ତର ଖାତାରେ ଦେବାକୁ ହେବ ।

**OIPR-27004/11/0121/2526** — **ସ୍ୱା./-ସମ୍ପାଦକ**




“ ଇନ୍ଦ୍ରିୟମାନଙ୍କର କ୍ରିୟାକଳାପ ବା ପ୍ରାଣର ଆବେଗ କିମ୍ବା କାମନା ବାସନାଗୁଡ଼ିକୁ ଯଦି ଆମେ ପରିହାର ବା ଦମନ କରୁ – ତେବେ ଆମେ ସେଗୁଡ଼ିକୁ ନିରାମୟ କରିପାରିବା ନାହିଁ। ତା’ପରିବର୍ତ୍ତେ ଆମେ ଯଦି ସେଗୁଡ଼ିକୁ ବୁଦ୍ଧି ଓ ବିବେକ ଦ୍ୱାରା ଅନୁଶାସିତ ବା ପରିଶୀଳିତ କରୁ ବା ମାର୍ଜିତ କରୁ– ତା’ହେଲେ ସେମାନଙ୍କ ଉପଦ୍ରବରୁ ଆମେ ରକ୍ଷା ପାଇବା। –ଶ୍ରୀମା



# ନେହେରୁ ନୁହେଁ, ଭବିଷ୍ୟତକୁ ଦେଖ

‘ବନ୍ଦେ ମାତରମ୍’ ଭାରତର ଜାତୀୟ ଗୀତ ଭାବେ ଜଣାଶୁଣା। ବଙ୍କିମ ଚନ୍ଦ୍ର ଚାଟାର୍ଜୀଙ୍କ ଦ୍ୱାରା ଏହା ରଚିତ ହୋଇଥିଲା। ୧୮୭୫ ନଭେମ୍ବର ୭ରେ ପ୍ରଥମେ ‘ବଙ୍ଗଦର୍ଶନ’ ସାହିତ୍ୟ ପତ୍ରିକାରେ ଏହା ପ୍ରକାଶ ପାଇଥିଲା। ୨୦୨୫ ନଭେମ୍ବର ୭ରେ ଏହାର ୧୫୦ ବର୍ଷ ପୂର୍ତ୍ତି ହେବା ପରିପ୍ରେକ୍ଷୀରେ କେନ୍ଦ୍ର ସରକାର ଦେଶବ୍ୟାପୀ ବର୍ଷସାରା ଏହା ପାଳନ କରିବା ଲାଗି ନିଷ୍ପତ୍ତି ନେଇଛନ୍ତି। ସ୍ୱାଧୀନତା ସଂଗ୍ରାମକୁ ଏହି ଗୀତ ଶକ୍ତି ଦେଇଥିବାରୁ ସଂସଦରେ ଏହା ଉପରେ ୮ ଡିସେମ୍ବରରେ ବିତର୍କ ଆରମ୍ଭ ହୋଇଛି। ହେଲେ ପ୍ରାରମ୍ଭିକ ପର୍ଯ୍ୟାୟରୁ ଏହାକୁ ନେଇ ରାଜନୀତି ଜୋରଦାର ହୋଇଛି। ପ୍ରଧାନମନ୍ତ୍ରୀ ନରେନ୍ଦ୍ର ମୋଦି କହିଛନ୍ତି, ସ୍ୱାଧୀନତା ସମୟରେ ପୂର୍ବତନ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହେରୁ ସାମ୍ପ୍ରଦାୟିକ ସମ୍ବେଦନଶୀଳତାକୁ ମାନିନେଇଥିଲେ। ସେ ପୁଣି କହିଛନ୍ତି, ନେହେରୁ ଭାବୁଥିଲେ ଯେ, ବନ୍ଦେ ମାତରମ୍ ମୁସଲମାନଙ୍କୁ କ୍ରୋଧିତ କରିବ। ମହମ୍ମଦ ଅଲ୍ଲୀ ଜିନ୍ନା ବନ୍ଦେ ମାତରମ୍‌କୁ ବିରୋଧ କରୁଥିବାରୁ ନେହେରୁ ତାଙ୍କ ସହ ଏକମତ ହୋଇଥିଲେ ବୋଲି ପ୍ରଧାନମନ୍ତ୍ରୀ ମୋଦି କହିଛନ୍ତି। ବନ୍ଦେ ମାତରମ୍‌ର ମୂଳ ‘ଆନନ୍ଦମଠ’ ହୋଇଥିବାରୁ ମୁସଲମାନ ସମ୍ପ୍ରଦାୟକୁ ଏହା ଅପମାନିତ କରିବ ବୋଲି ଜିନ୍ନା ଆଶଙ୍କା ବ୍ୟକ୍ତ କରିବାରୁ ନେହେରୁ ତାଙ୍କ ସହ ସାଲିସ କରିଯାଇଥିଲେ ବୋଲି ମୋଦି କହିବା ପରେ ସଂସଦରେ ରାଜନୈତିକ ବାକ୍‌ବିତଣ୍ଡା ହୋଇଛି।

ଅନ୍ୟପଟେ ଆଜି ଏକବିଂଶ ଶତାବ୍ଦୀର ୨୫ ବର୍ଷ ପୂରିବାକୁ ଯାଉଛି। କେତେଦିନ ପର୍ଯ୍ୟନ୍ତ ଇତିହାସକୁ ଗାଳିଦେଇ କେବଳ ପଛକୁ ଦେଖିବା ତାହା ସାଧାରଣ ନାଗରିକଙ୍କୁ ମଧ୍ୟ ବ୍ୟସ୍ତ କଲାଣି । ନିଃସନ୍ଦେହରେ କୁହାଯାଇପାରେ ଯେ, ଭାରତର ପ୍ରଥମ ପ୍ରଧାନମନ୍ତ୍ରୀ ଜବାହରଲାଲ ନେହେରୁ ଅନେକ ତ୍ରୁଟିପୂର୍ଣ୍ଣ ନିଷ୍ପତ୍ତି ନେଇଥିବେ। ଆଜିର ପ୍ରତ୍ୟେକ ଯୁବତୀଯୁବକ ତାଙ୍କର ନିଜର ମାତାପିତାଙ୍କୁ ଅମାନ୍ୟ କରିବା ସହିତ ସେମାନଙ୍କର ତ୍ରୁଟିକୁ ଧରି ପାରିବାରିକ ଅଶାନ୍ତି ସୃଷ୍ଟି କରୁଛନ୍ତି। ଏହା ହେଉଛି ମଣିଷ ଜାତିର ଏକ କ୍ଷୁଦ୍ର ଚରିତ୍ରର ପରିଚୟ। ଆଗୁଆ ଧାଡ଼ିର ନେତା, ଲେଖକ, ବୈଜ୍ଞାନିକ, କଳାକାର ଏବଂ ସାଧାରଣ ନାଗରିକ ଭାବେ ସେହିମାନେ ପରିଚିତ ହୁଅନ୍ତି, ଯେଉଁମାନେ ବିଗତ ଦିନଗୁଡ଼ିକର ଅନ୍ଧକାର, ଦୋଷତ୍ରୁଟିକୁ ପଛରେ ପକାଇ ନିଜ କାର୍ଯ୍ୟରେ ଭବିଷ୍ୟତକୁ ଗଢ଼ନ୍ତି। ଆଇନଷ୍ଟାଇନଙ୍କ ପୂର୍ବରୁ ତାଙ୍କ ‘ଥିଓରି ଅଫ୍ ରିଲେଟିଭିଟି’ ସମ୍ପର୍କରେ ଅନେକ ବୈଜ୍ଞାନିକ ଗବେଷଣା କରିଥିଲେ ମଧ୍ୟ କେହି ସ୍ୱଷ୍ଟ ଆକାର ଦେଇ ତାହାର ଉଦ୍ଭାବନ କରିପାରି ନ ଥିଲେ। ତେବେ ଆଇନଷ୍ଟାଇନ କେବେ ହେଲେ ପୂର୍ବ ପଦାର୍ଥବିଜ୍ଞାନୀଙ୍କୁ ହୀନ ଭାବେ ଦର୍ଶାଇ ନ ଥିଲେ। ସେହିଭଳି ଭାରତୀୟ ବୈଜ୍ଞାନିକ ସି.ଭି. ରମଣ ଯେତେବେଳେ ‘ରମଣ ଇଫେକ୍ଟ’ ଅବିଷ୍କାର କଲେ ସେହି କ୍ଷେତ୍ରରେ ପୂର୍ବରୁ କାର୍ଯ୍ୟ କରୁଥିବା ବୈଜ୍ଞାନିକମାନଙ୍କୁ କୌଣସି ଜାଗାରେ ସମାଲୋଚନା କରିଥିବାର ପ୍ରମାଣ ନାହିଁ। ଭାରତର ଚଳଚ୍ଚିତ୍ର ଜଗତରେ ଏମ୍. ଜି. ରାମଚନ୍ଦ୍ରନ, ଦେବ ଆନନ୍ଦ, ଦିଲୀପ କୁମାର କିମ୍ବା ରାଜ କପୁର ତାଙ୍କର ନିଜସ୍ୱ ଶୈଳୀରେ ପରିଚିତ ହେବାକୁ ଚେଷ୍ଟା କରିଥିଲେ। ସେମାନଙ୍କ ପୂର୍ବରୁ ସେମାନଙ୍କ ମୁହଁରୁ ପୃଥ୍ୱୀରାଜ କପୁର କିମ୍ବା ଅନ୍ୟ କୌଣସି ପୁରୁଣା କଳାକାରଙ୍କ ବିରୋଧରେ ପଦୁଟିଏ ମଧ୍ୟ ଉଲ୍ଲେଖ କରିଥିବାର ପ୍ରମାଣ ମିଳେ ନାହିଁ। ଏହାପଛରେ ଗୋଟିଏ ମୁଖ୍ୟ କାରଣ ରହିଛି। ଉଦାହରଣ ସ୍ୱରୂପ, ନେହେରୁଙ୍କ ସମୟରେ ସ୍ୱାଧୀନତା ପାଇଥିବା ଭାରତରେ ଷ୍ଟିଲରୁ ଛୁଞ୍ଚିଟିଏ ତିଆରି ହେଉ ନ ଥିଲା। ୭୦ ବର୍ଷରୁ ଊର୍ଦ୍ଧ୍ୱ ସ୍ୱାଧୀନତା ପରେ ପ୍ରଧାନମନ୍ତ୍ରୀ ମୋଦିଙ୍କ ଭାରତ ଏହି ଦେଶର ନାଗରିକଙ୍କ ଶ୍ରମ ଓ ରକ୍ତରେ ଗଢ଼ିଉଠିଛି। ଆମ ଧାରଣାରେ କୌଣସି ଦେଶକୁ ରାଜନୈତିକ ନେତୃବୃନ୍ଦ ସୃଷ୍ଟି କରନ୍ତି ନାହିଁ। ଦେଶ ଗଠନର ପରିଶ୍ରମ ଚାଷୀ, ମଲିମୁଣ୍ଡିଆ, କାରଖାନା ଶ୍ରମିକ, ସୈନିକ, ବ୍ୟବସାୟୀ ଓ ଶିଳ୍ପପତିଙ୍କ ଭଳି ସାଧାରଣ ନାଗରିକ ତିଆରି କରନ୍ତି। ରାଜନେତାମାନଙ୍କ ମୁଖ୍ୟ କର୍ତ୍ତବ୍ୟ ହେଉଛି ଉଚ୍ଚକୋଟୀର ନୀତି ସୃଷ୍ଟି କରିବା ସହିତ ନିଜେ ନିଜ ଜୀବନକୁ ଅନୁକରଣ କଲାଭଳି ମଣିଷ ଭାବେ ସାବ୍ୟସ୍ତ କରିବା ଦରକାର। ଇତିହାସରୁ ଶିକ୍ଷା ନେବା ଉଚିତ। କିନ୍ତୁ ସବୁବେଳେ ଇତିହାସକୁ ସମାଲୋଚନା କରିବା ପରିବର୍ତ୍ତେ ଭବିଷ୍ୟତର ଦେଶ ଓ ଦେଶବାସୀଙ୍କ ଚରିତ୍ର ସୁଧାରିବା ହେବା କଥା ମୂଳ ଆହ୍ୱାନ।

ସଂସଦରେ ବନ୍ଦେ ମାତରମ୍‌ର ମାହାତ୍ମ୍ୟ ଉପରେ ଆଲୋଚନା କରାଯିବାର ସମୟ ସ୍ଥିର ହୋଇଥିବା ବେଳେ ତାହାକୁ ରାଜନୀତିକରଣ କରାଯିବା ଆଜିର ସ୍ଥିତିରେ ଏକ ଘୃଣ୍ୟ ପରମ୍ପରା ସୃଷ୍ଟି ହୋଇଛି ବୋଲି କୁହାଯାଇପାରେ। ନେହେରୁଙ୍କୁ ଭାଜପା ରାଷ୍ଟ୍ରନୀତିଜ୍ଞ ଭାବେ ମାନିବାକୁ ନାରାଜ। ଅବଶ୍ୟ ଏହା ଏକ ରାଜନୈତିକ ଦଳର ଆଦର୍ଶଗତ ଚିନ୍ତାଧାରା ହୋଇପାରେ। କିନ୍ତୁ ମୃତ୍ୟୁର ୬ ଦଶନ୍ଧି ପରେ ତାଙ୍କୁ ଏବର ରାଜନୈତିକ ଗୋଳିଆପାଣି ଭିତରକୁ ବାରମ୍ବାର ଟାଣି ଆଣିବା ଅସୁନ୍ଦର ଲାଗୁଛି। ଉଦାହରଣ ଦେଇ କୁହାଯାଇପାରେ ଏମ୍ସ, ଆଇଆଇଟି, ଆଇଆଇଏମ୍, ଓଡ଼ିଶାର ରାଉରକେଲା ଷ୍ଟିଲ ପ୍ଲାଣ୍ଟ କିମ୍ବା ହୀରାକୁଦ ନଦୀବନ୍ଧ ଭଳି ସ୍ଥାପନାକୁ ଅନେକେ ତ୍ରୁଟିପୂର୍ଣ୍ଣ ଦେଖୁଥାଇ ପାରନ୍ତି। କିନ୍ତୁ ଆଜି ସେଭଳି କେଉଁ ନୂଆ କାର୍ଯ୍ୟ ହେଉଛି ତାହା ଅର୍ଦ୍ଧଶତାବ୍ଦୀ ପରେ ସେ ସମୟର ଯୁବପିଢ଼ି ଚିନ୍ତା କରିବେ। ନେହେରୁଙ୍କ ସବୁ ନିଷ୍ପତ୍ତି ନିଖୁଣ ହୋଇ ନ ଥାଇପାରେ। କିନ୍ତୁ ସେ ଭିନ୍ନ ମତକୁ ସମ୍ମାନ ଦେଉଥିଲେ ବୋଲି ପଢ଼ିବାକୁ ମିଳେ। ହେଲେ ଏବର ସରକାର ସେହି ପରମ୍ପରାକୁ ବଜାୟ ରଖିବା ପରିବର୍ତ୍ତେ ବିରୋଧୀଙ୍କ ସ୍ୱରକୁ ସର୍ବଦା ଚାପିଦେବାକୁ ଚେଷ୍ଟା କରୁଛି।

ଆଜିର ଡିଜିଟାଲ ଯୁଗରେ ପ୍ରତି ମୁହୂର୍ତ୍ତର କଥା ଓ କାର୍ଯ୍ୟ ଲିପିବଦ୍ଧ ବା ସାଇତା ହୋଇ ରହିଯାଉଛି। ନେହେରୁଙ୍କ ସମୟରେ କ’ଣ ଘଟିଥିଲା ତାହା ଇତିହାସ ବହିରୁ ପଢ଼ିବାକୁ ମିଳୁଛି। ସେଥିରେ ସତ୍ୟତା ଓ ତଥ୍ୟରେ ହୁଏତ କେତେକ ସ୍ଥାନରେ ଫରକ୍ ଆସିପାରେ। ହେଲେ ଏବେ ନେତାମାନେ ଯାହା କହୁଛନ୍ତି ଓ କରୁଛନ୍ତି, ତାହା ସମ୍ପୂର୍ଣ୍ଣ ଭାବେ ଭବିଷ୍ୟତ ପିଢ଼ି ପାଇଁ ଦଲିଲ ଭାବେ ପ୍ରତୀୟମାନ ହେବ। ଏବେ ସାଇତା ଯାଇପାରୁଥିବା ଛବି ଓ ସ୍ୱରର ପ୍ରମାଣକୁ ଭବିଷ୍ୟତରେ କେହି ଅସ୍ୱୀକାର କରିପାରିବେ ନାହିଁ। ଏଭଳି ପ୍ରଚ୍ଛଦପଟରେ କୁହାଯାଇପାରେ ଯେ, ଅତୀତର ନେତାଙ୍କ କଥା ଓ କାର୍ଯ୍ୟକୁ ନେଇ ଆଜିର ନେତୃତ୍ୱ ଯେଉଁଭଳି ଢଙ୍ଗରେ ସେମାନଙ୍କୁ ନିନ୍ଦା କରୁଛନ୍ତି, ଏବେ ସେମାନେ କରୁଥିବା କର୍ମମାନ ଓ ଉଚ୍ଚାଟ କରୁଥିବା ସ୍ୱର ମଧ୍ୟ ସମୟକ୍ରମେ ପରଖାଯିବ। ବର୍ତ୍ତମାନ ଅନେକ ଭାରତବାସୀ ପ୍ରଧାନମନ୍ତ୍ରୀ ମୋଦିଙ୍କୁ ସମ୍ମାନ ଓ ଶ୍ରଦ୍ଧା କରୁଛନ୍ତି। ଆଗାମୀ ଦିନଗୁଡ଼ିକରେ ପରବର୍ତ୍ତୀ ପିଢ଼ି ଯଦି ଆଜିର କାର୍ଯ୍ୟ ଓ ମତକୁ ନକାରାତ୍ମକ ଦୃଷ୍ଟିରେ ଦେଖନ୍ତି, ତେବେ ସେତେବେଳେ ଜୀବିତ ଭାରତୀୟଙ୍କୁ ବାଧିପାରେ। ସେଥିପାଇଁ ନିଜ କର୍ତ୍ତବ୍ୟକୁ ଉଚିତ ଭାବେ କରିବା ହେଉଛି ଉଚ୍ଚକୋଟୀ ନେତୃତ୍ୱର ପରିଚାୟକ।

## su|do|ku — ସୁ-ଡୋ-କୁ

Puzzles by Srikant Ghosh

| | | | | | | | | |
|---|---|---|---|---|---|---|---|---|
| | | 7 | | 1 | | 6 | | 3 |
| | | | | 9 | 2 | | | 1 |
| | 4 | | 5 | | | | | |
| 4 | 2 | | | | | | 3 | |
| | | | | | | 9 | | |
| | | | | | | 7 | | 2 |
| | 9 | 3 | 6 | | 8 | | | |
| | 8 | | 9 | 7 | | | | |
| | | | | | | 3 | | 8 |

ଏହାର ଉତ୍ତର ଆସନ୍ତାକାଲି ପ୍ରକାଶ ପାଇବ

ଉପରେ ପ୍ରଦତ୍ତ ସୁଡୋକୁର ଏପରି ସମାଧାନ କରିବାକୁ ହେବ, ଯେପରି ପ୍ରତ୍ୟେକ ଧାଡ଼ି, ସ୍ତମ୍ଭ ଓ ଆୟତାକାର ବାକ୍ସ ଭିତରେ ୧ରୁ ୯ ପର୍ଯ୍ୟନ୍ତ ଅଙ୍କ ରହିବ।

| | | | | | | | | |
|---|---|---|---|---|---|---|---|---|
| 6 | 8 | 5 | 7 | 2 | 4 | 3 | 9 | 1 |
| 7 | 9 | 4 | 3 | 1 | 5 | 6 | 8 | 2 |
| 3 | 2 | 1 | 6 | 8 | 9 | 4 | 5 | 7 |
| 1 | 4 | 3 | 9 | 6 | 2 | 5 | 7 | 8 |
| 2 | 6 | 8 | 5 | 3 | 7 | 9 | 1 | 4 |
| 9 | 5 | 7 | 1 | 4 | 8 | 2 | 3 | 6 |
| 8 | 7 | 9 | 2 | 5 | 6 | 1 | 4 | 3 |
| 5 | 3 | 2 | 4 | 7 | 1 | 8 | 6 | 9 |
| 4 | 1 | 6 | 8 | 9 | 3 | 7 | 2 | 5 |

ଗତକାଲିର ଉତ୍ତର

# ଶିଶୁ ଅନୁକୂଳ ପାଠାଗାର



ଲୋକନାଥ ପଣ୍ଡା

ଜାତୀୟ ଶିକ୍ଷାନୀତି ୨୦୨୦ରେ ଏବଂ ଜାତୀୟ ପାଠ୍ୟ ଖସଡ଼ା ୨୦୨୨ରେ ପ୍ରାକ୍-ପ୍ରାଥମିକ ଶିକ୍ଷାରେ ଇମରଜେଣ୍ଟ ଲିଟେରାସି ବା ଅଙ୍କୁରିତ ସାକ୍ଷରତା, ଇମରଜେଣ୍ଟ ରିଡିଂ ବା ଅଙ୍କୁରିତ ପଠନ ବା ପ୍ରାକ୍-ପଠନ, ପ୍ରାକ୍-ଲିଖନ ଆଦି ସମ୍ପର୍କରେ ବର୍ଣ୍ଣନା କରାଯାଇଛି। ଜାତୀୟ ଶିକ୍ଷାନୀତିରେ ଶିଶୁଟି ୩+ ବେଳକୁ ପୁସ୍ତକ କିପରି ଖୋଲିବ, ପୁସ୍ତକ କିପରି ଓଲଟାଇବ, ବାଆଁରୁ ଡାହାଣକୁ ପଠନ ଆଦି ସମ୍ପର୍କରେ ଶିଶୁଟି ୩+ ବେଳକୁ ଜାଣିବ ଏବଂ ପୁସ୍ତକ ଦେଖି ପ୍ରି-ଟେଣ୍ଡ ରିଡିଂ ବା ଅନୁଭୂତି ଆଧାରିତ ପଠନ କରିବ, ପ୍ରାକ୍ ଲିଖନ କରିବ ସେ ସମ୍ପର୍କରେ ବର୍ଣ୍ଣନା ରହିଛି । ଏ ସବୁ ମୂଳରେ ରହିଛି ଶିଶୁବାଟିକାରେ କିମ୍ବା ଶିଶୁଙ୍କ ଅଙ୍ଗନୱାଡି ହେଉ କିମ୍ବା ପ୍ରାଥମିକ ବିଦ୍ୟାଳୟରେ କେତେଦୂର ପୁସ୍ତକ ହାତପାଆନ୍ତାରେ ମିଳୁଛି ଏବଂ ଶିକ୍ଷକ ବା ଅଙ୍ଗନୱାଡି ଦିଦି କେତେଦୂର ଶିଶୁଙ୍କୁ ପୁସ୍ତକ ସହ ପରିଚିତ କରାଉଛନ୍ତି!

ବିଦ୍ୟାଳୟର ପାଠାଗାର କିମ୍ବା ଗାଁ ପାଠାଗାର ହେଉ, ଯଦି ଏହା ସକ୍ରିୟ ଥାଏ ତେବେ ନିଶ୍ଚିତ ଭାବରେ ପିଲାଟି ଦିନରୁ ବହି ପ୍ରତି ଆକୃଷ୍ଟ କରିବା ତଥା ବହି ମାଧ୍ୟମରେ ଭାଷାର ବିକାଶ ହୋଇଥାଏ।ପୁସ୍ତକଗୁଡ଼ିକ ଯଦି ସୁନ୍ଦର ପରିପାଟୀ ହୋଇଥାଏ, ତେବେ ତାହା ପିଲାମାନଙ୍କୁ ଆକର୍ଷିତ କରିଥାଏ।ନିକଟରେ ମୁଁ ବିଷମକଟକ ବ୍ଲକ୍‌ର କିଛି ପ୍ରାଥମିକ ବିଦ୍ୟାଳୟ ବୁଲି ଦେଖୁଥିଲି, ଯେଉଁଠି ଶିଶୁଙ୍କ ପାଇଁ ପୁସ୍ତକ ଥିଲା, ପୁସ୍ତକଗୁଡ଼ିକ ମୁଖ୍ୟତଃ ଚିତ୍ରମୟ ଏବଂ କେତୋଟି ପୁସ୍ତକରେ କିଛି କିଛି ଲେଖା ଥିଲା । ଅବସର ସମୟରେ ଶିଶୁବାଟିକା ଓ ପ୍ରଥମ ଶ୍ରେଣୀର ଶିଶୁମାନେ ପୁସ୍ତକରୁ ଚିତ୍ର ଦେଖୁଥିଲେ ଏବଂ ଚିତ୍ର ଦେଖି ନିଜେ ଚିତ୍ରକୁ ଆଧାରକରି ବାକ୍ୟ କିଏ ଶବ୍ଦ କିଏ କହୁଥିଲେ। ବେଳେ ବେଳେ ପୁସ୍ତକକୁ ଆଧାରକରି ଚିତ୍ର ମଧ୍ୟ କରୁଥିଲେ।

ବିଷମକଟକ ବ୍ଲକ୍‌ର କିରିବିରି ପ୍ରାଥମିକ ବିଦ୍ୟାଳୟକୁ ଦେଖୁଥିଲି।ସରକାରଙ୍କ ତରଫରୁ ବିଦ୍ୟାଳୟଗୁଡ଼ିକରେ କବିତା ପୋଷ୍ଟର ଆଦି ଦିଆଯାଇଛି, ଯାହାକି ଶିଶୁଙ୍କୁ ପାଠ୍ୟପୁସ୍ତକ ସହ ଚିତ୍ର ସାଙ୍ଗକୁ କାହାଣୀ ପୁସ୍ତକ ବ୍ୟବହାର ସମ୍ପର୍କରେ ଆଗ୍ରହ ସୃଷ୍ଟି ହୋଇପାରିବ।ବିଦ୍ୟାଳୟଗୁଡ଼ିକରେ ବିଭିନ୍ନ କର୍ଣ୍ଣର ତିଆରି ହୋଇଛି। ସେଥିମଧ୍ୟରେ ଲାଇବ୍ରେରି କର୍ନର ରହିଛି। ବିଦ୍ୟାଳୟରେ ପୁସ୍ତକଗୁଡ଼ିକ ଏକ ଝୋଟ ବ୍ୟାଗ୍‌ରେ ରଖାଯାଇଥିଲା, ଶିଶୁମାନେ ଯେତେବେଳେ ଚାହିଁବେ ବା ଶିକ୍ଷାଦାନ ଚାଲି ନ ଥିବା ବେଳେ ପୁସ୍ତକ ନେଇ ପଢ଼ିପାରିବେ ବା ବ୍ୟବହାର କରିପାରିବେ। ସେଠାକାର ପିଲାଙ୍କ ସହ କଥାବାର୍ତ୍ତା ହେଉଥିଲି, ଶିଶୁମାନେ ପୁସ୍ତକ ନେଇ ପଢୁଛନ୍ତି ବୋଲି କହୁଥିଲେ, ପୁସ୍ତକଗୁଡ଼ିକର ନାମ ମଧ୍ୟ କହିପାରୁଥିଲେ।ବିଦ୍ୟାଳୟ ତରଫରୁ ପାଠାଗାରରୁ ପ୍ରତି ମାସରେ ଅଧିକ ପୁସ୍ତକ ପଢୁଥିବା ଶିଶୁଙ୍କୁ ପ୍ରାର୍ଥନା ସଭାରେ ସମ୍ମାନିତ କରାଯିବା ବିଷୟ ମଧ୍ୟ ସୂଚନା ଦେଉଥିଲେ।ବିଦ୍ୟାଳୟର ଶିଶୁମାନଙ୍କର ଶିକ୍ଷଣ ସ୍ତର ମଧ୍ୟ ଅଧିକ ଥିଲା। ବଡ଼କଥା ହେଲା ଶିଶୁମାନେ ବେଶ୍ ସକ୍ରିୟ ଓ ଖୁସି ପରିବେଶରେ ଥିଲେ।ବିଦ୍ୟାଳୟର ଶିକ୍ଷକମାନଙ୍କ ନିଷ୍ଠାପର ଉଦ୍ୟମକୁ ପ୍ରଶଂସାକରି ରହିପାରୁ ନ ଥିଲି। କଥା ହେଉଛି ବିଦ୍ୟାଳୟକୁ ଯୋଗାଉଥିବା ପୁସ୍ତକଗୁଡ଼ିକ ଶିଶୁଙ୍କୁ ଅନୁକୂଳ ହେବା ଭଳି ଓ ପିଲାଙ୍କୁ ଆକର୍ଷଣ ହେବା ଭଳି ଥିଲା। ସିନି-ଟାଟା ଟ୍ରଷ୍ଟ ତରଫରୁ ବିଷମକଟକ ବ୍ଲକ୍‌ର ହାଟ ମୁନିଗୁଡ଼ା, ବଡ଼ଧାଣ୍ଡରା, ଚାଟିକଣା, ଜୋଡ଼, କାଙ୍କୁବାଡ଼ି ଆଦି ପ୍ରାଥମିକ ବିଦ୍ୟାଳୟରେ ଲାଇବ୍ରେରିର ପଠନ ନିମନ୍ତେ ଏକ ଶିଶୁ କୈନ୍ଦ୍ରିକ ପାଠାଗାରର ବ୍ୟବସ୍ଥା ହୋଇଛି ଏବଂ ଶିଶୁମାନେ ଏହାକୁ ଉପଯୋଗ କରୁଛନ୍ତି। ପ୍ରତି ମାସରେ ଯିଏ ପାଠାଗାରରୁ ପୁସ୍ତକ ନେଇ ଅଧିକ ବହି ପଢ଼ିଛି, ତାକୁ ସମ୍ମାନିତ କରିବା ଆଦି ବିଷୟରେ ଆଲୋଚନା ପ୍ରସଙ୍ଗରେ ଜାଣିବାକୁ ପାଉଥିଲି। କିଛି ବିଦ୍ୟାଳୟରେ ଦେଖୁଥିଲି, ଶିଶୁମାନେ ମଧ୍ୟ ଲାଇବ୍ରେରି ପୁସ୍ତକ ପରିଚାଳନା କରୁଛନ୍ତି, କିଏ ବହି ନେଉଛନ୍ତି, କିଏ କେଉଁ ବହି ରଖିଛନ୍ତି, ତାହାର ଏକ ତାଲିକା ରଖୁଛନ୍ତି। ବହି ସମ୍ପର୍କରେ ଆଲୋଚନା ମଧ୍ୟ କରୁଛନ୍ତି।



ପାଠାଗାର ହେଉଛି ଶିଶୁଙ୍କ ଶିକ୍ଷା ପ୍ରତି ଆଗ୍ରହ ସୃଷ୍ଟି କରିବାରେ ପ୍ରକୃଷ୍ଟ ମାଧ୍ୟମ। ବିଦ୍ୟାଳୟଗୁଡ଼ିକରେ ଯଦି ଅଙ୍ଗନୱାଡି ସମୟରୁ ଶିଶୁଙ୍କୁ ବହି ପ୍ରତି ଆଗ୍ରହ ସୃଷ୍ଟି ହେବା ଭଳି କିଛି ଗତିବିଧି କରାଯାଏ, ଶିଶୁର ହାତପାଆନ୍ତାରେ ବହି ରହେ, ତେବେ ନିଶ୍ଚିତ ଭାବରେ ଶିଶୁମାନଙ୍କର ଶିକ୍ଷା ପ୍ରତି ଆଗ୍ରହ ବଢ଼ିଥାଏ ଓ ପରବର୍ତ୍ତୀ ସମୟରେ ମାଆବାପାଙ୍କୁ ଅବା ଶିକ୍ଷକଙ୍କୁ ଶିଶୁଟିର ପାଠପଢ଼ା ପ୍ରତି ବିଶେଷ ଚିନ୍ତା କରିବାକୁ ପଡ଼ି ନ ଥାଏ। ଅନେକ ସମୟରେ ଅଭିଭାବକଙ୍କ ଧାରଣା ଥାଏ ଯେ, ଲାଇବ୍ରେରି ପୁସ୍ତକ କିମ୍ବା ପାଠ୍ୟପୁସ୍ତକ ଛଡ଼ା ଅନ୍ୟ ପୁସ୍ତକ ବାଟବଣା କରିଦେଇଥାଏ। ଏହିଭଳି ଭ୍ରାନ୍ତ ଧାରଣାରୁ ଅଭିଭାବକ ବାହାରକୁ ଆସିବା ଦରକାର। ଏପରିକି ଅନେକ ସମୟରେ ଶିକ୍ଷକ ମଧ୍ୟ ଲାଇବ୍ରେରି ପୁସ୍ତକ ପ୍ରତି ବିଶେଷ ଗୁରୁତ୍ୱ ଦେଇ ନ ଥାନ୍ତି।

ବିଦ୍ୟାଳୟକୁ ସରକାରଙ୍କ ତରଫରୁ ହେଉ କିମ୍ବା ବିଭିନ୍ନ ଅନୁଷ୍ଠାନ ତରଫରୁ ଶିଶୁ ଉପଯୋଗୀ ପୁସ୍ତକ ନିରନ୍ତର ଭାବରେ ଯୋଗାଇ ଦିଆଯାଉଛି। ବିଦ୍ୟାଳୟର ପାଠାଗାରକୁ ଶିଶୁ ଉପଯୋଗୀ କରିବା ସମସ୍ତଙ୍କର ଦାୟିତ୍ୱ। କେବଳ ଶିକ୍ଷକ ନୁହନ୍ତି, ଗୋଷ୍ଠୀ ଅଭିଭାବକ ମଧ୍ୟ ବିଦ୍ୟାଳୟରେ ହେଉ ଘରେ ଛୋଟ ଛୋଟ ପାଠାଗାରଟିଏ ବିକାଶ କରିବା ଦରକାର। ଯଦି ଘରେ କିମ୍ବା ଗାଁରେ ପାଠାଗାରଟିଏ ଥାଏ, ତେବେ ଶିଶୁମାନଙ୍କର ପାଠପଢ଼ାରେ କେବଳ ନୁହେଁ, ଗ୍ରାମବାସୀଙ୍କ ଉପରେ ମଧ୍ୟ ଏହାର ପଭାବ ପଡ଼ିବ। ଗ୍ରାମବାସୀଙ୍କର ପଠନ ଦିଗ ପ୍ରତି ଆଗ୍ରହ ବଢ଼ିବ।ଅନେକ ସମୟରେ ଦେଖାଯାଏ, ଚା’ ଦୋକାନୀ, ଜଳଖିଆ ଦୋକାନୀ, ପାନଦୋକାନୀ, ସେଲୁନ ଆଦିରେ ଖବରକାଗଜଟିଏ ରଖାଯାଇଥାଏ। ଏହାର ପ୍ରଭାବ ମଧ୍ୟ ସେମାନଙ୍କର ବ୍ୟବସାୟରେ ଅନେକ ମାତ୍ରାରେ ପଡ଼ିଥାଏ। ପଠନ ପ୍ରତି ଲୋକଙ୍କର ଆଗ୍ରହ ଏଥିରୁ ଅନୁମାନ କରିହୁଏ।

ଗାଁ ଗହଳିରେ ହେଉ, ସହରରେ ହେଉ ପୂର୍ବରୁ ପାଠାଗାରଟିଏ ଥିଲା। ପାଠାଗାରରେ ପୁସ୍ତକ ରହୁଥିବା ସହ ଅନେକ ପତ୍ରିକା (ବିଭିନ୍ନ ଭାଷାଭାଷୀ) ସହିତ ଖବରକାଗଜ ଆସୁଥିଲା।ବାପା, ମାଆ ଖବରକାଗଜ ପଠନକୁ ଆଧାରକରି ପିଲାଏ ମଧ୍ୟ ଖବରକାଗଜ ପଠନର ଅଭ୍ୟାସରେ ପଡ଼ିଯାଉଥିଲେ। ଅନେକ ବ୍ୟକ୍ତିବିଶେଷ ନିଜର ବ୍ୟକ୍ତିଗତ ପାଠାଗାର କରିଥିଲେ, ତାହାର ପ୍ରଭାବ ମଧ୍ୟ ନିଜ ଉପରେ ଏବଂ ଅନ୍ୟ ଉପରେ ପଡୁଥିଲା । ପୂର୍ବରୁ ସରକାରଙ୍କର ଜନ ସାକ୍ଷରତା ଓ ନିରନ୍ତର ଶିକ୍ଷା କାର୍ଯ୍ୟକ୍ରମ ଚାଲୁଥିଲା।ପଞ୍ଚାୟତ ସ୍ତରରେ ଲାଇବ୍ରେରି ଘର, ଗୋଷ୍ଠୀ ଘରରେ ଲାଇବ୍ରେରି ପୁସ୍ତକ ରଖିବା ପାଇଁ ଉତ୍ସାହିତ କରାଯାଉଥିଲା। ଗାଁରେ ଗୋଷ୍ଠୀ ଲାଇବ୍ରେରିଟିଏ ଥିଲା। କିନ୍ତୁ ବର୍ତ୍ତମାନ ତାହା ବନ୍ଦ ହୋଇଗଲାଣି କହିଲେ ଚଳେ!

ନିକଟରେ ଜଣେ ଅବସରପ୍ରାପ୍ତ ଇଞ୍ଜିନିୟର ଫୋନ୍ ମାଧ୍ୟମରେ ପ୍ରାୟ ଅଧାଘଣ୍ଟାରୁ ଅଧିକ ପାଠାଗାର ସମ୍ବନ୍ଧରେ ଆଲୋଚନା କରିଥିଲେ। ସେ ତାଙ୍କର ଅନୁଭୂତିରୁ କହିଲେ, ସେ ଆଜି ଯାହା ହୋଇଛନ୍ତି କେବଳ ପିଲାଟି ଦିନରୁ ପାଠାଗାରର ସୁଯୋଗ ପାଇଥିବାରୁ ଏବଂ ପିଲାଟି ଦିନରୁ ପାଠାଗାରର ବ୍ୟବହାର କରିଥିବାରୁ। ସେ ନିଜର ଅନୁଭୂତିରୁ କହିଥିଲେ, ନିଜର ଲାଇବ୍ରେରିଟିଏ କରିଛନ୍ତି। ଲାଇବ୍ରେରି ଯୋଗୁ ତାଙ୍କର ଜୀବନରେ ଅନେକ ପରିବର୍ତ୍ତନ ଆସିଛି।ବ୍ୟକ୍ତି ଜଣକ ୮୬ ବୟସରେ ବେଶ୍ କର୍ମଚଞ୍ଚଳ ଅଛନ୍ତି। ବେଦ, ଉପନିଷଦ ତଥା ଅନେକ ପୁସ୍ତକ ସମ୍ପର୍କରେ ଅନର୍ଗଳ କହିପାରୁଛନ୍ତି ଏବଂ ବର୍ତ୍ତମାନ ଅନେକ ଅନୁଷ୍ଠାନର କର୍ମକର୍ତ୍ତା ମଧ୍ୟ ଅଛନ୍ତି।

ବିଦ୍ୟାଳୟକୁ କେବଳ ପୁସ୍ତକ ଦେଇଦେଲେ କିମ୍ବା କିଣିଦେଲେ ହେବନାହିଁ, ଏଥିପାଇଁ ଯଦି ଶିଶୁ ଅନୁକୂଳ ପାଠାଗାରଟିଏ ବିକାଶହେବ, ଶିଶୁ ମନଲାଖି ପୁସ୍ତକ ରହିବ,ଶିଶୁମାନେ ଯଦି ପ୍ରାଥମିକସ୍ତରରେ ପୁସ୍ତକକୁ ନେଇ ଅନେକ ସୁଯୋଗ ପାଇବେ, ତେବେ ନିଶ୍ଚିତଭାବରେ ଶିକ୍ଷଣସ୍ତର, ସେମାନଙ୍କର କଳ୍ପନାର ବିକାଶ, ସୃଜନଶକ୍ତିର ବିକାଶ ଘଟିବ।ପୁସ୍ତକକୁ ନେଇ ବିଭିନ୍ନ ଗତିବିଧି ମଧ୍ୟ ହେବ। ଆମେ ଯଦି ଶିଶୁ ଉପଯୋଗୀ ଏବଂ ସେମାନଙ୍କର ଆଗ୍ରହ ହେବାଭଳି ସଚିତ୍ର ପୁସ୍ତକ ଯୋଗାଇଦେବା, ପୁସ୍ତକ ସମ୍ପର୍କରେ ନିୟମିତ ଅନ୍ତରରେ ଶିଶୁଙ୍କ ସହ ଆଲୋଚନାକରିବା, ପୁସ୍ତକକୁ ନେଇ ଶିଶୁଙ୍କ ମଧ୍ୟରେ ଆଗ୍ରହ ସୃଷ୍ଟିକରିବା, ତେବେ ନିଶ୍ଚିତଭାବରେ ଶିଶୁର ଶିକ୍ଷଣସ୍ତର ବଢ଼ିବା ସହ ଶିଶୁଟି ମଧ୍ୟ ବିଦ୍ୟାଳୟକୁ ଭଲପାଇବ। ବିଦ୍ୟାଳୟରେ ଯେପରି ଭଲ ବଗିଚାଟିଏ ଥିଲେ ଶିଶୁଙ୍କୁ ଆକର୍ଷିତ କରିଥାଏ, ସେହିଭଳି ଶିଶୁଙ୍କ ଅନୁକୂଳ ପାଠାଗାର ମଧ୍ୟ ଶିଶୁଙ୍କୁ ପାଠପଢ଼ିବା ପାଇଁ ଉତ୍ସାହିତକରିବାରେ ସହାୟକ ହେବ।

ରାଣୀଗୁଡ଼ା, ରାୟଗଡ଼ା
ମୋ:୯୪୩୮୦୮୧୪୩୦

# ଜୀବନ୍ତ ଗ୍ରହର ଜୀବନ ରହସ୍ୟ



ଡ. କମଳାକାନ୍ତ ଜେନା

ପୃଥିବୀକୁ ମିଶେଇ ଆଠଟା ଗ୍ରହ, ପ୍ଲୁଟୋକୁ ମିଶେଇ ୫ଟା ବାମନଗ୍ରହ, ଚନ୍ଦ୍ରକୁ ମିଶେଇ ଶହ ଶହ ଉପଗ୍ରହ, ଗ୍ରହାଣୁପୁଞ୍ଜ, ଅଗଣିତ ଛୋଟବଡ଼ ପିଣ୍ଡ ଏବଂ ବିଶାଳକାୟ ସୂର୍ଯ୍ୟକୁ ନେଇ ଆମର ସୌରଜଗତ ତିଆରି ହୋଇଛି। ସମସ୍ତେ ସୂର୍ଯ୍ୟ ଚାରିପଟେ ବୁଲନ୍ତି। ସମସ୍ତଙ୍କ ଭିତରେ ଆମ ପୃଥିବୀ କଥା ନିଆରା। କାରଣ ଏତେ ଗ୍ରହ-ଉପଗ୍ରହ ରହିଥିଲେ ବି କେବଳ ପୃଥିବୀ ଗ୍ରହରେ ଜୀବଜନ୍ତୁ ଅଛନ୍ତି। ତେଣୁ ପୃଥିବୀକୁ ଆମ ସୌରଜଗତର ‘ଜୀବଗ୍ରହ’ ବୋଲି କୁହାଯାଉଛି। ଆମ ସୂର୍ଯ୍ୟ ଗୋଟିଏ ନକ୍ଷତ୍ର, ଯାହାର ସୌରଜଗତ ଅଛି। ଆମେ ରାତିରେ ହଜାର ହଜାର ତାରା ଦେଖୁ। କେଇଟା ତାରାକୁ ଛାଡ଼ିଦେଲେ ବାକି ତାରା ବି ନକ୍ଷତ୍ର। ସେମାନେ ଆମ ସୌରଜଗତ ବାହାରେ ଅଛନ୍ତି। ଆମ ସୂର୍ଯ୍ୟ ପରି ଅନେକ ନକ୍ଷତ୍ରର ସୌରଜଗତ ଅଛି ଓ ଗ୍ରହ-ଉପଗ୍ରହ ଅଛନ୍ତି। ସେମାନେ ନିଜର ନକ୍ଷତ୍ର ଚାରିପଟେ ବୁଲୁଛନ୍ତି। ସେଗୁଡ଼ିକୁ ‘ବାହ୍ୟଗ୍ରହ’ କହୁ। ଅନେକ ବାହ୍ୟଗ୍ରହକୁ ଚିହ୍ନଟ କରାଯାଇଛି, କିନ୍ତୁ ସେଠାରେ ଜୀବଜନ୍ତୁ ଥିବାର ପ୍ରମାଣ ମିଳିନାହିଁ।

ପୃଥିବୀରେ ଜୀବନ୍ତ ପ୍ରାଣୀ ରହିପାରିବାର ଅନେକ କାରଣ ଆମକୁ ଜଣା। ବଡ଼ କାରଣ ହେଉଛି ଜଳର ଉପସ୍ଥିତି। ପୃଥିବୀ ବାହାରେ କୌଣସି ‘ବାହ୍ୟଗ୍ରହ’ରେ ମଧ୍ୟ ପାଣି ଥିଲେ ସେଠାରେ ଜୀବଜନ୍ତୁ ଥିବାର ସମ୍ଭାବନାକୁ ଏଡ଼େଇ ପାରିବା ନାହିଁ। ଆଜିକୁ ୪୫୦ କୋଟି ବର୍ଷ ତଳେ ପୃଥିବୀ ସୃଷ୍ଟି ହେଲା। ସେତେବେଳେ ପୃଥିବୀ ପୃଷ୍ଠରେ କୌଣସି ଜୀବ ନଥିଲେ। ପୃଥିବୀରେ ସମୁଦ୍ର ସୃଷ୍ଟି ହେଲା। ପ୍ରାୟ ୧୦୦ କୋଟି ବର୍ଷ ବିତିଲା ପରେ ସମୁଦ୍ର ଭିତରେ ହିଁ ପ୍ରଥମ ଜୀବ ସୃଷ୍ଟି ହୋଇଥିଲା। ତେଣୁ ଜୀବନ ସହିତ ଜଳର ନିବିଡ଼ ସମ୍ପର୍କ ରହିଛି।

ପାଣିକୁ ତିନିଟା ରୂପରେ ଦେଖୁ। ଆମେ ପିଉଥିବା ପାଣି ତରଳ ଅବସ୍ଥାରେ ଥାଏ। ତରଳ ପାଣିକୁ ଫ୍ରିଜ୍ ଭିତରେ ରଖିଲେ ତାହା ବରଫରେ ପରିଣତ ହୁଏ, ଯାହାକି ପାଣିର କଠିନ ଅବସ୍ଥା। ପାଣିକୁ ଗରମ କଲେ ବାଷ୍ପ ବାହାରେ, ଯାହାକି ପାଣିର ଗ୍ୟାସୀୟ ଅବସ୍ଥା। ତେଣୁ ପାଣି ତିନିଟା ରୂପରେ ରହିପାରେ। ଯେଉଁ ଗ୍ରହରେ ପାଣି ତିନିଟା ଅବସ୍ଥାରେ ରହିପାରିବ, ସେଠାରେ ଜୀବନ ସମ୍ଭବ। ପୃଥିବୀ ଏହାର ଉଦାହରଣ। ଆହୁରି ୭ଟି ଗ୍ରହ ଓ ଅନେକ ଛୋଟବଡ଼ ପିଣ୍ଡ ସୂର୍ଯ୍ୟ ଚାରିପଟେ ବିଭିନ୍ନ ଦୂରତାରେ ବୁଲୁଛନ୍ତି। ଯେଉଁ ପିଣ୍ଡଗୁଡ଼ିକ ସୂର୍ଯ୍ୟର ଅତି ନିକଟରେ ରହି ବୁଲୁଛନ୍ତି, ସେଗୁଡ଼ିକ ଅତି ଉତ୍ତପ୍ତ ଅବସ୍ଥାରେ ଅଛନ୍ତି। ସେଠାରେ ନିଆଁ ବର୍ଷିଲା ପରି ଖରା ହୁଏ। ବୁଧ ଓ ଶୁକ୍ର ସେମିତିକା ଦୁଇଟା ଗ୍ରହ।



ସେଠାରେ ଜୀବଜନ୍ତୁ ବଞ୍ଚିପାରିବେ ନାହିଁ। ପିଣ୍ଡଗୁଡ଼ିକ ସୂର୍ଯ୍ୟଠାରୁ ଅତି ଦୂରରେ ରହିଲେ ସେଠାରେ ଜୀବଜନ୍ତୁ ତିଷ୍ଠିପାରିବେ ନାହିଁ। ଆମ ବଞ୍ଚିବା ପାଇଁ ପୃଥିବୀ ଠିକ୍ ଜାଗାରେ ରହିଛି। ସୂର୍ଯ୍ୟଠାରୁ ଯେଉଁ ଦୂରତାରେ ପୃଥିବୀ ରହିଛି, ସେହି ଅଞ୍ଚଳକୁ ଗୋଲଡିଲକ୍‌ସ ଅଞ୍ଚଳ ବୋଲି କୁହାଯାଏ। ଏହି ଦୂରତାରେ ବେଶି ଗରମ ନାହିଁ କିମ୍ବା ବେଶି ଥଣ୍ଡା ନାହିଁ। ଏହି ଅଞ୍ଚଳରେ ପାଣି କଠିନ-ତରଳ-ଗ୍ୟାସୀୟ ତିନିଟା ଅବସ୍ଥାରେ ରହିପାରିବ। ତେଣୁ ଜୀବଜନ୍ତୁ ବଞ୍ଚିପାରିବେ।

ଯଦି ଆମ ସୌରଜଗତ ବାହାରେ କୌଣସି ଜୀବନ୍ତ ଗ୍ରହ ଥିବେ, ସେଗୁଡ଼ିକ ନିଜର ନକ୍ଷତ୍ରଠାରୁ ଗୋଲଡିଲକ୍‌ସ ଦୂରତାରେ ରହିଥିବେ। ତେଣୁ ବାହ୍ୟଗ୍ରହ ଖୋଜିବା ସମୟରେ ନିଜର ନକ୍ଷତ୍ରଠାରୁ ସେହି ଗ୍ରହଟି କେତେ ଦୂରରେ ଅଛି, ସେକଥା ପ୍ରଥମେ ଚିନ୍ତା କରୁ। କାରଣ ଗୋଲଡିଲକ୍‌ସ ଅଞ୍ଚଳରେ ରହିଲେ ସେଠାରେ ଜୀବନର ସମ୍ଭାବନା ରହିବ। ବ୍ରହ୍ମାଣ୍ଡରେ ଅନେକ ଛାୟାପଥ ଅଛନ୍ତି। କେବଳ ଆମ ଛାୟାପଥ ଆକାଶଗଙ୍ଗାରେ ପ୍ରାୟ ୧୬,୦୦୦ କୋଟି ବାହ୍ୟଗ୍ରହ ଥିବାର ଅନୁମାନ କରାଯାଉଛି। ୨୦୨୦ ଗବେଷଣା ଅନୁସାରେ ସେଥିମଧ୍ୟରୁ ୬,୦୦୦ କୋଟି ବାହ୍ୟଗ୍ରହ ଅଛନ୍ତି, ଯାହାର ଆକାର ପୃଥିବୀ ଭଳି। କିନ୍ତୁ ଦୁଃଖର କଥା, ନକ୍ଷତ୍ରର ଗୋଲଡିଲକ୍‌ସ ଅଞ୍ଚଳରେ ଅନେକ ଗ୍ରହ ମିଳିଥିଲେ ବି କୌଣସି ଗ୍ରହରେ ଜୀବଜଗତ ଥିବାର ଠୋସ୍ ପ୍ରମାଣ ଆମକୁ ମିଳିନାହିଁ। କିନ୍ତୁ ସେହି ଗ୍ରହଗୁଡ଼ିକରେ ଜୀବଜଗତ ନାହିଁ ବୋଲି ଆମେ ଦୃଢ଼ ଭାବରେ କହିପାରିବା ନାହିଁ।

ଗୋଲଡିଲକ୍‌ସ ଅଞ୍ଚଳରେ ଗ୍ରହଟିଏ ରହିଲେ ହଠାତ୍ ଜୀବନ ଆରମ୍ଭ ହୁଏ ନାହିଁ। ସେଥିପାଇଁ ସମୟ ଦରକାର। ଯେମିତି ଗୋଲଡିଲକ୍‌ସ ଅଞ୍ଚଳରେ ଅବସ୍ଥାନ କରୁଥିବା ପୃଥିବୀ ସୃଷ୍ଟି ହେବା ସମୟରେ ଜୀବଜନ୍ତୁ ନଥିଲେ କି ମଣିଷ ନ ଥିଲା। ସେତେବେଳେ ତାହା ଉତ୍ତପ୍ତ ବାଷ୍ପର ବିରାଟ ପିଣ୍ଡଟିଏ ଥିଲା। ଧୀରେ ଧୀରେ ଥଣ୍ଡା ହେଲା। ଏହାର ପୃଷ୍ଠତଳ ଟାଣ ହେଲା। ପୃଥିବୀପୃଷ୍ଠରେ ସମୁଦ୍ର ସୃଷ୍ଟି ହେଲା। ବିନା ଜୀବରେ ବିତିଗଲା ୧୦୦ କୋଟି ବର୍ଷ। ତା’ପରେ ଜଳ ଭିତରେ ଏକକୋଷୀ ଜୀବନର ଆରମ୍ଭ ହେଲା। ଏକକୋଷୀରୁ ବହୁକୋଷୀ ଜୀବନ ସମ୍ଭବ ହେଲା। ନାନା ଜାତିର ପ୍ରାଣୀ ସୃଷ୍ଟି ହେଲେ। ଯାହା ପ୍ରମାଣ ମିଳିଛି, ପୃଥିବୀ ପୃଷ୍ଠରେ ମଣିଷର ଆବିର୍ଭାବ ହେଲା ଏଇ ମାତ୍ର ୫୫ ଲକ୍ଷ ବର୍ଷ ତଳେ। ଅର୍ଥାତ୍ ପୃଥିବୀର ବୟସ ୧ ଦିନ ହେଲେ ମଣିଷର ଜନ୍ମ ମାତ୍ର ୨ ମିନିଟ ତଳେ ହୋଇଛି। ତେଣୁ ଆମେ ସେମିତିକା ବାହ୍ୟଗ୍ରହକୁ ଖୋଜିଚାଲିଛୁ, ଯିଏକି ଗୋଲଡିଲକ୍‌ସ ଅଞ୍ଚଳରେ ଅତି କମ୍‌ରେ ୧୦୦ କୋଟି ବର୍ଷ ରହିଥିବ। କେବେ ସେମିତିକା ଗ୍ରହର ସନ୍ଧାନ ମିଳିବ, ସେହି ଖବର ଶୁଣିବା ପାଇଁ ଆମେ ଅପେକ୍ଷା କରି ରହିବୁ। ସେଠାରେ ଥିବା ଜୀବମାନଙ୍କୁ ଦେଖିବା ପାଇଁ ଅନେଇ ବସିଛୁ।

ପ୍ରାଧ୍ୟାପକ (ଫିଜିକ୍ସ),
ଭଦ୍ରକ ଅଟୋନମସ୍ କଲେଜ, ଭଦ୍ରକ
ମୋ: ୯୪୩୯୫୦୧୬୫୧

## ପାଠକ ଶ୍ରେଷ୍ଠ ବିଚାରକ

### ପାନୀୟ ଜଳର ବ୍ୟବସ୍ଥା କରୁନାହାନ୍ତି

ମହାଶୟ,

ଓଡ଼ିଶାର ସବୁ ସହରରେ ଥିବା ହୋଟେଲ ଏବଂ ଲଜ୍‌ଗୁଡ଼ିକରେ ୨୪ ଘଣ୍ଟା ରହିବା ପାଇଁ ରୁମ୍ ପିଛା ଟଙ୍କା ନେଉଛନ୍ତି। ନିଜର କାମ ପାଇଁ ଲୋକମାନେ ବାହାରୁ ଆସି ରହୁଛନ୍ତି। ହେଲେ ପରିତାପର ବିଷୟ, ଅଧିକାଂଶ ହୋଟେଲ କିମ୍ବା ଲଜ୍‌ରେ ସାମାନ୍ୟତମ ପାନୀୟ ଜଳର ବ୍ୟବସ୍ଥା ରଖୁନାହାନ୍ତି। ପାନୀୟ ଜଳର ମାନ ମଧ୍ୟ ରହୁନାହିଁ। ପଚାରିଲେ ଉତ୍ତର ମିଳେ ଫିଲ୍‌ଟରର ବ୍ୟବସ୍ଥା ନାହିଁ। ବାଧ୍ୟହୋଇ ହୋଟେଲ ଫ୍ରିଜ୍‌ରେ ଥିବା ପାଣି ବୋତଲ ୨୦ଟଙ୍କା ଦେଇ କିଣିବାକୁ ପଡୁଛି। ଏ ବାଟରେ ମଧ୍ୟ ହୋଟେଲ ଓ ଲଜ୍ ମାଲିକମାନେ ଲୋକମାନଙ୍କୁ ଶୋଷଣ କରୁଛନ୍ତି। ଏ ଦିଗରେ ସରକାର ଦୃଷ୍ଟିଦେଇ ସମସ୍ୟା ସମାଧାନ କରିବା ଦିଗରେ ପଦକ୍ଷେପ ନେବା ଦରକାର।

–କହ୍ନେଇ ଚରଣ ନନ୍ଦୀ, ସାଆନ୍ତା, ଶେରଗଡ଼, ବାଲେଶ୍ୱର

ପାଠକ ଶ୍ରେଷ୍ଠ ବିଚାରକ ସ୍ତମ୍ଭକୁ ପତ୍ର ପଠାଇବାର ଠିକଣା: ସମ୍ପାଦକ, ଧରିତ୍ରୀ, ବି-୧୫, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୭୫୧୦୧୦
କେବଳ ସମ୍ପାଦକଙ୍କୁ ପତ୍ର, ଖବର ପାଇଁ ବ୍ୟବହାର କରନ୍ତୁ : E-mail: edit.dharitri@gmail.com (Use only for letters to Editor, news & news photos) କେବଳ ବିଜ୍ଞାପନ ପାଇଁ ବ୍ୟବହାର କରନ୍ତୁ: E-mail:advt@dharitri.com :miku11@yahoo.com (Use only for advertisements,commercial queries)

## ଏଇ ଭାରତରେ

ଉତ୍ତରପ୍ରଦେଶର ଧୀରଜ ବର୍ମା ଟିଭି ଶୋ’ ଦେଖି ଷ୍ଟ୍ରବେରି ଚାଷ ଆରମ୍ଭକରି ଜଣେ ସଫଳ ଚାଷୀ ହୋଇପାରିଛନ୍ତି। ସେ ବିନା ମାଟି ଅର୍ଥାତ୍ କେବଳ ପାଣି (ହାଇଡ୍ରୋପୋନିକ୍ସ ପଦ୍ଧତି)ରେ ଚାଷକରି ପ୍ରଥମ ପର୍ଯ୍ୟାୟରେ ୫ ଟନ୍ ଷ୍ଟ୍ରବେରି ଉତ୍ପାଦନ କରିବା ସହ ଲକ୍ଷାଧିକ ଟଙ୍କା ଲାଭ ପାଇଛନ୍ତି। ଧୀରଜ ବିଜ୍ଞାନରେ ସ୍ନାତକ ଡିଗ୍ରୀ ହାସଲକରିବା ପରେ ୧୩ ବର୍ଷ ଧରି ୧୦ ଏକର ପୈତୃକ ଜମିରେ ବିଭିନ୍ନ ପ୍ରକାର ଶସ୍ୟ ଓ ପନିପରିବା ଚାଷ କରୁଥିଲେ। କିନ୍ତୁ ତାହା ଲାଭଜନକ ନ ହେବାରୁ ଟିଭିରେ ଇସ୍ରାଏଲରେ ହେଉଥିବା ଷ୍ଟ୍ରବେରି ଚାଷ ପଦ୍ଧତିକୁ ଦେଖି ତାହା କରିବାକୁ ନିଷ୍ପତ୍ତି ନେଇଥିଲେ। ପରେ ମଧ୍ୟପ୍ରଦେଶରୁ ଏହି ଚାଷ ସମ୍ପର୍କରେ ପ୍ରଶିକ୍ଷଣ ନେଇ ତାଙ୍କ ଗାଁ ବାରାବାଙ୍କିର ମୀନାପୁରରେ ୩,୫୦୦ ବର୍ଗଫୁଟ ଜାଗାରେ ହାଇଡ୍ରୋପୋନିକ୍ସ ଚାଷ ପାଇଁ ଆବଶ୍ୟକ ଉପକରଣ ଲଗାଇଛନ୍ତି। ସମୁଦାୟ ପଦ୍ଧତି ଶେଷକରିବା ଲାଗି ଦେଢ଼ବର୍ଷରେ ସେ ୧୨ ଲକ୍ଷ ଟଙ୍କା ବ୍ୟୟ କରିଛନ୍ତି। ସେ ଏଥିରେ ୯,୦୦୦ ଷ୍ଟ୍ରବେରି ଚାରାଗଛ ଲଗାଇଛନ୍ତି। ଏଥିର ଗତ ୨ ମାସରେ ସେ ୫ ଟନ୍ ଷ୍ଟ୍ରବେରି ଉତ୍ପାଦନକରି ୩ ଲକ୍ଷ ଟଙ୍କା ଲାଭ ପାଇଛନ୍ତି। ଆସନ୍ତା ବର୍ଷ ଏହି ଚାଷରୁ ୧୦ ଲକ୍ଷ ଟଙ୍କା ଲାଭ କରିବେ ବୋଲି ଆଶାବାଦୀ ଅଛନ୍ତି ଧୀରଜ।

## ୫୦ ବର୍ଷ ତଳର ଧରିତ୍ରୀ

### ୯ ଡିସେମ୍ବର ୧୯୭୬

- ଜାତିସଂଘର ସଚିବ ପ୍ରଧାନ ପଦରେ ୫୮ ବର୍ଷ ବୟସ୍କ ଡଃ ୱାଲଡ୍ ହେଇନ୍ ୨ୟ ଥର ପାଇଁ ପୁନଃ ନିର୍ବାଚିତ।
- ମେକ୍ସିକୋର ପରମାଣୁ ପଦାର୍ଥ ବିଜ୍ଞାନୀ ଡଃ ଲୁଇସ୍ ଏଷ୍ଟ୍ରାଡାଙ୍କୁ ଆନ୍ତର୍ଜାତିକ କଳିଙ୍ଗ ପୁରସ୍କାର ଅର୍ପଣ।

## ଚିରନ୍ତନୀ

କେତେ ପରଶର ପରାସ ଲାଗି ଏ ପ୍ରାଣ
ପାଷାଣରୁ ବଳି ହୋଇଛି ତ ବଡ଼ ଟାଣ
ରୂପର ଝଲକେ ନିଭିଛି ଆଖିରୁ ଜ୍ୟୋତି
ଶିଶୁ ଖେଳ ପରା ଲାଗେ ପ୍ରୀତି ଅଭିମାନ ।
–(ରୂପର ମୋହ)
–କାଳିନ୍ଦୀ ଚରଣ ପାଣିଗ୍ରାହୀ

**କଂଗ୍ରେସରୁ ନବଜ୍ୟୋତ କୌର ସିଦ୍ଧୁ ନିଲମ୍ବିତ**

ପଞ୍ଜାବ କଂଗ୍ରେସ ସୋମବାର ନବଜ୍ୟୋତ କୌର ସିଦ୍ଧୁଙ୍କୁ ଦଳରୁ ନିଲମ୍ବନ କରିଛି। ପଞ୍ଜାବରେ କଂଗ୍ରେସର ମୁଖ୍ୟମନ୍ତ୍ରୀ ପ୍ରାର୍ଥୀ ହେବାକୁ ଚାହୁଁଥିଲେ ଦଳକୁ ୫୦୦ କୋଟି ଟଙ୍କା ଭର୍ତ୍ତି ସୁଟ୍‌କେଶ ଦେବାକୁ ପଡ଼ିବ ବୋଲି ନବଜ୍ୟୋତ ଶନିବାର କହିଥିଲେ। ତାଙ୍କୁ ତୁରନ୍ତ ଦଳର ପ୍ରାଥମିକ ସଦସ୍ୟ ପଦରୁ ନିଲମ୍ବନ କରାଯାଇଥିବା ପ୍ରଦେଶ କଂଗ୍ରେସ ସଭାପତି ଅମରିନ୍ଦର ସିଂ କହିଛନ୍ତି।



# ୭ ଦଫା ଦାବି ନେଇ ମଧ୍ୟାହ୍ନଭୋଜନ ପାଚିକାପାଚକ ମହାସଂଘର ବିକ୍ଷୋଭ




ପାଚକପାଚିକାମାନେ ଲୋୟର ପିଏମ୍‌ଜିରେ ବିକ୍ଷୋଭ ପ୍ରଦର୍ଶନ କରୁଛନ୍ତି।

ଭୁବନେଶ୍ୱର,୮।୧୨ (ସୁଚିସ୍ମିତା ସାହୁ)

ପାଚିକା ମାଆମାନଙ୍କୁ ପାରିଶ୍ରମିକ ବାବଦକୁ ଦୈନିକ ଏକଶହ ଟଙ୍କା ଦିଆଯାଉଛି। ଫଳରେ ତାଙ୍କୁ ପରିବାର ଚଳାଇବା ପାଇଁ ବହୁ ସମସ୍ୟା ଦେଖାଦେଉଛି। ତେଣୁ ରାଜ୍ୟ ସରକାର ଘୋଷଣା କରିଥିବା ପାରିଶ୍ରମିକକୁ ପୁନଃ ବିଚାର କରନ୍ତୁ। ମାସିକ ୩ ହଜାର ଟଙ୍କା ବଦଳରେ ଦୈନିକ ସର୍ବନିମ୍ନ ମଜୁରି ୪୬୨ ଟଙ୍କା ହିସାବରେ ମାସିକ ୧୩୮୬୦ ଟଙ୍କା ପ୍ରଦାନ କରିବା ପାଇଁ ବାରମ୍ବାର ଦାବି କରୁଥିଲେ ସୁଦ୍ଧା ସରକାର କର୍ଣ୍ଣପାତ କରୁନାହାନ୍ତି। ପ୍ରତିବାଦରେ ନିଖିଳ ଓଡ଼ିଶା ମଧ୍ୟାହ୍ନ ଭୋଜନ ପାଚିକାପାଚକ ମହାସଂଘର ଆହ୍ୱାନକ୍ରମେ ରାଜ୍ୟର ପାଚିକାପାଚକମାନେ ସୋମବାର ବିଧାନସଭା ସମ୍ମୁଖ ଲୋୟର ପିଏମ୍‌ଜିରେ ବିକ୍ଷୋଭ ପ୍ରଦର୍ଶନ କରିଛନ୍ତି। ନୂଆ ସରକାର ତୁରନ୍ତ ୭ ଦଫା ଦାବି ପୂରଣ କରିବେ ବୋଲି ଆଶା ରଖିଛନ୍ତି।

ସଂଘର ରାଜ୍ୟ ସଭାପତି ଯୋଗେନ୍ଦ୍ର ସ୍ୱାଇଁ କହିଛନ୍ତି, ସରକାର ୨୦୧୮ରେ ଘୋଷଣା କରାଯାଇଥିବା ୨ହଜାର ଟଙ୍କାର ବକେୟା ରାଶି ତୁରନ୍ତ ପ୍ରଦାନ କରନ୍ତୁ। ୩୦ ବର୍ଷ ଧରି କଠିନ ପରିଶ୍ରମ କରୁଥିବା ପାଚିକା ମାଆଙ୍କୁ ନିଯୁକ୍ତି ପତ୍ର ଓ ପରିଚୟ ପତ୍ର ପ୍ରଦାନ କରାଯାଉ। ସ୍କୁଲ ମ୍ୟାନେଜମେଣ୍ଟ କମିଟି ନିକଟରୁ ମାଆମାନଙ୍କର ନିୟନ୍ତ୍ରଣ ବ୍ୟବସ୍ଥାକୁ ମୁକ୍ତ କରାଯାଇ ସରକାର ଶିକ୍ଷା ବିଭାଗ ନିଯୁକ୍ତି ଓ ପ୍ରତ୍ୟାହାର ବ୍ୟବସ୍ଥାକୁ ନିଜ ନିୟନ୍ତ୍ରଣରେ ରଖନ୍ତୁ। ୬୦ ବର୍ଷ ଆଳରେ ସେମାନଙ୍କୁ ଚାକିରିରୁ ବାହାର କରାଯାଉଥିବାରୁ ଉକ୍ତ ପଦବୀରେ ପରିବାରର ଜଣେ ସଦସ୍ୟକୁ ନିଯୁକ୍ତି ଦିଆଯାଉ। ମାସର ପ୍ରଥମ ସପ୍ତାହରେ ଦରମା ଦିଆଯିବା ସହିତ ୧୦ମାସର ଦରମା ବଦଳରେ ୧୨ ମାସର ଦରମା ଦେବାକୁ ସଂଘ ସଦସ୍ୟାମାନେ ଦାବି କରିଛନ୍ତି।

# ୧୬ ମାସରେ ରାଜ୍ୟରେ ୨୨୨ କୋଟି ଠକେଇ

## ୬୯ ଡିଜିଟାଲ୍ ଆରେଷ୍ଟ ଘଟଣା

ଭୁବନେଶ୍ୱର,୮।୧୨ (ସତ୍ୟଜିତ ରାଉତ)

ଅନ୍‌ଲାଇନ୍ ବ୍ୟବସ୍ଥାରେ ଲୋକମାନେ ବହୁ ସୁବିଧା ପାଉଛନ୍ତି। ହେଲେ ଲୋକଙ୍କ ପାଇଁ ଏହା ଅନେକ ସମୟରେ ଚିନ୍ତାର କାରଣ ପାଲଟୁଛି। ଡିଜିଟାଲ ଯୁଗରେ ବିଭିନ୍ନ କୌଶଳ ଆପଣାଇ ସାଇବର ଅପରାଧୀମାନେ ସାଧାରଣ ଲୋକଙ୍କୁ ଜାଲରେ ଫସାଇ ଟଙ୍କା ଠକି ନେଉଛନ୍ତି। ଠକମାନେ ଅନ୍‌ଲାଇନ୍‌ରେ ଚାକିରି ଲୋଭ, ଅନ୍‌ଲାଇନ ପୋଞ୍ଜି ସ୍କାମ୍, ବେଆଇନ ଲୋନ୍ ଆପ୍, ଟ୍ରେଡିଂ, ପାର୍ଟଟାଇମ୍ ଜବ୍, ଡିଜିଟାଲ୍ ଆରେଷ୍ଟ ଆଦିରେ ଲୋକଙ୍କୁ ଲୋଭନୀୟ ସ୍କିମ୍ ଓ ବ୍ଲାକମେଲ୍ କରି ବହୁ ଟଙ୍କା ଠକେଇ କରୁଛନ୍ତି। ଓଡ଼ିଶାରୁ ଗତ ୧୬ ମାସରେ ସାଇବର ଅପରାଧୀମାନେ ୨୨୨ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ଠକି ନେଇଛନ୍ତି। ପଟ୍ଟାଙ୍ଗୀ ବିଧାୟକ ରାମଚନ୍ଦ୍ର କାଡାମ୍‌ଙ୍କ ଅଣତାରକା ପ୍ରଶ୍ନରେ ଲିଖିତ ଉତ୍ତର ଦେଇ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ଗୃହରେ ଏହି ତଥ୍ୟ ରଖିଛନ୍ତି।

ମୁଖ୍ୟମନ୍ତ୍ରୀଙ୍କ ଉତ୍ତର ଅନୁଯାୟୀ, ରାଜ୍ୟରେ ଗତ ୧୬ ମାସ ମଧ୍ୟରେ ମୋଟ ୩,୪୮୬ଟି ସାଇବର କ୍ରାଇମ୍ ଘଟଣା ଘଟିଛି। ସେହିଭଳି ଏହି ଅବଧି ମଧ୍ୟରେ ୬୯ଟି ଡିଜିଟାଲ ଆରେଷ୍ଟ ଘଟଣା ଘଟିଛି। ମୋଟ ୭୭୭ଜଣ ଅଭିଯୁକ୍ତଙ୍କୁ ସାଇବର ଅପରାଧରେ ଗିରଫ କରାଯାଇଛି। ୧୦୪ଟି ମାମଲାରେ ଅଭିଯୁକ୍ତମାନଙ୍କ ବିରୋଧରେ ଚାର୍ଜସିଟ୍ ଦାଖଲ କରାଯାଇଛି। ଏହି ଅବଧି ସମୟରେ ବିଭିନ୍ନ ପୀଡ଼ିତ ବ୍ୟକ୍ତି ୨୨୨ କୋଟି ୯ ଲକ୍ଷ ୭୮ ହଜାର ୬୪୭ ଟଙ୍କା ଠକେଇର ଶିକାର ହୋଇଛନ୍ତି। ଏହାମଧ୍ୟରୁ ୬୧ ଲକ୍ଷ ୩୬ ହଜାର ୩୮୧ ଟଙ୍କା ଠକେଇରେ ଶିକାର ହୋଇଥିବା ବ୍ୟକ୍ତିମାନଙ୍କୁ ଫେରସ୍ତ କରାଯାଇଛି। ଏଥିସହ ଟଙ୍କା ଯାଇଥିବା ସାଇବର ଅପରାଧୀଙ୍କ ବ୍ୟାଙ୍କ ଆକାଉଣ୍ଟରେ ଥିବା ୬ କୋଟି ୭୪ ଲକ୍ଷ ୯ ହଜାର ୪୩୪ ଟଙ୍କା ବ୍ୟାଙ୍କରେ ଫ୍ରିଜ୍ କରାଯାଇଥିବା ମୁଖ୍ୟମନ୍ତ୍ରୀ ତଥ୍ୟ ରଖିଛନ୍ତି। ତେବେ ସରକାରଙ୍କ ପକ୍ଷରୁ ବ୍ୟାପକ ସଚେତନତା ସତ୍ତ୍ୱେ ସାଇବର ଅପରାଧ କମୁ ନ ଥିବାରୁ ବଡ଼ ପ୍ରଶ୍ନବାଚୀ ସୃଷ୍ଟି ହୋଇଛି। ବିଭିନ୍ନ ମାଧ୍ୟମରେ ସରକାର, ବ୍ୟାଙ୍କ କର୍ତ୍ତୃପକ୍ଷ ଏବଂ ପୋଲିସ ଓ ତଦନ୍ତ ଏଜେନ୍ସି ଦ୍ୱାରା ସଚେତନତା କରାଯାଉଥିବା ନଜିର ରହିଛି। ତେବେ ସାଇବର କ୍ରାଇମ୍ ମଧ୍ୟରୁ ଡିଜିଟାଲ ଆରେଷ୍ଟ ଏକ ଭିନ୍ନ ଧରଣର ଅପରାଧ ହୋଇଥିବାବେଳେ ଏଥିରେ ବହୁସଂଖ୍ୟାରେ ଲୋକମାନେ ଶିକାର ହେଉଛନ୍ତି। ମାସେ ତଳେ ଖୋଦ୍ ରାଜଧାନୀ ଭୁବନେଶ୍ୱରରେ ଡିଜିଟାଲ୍ ଅପରାଧର ଏକ ଚାଞ୍ଚଲ୍ୟକର ଘଟଣା ନଜରକୁ ଆସିଥିଲା। ସାଇବର ଠକମାନେ ଭିଏସ୍‌ଏସ୍‌ନଗର ହାଉସିଂବୋର୍ଡ କଲୋନୀରେ ରହୁଥିବା ବରିଷ୍ଠ ନାଗରିକ ତଥା ଚାର୍ଟର୍ଡ ଆକାଉଣ୍ଟାଣ୍ଟଙ୍କ ଠାରୁ ଦେଢ଼କୋଟି ଟଙ୍କା ଠକି ନେଇଥିଲେ। ଏପରିକି ପୀଡ଼ିତ ବ୍ୟକ୍ତି ଓ ତାଙ୍କ ସ୍ତ୍ରୀଙ୍କୁ ଡିଜିଟାଲ ଆରେଷ୍ଟ କରାଯାଇଥିବା ଧମକ ଦେଇ ଅପରାଧୀମାନେ ଉଭୟଙ୍କୁ ୧୦ ଦିନ ଧରି ଗୃହବନ୍ଦୀ କରି ରଖି ନିର୍ଯାତନା ଦେଇଥିଲେ। ଏହି ଘଟଣାରେ କ୍ରାଇମବ୍ରାଞ୍ଚ ତଦନ୍ତ କରୁଥିବାବେଳେ ଏଯାଏ କୌଣସି ଅଭିଯୁକ୍ତଙ୍କୁ ଗିରଫ କରିପାରିନାହିଁ।

ସାଇବର ଅପରାଧ ବିଷୟରେ ମତାମତ ଦେଇ କଟକ ସାଇବର ଥାନାର ଇନ୍ସପେକ୍ଟର ରଶ୍ମିତା ଜେନା କହିଛନ୍ତି, ଲୋକମାନେ ଲୋଭର ବଶବର୍ତ୍ତୀ ହୋଇ ଠକେଇର ଶିକାର ହେଉଥିବା ଘଟଣା ନଜରକୁ ଆସୁଛି। ଏଥିସହ ଅସାବଧାନତାରୁ ଲୋକମାନେ ସୋସିଆଲ୍ ମିଡିଆ ଦ୍ୱାରା ଠକେଇର ଶିକାର ହେଉଛନ୍ତି। କୌଣସି ବ୍ୟକ୍ତି ନିଜ ବ୍ୟକ୍ତିଗତ ଫଟୋକୁ କାହାକୁ ଦିଅନ୍ତୁ ନାହିଁ। ଏପରି କି କୌଣସି ଅଜଣା ଲିଙ୍କକୁ କ୍ଲିକ୍ ନ କରିବା ସହ ଅଜଣା ଟ୍ରେଡିଂ ଆପ୍‌ରେ ନିବେଶ କରନ୍ତୁ ନାହିଁ। ବୟସ୍କ ବ୍ୟକ୍ତିମାନେ ଡିଜିଟାଲ୍ ଆରେଷ୍ଟରେ ଭୟର ବଶବର୍ତ୍ତୀ ହେଇ ଶିକାର ହେଉଛନ୍ତି। ଭିଡିଓ କଲ୍ ଜରିଆରେ କୌଣସି ଆଇନକାନୁନ୍ କାର୍ଯ୍ୟ ହୁଏନାହିଁ। ଅଜଣା ଭିଡିଓ କଲ୍ ଆସିଲେ ସେଥିରେ ଉତ୍ତର ନ ଦେବାକୁ ରଶ୍ମିତା ପରାମର୍ଶ ଦେଇଛନ୍ତି। ବିଭିନ୍ନ ସାଇବର ଠକେଇ ଘଟଣାରେ ଆମେ ଗୁରୁତ୍ୱ ଦେଇ ତଦନ୍ତ କରୁଛୁ ବୋଲି ସେ କହିଛନ୍ତି। କିଛିବର୍ଷ ତଳେ ଉପହାର ଲୋଭରେ ୩ ଲକ୍ଷ ୯୫ ହଜାର ଟଙ୍କା ଠକେଇର ଶିକାର ହୋଇଥିବା ନେମାଳ ଅଞ୍ଚଳର ସର୍ବପ୍ରସନ୍ନ ପଣ୍ଡା କହିଛନ୍ତି, ଓଡ଼ିଆ ମାଟ୍ରିମୋନି ଜରିଆରେ ବିବାହ କରିବାକୁ ଯାଇ ସେ ଫସି ଯାଇଥିଲେ। ଅଭିଯୋଗ କରିଥିଲେ ସୁଦ୍ଧା ଏଯାଏ ତାଙ୍କୁ ଟଙ୍କା ମିଳିନାହିଁ। ଲୋକମାନେ ସଚେତନ ହେଲେ ତାଙ୍କ ଭଳି କେହି ଟଙ୍କା ହରାଇବେ ନାହିଁ ବୋଲି ପଣ୍ଡା କହିଛନ୍ତି।

# ସଂଖ୍ୟାନୁପାତିକ ସଂରକ୍ଷଣ ଜରୁରୀ: ଭକ୍ତ

ଭୁବନେଶ୍ୱର,୮।୧୨ (ରବିନାରାୟଣ ଜେନା)

ରାଜ୍ୟରେ ଜନସଂଖ୍ୟା ଅନୁପାତରେ ସଂରକ୍ଷଣ ଜରୁରୀ ବୋଲି ପିସିସି ସଭାପତି ଭକ୍ତ ଚରଣ ଦାସ କହିଛନ୍ତି। ବାଚସ୍ପତି ସୁରମା ପାଢ଼ୀଙ୍କୁ ବିଧାନସଭାସ୍ଥିତ ତାଙ୍କ ପ୍ରକୋଷ୍ଠରେ ସୋମବାର ଏକ ସ୍ମାରକପତ୍ର ପ୍ରଦାନ କରିବା ପରେ ଭକ୍ତ ଗଣମାଧ୍ୟମକୁ କହିଛନ୍ତି ଯେ, ଓଡ଼ିଶାର ସମୁଦାୟ ଜନସଂଖ୍ୟାର ପ୍ରାୟ ୯୪ ପ୍ରତିଶତ ପଛୁଆବର୍ଗ (ଓବିସି ଓ ଏସ୍‌ଇବିସି ୫୪ ପ୍ରତିଶତ, ଅନୁସୂଚିତ ଜାତି ଓ ଜନଜାତି ୪୦ ପ୍ରତିଶତ) ରହିଛନ୍ତି। ସମ୍ବିଧାନର ୧୬୪(୧) ଧାରା ଅନୁଯାୟୀ, ଓଡ଼ିଶାର ଉକ୍ତ ବର୍ଗଙ୍କୁ ବିଶେଷ ସଂରକ୍ଷଣ ସୁବିଧା ଦେବାପାଇଁ ବ୍ୟବସ୍ଥା ଥିବା ସତ୍ତ୍ୱେ ଏହି ବର୍ଗ ସେମାନଙ୍କ ସାମ୍ବିଧାନିକ ଅଧିକାରରୁ ବଞ୍ଚିତ ହୋଇଆସୁଛନ୍ତି। ଗତ ୬ ଡିସେମ୍ବର ବାବା ସାହେବ ଆମ୍ବେଡକରଙ୍କ ମହାପ୍ରୟାଣ ଦିବସରେ ଓଡ଼ିଶା ପ୍ରଦେଶ କଂଗ୍ରେସ କମିଟି ପକ୍ଷରୁ ଆୟୋଜିତ ସାମାଜିକ ନ୍ୟାୟ ଓ ଓଡ଼ିଶା ସମାବେଶରେ ପ୍ରସ୍ତାବ ଗ୍ରହଣ କରାଯାଇଥିଲା ଯେ, ଓଡ଼ିଶା ବିଧାନସଭା ରାଜ୍ୟ ସରକାରଙ୍କୁ ସମ୍ବିଧାନର ଅନୁଚ୍ଛେଦ ୧୫ (୪) ଓ ୧୬ (୪) ଅନୁଯାୟୀ ଏକ ସୁପାରିସ କରିଥିଲା। ସେଥିରେ କୁହାଯାଇଥିଲା ଯେ, ରାଜ୍ୟର ଓବିସି/ଏସ୍‌ଇବିସି ଏବଂ ଅନୁସୂଚିତ ଜାତି, ଜନଜାତିବର୍ଗର ସଂଖ୍ୟାନୁପାତିକ ଆଧାରରେ ସମସ୍ତ ପ୍ରକାର ଉଚ୍ଚଶିକ୍ଷା (ବୈଷୟିକ/ ମେଡିକାଲ / ବୃତ୍ତିଗତ) ଏବଂ ସରକାରୀ ନିଯୁକ୍ତିରେ ସଂରକ୍ଷଣ ତୁରନ୍ତ ଲାଗୁ କରିବା ସଂଗେ ସଂଗେ ଏହି ସଂଖ୍ୟାନୁପାତିକ ସଂରକ୍ଷଣ ବ୍ୟବସ୍ଥାକୁ ସମ୍ବିଧାନର ନବମ ସୂଚୀରେ ସାମିଲ କରାଯାଉ। ସେ କହିଥିଲେ ଯେ, ଏଥିନିମନ୍ତେ ରାଜ୍ୟ ସରକାର ବିଧାନସଭାରେ ଏକ ପ୍ରସ୍ତାବ ଆଗତ କରିବା ସହ ତାକୁ ସର୍ବଦଳୀୟ ସମର୍ଥନରେ ଗୃହୀତ କରି କେନ୍ଦ୍ର ସରକାରଙ୍କ ନିକଟକୁ କାର୍ଯ୍ୟାନୁଷ୍ଠାନ ପାଇଁ ବିଧାନସଭାର ଚଳିତ ଅଧିବେଶନରେ ଗୃହୀତ କରାଇବାକୁ ସ୍ମାରକପତ୍ରରେ ଅନୁରୋଧ କରିବାର ଆବଶ୍ୟକତା ରହିଛି। ତାମିଲନାଡୁ ଭଳି କେତେକ ରାଜ୍ୟରେ ଆଦିବାସୀ ଓ ପଛୁଆବର୍ଗଙ୍କୁ ସମାନ ସଂରକ୍ଷଣ ମିଳୁଥିବାବେଳେ ଓଡ଼ିଶାରେ କାହିଁକି କରାଯାଉ ନାହିଁ ବୋଲି ସେ ପ୍ରଶ୍ନ କରିଥିଲେ।

ଏହି ସ୍ମାରକପତ୍ର ପ୍ରଦାନ ବେଳେ କଂଗ୍ରେସ ବିଧାୟକ ଦଳ ନେତା ରାମଚନ୍ଦ୍ର କାଡାମ, ପୂର୍ବତନ କେନ୍ଦ୍ରମନ୍ତ୍ରୀ ଶ୍ରୀକାନ୍ତ ଜେନା, ପୂର୍ବତନ ସାଂସଦ ଅନନ୍ତ ପ୍ରସାଦ ସେଠୀ, ବିଧାୟକ ଅଶୋକ ଦାସ, ବିଧାୟକ ସିଏସ ରାଜେନ ଏକ୍କା, ପୂର୍ବତନ ବିଧାୟକ ସନ୍ତୋଷ ସିଂ ସାଲୁଜା, ପିସିସି ଉପସଭାପତି ଡ. ଲଲାଟେନ୍ଦୁ ମହାପାତ୍ର ପ୍ରମୁଖ ସାମିଲ ଥିଲେ।

# ପୋଖରୀରେ ବୁଡ଼ି ଦମ୍ପତିଙ୍କ ଜୀବନ ଗଲା

## ଶୌଚଯିବା କାଳ ହେଲା

ଥୁଆମୂଳ ରାମପୁର, ୮।୧୨ (ଦୁର୍ଗା କୀର୍ତ୍ତି)

ଶୌଚ ପାଇଁ ପୋଖରୀକୁ ଯିବା ଏକ ବୃଦ୍ଧ ଦମ୍ପତିଙ୍କ ପାଇଁ କାଳ ହୋଇଛି। ପାଣିରେ ବୁଡ଼ି ଉଭୟଙ୍କ ଜୀବନ ଯାଇଛି। କଳାହାଣ୍ଡି ଜିଲା ଥୁଆମୂଳ ରାମପୁର ଥାନା ମହୁଲପାଟଣା ଫାଣ୍ଡି ଅନ୍ତର୍ଗତ ଖମାରପଦର ଗ୍ରାମରେ ଘଟିଛି ଏଭଳି ଦୁଃଖଦ ଘଟଣା। ମୃତକ ହେଲେ ସତ୍ୟବାନ୍ ନାଏକ (୬୧) ଓ ତାଙ୍କ ସ୍ତ୍ରୀ ପ୍ରତିମା ନାଏକ(୬୦)। ସୂଚନା ଅନୁଯାୟୀ, ରବିବାର ସକାଳ ପ୍ରାୟ ୬ଟା ୩୦ରେ ଏହି ଦମ୍ପତି ଗାଁ ନିକଟ ତଳପଦର ପୋଖରୀକୁ ଶୌଚ ପାଇଁ ଯାଇ ନିଖୋଜ ହୋଇଯାଇଥିଲେ। ଘରକୁ ଫେରିବା ବିଳମ୍ବ ଦେଖି ପରିବାର ଲୋକେ ଖୋଜାଖୋଜି କରିଥିଲେ ମଧ୍ୟ କୌଣସି ସନ୍ଧାନ ପାଇ ନ ଥିଲେ। ଏପରିସ୍ଥଳେ ସୋମବାର ସକାଳୁ ପ୍ରତିମାଙ୍କ ମୃତଦେହ ପୋଖରୀରେ ଭାସୁଥିବା ଗ୍ରାମର କେତେଜଣ ଲୋକ ଦେଖି ପୋଲିସକୁ ଖବର ଦେଇଥିଲେ। ଥାନା ଅଧିକାରୀ କୈବଲ୍ୟ ସେଠଙ୍କ ନିର୍ଦ୍ଦେଶରେ ଏସ୍‌ଆଇ ସୁଶାନ୍ତ କୁମାର ପଣ୍ଡା ଓ ଟିମ୍ ସହ ଅତିରିକ୍ତ ତହସିଲଦାର ସନାତନ ମହାରଣା, ଅଗ୍ନିଶମ ବିଭାଗ କର୍ମଚାରୀ ଘଟଣାସ୍ଥଳରେ ପହଞ୍ଚିଥିଲେ। ଅଗ୍ନିଶମ କର୍ମଚାରୀ ପୋଖରୀରୁ ପ୍ରଥମେ ପ୍ରତିମା ଓ ପରେ ସତ୍ୟବାନଙ୍କ ମୃତଦେହ ଉଦ୍ଧାର କରି ବ୍ୟବଚ୍ଛେଦ ପାଇଁ ଥୁଆମୂଳ ରାମପୁର ଗୋଷ୍ଠୀ ସ୍ୱାସ୍ଥ୍ୟକେନ୍ଦ୍ରକୁ ପଠାଇଥିଲେ। ଏ ନେଇ ପୃଥକ୍ ୟୁଡ଼ି କେସ୍ ନଂ.୧୨/୨୫ ଓ ୧୩/୨୫ରେ ମାମଲା ରୁଜୁ ସହ ମୃତଦେହ ବ୍ୟବଚ୍ଛେଦ ପରେ ସମ୍ପର୍କୀୟଙ୍କୁ ହସ୍ତାନ୍ତର କରାଯାଇଛି।

# ଦୁର୍ନୀତି ହୋଇଛି କହୁଛ, ବାନ୍ଧୁନ: ବିରୋଧୀ

ଭୁବନେଶ୍ୱର, ୮।୧୨ (ସୁନିତ୍ ମିଶ୍ର)

୨୦୦୦ରୁ ୨୦୦୯ ପର୍ଯ୍ୟନ୍ତ ରାଜ୍ୟରେ ମିଳିତ ସରକାର ଥିଲା। ୨୦୧୪ରୁ କେନ୍ଦ୍ରରେ ଭାଜପା ସରକାର ରହିଛି। ୨୦୧୪ରୁ ୨୦୨୪ ମଧ୍ୟରେ ଓଡ଼ିଶାର ବିଜେଡି ସରକାରକୁ ପ୍ରଧାନମନ୍ତ୍ରୀ ସବୁବେଳେ ପ୍ରଶଂସା କରୁଥିଲେ। ଯଦି ସେହି ସମୟରେ କିଛି କେଲେଙ୍କାରୀ ହେଇଛି, ତେବେ ତା'ର ତଦନ୍ତ କର। ଯେଉଁସବୁ ମାମଲା ପୁନଃ ତଦନ୍ତ କରିପାରିବ, କର ବୋଲି ବିଜେଡି ସଦସ୍ୟ ଅରବିନ୍ଦ ମହାପାତ୍ର କହିଛନ୍ତି। ଅତିରିକ୍ତ ବ୍ୟୟ ମଞ୍ଜୁରୀ ବିଲ୍–୨୦୨୫ ଆଲୋଚନାରେ ଭାଗ ନେଇ ଅରବିନ୍ଦ କହିଛନ୍ତି, ୨୪ ବର୍ଷରେ ପ୍ରବଳ ଦୁର୍ନୀତି ହେଇଛି ବୋଲି ଖାଲି କହିଲେ କ'ଣ ହେବ, କିଛି ତ କରିପାରୁନ। ବିଜେଡିର ବହୁ ନେତାଙ୍କ ବିଷୟରେ କହୁଛ, ସରକାର ଆସିବାର ୧୮ ମାସ ପୂରଣ କରିସାରିଲଣି; କାହିଁ ଜଣେ ହେଲେ ନିର୍ବାଚିତ ପ୍ରତିନିଧିଙ୍କୁ ତ ବାନ୍ଧିପାରିଲେ ନାହିଁ। ସବୁବେଳେ ବିଜେଡି– ବିଜେଡି କାହିଁକି ହେଉଛ। ବିଜେଡି ପ୍ରେମ ଛାଡ଼ନ୍ତୁ ବୋଲି ଅରବିନ୍ଦ କହିଛନ୍ତି।

ବିଜେଡି ସଦସ୍ୟ ନିରଞ୍ଜନ ପୂଜାରୀ କହିଛନ୍ତି, ସୁନା ଦର ୧ ଲକ୍ଷ ୩୭ ହଜାର ଟଙ୍କାରେ ପହଞ୍ଚିଲାଣି। ଜଣେ ଗରିବ ଲୋକ ତା' ଝିଅ କିମ୍ବା ଭଉଣୀକୁ ବାହା କଲାବେଳେ ନାକ କି କାନ ପାଇଁ ଖଣ୍ଡେହେଲେ ସୁନା କିଣିପାରିବ ନାହିଁ। ବହୁ କେନ୍ଦ୍ରୀୟ ଯୋଜନାରେ ଅର୍ଥ କମିବାରେ ଲାଗିଛି ବୋଲି ସେ କହିଛନ୍ତି। ରଣେନ୍ଦ୍ର ପ୍ରତାପ ସ୍ୱାଇଁ କହିଛନ୍ତି, ଭାଜପା ବହୁ ବଡ଼ ବଡ଼ କଥା କହୁଛି। ଜାଣିଶୁଣି ଏମାନେ ରାଜ୍ୟରେ ଜନଗଣନା କରେଇ ଦେଉନାହାନ୍ତି। ଏସ୍‌ଆଇଆର୍ ନାଁରେ ଭୋଟ୍ ବ୍ୟାଙ୍କ ସୁରକ୍ଷିତ କରିବାକୁ ଏମାନେ ଯୋଜନା ରଖିଛନ୍ତି। ଛାତ୍ର ସଂସଦ ନିର୍ବାଚନ କାହିଁକି କରିଲନି, ସବୁଠି ତ ପ୍ରଚାର କରୁଥିଲ କ'ଣ ଡର ମାଡ଼ିଲା ନା ବଳଙ୍ଗା ଆଉ ଏଫ୍‌ଏମ୍ କଲେଜ ଭୂତ ଗୋଡ଼େଇବ ବୋଲି ଡରିଲ। ୧୮ ମାସ ଭିତରେ ୧୮ ଥର ପରୀକ୍ଷା ପେପର୍ ଲିକ୍ ହେଲାଣି। ସବୁ ତ ତାମିଲ ନେଇଗଲା କହୁଛ, ପ୍ରଧାନମନ୍ତ୍ରୀ ତ ଆସିଲା ପରେ ରତ୍ନଭଣ୍ଡାର ଚୋରିର ତଦନ୍ତ କରିବେ କହିଥିଲେ, କାହିଁକି ବାନ୍ଧୁନ। ପଲିଟିକାଲ ପ୍ରୋଟେକ୍ସନ ଦେବ ନାହିଁ ବୋଲି କହୁଛ, ଝାଡ଼ଖଣ୍ଡୀ ଆସିକି ଓଡ଼ିଆ ପୁଅକୁ ବାଡ଼େଇ ପଳେଇଲା, କ'ଣ କାର୍ଯ୍ୟାନୁଷ୍ଠାନ ନେଲ କହୁନ। ବିଜେଡି ସଦସ୍ୟ ଗଣେଶ୍ୱର ବେହେରା କହିଛନ୍ତି, ବଜେଟ ଅର୍ଥର ଅଧା ବି ଏଯାଏ ଖର୍ଚ୍ଚ କରିପାରିଲ ନାହିଁ। ୪୪ ବିଭାଗରୁ ମାତ୍ର ୩ ବିଭାଗ ୫୦ ପ୍ରତିଶତ ଅର୍ଥ ଖର୍ଚ୍ଚ କରିଛି। ସ୍ୱଚ୍ଛତାର ଅଭାବ ଯୋଉଠି ରହିବ, ବିରୋଧୀ ସେଇଠି ରହିବେ।

ଭାଜପା ସଦସ୍ୟ ଲକ୍ଷ୍ମଣ ବାଗ୍ ମମିତା ମେହେର ପ୍ରସଙ୍ଗ ଉଠାଇ ପାଲଟା ଟାର୍ଗେଟ କରିଛନ୍ତି। ସେହିପରି ସୁଧୀର ପାଟଯୋଶୀ, ସନ୍ତୋଷ ଖଟୁଆ, ଦୁଷ୍ମନ୍ତ କୁମାର ସ୍ୱାଇଁ ଏବଂ ଦୁର୍ଗା ପ୍ରସନ୍ନ ନାଏକ ପୂର୍ବ ସରକାର ବିଫଳତା କଥା କହି ବର୍ଷିଛନ୍ତି। ଭାଜପା ସଦସ୍ୟ ପ୍ରତାପ ନାଏକ କହିଛନ୍ତି, ବିରୋଧୀ ବିଶ୍ୱାସ ରଖନ୍ତୁ ସରକାର କାମ ଠିକ୍ ଭାବେ କରିବେ। ବିଧାୟକ ପଦ୍ମଲୋଚନ ପଣ୍ଡା କହିଛନ୍ତି, ଗତ ସରକାର ସମୟରେ ୫–ଟି ନାଁରେ ୫ ଜଣ ଟାଉଟର ଥିଲେ। ସେମାନେ ରାଜ୍ୟ ତହବିଲରୁ ଲକ୍ଷାଧିକ ଟଙ୍କା ଲୁଟ୍ କରିଛନ୍ତି। ତତ୍କାଳୀନ ମୁଖ୍ୟମନ୍ତ୍ରୀ କେତେ ସାଧାରଣ ଲୋକଙ୍କୁ ଭେଟୁଥିଲେ, ଏବେର ମୁଖ୍ୟମନ୍ତ୍ରୀଙ୍କୁ କେତେ ଲୋକ ଭେଟୁଛନ୍ତି ସେଥିରୁ ଶିଖିବା ଦରକାର ବୋଲି ସେ କହିଛନ୍ତି।

# ଓଡ଼ିଶା ନାଟ୍ୟ ସଂଘର କାର୍ଯ୍ୟକାରିଣୀ ବୈଠକ

ଭୁବନେଶ୍ୱର,୮।୧୨ (ସୌମ୍ୟରଞ୍ଜନ ରାଉତ)

ଓଡ଼ିଶା ନାଟ୍ୟ ସଂଘର ପ୍ରଥମ କାର୍ଯ୍ୟକାରିଣୀ ବୈଠକ ରବିବାର ଏକ ହେଟେଲ୍‌ଠାରେ ଅନୁଷ୍ଠିତ ହୋଇଯାଇଛି। ସଂଘ ସଭାପତି ମିହିର ମେହେରଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ବୈଠକରେ ଭୁବନେଶ୍ୱରରେ ନାଟ୍ୟ ଭବନ ନିର୍ମାଣ, ଜାତୀୟ ନାଟ୍ୟ କର୍ମଶାଳା, ବିଭିନ୍ନ ଅଞ୍ଚଳରେ ନାଟ୍ୟ କର୍ମଶାଳା ଆୟୋଜନ ସମ୍ପର୍କରେ ଆଲୋଚନା ହୋଇ ଗୁରୁତ୍ୱାରୋପ କରାଯାଇଥିଲା। ଏହି ଅବସରରେ ଓଡ଼ିଶା ସଙ୍ଗୀତ ନାଟକ ଏକାଡେମୀ ପକ୍ଷରୁ ପୁରସ୍କୃତ ହୋଇଥିବା ନାଟ୍ୟ ବ୍ୟକ୍ତିତ୍ୱଙ୍କୁ ସଂଘର ସଦସ୍ୟ ମନ୍ମଥ ଶତପଥୀ ଉତ୍ତରୀୟ ଓ ଫୁଲତୋଡ଼ା ଦେଇ ସମ୍ବର୍ଦ୍ଧିତ କରିଥିଲେ। କାର୍ଯ୍ୟକ୍ରମରେ ଅନ୍ୟାନ୍ୟ ଅତିଥି ଭାବରେ ଉପଦେଷ୍ଟା ମନୋଜ ପଟ୍ଟନାୟକ, ମନ୍ମଥ ଶତପଥୀ, ମାୟା ଦାସ, ସମର ସୁଦାଲି, ନବୀନ ପରିଡ଼ା, ଲାଲା ବିରେନ ରାୟ, ପ୍ରସନ୍ନ ମିଶ୍ର, ଭାସ୍କର ମହାପାତ୍ର, ଶିବ ରଥ, ସତ୍ୟ ବେହେରା, କାର୍ଯ୍ୟକାରୀ ସଦସ୍ୟ ପବିତ୍ର ମହାନ୍ତି, ମନୋଜ ଦଣ୍ଡପାଟ, ବିପ୍ଳବ ଶତପଥୀ, ନିର୍ମଳ ରାଉତ, ଶୁଭକାନ୍ତ ପାଢ଼ୀ, ପ୍ରଦ୍ୟୁମ୍ନ ସାହୁ, ପବିତ୍ର ମହାନ୍ତି, ଆଶିଷ ବର୍ଦ୍ଧନ, ଉପସଭାପତି ଜିତେନ୍ଦ୍ର ପଟ୍ଟନାୟକ, ପ୍ରଦୀପ ପଣ୍ଡା, ଭବାନୀ ମିଶ୍ର, ଯୁଗ୍ମ ସମ୍ପାଦକ ଡ. ଗୋପାଳ, ପ୍ରଭାସ ମହଲା ପ୍ରମୁଖ ଯୋଗଦେଇଥିଲେ। ସାଧାରଣ ସମ୍ପାଦକ ମୋହନ ଦ୍ୱିବେଦୀ ସଭାକାର୍ଯ୍ୟ ପରିଚାଳନା କରିଥିଲେ। ନାଟ୍ୟ ସଂଘର କୋଷାଧ୍ୟକ୍ଷ ଅବିନାଶ ଦଣ୍ଡପାଟ ସହଯୋଗ କରିଥିଲେ।

# ଧାନର ଅଭାବୀ ବିକ୍ରିକୁ ନେଇ ଉଦ୍‌ବେଗ



ବୈଠକରେ ସିପିଆଇର ଓଡ଼ିଶା ରାଜ୍ୟ ସମ୍ପାଦକ ମଣ୍ଡଳୀ ସଦସ୍ୟ।

## ୨୬ରେ ସିପିଆଇ ଶତବାର୍ଷିକୀ ସମାବର୍ତ୍ତନ ଉତ୍ସବ

ଭୁବନେଶ୍ୱର, ୮।୧୨ (ବନ୍ଦନା ସେଠୀ)

ଭାରତୀୟ କମ୍ୟୁନିଷ୍ଟ ପାର୍ଟି (ସିପିଆଇ)ର ଓଡ଼ିଶା ରାଜ୍ୟ ସମ୍ପାଦକ ମଣ୍ଡଳୀ ବୈଠକ ସୋମବାର ଭଗବତୀ ଭବନଠାରେ ଅନୁଷ୍ଠିତ ହୋଇଯାଇଛି। ଡିସେମ୍ବର ୨୬ରେ ସିପିଆଇ ଶତବାର୍ଷିକୀ ସମାବର୍ତ୍ତନ ଉତ୍ସବ ପରିପ୍ରେକ୍ଷୀରେ ଏହାର ପ୍ରତ୍ୟେକ ଶାଖାରେ ପତାକା ଉତ୍ତୋଳନ, ଶୋଭାଯାତ୍ରା, ସଭା, କନ୍‌ଭେନ୍‌ଶନ୍, ଆଲୋଚନାଚକ୍ର ସହ ସଂଘର୍ଷର ସଂକଳ୍ପ ମାଧ୍ୟମରେ ପାଳନ କରିବା ନେଇ ନିଷ୍ପତ୍ତି ହୋଇଛି। ବୈଠକରେ ଧାନର ଅଭାବୀ ବିକ୍ରିକୁ ନେଇ ଉଦ୍‌ବେଗ ପ୍ରକାଶ ପାଇଥିଲା। ସିପିଆଇ ରାଜ୍ୟ ସମ୍ପାଦକ ଡ. ପ୍ରଶାନ୍ତ କୁମାର ମିଶ୍ର କହିଲେ, ରାଜ୍ୟ ସରକାର ନଭେମ୍ବର ୨୫ରେ ଧାନ ମଣ୍ଡି ଖୋଲି କୃଷକଙ୍କଠାରୁ ଧାନ ଖରିଦ କରିବା ବିଷୟ ଘୋଷଣା କରିଥିଲେ। ମାତ୍ର କେତେକ ସ୍ଥାନରେ ମଣ୍ଡି ଖୋଲାଯାଇ ନ ଥିବାବେଳେ ଯେଉଁଠାରେ ମଣ୍ଡି ଖୋଲା ଯାଇଛି ସେଠାରେ କୃଷକଙ୍କଠାରୁ ଧାନ କିଣା ଯାଉନାହିଁ। ଫଳରେ କୃଷକ ତାଙ୍କ ଉତ୍ପାଦିତ ଧାନ ଅସାଧୁ ବେପାରୀଙ୍କୁ ଅଭାବୀ ଦାମ୍‌ରେ ବିକ୍ରି କରିବା ପାଇଁ ବାଧ ହେଉଛନ୍ତି। ସମସ୍ତ ଗ୍ରାମପଞ୍ଚାୟତ ସ୍ତରରେ ଧାନ ମଣ୍ଡି ଖୋଲି କୃଷକଙ୍କଠାରୁ ବିନା କଟ୍‌ନୀ ଛଟ୍‌ନୀରେ ସରକାରଙ୍କ ଘୋଷିତ ସହାୟକ ମୂଲ୍ୟ ସହ ରାଜ୍ୟ ସରକାରଙ୍କ ବୋନସ ଅର୍ଥ ମିଶାଇ ଧାନ ଖରିଦ କରା ନ ଗଲେ କମ୍ୟୁନିଷ୍ଟ ପାର୍ଟି ଆନ୍ଦୋଳନ କରିବାକୁ ବାଧ ହେବ ବୋଲି ଚେତାବନୀ ଦିଆଯାଇଛି। ବୈଠକରେ ଅନ୍ୟମାନଙ୍କ ମଧ୍ୟରେ ଦଳର ସହସମ୍ପାଦକ କ୍ଷୀରୋଦ ସିଂଦେଓ ଓ ଜୟନ୍ତ ଦାସ, ଜାତୀୟ ପରିଷଦ ସଦସ୍ୟ ଏନ୍. ନାରାୟଣ ରେଡ୍ଡୀ, ସମ୍ପାଦକ ମଣ୍ଡଳୀ ସଦସ୍ୟ ଜୟନ୍ତ ଜେନା, ରମଣୀ ରଞ୍ଜନ ରାଉତରାୟ ପ୍ରମୁଖ ବିଭିନ୍ନ ପ୍ରସ୍ତାବ ଆଗତ କରିଥିଲେ।

# ଯୌତୁକ ପାଇଁ ୧୬ ମାସରେ ୨୧୦ ହତ୍ୟା, ୨୭ ଆତ୍ମହତ୍ୟା

## ନିର୍ଯାତନାର ଶିକାର ହୋଇଛନ୍ତି ୩,୫୫୭ ମହିଳା

ଭୁବନେଶ୍ୱର,୮।୧୨ (ସୁଚିସ୍ମିତା ସାହୁ)

ରାଜ୍ୟରେ ମହିଳାଙ୍କ ସୁରକ୍ଷା ପାଇଁ ସରକାର ବିଭିନ୍ନ ପ୍ରକାରର ଯୋଜନା କରୁଛନ୍ତି। ଏହାସତ୍ତ୍ୱେ ରାଜ୍ୟରେ ଯୌତୁକଜନିତ ନିର୍ଯାତନ, ହତ୍ୟା ଓ ଆତ୍ମହତ୍ୟା ଚିନ୍ତାଜନକ ରହିଛି। ୧୬ ମାସ ଭିତରେ ଯୌତୁକ ପାଇଁ ୩,୫୫୭ଜଣ ମହିଳା ନିର୍ଯାତନାର ଶିକାର ହୋଇଥିବାବେଳେ ୨୧୦ଜଣଙ୍କୁ ହତ୍ୟା କରାଯାଇଛି ଓ ୨୭ଜଣ ମହିଳା ଆତ୍ମହତ୍ୟା କରିଛନ୍ତି। ବିଧାୟିକା ସୋଫିଆ ଫିର୍‌ଦୋସଙ୍କ ପ୍ରଶ୍ନରେ ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ ସୋମବାର ବିଧାନସଭାରେ ଏହି ସୂଚନା ଦେଇଛନ୍ତି।

ମୁଖ୍ୟମନ୍ତ୍ରୀ ଗୃହକୁ ଦେଇଥିବା ତଥ୍ୟରୁ ଜଣାପଡ଼ିଛି, ଜୁନ୍ ୨୦୨୪ରୁ ସେପ୍ଟେମ୍ବର ୨୦୨୫ ମଧ୍ୟରେ ରାଜଧାନୀ ଭୁବନେଶ୍ୱରରେ ୧୬ଜଣ ମହିଳାଙ୍କୁ ଯୌତୁକ ପାଇଁ ହତ୍ୟା କରାଯାଇଥିବା ବେଳେ କଟକ ୟୁପିଡିରେ ୭ଜଣ ମହିଳାଙ୍କୁ ହତ୍ୟା କରାଯାଇଛି। ସେହିପରି କଟକରେ ୨୫, ଜଗତ୍‌ସିଂହପୁରରେ ୨୦, ଯାଜପୁରରେ ୨୨, କେନ୍ଦ୍ରାପଡ଼ାରେ ୨୦, ପୁରୀରେ ୨୪, ନୟାଗଡ଼ରେ ୧୧, ଖୋର୍ଦ୍ଧାରେ ୮, ବାଲେଶ୍ୱରରେ ୪, ଭଦ୍ରକରେ ୩୫, ମୟୂରଭଞ୍ଜ, ସମ୍ବଲପୁର ଏବଂ ବରଗଡ଼ ୬ଜଣ ଲେଖାଏ ମହିଳାଙ୍କୁ ଯୌତୁକ ପାଇଁ ହତ୍ୟା କରାଯାଇଛି।

ଅନ୍ୟପକ୍ଷରେ ଭୁବନେଶ୍ୱର ୟୁପିଡି ଅଧୀନରେ ୪ଜଣ ମହିଳା ଯୌତୁକ ପାଇଁ ଆତ୍ମହତ୍ୟା କରିଛନ୍ତି। ସେହିପରି ଜଗତ୍‌ସିଂହପୁରରେ ୪, ଯାଜପୁରରେ ୧, କେନ୍ଦ୍ରାପଡାରେ ୨, ପୁରୀରେ ୨, ନୟାଗଡରେ ୧, ଖୋର୍ଦ୍ଧାରେ ୨, ଭଦ୍ରକରେ ୩, ମୟୂରଭଞ୍ଜରେ ୨ ଏବଂ ବରଗଡ଼ରେ ୬ ଜଣ ମହିଳା ଆତ୍ମହତ୍ୟା କରିଥିବା ମୁଖ୍ୟମନ୍ତ୍ରୀ ଗୃହକୁ ଜଣାଇଛନ୍ତି।

ଅନ୍ୟପକ୍ଷରେ ଏହି ୧୬ ମାସରେ ଯୌତୁକ ପାଇଁ ୩ହଜାର ୫୫୭ ଜଣ ମହିଳା ନିର୍ଯାତନାର ସମ୍ମୁଖୀନ ହୋଇଥିବା ଅଭିଯୋଗ ରହିଛି। ଭୁବନେଶ୍ୱର ୟୁପିଡି ଅଞ୍ଚଳରେ ୯୪ଜଣ ମହିଳା ଓ କଟକ ୟୁପିଡି ଅଞ୍ଚଳରେ ୨୭୭ଜଣ ମହିଳା ଯୌତୁକ ପାଇଁ ନିର୍ଯାତିତା ହୋଇଛନ୍ତି। ସେହିପରି କଟକରେ ୨୪୦, ଜଗତ୍‌ସିଂହପୁରରେ ୨୩୦, ଯାଜପୁରରେ ୩୬୨, କେନ୍ଦ୍ରାପଡ଼ାରେ ୨୭୩, ପୁରୀରେ ୨୭୦, ନୟାଗଡ଼ରେ ୨୦୧, ଖୋର୍ଦ୍ଧାରେ ୨୧୬, ବାଲେଶ୍ୱରରେ ୪୭୩, ଭଦ୍ରକରେ ୪୩୫, ମୟୂରଭଞ୍ଜରେ ୨୮୯, ସମ୍ବଲପୁର ୯୬ ଏବଂ ବରଗଡ଼ରେ ୧୦୧ଜଣ ମହିଳା ଯୌତୁକ ପାଇଁ ନିର୍ଯାତିତ ହୋଇଥିବା ମୁଖ୍ୟମନ୍ତ୍ରୀ ଗୃହକୁ ଜଣାଇଛନ୍ତି।


**QUOTATION CALL NOTICE**

Sealed Quotations are invited from registered firms having valid GSTN for supply of various items related to the IT infrastructure as per the specification given by the Govt. of Odisha (Govt. of Odisha Higher Education No.202469785168/Dt.5.3.25 Non-Govt. aided colleges having students strength less than 750). The sealed Quotations should reach the office of the undersigned within 10 days from the date of publication of the notice. The undersigned reserves the right to cancel any quotation without assigning any reason thereof.

Sd./- Principal
Anchalika Degree Mahavidyalaya,
Pragyanvihar, Siminai, Dhenkanal-759025

**OFFICE OF THE ASKA CO-OPERATIVE SUGAR INDUSTRIES LTD., NUAGAM (ASKA)**

P.O.NUAGAM (ASKA)-761111, GANJAM DISTRICT, ODISHA
Phones:06822-273464, email:askasugar@yahoo.co.in, website:askasugar.com
Letter No.(Engg.) 1991, Dt.06.12.2025

Sealed Tenders are invited from competent farm/agency for undertaking **"AMC of Global make electronic weigh bridges 40 MT (01 No.), 10 MT (02 Nos.) & Eurotech make electronic weigh bridge 80 MT (01 No.)"** for the crushing season 2025-2026 at the Aska Co-operative Sugar Industries Ltd., Nuagam, Aska. Interested tenderers can get details & obtain tender form by download from our **website: www.askasugar.com.** Filled tender forms can be sent by Speed Post/ Registered Post only, which should reach the office latest by dated. 18.12.2025 by 05.00 P.M.

**Sd./- Managing Director**

सीएमपीडीआई मिनी रत्न cmpdi Mini Ratna
सेन्ट्रल माईन प्लानिंग एण्ड डिजाइन इन्स्टीच्यूट लिमिटेड
CENTRAL MINE PLANNING & DESIGN INSTITUTE LTD.
(कोल इण्डिया लिमिटेड की एक अनुषंगी ईकाई)/(A Subsidiary of Coal India Limited)
गोन्दवाना प्लेस, काँक रोड राँची - 834008, झारखंड, भारत

**सूचना/NOTICE**

"सामग्री, कार्यो एवं सेवाओं की खरीद हेतु सीआईएल एवं इसकी अनुषंगी कम्पनियों द्वारा जारी सभी निविदाएँ कोल इण्डिया लिमिटेड की वेबसाइट **www.coalindia.in**/सम्बंधित अनुषंगी कम्पनी (सीएमपीडीआई, **www.cmpdi.co.in**), सीआईएल ई-प्रोक्योरमेंट पोर्टल **https://coalindiatenders.nic.in** एवं सेन्ट्रल पब्लिक प्रोक्योरमेंट पोर्टल **https://eprocure.gov.in** पर उपलब्ध है । इसके अलावा, जीईएम पोर्टल **https://gem.gov.in** के माध्यम से भी खरीद की जाती है ।"/ "All the tenders issued by CIL and its Subsidiaries for procurement of Goods, Works and Services are available on websites of Coal India Ltd. **www.coalindia.in**/respective Subsidiary Company (CMPDI, **www.cmpdi.co.in**), CIL e-procurement portal **https://coalindiatenders.nic.in** and Central Public Procurement Portal **https://eprocure.gov.in.** In addition, procurement is also done through GeM Portal **https://gem.gov.in.**"

**OFFICE OF THE EXECUTIVE ENGINEER
MINOR IRRIGATION DIVISION, LOHARDAGA**

**e-Procurement Notice**

Tender Reference No. WRD /MID/LOHARDAGA/F2-26/2025-26
Date – 06/12/2025

| | | |
|---|---|---|
| 1. | Name of Work | Construction of Series Checkdam on Paras Nala at vill – Heswe , Block – Senha, Distt.- Lohardaga. |
| 2. | Estimated Cost (Rs. In Lakh) | Rs. 122.811 Lakh |
| 3. | Time of Completion | 11 Months |
| 4. | Date of Publication of e-Tender on website | 24/12/2025 at 05:00 PM |
| 5. | Last date/Time for Submission of e-Tender BID's | 01/01/2026 up to 05:00 PM |
| 6. | Last date for online Submission of Tender Fee and EMD | e-Procurement Portal (jharkhandtenders.gov.in) 01/01/2026 up to 05:00 PM |
| 7. | Date of opening Tender | 03/01/2026 at 02:00 PM |
| 8 | Name & address of office inviting tender | Executive Engineer, Minor Irrigation Division, Lohardaga. |
| 9. | (a) Contact No. of e-Procurement officer (b) E-Mail of e-Procurement officer | 9801286765 Midloh632@gmail.com |
| 10. | Helpline Number of e-Procurement cell | 7488537740 |

**Note: - (1) Only e-Tender will be accepted
(2) Published Estimated Cost may be Increase or Decrease.
Further details can be seen on website** http://jharkhandtenders.gov.in

Executive Engineer
PR 367989 (Lohardaga) 25-26 (D) Minor Irrigation Division, Lohardaga.

**GOVERNMENT OF JHARKHAND
OFFICE OF THE EXECUTIVE ENGINEER
R.C.D. , ROAD DIVISION, SAHIBGANJ**

**e- Procurement Notice**
**(2nd Call)**
**(SHORT TENDER)**
e-Tender Reference no.- **RCD/SAHIBGANJ/1047/2025-26**
**Dated : 06.12.2025**

| | | |
|---|---|---|
| 1 | Name of Work | **IRQP/Strengthening work of Shobhanpur Bhatta to Rajgaon via Kishan Prasad from K.M. 0.00 to 19.625 under Road Division, Sahibganj for the Year 2025-26** |
| 2 (a) | Estimated Cost (Rs) | **Rs. 12,57,13,074.00** (Rupees Twelve Crore Fifty Seven Lakh Thirteen Thousand Seventy Four) Only. |
| (b) | Bid Security (Rs) | **12,58,000.00** (Rupees Twelve Lakh and Fifty Eight Thousand) Only. |
| 3 | Time of Completion | 06 (Six) Months |
| 4 | Last date / Time for receipt of bids | 23.12.2025 upto 12.00 Noon |
| 5 | Date of Publication of Tender on website | 10.12.2025 from 10.30 A.M. |
| 6 | Name & address of office Inviting tender | Executive Engineer, R.C.D. Road Division, Sahibganj |
| 7 | Contact no. of Procurement officer | 8271102250 |
| 8 | Helpline number of e- Procurement cell | 0651 - 2401010 |

Further details can be seen on website http://jharkhandtenders.gov.in

**EXECUTIVE ENGINEER
ROAD CONSTRUCTION DEPARTMENT
ROAD DIVISION, SAHIBGANJ**

PR 367995 (Road) 25-26 (D)

## ସଂକ୍ଷେପରେ

### ପ୍ଲାଷ୍ଟିକ କମ୍ପାନୀରେ ଅଗ୍ନିକାଣ୍ଡ, ଅଳ୍ପକେ ବର୍ତ୍ତିଲେ ଶ୍ରମିକ

ମଙ୍ଗୁଳି-ଜଗତପୁର, ୮।୧୨ (ମାନସ ସାମଲ)

କଟକ ଜିଲା ଜଗତପୁର ଥାନା ଅଧୀନ ଗୁଜରପୁରସ୍ଥିତ ଏକ ପ୍ଲାଷ୍ଟିକ କମ୍ପାନୀରେ ସୋମବାର ଅଗ୍ନିକାଣ୍ଡ ଘଟିଛି। ଏଥିରେ କମ୍ପାନୀର କଞ୍ଚାମାଲ, ଯନ୍ତ୍ରାଂଶ, କମ୍ପ୍ୟୁଟର ଓ ମେଶିନ ସମ୍ପୂର୍ଣ୍ଣ ଜଳିଯାଇଥିବା ବେଳେ ଶ୍ରମିକମାନେ ଅଳ୍ପକେ ବର୍ତ୍ତି ଯାଇଛନ୍ତି। ଅଗ୍ନିକାଣ୍ଡର କାରଣ ଜଣାପଡ଼ି ନ ଥିବା ବେଳେ ଶର୍ଟସର୍କିଟ ଯୋଗୁ ନିଆଁ ଲାଗିଥିବା ଅନୁମାନ କରାଯାଉଛି। ସୂଚନା ଅନୁଯାୟୀ, ସକାଳ ପ୍ରାୟ ୯ଟାରେ କମ୍ପାନୀ ପରିସର ପ୍ଲାଷ୍ଟିକ ବ୍ୟାଗ ତିଆରି କାମ ଚାଲିଥିଲା। କମ୍ପାନୀ ଗୋଦାମରେ ହଠାତ୍ ଶବ୍ଦ ହେବା ସହ ନିଆଁ ଲାଗିଯାଇଥିବା ମାଲିକ ସୁଧୀର କୁମାର ଦାସ ପ୍ରଥମେ ଦେଖିଥିଲେ। ମାଲିକ ତତ୍‌କ୍ଷଣାତ୍ ସମସ୍ତ କର୍ମଚାରୀ ବାହାରକୁ ଯିବାକୁ କହିଥିଲେ। ସମସ୍ତ କର୍ମଚାରୀ ପଦାକୁ ବାହାରି ନିଆଁକୁ ଆୟତ୍ତ କରିବାକୁ ଚେଷ୍ଟା କରି ବିଫଳ ହୋଇଥିଲେ। ନିଆଁ ଚାହୁଁ ଚାହୁଁ ବ୍ୟାପି ଯାଇ ଗୋଦାମ ସମେତ କମ୍ପାନୀ ପରିସରକୁ ଲାଗିଯାଇଥିଲା। ଖବର ପାଇ ଚାଉଳିଆଗଞ୍ଜ ଅଗ୍ନିଶମ ବାହିନୀ ପହଞ୍ଚି ପ୍ରାୟ ଦୁଇ ଘଣ୍ଟା ଅକ୍ଳାନ୍ତ ପରିଶ୍ରମ କରି ନିଆଁକୁ ଆୟତ୍ତ କରିଥିଲା। ସେଠାରେ ଅଗ୍ନି ନିରାପତ୍ତା ବ୍ୟବସ୍ଥା ଥିଲା କି ନାହିଁ ସେ ସମ୍ପର୍କରେ ଜଣାପଡିନାହିଁ। ପ୍ରକାଶ ଥାଉ କି ସରକାରୀ ଜମିରେ ବେଆଇନ ଭାବେ କମ୍ପାନୀ ନିର୍ମାଣ କରାଯାଇ ୧୦ ବର୍ଷ ହେବ ଚାଲୁ ରହିଥିଲା। ପୋଲିସ ଘଟଣାସ୍ଥଳରେ ପହଞ୍ଚି ତଦନ୍ତ ଜାରି ରଖିଛି।

### ସାମ୍ବିଧାନିକ ସମ୍ମିଳନୀ ଓ କର୍ମକର୍ତ୍ତା ଚୟନ

ବାଙ୍କୀ,୮।୧୨(ଶୁଭେନ୍ଦୁ ମହାପାତ୍ର): ବାଙ୍କୀ ବ୍ଲକ ଅନ୍ତର୍ଗତ ବ୍ରହ୍ମପୁରାସ୍ଥିତ ସଚଳା ଦେବୀ ବାଳିକା ଉଚ୍ଚ ବିଦ୍ୟାଳୟ ପରିସରରେ ସୋମବାର ବ୍ଲକ ଓଷ୍ଟା ପକ୍ଷରୁ ୧୫ତମ ସାମ୍ବିଧାନିକ ସମ୍ମିଳନୀ ଓ କର୍ମକର୍ତ୍ତା ଚୟନ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। କାର୍ଯ୍ୟକ୍ରମରେ ଜିଲା ଓଷ୍ଟା ସଭାପତି କଳିଙ୍ଗ କେଶରୀ ପ୍ରଧାନ ଅଧ୍ୟକ୍ଷତା ଏବଂ ସଭ୍ୟ ମିହିର କୁମାର ଆଚାର୍ଯ୍ୟ ସଂଯୋଜନା କରିଥିଲେ। ନୂତନ କର୍ମକର୍ତ୍ତା ଚୟନ କାର୍ଯ୍ୟକ୍ରମରେ ଆଗାମୀ ୩ ବର୍ଷ ପାଇଁ ସଭାପତି ଭାବେ ସବିତାବାଳା ମହାନ୍ତି, ଉପସଭାପତି ଦୀପ୍ତିମୟୀ ଫତେସିଂହ, ଦିଲ୍ଲୀପ କୁମାର ପରିଡ଼ା, ସମ୍ପାଦକ ପ୍ରଦୀପ କୁମାର ପଣ୍ଡା, ଯୁଗ୍ମ ସମ୍ପାଦକ ସୁଶାନ୍ତ କୁମାର ରାଉତ, ଜୟମାଳା ଜେନା, ସଭ୍ୟ ମାୟାଧର ପାଣିଗ୍ରାହୀ, ନୀଳକଣ୍ଠ ଦାସ, ତାପସ ମହାନ୍ତି, ସୁଶାନ୍ତ ଦଳେଇ, ପିଙ୍କିନା ସେଠୀ, ନୀଳିମା ମଙ୍ଗରାଜ ଓ ପ୍ରହ୍ଲାଦ ନାୟକ ପ୍ରମୁଖ ନିର୍ବାଚିତ ହୋଇଥିଲେ।

# ୩ ବର୍ଷ ପାଇଁ ରାଜ୍ୟ ସହ ମିଶି କାର୍ଯ୍ୟ କରିବ

## ଓଡ଼ିଶା ସରକାରଙ୍କ ସହ ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟର ଏମ୍‌ଓୟୁ

କଟକ,୮।୧୨(କାର୍ତ୍ତିକ ସାହୁ)




ଉଦ୍‌ଯାପନୀ ଉତ୍ସବରେ ରାଜ୍ୟ ସରକାରଙ୍କ ସହ ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟର ଏମ୍‌ଓୟୁର ସ୍ୱାକ୍ଷରିତ କରାଯାଉଛି।

ମାନବ ପକ୍ଷରେ ତା'ର ଇନ୍ଦ୍ରିୟ ସମୂହକୁ ଆୟତ୍ତରେ ରଖିବା ଏକ ଦୁରୂହ ବ୍ୟାପାର। ତେବେ ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟରେ ପ୍ରଦତ୍ତ ସୁଦର୍ଶନ କ୍ରିୟା ଜଣଙ୍କ ମନ ଓ ଇନ୍ଦ୍ରିୟ ଆୟତ୍ତରେ ରଖିବାକୁ ଯଥେଷ୍ଟ। ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟ ଆପଣମାନଙ୍କୁ ଖୁବ ସୁନ୍ଦର ଭାବରେ ପ୍ରଶିକ୍ଷଣ ଦେଇଥିବାରୁ ମୁଁ ଧନ୍ୟବାଦ ଜଣାଉଛି। ଏଥିସହ ଏ ସମ୍ପର୍କ ଯେପରି ଦୀର୍ଘସ୍ଥାୟୀ ହେବ, ସେ ଦିଗରେ ମଧ୍ୟ କାର୍ଯ୍ୟ କରିବି। ନରାଜସ୍ଥିତ ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟରେ ଚାଲିଥିବା ସପ୍ତାହବ୍ୟାପୀ 'ନିଶାମୁକ୍ତି ଅଭିଯାନ'ର ସମାପନ ଉତ୍ସବରେ ମୁଖ୍ୟ ଅତିଥି ଭାବେ ପଞ୍ଚାୟତିରାଜ ବିଭାଗ ମନ୍ତ୍ରୀ ରବିନାରାୟଣ ନାଏକ ଯୋଗଦେଇ ସ୍ୱେଚ୍ଛାସେବୀମାନଙ୍କୁ ଏକଥା କହିଛନ୍ତି।

ଏହି ଅବସରରେ ଓଡ଼ିଶା ସରକାରଙ୍କ ପଞ୍ଚାୟତିରାଜ ଓ ପାନୀୟଜଳ ବିଭାଗ ଏବଂ ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟ ମଧ୍ୟରେ ଇଣ୍ଟିଗ୍ରେଟେଡ ବ୍ଲକ ଡେଭେଲପମେଣ୍ଟ ଇନିସିଏଟିଭ ବା ସମନ୍ୱିତ ଗୋଷ୍ଠୀ ବିକାଶ ଉଦ୍ୟମ ଲକ୍ଷ୍ୟରେ ଏକ ଗୁରୁତ୍ୱପୂର୍ଣ୍ଣ ବୁଝାମଣା ପତ୍ର (ଏମଓୟୁ) ସ୍ୱାକ୍ଷରିତ ହୋଇଛି। ପ୍ରାରମ୍ଭିକ ଭାବରେ ନିଶାମୁକ୍ତ ଭାରତ ଅଭିଯାନ ଆନୁକୂଲ୍ୟରେ ରାଜ୍ୟ ସରକାରଙ୍କ ସାମାଜିକ ସୁରକ୍ଷା ଓ ସଶକ୍ତୀକରଣ ବିଭାଗ ପକ୍ଷରୁ ବଛା ବଛା ୫୦ଜଣ ସ୍ୱେଚ୍ଛାସେବୀ (ମାଷ୍ଟର ଭଲ୍ୟୁଣ୍ଟିଅର)ଙ୍କୁ ନିଶା ନିବାରଣ ପ୍ରଶିକ୍ଷଣ ପ୍ରଦାନ କରାଯାଇଛି। ଏହାଦ୍ୱାରା ୨୦୪୭ ସୁଦ୍ଧା ବିକଶିତ ଭାରତ ଗଠନ ନିମନ୍ତେ ପ୍ରଧାନମନ୍ତ୍ରୀଙ୍କ ଆହ୍ୱାନକୁ ତୃଣମୂଳସ୍ତରରେ କାର୍ଯ୍ୟକାରୀ କରାଯାଇପାରିବ। ପଞ୍ଚାୟତିରାଜ ବିଭାଗର ଅତିରିକ୍ତ ସଚିବ ସୂର୍ଯ୍ୟନାରାୟଣ ଦାସ ଓ ସ୍ୱତନ୍ତ୍ର ପ୍ରକଳ୍ପଗୁଡ଼ିକର ନିର୍ଦ୍ଦେଶକ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ଅନ୍ୟତମ ଅତିଥି ଭାବରେ ଯୋଗଦେଇଥିଲେ। ଶ୍ରୀଶ୍ରୀ ବିଶ୍ୱବିଦ୍ୟାଳୟ ପକ୍ଷରୁ ସାମାଜିକ ପ୍ରକଳ୍ପ ନିର୍ଦ୍ଦେଶକ ଭୋଳାନାଥ ଜେନା କାର୍ଯ୍ୟକ୍ରମ ସମ୍ପର୍କରେ ସୂଚନା ଦେଇ କହିଲେ, ଏହାକୁ କେବଳ ଏକ ସରକାରୀ କାର୍ଯ୍ୟକ୍ରମରେ ସୀମିତ ନ ରଖି ଏକ ଜନଆନ୍ଦୋଳନରେ ପରିଣତ କରାଯିବ। ବିଶ୍ୱବିଦ୍ୟାଳୟର କାର୍ମିକ ନିର୍ଦ୍ଦେଶକ ସ୍ୱାମୀ ସତ୍ୟଚୈତନ୍ୟ ବହୁ ପ୍ରଚଳିତ ନାଉରି ଓ ବିଦ୍ୱାନ ଉପାଖ୍ୟାନ ବର୍ଣ୍ଣନା କରି ନିଜ ଅନ୍ତର୍ନିହିତ ଗୁଣକୁ ନ ଚିହ୍ନିଲେ ସବୁ ଜ୍ଞାନ ବ୍ୟର୍ଥ ହୋଇଯାଏ ବୋଲି ଉଲ୍ଲେଖ କରିଥିଲେ। ଅନ୍ୟତମ ଅତିଥି ବିଶ୍ୱବିଦ୍ୟାଳୟ କୁଳପତି ପ୍ରଫେସର ଡ. ତେଜପ୍ରତାପ କହିଥିଲେ, ଦୁନିଆରେ ବହୁ ଜ୍ଞାନ ଉପଲବ୍ଧ ଥିଲେ ମଧ୍ୟ ମନକୁ ଶାନ୍ତ ରଖିବା ଦିଗରେ କାର୍ଯ୍ୟ କରୁଥିବା ଜ୍ଞାନ ହିଁ ସର୍ବାଦୌ ଗୁରୁତ୍ୱପୂର୍ଣ୍ଣ। ସ୍ୱେଚ୍ଛାସେବୀମାନଙ୍କୁ ଅତିଥିମାନେ ପ୍ରମାଣପତ୍ର ବଣ୍ଟନ କରିଥିଲେ। ପ୍ରଥମେ ଏହି କାର୍ଯ୍ୟକ୍ରମ (ଇଣ୍ଟିଗ୍ରେଟେଡ ବ୍ଲକ ଡେଭେଲପମେଣ୍ଟ ଇନିସିଏଟିଭ) ରାଜ୍ୟର ତିନୋଟି ବ୍ଲକରେ ଆରମ୍ଭ କରାଯିବା ପରେ କ୍ରମେ ଅବଶିଷ୍ଟ ୩୧୧ ବ୍ଲକକୁ ସମ୍ପ୍ରସାରିତ ହେବ ବୋଲି ମନ୍ତ୍ରୀ ନାଏକ କହିଥିଲେ।

## ପ୍ରଭାତ, ବିରଞ୍ଚି ପାଇବେ ଶ୍ରେଷ୍ଠ ପ୍ରୁଫ୍-ସଂଶୋଧକ ପୁରସ୍କାର

କଟକ,୮।୧୨(କାର୍ତ୍ତିକ ସାହୁ)

ଚଳିତବର୍ଷ ପାଇଁ ଓଡ଼ିଆ ଭାଷାର ଶ୍ରେଷ୍ଠ ପ୍ରୁଫ୍-ସଂଶୋଧକ ପୁରସ୍କାର ଭୁବନେଶ୍ୱର ନିବାସୀ ପ୍ରଭାତ ରଞ୍ଜନ ବେହୁରା ଓ ରାଉରକେଲା ନିବାସୀ ବିରଞ୍ଚି ନାରାୟଣ ମିଶ୍ରଙ୍କୁ ମିଳିତ ଭାବେ ଦିଆଯିବ ବୋଲି ଅଧ୍ୟାପିକା ନୀହାରିକା ଦାସ ସ୍ମୃତି ନ୍ୟାସ ପକ୍ଷରୁ ଘୋଷଣା କରାଯାଇଛି।

ନ୍ୟାସର ଆବାହକ ଦୀପକ କୁମାର ମହାନ୍ତ ଏକ ପ୍ରେସ ବିଜ୍ଞପ୍ତିରେ ଜଣାଇଛନ୍ତି ଯେ, ଆସନ୍ତା ୧୪ ତାରିଖ ସନ୍ଧ୍ୟାରେ ବାଖରାବାଦସ୍ଥିତ ଗାନ୍ଧୀ ଭବନଠାରେ ଆୟୋଜିତ ନିରାଡ଼ମ୍ବର ଉତ୍ସବରେ ଏହି ପୁରସ୍କାର ପ୍ରଦାନ କରାଯିବ। ଏଥିରେ ମୁଖ୍ୟ ଅତିଥି ଲକ୍ଷ୍ମୀନାରାୟଣ ମହାବିଦ୍ୟାଳୟର ପୂର୍ବତନ ଅଧ୍ୟକ୍ଷ ଡ. କମଳ ପ୍ରସାଦ ମହାନ୍ତି ଓ ମୁଖ୍ୟବକ୍ତା ରୂପେ ସୁନାମଧନ୍ୟ ସାହିତ୍ୟିକ ବୈଷ୍ଣବ ଚରଣ ମହାନ୍ତି ଯୋଗଦେବେ। ଉଲ୍ଲେଖଯୋଗ୍ୟ ଯେ, ପ୍ରୁଫ୍-ସଂଶୋଧନର ଗୁରୁତ୍ୱକୁ ସମାଜ ଆଗରେ ଉପସ୍ଥାପନ କରିବା ସଙ୍ଗେସଙ୍ଗେ ପ୍ରୁଫ୍-ସଂଶୋଧକମାନଙ୍କୁ ଉତ୍ସାହିତ କରିବା ଲକ୍ଷ୍ୟ ନେଇ ଅଧ୍ୟାପିକା ନୀହାରିକା ଦାସ ସ୍ମୃତି ନ୍ୟାସ ପକ୍ଷରୁ ଗତବର୍ଷଠାରୁ ଓଡ଼ିଆ ଭାଷାର ଶ୍ରେଷ୍ଠ ପ୍ରୁଫ୍-ସଂଶୋଧକଙ୍କୁ ଅର୍ଥରାଶି ସହ ପୁରସ୍କୃତ କରାଯାଇଆସୁଛି।

## ବିପତ୍ତୌ ମଧୁସୂଦନମ୍ ପୁସ୍ତକ ଉନ୍ମୋଚିତ



ଉପନ୍ୟାସ 'ବିପତ୍ତୌ ମଧୁସୂଦନମ' ଅତିଥିଙ୍କ ଦ୍ୱାରା ଉନ୍ମୋଚନ କରାଯାଉଛି।

କଟକ, ୮।୧୨(କାର୍ତ୍ତିକ ସାହୁ)

ବିଚାରପତି ଶଶିକାନ୍ତ ମିଶ୍ରଙ୍କ ରଚିତ ତଥା ଓଡ଼ିଶା ସାହିତ୍ୟ ଏକାଡେମୀ ଦ୍ୱାରା ପ୍ରକାଶିତ ଉତ୍କଳ ଗୌରବ ମଧୁସୂଦନ ଦାସଙ୍କ ଜୀବନର ଏକ ଅନନ୍ୟ ଦିଗ ଆଧାରିତ ଉପନ୍ୟାସ ବିପତ୍ତୌ ମଧୁସୂଦନମ ସୋମବାର ଉନ୍ମୋଚିତ ହୋଇଯାଇଛି। ମଧୁସୂଦନ ନଗର ଉନ୍ନୟନ ସମିତି ପକ୍ଷରୁ ତୁଳସୀପୁରସ୍ଥିତ ମଧୁସୂଦନ ପାଠାଗାରରେ ଏହି ପୁସ୍ତକକୁ ପଦ୍ମଶ୍ରୀ ପଣ୍ଡିତ ଅନ୍ତର୍ଯ୍ୟାମୀ ମିଶ୍ର ଉନ୍ମୋଚନ କରି କହିଲେ, ମଧୁସୂଦନ ଦାସ ଓଡ଼ିଆ ଜାତୀୟ ଜୀବନକୁ ସମୃଦ୍ଧ କରିବା ପାଇଁ ଯେଉଁ ଉଦ୍ୟମ କରିଯାଇଛନ୍ତି ତାର ପଟାନ୍ତର ନାହିଁ। ଓଡ଼ିଆ ଅସ୍ମିତାର ପ୍ରତୀକ ଶ୍ରୀଜଗନ୍ନାଥ ମନ୍ଦିରର ଆଇନଗତ ସୁରକ୍ଷା ପାଇଁ ତାଙ୍କର ସଂଗ୍ରାମ ଥିଲା ଅନନ୍ୟ। ମଧୁସୂଦନ ଥିଲେ ଓଡ଼ିଆ ଜାତିର ତ୍ରାଣକର୍ତ୍ତା। ବିପତ୍ତୌ ମଧୁସୂଦନମ୍ ପୁସ୍ତକ ଓଡ଼ିଆ ଜାତୀୟ ଅସ୍ମିତାର ଏକ ଶ୍ରେଷ୍ଠ ପରିଚୟ ବୋଲି ପଣ୍ଡିତ ମିଶ୍ର କହିଥିଲେ।

ବିଶିଷ୍ଟ ଐତିହାସିକ ନିହାର ରଞ୍ଜନ ପଟ୍ଟନାଏକ କହିଲେ, ଇତିହାସ ଓ ସାହିତ୍ୟକୁ ଆଧାର କରି ରଚିତ ଏହି ପୁସ୍ତକ ଗବେଷଣା ପାଇଁ ନୂତନ ପଥ ନିର୍ଦ୍ଧାରଣ କରିବ। ରାଜ୍ୟ ବାର କାଉନସିଲ୍‌ର ଅଧ୍ୟକ୍ଷ ସୀତାଂଶୁ ମୋହନ ଦ୍ୱିବେଦୀ କହିଲେ, ମଧୁସୂଦନ ଥିଲେ ଜଣେ ବିଚକ୍ଷଣ ଆଇନଜ୍ଞ ଓ ଏହାର ଝଲକ ଏହି ପୁସ୍ତକ ପ୍ରଦାନ କରେ। ଲେଖକ ଶଶିକାନ୍ତ ମିଶ୍ର କହିଲେ, ଇଂରେଜ ସରକାରଙ୍କ ଶ୍ରୀମନ୍ଦିର ବିଷୟରେ ନିଷ୍ପତ୍ତି ବିରୋଧରେ ମଧୁସୂଦନଙ୍କ ବିଜୟଯାତ୍ରା ଥିଲା ଓଡ଼ିଆ ଅସ୍ମିତାର ବଳିଷ୍ଠ ଅଭିବ୍ୟକ୍ତି। ଏହା ପୁସ୍ତକ ରଚନାର ଭିତ୍ତିଭୂମି। ମଧୁସୂଦନ ନଗର ଉନ୍ନୟନ ସମିତିର ସଭାପତି ଜୟକୃଷ୍ଣ ଆଚାର୍ଯ୍ୟ ଅଧ୍ୟକ୍ଷତା କରିଥିଲେ। ଅରୁଣା ସାମନ୍ତରାଏ ସ୍ୱାଗତ ଭାଷଣ ଓ ଗାୟତ୍ରୀ ବେହେରା ଧନ୍ୟବାଦ ଦେଇଥିଲେ। ସମିତି ସାଧାରଣ ସମ୍ପାଦକ ସୁରେଶ ଚନ୍ଦ୍ର ଦାସ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

## ଜିଲାପାଳଙ୍କ ଯୁଗ୍ମ ଜନ ଅଭିଯୋଗ ଶୁଣାଣି

# ଅଧାରୁ ଚାଲିଗଲେ ଜିଲାପାଳ, ଅଧିକାରୀ

ଆଠଗଡ, ୮।୧୨(ସତ୍ୟ ପ୍ରସାଦ ରଥ)

ଆଠଗଡ଼ ପଞ୍ଚାୟତ ସମିତି କାର୍ଯ୍ୟାଳୟ ପରିସରରେ ସୋମବାର ଯୁଗ୍ମ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି। ଜିଲାପାଳ ଦତ୍ତାତ୍ରୟ ଭାଉସାହେବ ସିନ୍ଦେ ଏଥିରେ ଅଧ୍ୟକ୍ଷତା କରିଥିଲେ। ମାତ୍ର ଶିବିର ଶେଷ ହୋଇ ନ ଥିବାବେଳେ ଜିଲାପାଳ ଓ ଅନ୍ୟ ପ୍ରଶାସନିକ ଅଧିକାରୀମାନେ ଅଧାରୁ ଶିବିର ଛାଡ଼ି ଚାଲିଯାଇଥିଲେ। ଏନେଇ ଲୋକଙ୍କୁ ହନ୍ତସନ୍ତ ହେବାକୁ ପଡ଼ିଛି। ଏହି ଅବସରରେ ମୋଟ ୬୪ ଅଭିଯୋଗ ପଞ୍ଜୀକୃତ ହୋଇଥିବା ବେଳେ ସେଥିରୁ ୪୮ ବ୍ୟକ୍ତିଗତ ଓ ୧୬ଟି ସାମୂହିକ ଅଭିଯୋଗ ହୋଇଥିଲା। ଭତ୍ତା ନିମନ୍ତେ ୩ଗୋଟି ଅଭିଯୋଗ ମଧ୍ୟ ଗ୍ରହଣ କରାଯାଇଥିଲା। ଏହି ଅବସରରେ ଜଣେ ହିତାଧିକାରୀଙ୍କୁ ଏକ ହୁଇଲ୍ ଚେୟାର ପ୍ରଦାନ କରାଯାଇଥିଲା। ଜିଲାପାଳ ସିନ୍ଦେ ନିର୍ଦ୍ଧାରିତ ସମୟ ୧୦ଟା ୩୦ରେ ପହଞ୍ଚିଥିଲେ। ଅଭିଯୋଗ ମଧ୍ୟରୁ ମାତ୍ର ୪୯ ଅଭିଯୋଗର ଶୁଣାଣି ଚାଲିଥିବାବେଳେ ଜିଲାପାଳ ସେଠାରୁ ଚାଲିଯାଇଥିଲେ, ତାଙ୍କ ପଛେ ପଛେ ଅନ୍ୟ ବିଭାଗୀୟ ଅଧିକାରୀମାନେ ମଧ୍ୟ ଚାଲିଯାଇଥିଲେ। ଏନେଇ ଲୋକମାନେ ଅସନ୍ତୋଷବ୍ୟକ୍ତ କରିଛନ୍ତି। ଉକ୍ତ ଜନ ଅଭିଯୋଗ ଶୁଣାଣି ଶିବିରରେ ଏସ୍‌ପି ବିନୀତ ଭରଦ୍ୱାଜ, ଉପଜିଲାପାଳ ପ୍ରହ୍ଲାଦ ନାରାୟଣ ଶର୍ମା, ଜିଲା ମୁଖ୍ୟ ଉନ୍ନୟନ ତଥା ନିର୍ବାହୀ ଅଧିକାରୀ ଜିଲାପରିଷଦ ପ୍ରଶାନ୍ତ କୁମାର ନାୟକ, ଜିଲା ମୁଖ୍ୟ ଚିକିତ୍ସା ଏବଂ ଜନ ସ୍ୱାସ୍ଥ୍ୟ ଅଧିକାରୀ ଡା.ପ୍ରଶାନ୍ତ କୁମାର ହୋତା, ମଣ୍ଡଳ ଉନ୍ନୟନ ଅଧିକାରୀ ଆକାଶ କୁମାର ପଣ୍ଡା ଓ ଆଠଗଡ଼ ଏସ୍‌ଡିପିଓ ବିଶ୍ୱଜିତ୍ ମହାନ୍ତି, ଥାନା ଅଧିକାରିଣୀ ସୁମତି କୁମାରୀ ମହାନ୍ତି ପ୍ରମୁଖ ଉପସ୍ଥିତ ଥିଲେ।



ଅଧିକାରୀମାନେ ଜନ ଶୁଣାଣି କରୁଛନ୍ତି।

## ଜମିଜମା ରେକର୍ଡ ନ ଥାଇ ଚାଲିଛି ଶିଳାନ୍ୟାସ

କଟକ ସଦର, ୮।୧୨(ସୁଶାନ୍ତ କୁମାର ଜେନା)

କଟକ ସଦର ବ୍ଲକର ୨୩ଟି ପଞ୍ଚାୟତରେ ବିଭିନ୍ନ ନିର୍ମାଣ କାର୍ଯ୍ୟ ଆରମ୍ଭ ପୂର୍ବରୁ ଶିଳାନ୍ୟାସ ଚାଲିଛି। ଅଧିକାଂଶ ସ୍ଥାନରେ ନିର୍ମାଣସ୍ଥଳୀର ଜମିଜମା କାଗଜ ଠିକ ନ ଥିବା ଅଭିଯୋଗ ହୋଇଛି। ଏହାର ସତ୍ୟାସତ୍ୟ ଜାଣିବା ପାଇଁ କେତେକ ସାମାଜିକ କର୍ମୀ ସୂଚନା ଅଧିକାର ଆଇନ ବଳରେ ଜମିଜମା ରେକର୍ଡ ସମ୍ପର୍କିତ ତଥ୍ୟ ମାଗିଲେ ମଧ୍ୟ ତାହା ମିଳିପାରୁ ନାହିଁ। ଧରିଣା ପଞ୍ଚାୟତ କଲ୍ୟାଣ ମଣ୍ଡପ, କଳପଡ଼ା ଓ ଯଶପଡ଼ା ପଞ୍ଚାୟତ ସମ୍ମୁଖ ହାଟପିଣ୍ଡି ନିର୍ମାଣ ଏବଂ ଫକୀରପଡ଼ା ପଞ୍ଚାୟତରେ ସ୍ଥାୟୀ ନିର୍ମାଣ କରାଯାଉଥିବା ସ୍ଥାନର ରେକର୍ଡ ସମ୍ପର୍କିତ ତଥ୍ୟ ନିର୍ଦ୍ଧାରିତ ଅବଧି ପରେ ମଧ୍ୟ ବ୍ଲକ କର୍ତ୍ତୃପକ୍ଷ ନ ଦେଇ ଟାଳଟୁଳ ନୀତି ଅବଲମ୍ବନ କରୁଛନ୍ତି। ଏକମାସ ବିତିଗଲେ ମଧ୍ୟ ସୂଚନା ଦିଆଯାଉ ନାହିଁ। ତେଣୁ ସବୁ ସୂଚନା ପାଇବାକୁ ହେଲେ ପ୍ରଥମ ଅପିଲ କର୍ତ୍ତୃପକ୍ଷଙ୍କୁ ଆବେଦନ କରିବାକୁ ପଡୁଛି। ଓଡ଼ିଶା ସରକାରୀ ଜମି ବନ୍ଦୋବସ୍ତ ଆଇନରେ ତହସିଲଦାରଙ୍କ କ୍ଷମତା ସୀମିତ ଅଟେ। ସରକାରୀ ଜମିରେ ସ୍ଥାୟୀ ନିର୍ମାଣ କରିବା ପାଇଁ ଅନୁମତି ଦେବାର କ୍ଷମତା ତହସିଲଦାରଙ୍କ ନାହିଁ। କେତେକ ସ୍ଥାନରେ ଗୋଚର, ଆବାଦ ଅଯୋଗ୍ୟ ଅନାବାଦୀ ଉପରେ ସ୍ଥାୟୀ ନିର୍ମାଣ କରାଯାଉଥିଲେ ସୁଦ୍ଧା ଭୂଲେଖରେ ସେହି ସ୍ଥାନର ରେକର୍ଡ ସଂଶୋଧନ ହେଉନାହିଁ। କଟକ ସଦର ବ୍ଲକ ଲୋକ ସୂଚନା ଅଧିକାର ତଥା ଅତିରିକ୍ତ ବିଡିଓ ଗିରିଜା ପ୍ରସାଦ ବାରିକଙ୍କୁ ପଚାରିବାରୁ ବୈଷୟିକ ବିଭାଗ ତଥ୍ୟ ଦେଉନାହାନ୍ତି ବୋଲି କହିଥିଲେ।

# କନିଷ୍ଠ ଯନ୍ତ୍ରୀଙ୍କ ଅନୁପସ୍ଥିତିରେ ଚାଲିଛି ରାସ୍ତା ନିର୍ମାଣ

ବାଙ୍କୀ, ୮।୧୨( ଶୁଭେନ୍ଦୁ ମହାପାତ୍ର/ଜ୍ଞାନେନ୍ଦ୍ର ମୋହନ ମିଶ୍ର):

ବାଙ୍କୀ ବ୍ଲକ ଜଗନ୍ନାଥପୁର ପଞ୍ଚାୟତରେ ସରକାରଙ୍କ ଉନ୍ନତିମୂଳକ କାର୍ଯ୍ୟକୁ ନେଇ ରାଜନୈତିକ ବିଶୃଙ୍ଖଳା ଲାଗିରହିଛି। ଜଗନ୍ନାଥପୁର ଗ୍ରାମରେ ବିକଶିତ ଗାଁ ବିକଶିତ ଓଡ଼ିଶା ଯୋଜନାରେ ଏକ ସିମେଣ୍ଟ କଂକ୍ରିଟ ରାସ୍ତାର ନିର୍ମାଣ କାର୍ଯ୍ୟ ଚାଲିଛି। ଏହି ରାସ୍ତା ନିର୍ମାଣରେ କାର୍ଯ୍ୟରେ ବିବାଦ ଦେଖିବାକୁ ମିଳିଛି। ଏହି କାର୍ଯ୍ୟ ପାଇଁ ୩ଲକ୍ଷ ୬୪ହଜାର ୪୧୭ ଟଙ୍କା ବ୍ୟୟ ଅଟକଳରେ ବିଭାଗୀୟ ଯନ୍ତ୍ରୀ ଶୁଭଲକ୍ଷ୍ମୀ ଜେନାଙ୍କ ନାମରେ କାର୍ଯ୍ୟାଦେଶ ଦିଆଯାଇଛି। ରାଜନୈତିକ ବିବାଦ ଯୋଗୁ ଏହି ଗୋଟିଏ କାର୍ଯ୍ୟପାଇଁ ଉଭୟ ବିଜେଡି ଓ ଭାଜପା ୨ଟି ଫଳକ ନିର୍ମାଣ କରିଥିଲେ। ଡିସେମ୍ବର ୭ରେ ରବିବାର ଛୁଟି ଦିନରେ କନିଷ୍ଠ ଯନ୍ତ୍ରୀ ଜେନାଙ୍କ ଅନୁପସ୍ଥିତିରେ ଗୋଟିଏ ନିର୍ଦ୍ଦିଷ୍ଟ ଦଳର ଲୋକେ ସିମେଣ୍ଟ ଢଳେଇ କାର୍ଯ୍ୟ କରୁଥିବାବେଳେ ସରପଞ୍ଚ ପ୍ରଭୁ ପ୍ରସାଦ ବେହେରା ଏହାକୁ ବିରୋଧ କରି କାହା ନିର୍ଦ୍ଦେଶରେ କାର୍ଯ୍ୟ କରୁଛ ବୋଲି ପଚାରିବାରୁ କାର୍ଯ୍ୟ କରୁଥିବା ବେଳେ ଲୋକେ ତାଙ୍କୁ ଗାଳି କରିଥିବା ସେ ଅଭିଯୋଗ କହିଛନ୍ତି। ପ୍ରକାଶ ଯେ, ଏହି ବିବାଦୀୟ କାର୍ଯ୍ୟ ସମ୍ପର୍କରେ ପୂର୍ବରୁ ବିଡିଓ , ଜିଲା ପ୍ରକଳ୍ପ ଅଧିକାରୀ ଏବଂ ଜିଲାପାଳଙ୍କ ଜନ ଶୁଣାଣି ଶିବିରରେ ଅଭିଯୋଗ ହୋଇଥିଲା। ଏହାପରେ ଉକ୍ତ କାର୍ଯ୍ୟ ସମାଧାନ ନ ହେବା ପର୍ଯ୍ୟନ୍ତ କାର୍ଯ୍ୟ ସ୍ଥଗିତ ରଖିବା ପାଇଁ ଜିଲା ପ୍ରକଳ୍ପ ଅଧିକାରୀ କହିଥିବା ସରପଞ୍ଚ ବେହେରା ସୂଚନା ଦେଇଛନ୍ତି। ଏ ସମ୍ପର୍କରେ କନିଷ୍ଠ ଯନ୍ତ୍ରୀ ଜେନାଙ୍କୁ ବାରମ୍ବାର ଯୋଗାଯୋଗ କରାଯାଇଥିଲେ ମଧ୍ୟ ସେ ମୋବାଇଲ୍ ଫୋନ ଉଠାଇ ନ ଥିଲେ।

# ଯୁବକ ଗିରଫ, ମୋବାଇଲ ଜବତ

## ଅଶ୍ଳୀଳ ଭିଡିଓ ଦେଖିବା ମହଙ୍ଗା ପଡ଼ିଲା

କଣ୍ଟାପଡ଼ା,୮।୧୨(ସୁରନାରାୟଣ ସାହୁ)

ମୋବାଇଲ ଫୋନରେ ଲୁଚାଛପାରେ ଛୋଟ ଛୋଟ ପିଲାଙ୍କ ଅଶ୍ଳୀଳ ଭିଡିଓ ଓ ଫଟୋ ଡାଉନଲୋଡ କରି ଦେଖିବା ଏବଂ ଏହାକୁ ଅନ୍ୟମାନଙ୍କୁ ସେୟାର କରିବା ଅଭିଯୋଗରେ ଗୋବିନ୍ଦପୁର ପୋଲିସ ଜଣେ ଯୁବକଙ୍କୁ ଗିରଫ କରି ସୋମବାର କୋର୍ଟ ଚାଲାଣ କରିଛି। ଗିରଫ ଯୁବକ ହେଲେ ଗୋବିନ୍ଦପୁର ଥାନା ଅନ୍ତର୍ଗତ ଉରାଡ ଗ୍ରାମର ଲକ୍ଷ୍ମୀଧର ସ୍ୱାଇଁ (୨୨)। ପୋଲିସ ସୂତ୍ରରୁ ପ୍ରକାଶ, ଲକ୍ଷ୍ମୀଧର ନିଜ ମୋବାଇଲରେ ବିଭିନ୍ନ ସମୟରେ ଛୋଟ ପିଲାମାନଙ୍କ ଅଶ୍ଳୀଳ ଭିଡିଓ ଡାଉନଲୋଡ କରିବା ସହ ଏହାକୁ ବିଭିନ୍ନ ଲୋକଙ୍କ ସହ ଶେୟାର କରୁଥିଲେ। ଏ ସମ୍ପର୍କରେ ଚିଠି ନଂ. ୧୧୮/୨୫ ଅନୁଯାୟୀ ଗୋବିନ୍ଦପୁର ଥାନା ଆଇଆଇସି ସୋନାଲି ଆନନ୍ଦ ଗତ ୬ ତାରିଖରେ ଉକ୍ତ ଗ୍ରାମକୁ ଯାଇ ସମ୍ପୃକ୍ତ ଯୁବକଙ୍କ ମୋବାଇଲ ଫୋନ ଯାଞ୍ଚ କରିଥିଲା। ଯାଞ୍ଚ ସମୟରେ ମୋବାଇଲରେ ଛୋଟ ପିଲାମାନଙ୍କ ୬୨ଟି ଅଶ୍ଳୀଳ ଭିଡିଓ ଏବଂ ୩୦ଟି ଅଶ୍ଳୀଳ ଫଟୋ ଦେଖିଥିଲେ। ଏଥିସହିତ ତିନୋଟି ଡିଭିଡି ମଧ୍ୟ ପାଇଥିଲେ। ପୋଲିସ ମୋବାଇଲ ସହ ଡିଭିଡିଗୁଡ଼ିକୁ ଜବତ କରି ସମ୍ପୃକ୍ତ ଯୁବକଙ୍କୁ ଗିରଫକରି କୋର୍ଟ ଚାଲାଣ କରିଥିଲେ। ଏ ନେଇ ଗୋବିନ୍ଦପୁର ଥାନାରେ ଏକ ମାମଲା (ନଂ. ୩୧୭/୨୫) ରୁଜୁ ହୋଇଛି। ଗୋବିନ୍ଦପୁର ଥାନା ଆଇଆଇସି ସୋନାଲି ଆନନ୍ଦ କହିଛନ୍ତି, ମୋବାଇଲରେ ଏଭଳି ଅଶ୍ଳୀଳ ଭିଡିଓ ଦେଖିବା ଓ ଡାଉନଲୋଡ କରିବା ଆଇନତଃ ଅପରାଧ, ତେଣୁ ଯୁବପିଢ଼ିମାନେ ଏଥିପ୍ରତି ସଚେତନ ରହିବା ଉଚିତ।

# ଆନ୍ତଃ ବିଦ୍ୟାଳୟ ପ୍ରତିଯୋଗିତା 'ବ୍ଲସମ ବ୍ଲାଷ୍ଟ' ଉଦ୍‌ଯାପିତ




ପ୍ରତିଯୋଗିତାର ଉଦ୍‌ଯାପନୀ ଉତ୍ସବରେ କୃତୀ ପ୍ରତିଯୋଗୀଙ୍କ ସହ ଉପସ୍ଥିତ ଅତିଥି।

କଣ୍ଟାପଡ଼ା, ୮।୧୨(ସୁରନାରାୟଣ ସାହୁ)

ସୁନ୍ଦରଗ୍ରାମସ୍ଥିତ ଦଧୀଚି ଶୈକ୍ଷିକ ସଂସ୍ଥାନ ଅନ୍ତର୍ଗତ ଦଧୀଚି ପବ୍ଲିକ ସ୍କୁଲ ଆନୁକୂଲ୍ୟରେ ଗତ ୬ ଓ ୭ ତାରିଖ ଦୁଇଦିନ ବ୍ୟାପୀ ଚାଲିଥିବା ଆନ୍ତଃ ବିଦ୍ୟାଳୟ ପ୍ରତିଯୋଗିତା 'ବ୍ଲସମ ବ୍ଲାଷ୍ଟ' ଉଦ୍‌ଯାପିତ ହୋଇଯାଇଛି। ଦଧୀଚି ଶୈକ୍ଷିକ ପ୍ରତିଷ୍ଠାନର ଚେୟାରମ୍ୟାନ ଡ. ମନୋଜ କୁମାର ଦାଶ ଏବଂ ମ୍ୟାନେଜିଂ ଟ୍ରଷ୍ଟି ବବିତା ଦାଶ ଆନୁଷ୍ଠାନିକ ଭାବେ ଉକ୍ତ ପ୍ରତିଯୋଗିତାର ଶୁଭାରମ୍ଭ କରିଥିଲେ। ବରିଷ୍ଠ ବିଚାରପତିମାନଙ୍କ ଦ୍ୱାରା ଚିତ୍ରାଙ୍କନ, କବିତା ଆବୃତ୍ତି, କୌତୁକ ପୋଷାକ ପ୍ରତିଯୋଗିତା, ସଙ୍ଗୀତ, ନୃତ୍ୟ, ବିଜ୍ଞାନ ମେଳା ଆଦି ବହୁବିଧ ପ୍ରତିଯୋଗିତା ପରିଚାଳନା କରାଯାଇଥିଲା। ଉକ୍ତ ପ୍ରତିଯୋଗିତାରେ ଓଡ଼ିଶାର ବିଭିନ୍ନ ବିଦ୍ୟାଳୟର ପ୍ରାୟ ୧୫୦୦ ପ୍ରତିଯୋଗୀଙ୍କ ସମେତ ବହୁ ସଂଖ୍ୟକ ଅଭିଭାବକ ଯୋଗଦାନ କରିଥିଲେ। ରବିବାର ସନ୍ଧ୍ୟାରେ ଉଦ୍‌ଯାପନୀ ସଭାରେ କୃତୀ ଛାତ୍ରୀଛାତ୍ରମାନଙ୍କୁ ମୁଖ୍ୟଅତିଥି ତଥା ଅନୁଷ୍ଠାନ ଅଧ୍ୟକ୍ଷ ଡ. ମନୋଜ କୁମାର ଦାଶ ଏବଂ ସମ୍ମାନିତ ଅତିଥି ବବିତା ଦାଶ ପୁରସ୍କାର ପ୍ରଦାନ କରିଥିଲେ। ଉକ୍ତ ସଭାରେ ସମସ୍ତ ଅନୁଷ୍ଠାନର ନିର୍ଦ୍ଦେଶକ ଉପସ୍ଥିତ ଥିଲେ। ପବ୍ଲିକ ସ୍କୁଲ ଅଧ୍ୟକ୍ଷ ଦେବେନ୍ଦ୍ରନାଥ ଭଞ୍ଜ, ଏକାଡେମିଆ ବିଜ୍ଞାନ କଲେଜର ଅଧ୍ୟକ୍ଷ କାର୍ତ୍ତିକ ଚନ୍ଦ୍ର ପୃଷ୍ଟି ପ୍ରମୁଖ ଉପସ୍ଥିତ ରହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପରେ ଦଧୀଚି ପବ୍ଲିକ ସ୍କୁଲ ଏଂ ଏକାଡେମିଆ ଇଣ୍ଟରନ୍ୟାଶନାଲ ଉଚ୍ଚ ମାଧ୍ୟମିକ ବିଜ୍ଞାନ ବିଦ୍ୟାଳୟର ମିଳିତଭାବେ ବାର୍ଷିକ ଉତ୍ସବ-୨୦୨୫ ଅନୁଷ୍ଠିତ ହୋଇଥିଲା। ଏଥିରେ ଉଭୟ ଅନୁଷ୍ଠାନର ଛାତ୍ରୀଛାତ୍ରମାନେ ରଙ୍ଗାରଙ୍ଗ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରିଥିଲେ। ଏଥିରେ ଅନୁଷ୍ଠାନର ସମସ୍ତ ଅଧ୍ୟାପିକା ଅଧ୍ୟାପକଙ୍କ ସମେତ ଦଧୀଚି ପରିବାରର ସମସ୍ତ ସଦସ୍ୟ କାର୍ଯ୍ୟକ୍ରମ ପରିଚାଳନା କରିଥିଲେ।

# ମହାବିଦ୍ୟାଳୟକୁ ଗ୍ରାମୀଣ ବିଶ୍ୱବିଦ୍ୟାଳୟରେ ପରିଣତ କରିବାକୁ ଗୁରୁତ୍ୱ

## ବାଙ୍କୀ ସ୍ୱୟଂଶାସିତ ମହାବିଦ୍ୟାଳୟ ୬୬ତମ ପ୍ରତିଷ୍ଠା ଦିବସ

ବାଙ୍କୀ,୮।୧୨ (ଜ୍ଞାନେନ୍ଦ୍ର ମୋହନ ମିଶ୍ର/ ଶୁଭେନ୍ଦୁ ମହାପାତ୍ର):




ମହାବିଦ୍ୟାଳୟର ପ୍ରତିଷ୍ଠା ଦିବସରେ ପୂର୍ବତନ ଅଧ୍ୟକ୍ଷ ଡ. ନିରଞ୍ଜନ ମହାନ୍ତି ଏବଂ ଡ. ସମୀର କୁମାର ମହାପାତ୍ରଙ୍କୁ ମାନପତ୍ର ସହ ଉପଢୌକନ ଦେଇ ମୁଖ୍ୟ ଅତିଥି ବିଧାୟକ ଦେବୀରଞ୍ଜନ ତ୍ରିପାଠୀ ସମ୍ବର୍ଦ୍ଧିତ କରୁଛନ୍ତି।

ବାଙ୍କୀ ସ୍ୱୟଂଶାସିତ ମହାବିଦ୍ୟାଳୟର ୬୬ତମ ପ୍ରତିଷ୍ଠା ଦିବସ ସୋମବାର ମହାବିଦ୍ୟାଳୟ ଦୃଶ୍ୟ ଶ୍ରାବ୍ୟ ଗୃହରେ ଅନୁଷ୍ଠିତ ହୋଇଯାଇଛି। ଏହି କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥିଭାବେ ବାଙ୍କୀ ବିଧାୟକ ଦେବୀରଞ୍ଜନ ତ୍ରିପାଠୀ ଯୋଗଦେଇଥିଲେ। ଛାତ୍ରୀଛାତ୍ରମାନେ କିପରି ଭବିଷ୍ୟତରେ ଉତ୍ତମ ନାଗରିକ ହେବା ସହ ବିଭିନ୍ନ କର୍ମସଂସ୍ଥାନରେ ନିଯୁକ୍ତି ପାଇପାରିବେ ସେ ଉପରେ ଗୁରୁତ୍ୱ ଦେଇଥିଲେ। ଏଥିସହ ମହାବିଦ୍ୟାଳୟର ଉନ୍ନତି ପାଇଁ ବାଙ୍କୀର ସମସ୍ତ ଜନସାଧାରଣ, ପୁରାତନ ଛାତ୍ରୀଛାତ୍ରମାନେ ଉଦ୍ୟମ କରିବା ପାଇଁ ଅନୁରୋଧ କରିଥିଲେ, ଏବଂ ଏହାକୁ କିପରି ଗ୍ରାମିଣ ବିଶ୍ୱବିଦ୍ୟାଳୟରେ ପରିଣତ କରାଯାଇ ପାରିବ ତାହା ଉପରେ ଗୁରୁତ୍ୱ ଦେଇଥିଲେ। ସମ୍ମାନୀୟ ଅତିଥିଭାବେ ଉଚ୍ଚଶିକ୍ଷାବିଭାଗର ଆଡିଶନାଲ ସେକ୍ରେଟାରି ଡ. ଧରଣୀଧର ନନ୍ଦ ଯୋଗଦେଇ ଛାତ୍ରୀଛାତ୍ରମାନେ ପାଠ ପଢ଼ାରେ ମନଦେବା ସହ ଅଧ୍ୟାପକ ଓ ଅଧ୍ୟାପିକାମାନେ ଠିକ୍ ସମୟରେ ମହାବିଦ୍ୟାଳୟକୁ ଆସି ଶିକ୍ଷାଦାନ କରିବା ପାଇଁ ପରାମର୍ଶ ଦେଇଥିଲେ। ଅନ୍ୟତମ ସମ୍ମାନିତ ଅତିଥି ଭାବେ ଓ ରାଜ୍ୟ ଉଚ୍ଚଶିକ୍ଷା କାଉନସିଲର ସଦସ୍ୟ ପ୍ରଫେସର ମିହିର କୁମାର ଦାସ ଯୋଗଦେଇଥିଲେ। ଏହି ସଭାରେ ମହାବିଦ୍ୟାଳୟ ପରିଚାଳନା କମିଟିର ସଭାପତି ପ୍ରଦୀପ କୁମାର ବେହେରା ସଭାପତିତ୍ୱ କରିଥିବା ବେଳେ ପ୍ରଶାସନିକ ଅଧିକାରୀ ଡ. ଶଶିଭୂଷଣ ମହାପାତ୍ର ବାର୍ଷିକ ବିବରଣୀ ପାଠ କରିଥିଲେ। କଲେଜ ଅଧ୍ୟକ୍ଷ ପ୍ରମୋଦ କୁମାର ପଣ୍ଡା ସ୍ୱାଗତ ଭାଷଣ ସହ ଅତିଥି ପରିଚୟ ପ୍ରଦାନ କରିଥିଲେ। ଏହି ପ୍ରତିଷ୍ଠା ଦିବସ ଅବସରରେ କଲେଜର ପୂର୍ବତନ ଅଧ୍ୟକ୍ଷ ଡ. ନିରଞ୍ଜନ ମହାନ୍ତି ଏବଂ ଡ. ସମୀର କୁମାର ମହାପାତ୍ରଙ୍କୁ ମାନପତ୍ର ସହ ଉପଢୌକନ ଦେଇ ମୁଖ୍ୟ ଅତିଥି ବିଧାୟକ ତ୍ରିପାଠୀ ସମ୍ବର୍ଦ୍ଧିତ କରିଥିଲେ। ଏହି ଅବସରରେ ମହାବିଦ୍ୟାଳୟ ପକ୍ଷରୁ ବିଭିନ୍ନ ପ୍ରତିଯୋଗିତା କରାଯାଇଥିଲା। ଏଥିରେ କୃତିତ୍ୱ ହାସଲ କରିଥିବା ଛାତ୍ରଛାତ୍ରୀମାନଙ୍କୁ କଲେଜ ତରଫରୁ ପ୍ରମାଣପତ୍ର ସହ କପ୍ ପ୍ରଦାନ କରାଯାଇଥିଲା। କାର୍ଯ୍ୟକ୍ରମରେ କଲେଜ ପରିଚାଳନା କମିଟିର ସଭ୍ୟ ସମରେନ୍ଦ୍ର ମହାପାତ୍ର, ସନାତନ ବେହେରା, ସୌମେନ୍ଦ୍ର ମିଶ୍ର, ଭାଗୀରଥି ବିଶ୍ୱାଳଙ୍କ ସମେତ ଅଧ୍ୟାପିକା ଅଧ୍ୟାପକ, କର୍ମଚାରୀ, ପୁରାତନ ଛାତ୍ରୀଛାତ୍ର ଯୋଗଦେଇଥିଲେ। ଉପାଧ୍ୟକ୍ଷା ଗାୟତ୍ରୀ ନାୟକ ଧନ୍ୟବାଦ ଅର୍ପଣ କରିଥିଲେ।

## ସଂକ୍ଷେପରେ

### ୧୫ରୁ ମା’ ଭୂୟାଁଣୀଙ୍କ ଧନୁଯାତ୍ରା ଉତ୍ସବ

ବୋଲଗଡ଼,୮।୧୨(ଦେବବ୍ରତ ହୋତା)

ଡୁବୁରୀ ପାହାଡ଼ର ପ୍ରାକୃତିକ ପରିବେଶରେ ଥିବା ମା’ ଭୂୟାଁଣୀ ଦେବୀଙ୍କ ପୀଠରେ ଆସନ୍ତା ୧୫ ତାରିଖରୁ ୩୫ତମ ଧନୁଯାତ୍ରା ଉତ୍ସବ ଆରମ୍ଭ ହେବ। ଏହା ୧୮ ତାରିଖ ପର୍ଯ୍ୟନ୍ତ ଚାଲିବ। ଭୂୟାଁଣୀ ଦେବୀ ପରିଚାଳନା କମିଟି ତତ୍ତ୍ୱାବଧାନରେ ଓ ସ୍ଥାନୀୟ ଗ୍ରାମବାସୀଙ୍କ ସହଯୋଗରେ ଧନୁଯାତ୍ରା ଉତ୍ସବ ପରିଚାଳିତ ହେବ। ମା’ଙ୍କ ପୂଜାବିଧି, ହୋମଯଜ୍ଞ କରାଯିବ। ପାହାଡ଼ କୋଳରୁ ଥାଟ ପଟୁଆରରେ ମା’ଙ୍କୁ ଅଣାଯାଇ ଗ୍ରାମ ପରିକ୍ରମା ସହ ପ୍ରତ୍ୟେକ ଦ୍ୱାରରେ ପୂଜାର୍ଚ୍ଚନା କରାଯିବ। ପୀଠରେ ଉକ୍ତ ୪ଦିନ ନାମ ସଙ୍କୀର୍ତ୍ତନ ସହ ଯାତ୍ରା ଶ୍ରୀହରି ଏବଂ ଯାତ୍ରା ଶ୍ରୀରଘୁନାଥ ନାଟ୍ୟ ସଂସଦ ପକ୍ଷରୁ କାଳୀୟଦଳନ ଓ ରାମ ନାଟକ ଆଦି ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯିବ। ଶେଷ ଦିବସରେ ଆତସବାଜି ପ୍ରଦର୍ଶନ ହେବ। ସେହିପରି ପ୍ରତିଦିନ ସାଧାରଣ ସଭା ଓ ସମ୍ବର୍ଦ୍ଧନା କାର୍ଯ୍ୟକ୍ରମ ଅନୁଷ୍ଠିତ ହେବ ବୋଲି ପରିଚାଳନା କମିଟି ସଭାପତି ଫକିର ଫତେସିଂହ ସୂଚନା ଦେଇଛନ୍ତି।

### ଛାତ୍ରୀଛାତ୍ରଙ୍କୁ ନେଇ କବିତା ଆବୃତ୍ତି, ବକ୍ତୃତା ପ୍ରତିଯୋଗିତା

ଜଟଣୀ ପୁସ୍ତକ ମେଳାର ଦ୍ୱିତୀୟ ସନ୍ଧ୍ୟା

ଜଟଣୀ,୮।୧୨(ରବୀନ୍ଦ୍ରନାଥ ମହାକୁଡ଼)

ତ୍ରୟୋବିଂଶତିତମ ଜଟଣୀ ପୁସ୍ତକ ମେଳାର ଦ୍ୱିତୀୟ ସନ୍ଧ୍ୟାରେ ସୋମବାର ଦର୍ଶକଙ୍କ ପ୍ରବଳ ଗହଳି ହୋଇଥିଲା। ସକାଳେ ପୁସ୍ତକ ମେଳା ସମିତି ପକ୍ଷରୁ ବିଭିନ୍ନ ବିଦ୍ୟାଳୟର ଛାତ୍ରୀଛାତ୍ରଙ୍କ ମଧ୍ୟରେ ବକ୍ତୃତା ଓ କବିତା ଆବୃତ୍ତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଥିଲା। ମଞ୍ଚ ସଂଯୋଜକ ଭବାନୀ ଶଙ୍କର ମହାପାତ୍ର ଏହି କାର୍ଯ୍ୟକ୍ରମ ପରିଚାଳନା କରିଥିଲେ। ପଦ୍ମନାଭ ପାଣିଗ୍ରାହୀ, ଅଙ୍କିତା ଶର୍ମା, ଆରତି ସେନ୍, ବିଜୟାନନ୍ଦ ପଟ୍ଟନାୟକ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ। ବିଚାରକ ଭାବେ ଡ. ଶିବପ୍ରସାଦ ଖୁଣ୍ଟିଆ, ଡ. ପୂର୍ଣ୍ଣଚନ୍ଦ୍ର ମହାରଣା, ଡ. ଅନ୍ତର୍ଯ୍ୟାମୀ ପ୍ରଧାନ, ପ୍ରହ୍ଲାଦ ସାହୁ ଚୌଧୁରୀ, ଭୁବନ ମୋହନ ପଟ୍ଟନାୟକ ଏବଂ ଅମ୍ବିକା ପ୍ରସାଦ ପଟ୍ଟନାୟକ ଯୋଗଦେଇଥିଲେ। ସନ୍ଧ୍ୟାରେ ଜଟଣୀର ଶଶିମଣି କଳାମ୍ବିକା ପକ୍ଷରୁ ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା। ଓଡ଼ିଶୀ ନୃତ୍ୟ, ସମ୍ବଲପୁରୀ ନୃତ୍ୟ ଓ ମଧୁର ସଙ୍ଗୀତରେ ଦର୍ଶକ ମନ୍ତ୍ରମୁଗ୍ଧ ହୋଇଯାଇଥିଲେ।

### ଜାନୁଆରୀ ୫ରୁ ଟାଙ୍ଗୀ କପ୍ ଫୁଟବଲ୍

ଟାଙ୍ଗୀ,୮।୧୨(ରଘୁନାଥ ସାହୁ)

ଆସନ୍ତା ଜାନୁଆରୀ ୫ରୁ ହେବାକୁ ଥିବା ସର୍ବଭାରତୀୟ ଟାଙ୍ଗୀ କପ୍ ଫୁଟବଲ ଟୁର୍ନାମେଣ୍ଟ ପାଇଁ ପ୍ରସ୍ତୁତି ବୈଠକ ଚିଲିକା କ୍ଲବ ପରିସରରେ ସଭାପତି ତଥା ସରପଞ୍ଚ କିଶୋର କୁମାର ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଖେଳପଡ଼ିଆର ସୌନ୍ଦର୍ଯ୍ୟକରଣ, ଖେଳାଳିଙ୍କ ରହଣି, ମଣ୍ଡପ କାର୍ଯ୍ୟ, ଚେଞ୍ଜିଂ ଗୃହ ନିର୍ମାଣ, ଅର୍ଥ ସଂଗ୍ରହ ସମ୍ପର୍କରେ ବୈଠକରେ ଆଲୋଚନା କରାଯାଇଥିଲା। ଉପଦେଷ୍ଟା ବିଜୟ ମହାପାତ୍ର, ସୁରେନ୍ଦ୍ର ମହାପାତ୍ର, ବିଜୟ ରାଉତ, ସମ୍ପାଦକ ନରେନ୍ଦ୍ର ମହାପାତ୍ର, ସହସମ୍ପାଦକ ଅମରେନ୍ଦ୍ର ମହାନ୍ତି, ନନ୍ଦ କିଶୋର ସ୍ୱାଇଁ, ପ୍ରଣୟ ପ୍ରତୀକ ପଟ୍ଟନାୟକ, ରମେଶ ବେହେରା, ସମର ମାଝୀ, ମନୋଜ ମାଝୀ, ସୁକାନ୍ତ ବେହେରା, ଉମାକାନ୍ତ ରାଉତ ଏବଂ ବାଳକୃଷ୍ଣ ମିଶ୍ର ପ୍ରମୁଖ ବୈଠକରେ ଯୋଗଦେଇଥିଲେ।

# ‘ଇତିହାସରେ ଜୟୀ ରାଜଗୁରୁଙ୍କୁ ଉପଯୁକ୍ତ ସ୍ଥାନ ମିଳିନି’

## ରାଜ୍ୟସ୍ତରୀୟ ଜୟୀ ରାଜଗୁରୁ ବଳିଦାନ ଦିବସ ସମାରୋହ

ଖୋର୍ଦ୍ଧା,୮।୧୨(ପ୍ରଭାତ ପାଣିଗ୍ରାହୀ)

ଜୟୀ ରାଜଗୁରୁ ସ୍ମୃତି ସଂସଦ ଆନୁକୂଲ୍ୟରେ ରବିବାର ରାଜ୍ୟସ୍ତରୀୟ ୨୧୯ତମ ଶହୀଦ ଜୟୀ ରାଜଗୁରୁ ବଳିଦାନ ଦିବସ ସ୍ଥାନୀୟ ଜୟୀ ରାଜଗୁରୁ ଭବନରେ ପାଳିତ ହୋଇଯାଇଛି। ସଂସଦର ସଭାପତି ଶିକ୍ଷାବିତ୍ ଡ. ଧୀରେନ୍ଦ୍ର ନନ୍ଦ ସ୍ୱାଗତ ଭାଷଣରେ ଜୟୀ ରାଜଗୁରୁଙ୍କ ସ୍ୱାଧୀନତା ସଂଗ୍ରାମର ପୃଷ୍ଠଭୂମି ସମ୍ପର୍କରେ କହିଥିଲେ। ମୁଖ୍ୟ ଅତିଥି ଭାବେ ବିଶିଷ୍ଟ ଐତିହାସିକ ପ୍ରଫେସର ନାରାୟଣ ରାଓ ଯୋଗଦେଇ କହିଲେ ଯେ, ଏହି ମାଟିରୁ ଭାରତୀୟ ମୁକ୍ତି ସଂଗ୍ରାମର ପ୍ରଥମ ସଶସ୍ତ୍ର ଗଣବିପ୍ଳବ ଆରମ୍ଭ ହୋଇଥିଲା। ଜୟୀ ରାଜଗୁରୁ ହେଉଛନ୍ତି ଭାରତର ପ୍ରଥମ ଶହୀଦ। ତେବେ ଇତିହାସରେ ତାଙ୍କୁ ଉପଯୁକ୍ତ ସ୍ଥାନ ଦିଆଯାଇନାହିଁ। ଆଜି ମଧ୍ୟ ତାଙ୍କ ଫାଶିସ୍ଥାନକୁ ନେଇ ଗବେଷକଙ୍କ ଭିନ୍ନ ମତ ରହିଛି। ପାଇକ ବୀରମାନଙ୍କ ନାମ ସର୍ବଦା ସ୍ୱର୍ଣ୍ଣାକ୍ଷରରେ ଲିପିବଦ୍ଧ ହୋଇରହିବ।



ଅତିଥିମାନେ ଜଣେ ପ୍ରତିଭାଙ୍କୁ ସମ୍ବର୍ଦ୍ଧିତ କରୁଛନ୍ତି।

ଜୟୀ ରାଜଗୁରୁଙ୍କ ଉପରେ ଏକ ଚଳଚ୍ଚିତ୍ର ଓ ଶହୀଦ ସ୍ତମ୍ଭ ନିର୍ମାଣ କରାଯାଉ। ଏହା ଆଗାମୀ ଯୁବପିଢ଼ିଙ୍କୁ ପ୍ରେରଣା ଯୋଗାଇବ। ମୁଖ୍ୟବକ୍ତା ଭାବେ ଡ. ଜନ୍ମେଞ୍ଜୟ ଚୌଧୁରୀ ଯୋଗଦେଇ ଜୟୀ ରାଜଗୁରୁଙ୍କ ୧୮୦୪ ସଂଗ୍ରାମ, ୧୮୧୭ ପାଇକ ବିଦ୍ରୋହ ଏବଂ ୧୮୫୭ ସିପାହୀ ବିଦ୍ରୋହର ପୃଷ୍ଠଭୂମି ସମ୍ପର୍କରେ କହିଥିଲେ। ଖୋର୍ଦ୍ଧା ପୌରାଧ୍ୟକ୍ଷା କନକଲକ୍ଷ୍ମୀ ମହାନ୍ତି ସମ୍ମାନିତ ଅତିଥି, ନାଟ୍ୟକାର ଦେବାନନ୍ଦ ନାୟକ ସମ୍ମାନିତ ବକ୍ତା ଏବଂ ସାମ୍ବାଦିକ ଅର୍ଦ୍ଧେନ୍ଦୁ ଦାସ ସ୍ୱତନ୍ତ୍ର ଅତିଥି ଭାବେ ଯୋଗଦେଇ ଜୟୀ ରାଜଗୁରୁଙ୍କ ସ୍ୱାଭିମାନ, ଦେଶଭକ୍ତି ଓ ତ୍ୟାଗ ସର୍ବଦା ସ୍ମରଣ ରହିବ ବୋଲି କହିଥିଲେ।

ଏହି ଅବସରରେ ନିକୁଞ୍ଜ କିଶୋର ପଟ୍ଟନାୟକଙ୍କୁ ‘ଅମର ଶହୀଦ୍ ସମ୍ମାନ’, ସୁରେଶ ରାମଙ୍କୁ ‘ସ୍ୱାଧିନତା ସଂଗ୍ରାମୀ ସମ୍ମାନ’ ଏବଂ ଦେବାନନ୍ଦ ନାୟକଙ୍କୁ ‘ଜୟୀ ରାଜଗୁରୁ ସମ୍ମାନ-୨୦୨୫’ରେ ସମ୍ମାନିତ କରାଯାଇଥିଲା। ପ୍ରାରମ୍ଭରେ ସ୍ମୃତି ସଂସଦର ସମ୍ପାଦକ ଶକ୍ତିଶଙ୍କର ମିଶ୍ର ସମ୍ପାଦକୀୟ ବିବରଣୀ ପାଠ କରିଥିବାବେଳେ ବରିଷ୍ଠ ସଭ୍ୟ ଡି. ନାଗେଶ୍ୱର ପାତ୍ର ଧନ୍ୟବାଦ ଦେଇଥିଲେ। ସୁପ୍ରିତା ଉଥାନସିଂହ ‘ବନ୍ଦେ ଉତ୍କଳ ଜନନୀ’ ଗାନ କରିଥିଲେ। ସ୍ଥାନୀୟ କଳାକାରମାନଙ୍କ ଦ୍ୱାରା ଭଜନ, ଓଡ଼ିଶୀ, ସମ୍ବଲପୁରୀ ଓ ଦେଶାତ୍ମବୋଧକ ନୃତ୍ୟ ପରିବେଷଣ କରାଯାଇଥିଲା। ପ୍ରାତଃ ସମୟରେ ଗଡ଼ଖୋର୍ଦ୍ଧାସ୍ଥିତ ପଞ୍ଚପାଇକଙ୍କ ପ୍ରତିମୂର୍ତ୍ତିରେ ମାଲ୍ୟାର୍ପଣ କରାଯାଇଥିଲା। ସତ୍ୟ ସୁନ୍ଦର ରଣା, ଗୋପାଳକୃଷ୍ଣ ଦାସ, ମନ୍ଦିରା ରାୟ ଚୂଡ଼ାମଣି, ନରହରି ନନ୍ଦ, ବିକ୍ରମ ଚମ୍ପତି, ପ୍ରଣତି ଚମ୍ପତି ଏବଂ ନମିତା ସାହୁ ପମୁଖ କାର୍ଯ୍ୟକ୍ରମ ପରିଚାଳନାରେ ସହଯୋଗ କରିଥିଲେ।



ଶତାକ୍ଷୀ ମହିଳା ସଙ୍ଗଠନର ବାର୍ଷିକ ଉତ୍ସବରେ ଅତିଥିଙ୍କ ସହ ଅନୁଷ୍ଠାନର କର୍ମକର୍ତ୍ତା।

## ଶତାକ୍ଷୀର ବାର୍ଷିକ ଉତ୍ସବ

ଯାଁଲା,୮।୧୨(ବୁଲା ବାରିକ)

କଳିଙ୍ଗନଗର- ୪ସ୍ଥିତ ଶତାକ୍ଷୀ ମହିଳା ସଙ୍ଗଠନର ବାର୍ଷିକ ଉତ୍ସବ ପାଳିତ ହୋଇଯାଇଛି। ଏକାମ୍ର ବିଧାୟକ ବାବୁ ସିଂ ମୁଖ୍ୟ ଅତିଥି, ପରିବେଶବିତ୍ ପଦ୍ମଶ୍ରୀ ସାବରମତୀ ମୁଖ୍ୟ ବକ୍ତା, ଖଣ୍ଡଗିରି ଯୋଗ ଜିଲା ପ୍ରଭାରୀ ମଞ୍ଜୁଳା ମିଶ୍ର ଏବଂ ବରିଷ୍ଠ ଗଣମାଧ୍ୟମ ପ୍ରତିନିଧି ଭବାନୀ ଶଙ୍କର ମହାପାତ୍ର ସମ୍ମାନିତ ଅତିଥି ଭାବେ ଯୋଗ ଦେଇଥିଲେ। ସମ୍ପାଦିକା ମମତା ବିଶ୍ୱାଳ ବାର୍ଷିକ ବିବରଣୀ ପାଠ କରିଥିଲେ। ବିଭିନ୍ନ କ୍ରୀଡ଼ା ପ୍ରତିଯୋଗିତାର କୃତୀ ପ୍ରତିଯୋଗୀମାନଙ୍କୁ ଅତିଥିମାନେ ପୁରସ୍କୃତ କରିଥିଲେ। କେବଳ ମହିଳାମାନଙ୍କ ଲେଖାକୁ ନେଇ ପ୍ରକାଶିତ ସଂଗଠନର ପତ୍ରିକା ଶତାକ୍ଷୀ ସ୍ମରଣିକାକୁ ମୁଖ୍ୟ ଅତିଥି ଉନ୍ମୋଚନ କରିଥିଲେ। ମହିଳାମାନଙ୍କ ଦ୍ୱାରା ପରିବେଷିତ ସାଂସ୍କୃତିକ କାର୍ଯ୍ୟକ୍ରମ ବହୁତ ଚିତ୍ତାକର୍ଷକ ଥିଲା। କାର୍ଯ୍ୟକ୍ରମକୁ ସୁଶ୍ରୀ ସଙ୍ଗୀତା ମହାପାତ୍ର, ପ୍ରଣତିମିଶ୍ର, ସବିତା ପୃଷ୍ଟି ଓ ପୁଷ୍ପାଞ୍ଜଳି ବିଶ୍ୱାଳ ପରିଚାଳନା କରିଥିଲେ। ବିଭିନ୍ନ ଗଣମାଧ୍ୟମର ପ୍ରତିନିଧିମାନଙ୍କୁ ସମ୍ମାନିତ କରାଯାଇଥିଲା। ସଭାନେତ୍ରୀ ସ୍ନିଗ୍ଧା ମିଶ୍ର ଧନ୍ୟବାଦ ଦେଇଥିଲେ।

# ସିକୋରେ ହାତୀପଲ: ଲୋକେ ଆତଙ୍କିତ

## ଫରେଷ୍ଟ ବିଟ୍ ହାଉସରେ ତାଲା ଝୁଲୁଛି



ବେଗୁନିଆ,୮।୧୨(ସନ୍ଧ୍ୟାରାଣୀ ମିଶ୍ର)

ବେଗୁନିଆ ବ୍ଲକର ବିଭିନ୍ନ ସ୍ଥାନରେ ହାତୀ ଉପଦ୍ରବ ବୃଦ୍ଧିପାଇବାରେ ଲାଗିଛି। ବିଭାଗୀୟ କର୍ମଚାରୀମାନେ ହାତୀ ଘଉଡ଼ାଇବା ପାଇଁ କୌଣସି ଆଖିଦୃଶିଆ ପଦକ୍ଷେପ ନେଉ ନ ଥିବାରୁ ସାଧାରଣରେ ଅସନ୍ତୋଷ ପ୍ରକାଶ ପାଇଛି। ଏହି ବ୍ଲକ ଅଧୀନସ୍ଥ ସିକୋ ଫରେଷ୍ଟ ବିଟ ହାଉସ୍‌ରେ କର୍ମଚାରୀ ନ ଥିବାରୁ ଏକବର୍ଷ ହେବ ତାଲା ପଡ଼ିଛି ବୋଲି ସଞ୍ଜୟ କୁମାର ବାହୁବଳେନ୍ଦ୍ର, ପଦ୍ମଭୂଷଣ ଛୋଟରାୟ, ବଗୁଲି ମଙ୍ଗରାଜ, ରବୀନ୍ଦ୍ର ସାମନ୍ତରାୟ, ଲିପୁ ବଳବନ୍ତରାୟ, ଭର୍ଗେଶ୍ୱର ଛୋଟରାୟ, ଶୁକୁଟା ମହାପାତ୍ର, ନକୁଳ ଚମ୍ପତି, ପ୍ରଫୁଲ୍ଲ ବାହୁବଳେନ୍ଦ୍ର ଏବଂ ବିଜୟ ସାମନ୍ତରାୟ ପ୍ରମୁଖ ଅଭିଯୋଗ କରିଛନ୍ତି। ଫରେଷ୍ଟ ବିଟ ହାଉସ୍ ପରିସର ଅନାବନା ଗଛଲତାରେ ଭର୍ତ୍ତିହୋଇ ଜଙ୍ଗଲ ସଦୃଶ ହେଲାଣି। ଗେଟ୍‌ଠାରୁ ଘର ଭିତରକୁ ଯିବା ପାଇଁ ରାସ୍ତା ନାହିଁ। ସବୁଆଡ଼େ ଗଛଲତା ଭର୍ତ୍ତି ହୋଇଛି। ନରସିଂହପୁର, ସିକୋ, ଶଗଡ଼ଭଙ୍ଗା, ନାରଗଦା, କମାଗୁରୁ, ଟାଙ୍ଗୋଳ ଏବଂ ହଜ୍ ଆଦି ଅଞ୍ଚଳ ଜଙ୍ଗଲୀ ହାତୀଙ୍କ ବାସସ୍ଥଳ ହୋଇଥିବାବେଳେ ଏବେ ଗତ ଶନିବାରଠାରୁ ୧୭ଟି ହାତୀ ଆସି ସିକୋ ଜଙ୍ଗଲରେ ରହିଛନ୍ତି। ରବିବାର ସିକୋ ଗ୍ରାମର ଅପର୍ତ୍ତି ବାହୁବଳେନ୍ଦ୍ର ଧାନବିଲକୁ ଷଣ୍ଢ ଘଉଡ଼ାଇବାକୁ ଯାଇଥିବାବେଳେ ହାତୀଙ୍କ କବଳରେ ପଡ଼ିଥିଲେ। ତେବେ ସେ ନିଜ ଉପସ୍ଥିତ ବୁଦ୍ଧି ଯୋଗୁ ଅଳ୍ପକେ ରକ୍ଷା ପାଇଯାଇଛନ୍ତି। ଗୋଟିଏ ବଡ଼ ହୁଡ଼ା ତଳେ ଲୁଚି ରହିଥିବାବେଳେ ଘର ଲୋକେ ଘଟଣାସ୍ଥଳକୁ ଯାଇ ବାଣ ଫୁଟାଇ ଏବଂ ପାଳରେ ନିଆଁ ଲଗାଇ ହାତୀଙ୍କୁ ଘଉଡ଼ାଇ ତାଙ୍କୁ ଉଦ୍ଧାର କରି ଆଣିଥିଲେ। ତାଙ୍କ ପୁଅ ସଞ୍ଜୟ ଫରେଷ୍ଟର ଏବଂ ନାରଗୋଦା ରାତ୍ର ଜଗୁଆଳିଙ୍କୁ ଫୋନ କରିଥିଲେ ମଧ୍ୟ ସେମାନେ ଫୋନ ଉଠାଇ ନ ଥିଲେ। ସିକୋ ବିଟ ହାଉସ ସମ୍ପର୍କରେ ରେଞ୍ଜ ଅଧିକାରୀ ଦେବାଶିଷ ଭୋଇଙ୍କୁ ପଚାରିବାରେ ସେ କହିଛନ୍ତି, ସେଠାରେ ଜଣେ ଫରେଷ୍ଟର ଏବଂ ଜଣେ ଗାର୍ଡ ଅଛନ୍ତି। ତେବେ କାର୍ଯ୍ୟାଳୟ ଭିତର ସଫା କରାଯାଉ ନ ଥିବାରୁ ଯୋଗୁ ଜଙ୍ଗଲ ପରିବେଶ ଭଳି ହୋଇଯାଇଛି।

# ୨୭୨ ଅଭିଯୋଗରୁ ୧୭୪ ସମାଧାନ




କାର୍ଯ୍ୟକ୍ରମରେ ମଞ୍ଚାସୀନ ଅତିଥି।

## ଖଙ୍ଗୁରିଆରେ ‘ପଲ୍ଲୀରେ ପ୍ରଶାସନ’ କାର୍ଯ୍ୟକ୍ରମ

ବୋଲଗଡ଼,୮।୧୨(ଦେବବ୍ରତ ହୋତା)

ଖୋର୍ଦ୍ଧା ଜିଲା ପ୍ରଶାସନ ନିର୍ଦ୍ଦେଶକ୍ରମେ ବୋଲଗଡ଼ ବ୍ଲକ ପ୍ରଶାସନ ପକ୍ଷରୁ ଖଙ୍ଗୁରିଆ ପଞ୍ଚାୟତସ୍ତରୀୟ ‘ପଲ୍ଲୀରେ ପ୍ରଶାସନ’ କାର୍ଯ୍ୟକ୍ରମ ହରିପୁର ଆବାସିକ ବିଦ୍ୟାଳୟ ପରିସରରେ ସୋମବାର ଅନୁଷ୍ଠିତ ହୋଇଯାଇଛି। ସରକାରଙ୍କ ବିଭିନ୍ନ ଯୋଜନାର କାର୍ଯ୍ୟକାରିତା, ସଚେତନତା, ଆବେଦନ ଓ ଅଭିଯୋଗ ଶୁଣାଣି ନେଇ ଏହି କାର୍ଯ୍ୟକ୍ରମ ଆୟୋଜିତ ହୋଇଥିଲା। ତହସିଲଦାର ବିଜୟ କୁମାର ସେଠୀଙ୍କ ସମେତ ବିଭାଗୀୟ ଅଧିକାରୀ ଓ କର୍ମଚାରୀମାନେ ଲୋକଙ୍କୁ ବିଭାଗୀୟ କାର୍ଯ୍ୟଧାରା ଓ ଯୋଜନା ସମ୍ପର୍କରେ ଅବଗତ କରାଇଥିଲେ। ଏହି ଅବସରରେ ମୋଟ ୨୭୨ ଅଭିଯୋଗ ପଞ୍ଜୀକୃତ ହୋଇଥିଲାବେଳେ ୧୭୪ଟିର ତତ୍କାଳ ସମାଧାନ କରାଯାଇଥିଲା। ୯୮ଟି ଅଭିଯୋଗର ତଦନ୍ତ କରାଯାଇ ପଦକ୍ଷେପ ନିଆଯିବ ବୋଲି ପ୍ରତିଶ୍ରୁତି ଦିଆଯାଇଥିଲା। କାର୍ଯ୍ୟକ୍ରମରେ ରାଜସ୍ୱ, ସ୍ୱାସ୍ଥ୍ୟ, ଜଙ୍ଗଲ, ଜଳସେଚନ, ଶିକ୍ଷା, ଜଳ ଓ ପରିମଳ, ମହିଳା ଓ ଶିଶୁ ବିକାଶ, କୃଷି, ଉଦ୍ୟାନ, ପ୍ରାଣୀଚିକିତ୍ସା, କୌଶଳ ବିକାଶ, ସାମାଜିକ ସୁରକ୍ଷା, ମତ୍ସ୍ୟ ଓ ପଶୁପାଳନ, ମିଶନ ଶକ୍ତି ଆଦି ବିଭାଗର ଅଧିକାରୀ ଉପସ୍ଥିତ ଥିଲେ। ଜିଲା ପ୍ରଶାସନ ପକ୍ଷରୁ ପର୍ଯ୍ୟବେକ୍ଷକ ରୂପେ ଡିପିଓ ଶ୍ୟାମଳେନ୍ଦୁ ନାୟକ ଯୋଗଦେଇ ଅଭିଯୋଗର ତ୍ୱରିତ ସମାଧାନ ପାଇଁ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଥିଲେ। ସ୍ଥାନୀୟ ସରପଞ୍ଚ ଜଳଧର ମହାନ୍ତିଙ୍କ ତତ୍ତ୍ୱାବଧାନରେ ପ୍ରଧାନଶିକ୍ଷୟିତ୍ରୀ ଶାନ୍ତିଲତା ସାହୁ, ସମିତିସଭ୍ୟା ବିନୋଦିନୀ ଦତ୍ତ, ୱାର୍ଡମେମ୍ବର ଓ ପଞ୍ଚାୟତ କର୍ମଚାରୀମାନେ ଲୋକଙ୍କ ଅଭିଯୋଗ ପଞ୍ଜୀକରଣ କରିବା ସହ ଭୂମିହୀନଙ୍କୁ ପଟ୍ଟା, ଜାତି ପ୍ରମାଣପତ୍ର, ସ୍ଥାୟୀ ବାସିନ୍ଦା ଓ ଆୟ ପ୍ରମାଣପତ୍ର, ନିର୍ମାଣ ଶ୍ରମିକ ତଥା ଅଣସଂଗଠିତ ଶ୍ରମିକ କାର୍ଡ ପଞ୍ଜୀକରଣ ଓ ନବୀକରଣ, ବାର୍ଦ୍ଧକ୍ୟ, ଦିବ୍ୟାଙ୍ଗ ଓ ବିଧବା ଭତ୍ତା ଆବେଦନ, ରଣଭିତ୍ତିକ ଯୋଜନାରେ ଆବେଦନ ଗ୍ରହଣରେ ଲୋକଙ୍କୁ ସହଯୋଗ କରିଥିଲେ।

# କ୍ରିକେଟ ଟୁର୍ନାମେଣ୍ଟ: ଘାଟିକିଆ, ପାନବରଜ ଟିମ୍ ବିଜୟୀ

ଖୋର୍ଦ୍ଧା,୮।୧୨(ପ୍ରଭାତ ପାଣିଗ୍ରାହୀ)

ଖୋର୍ଦ୍ଧା ବ୍ଲକ୍ ଅନ୍ତର୍ଗତ କୁରାଢମଲ୍ଲରେ ମା’ ବାଉତି କ୍ରିକେଟ ଆସୋସିଏଶନ ଆନୁକୂଲ୍ୟରେ ଚାଲିଥିବା କ୍ରିକେଟ ଟୁର୍ନାମେଣ୍ଟର ୭ମ ଦିବସରେ ସୋମବାର ପୃଥକ ମ୍ୟାଚ୍‌ରେ ଘାଟିକିଆ ଓ ପାନବରଜ ଟିମ୍ ବିଜୟ ହାସଲ କରିଛନ୍ତି।

ଘାଟିକିଆ ଭୁବନେଶ୍ୱର ଓ ସତ୍ୟପୀର ସ୍ପୋର୍ଟିଂ କାଇପଦର ମଧ୍ୟରେ ପ୍ରଥମ ମ୍ୟାଚ ଅନୁଷ୍ଠିତ ହେଇଥିଲା। ପ୍ରଥମେ ଘାଟିକିଆ ଟିମ୍ ବ୍ୟାଟିଂ କରି ୧୩ ଓଭରରେ ୫ ଉଇକେଟ ହରାଇ ୧୬୬ ରନ୍ କରିଥିଲା। ଦଳ ପକ୍ଷରୁ ସୁବ୍ରତ ପ୍ରଧାନ ୩୧ ବଲରୁ ୫୬ ରନ କରିଥିଲେ। ଜବାବରେ ସତ୍ୟପୀର ସ୍ପୋର୍ଟିଂ କାଇପଦର ୧୩ ଓଭରରେ ୮ ଉଇକେଟ୍ ହରାଇ ୧୩୭ ରନ୍ କରିଥିଲା। ଦଳର ରଜତ ସାମନ୍ତରାୟ ୧୭ ବଲରୁ ୩୬ ରନ କରିଥିଲେ। ୨୯ ରନରେ ଘାଟିକିଆ ଟିମ୍ ବିଜୟ ହାସଲ କରିଥିବାବେଳେ ସୁବ୍ରତ ପ୍ରଧାନ ମ୍ୟାନ ଅଫ୍ ଦି ମ୍ୟାଚ ବିବେଚିତ ହୋଇଥିଲେ। ସେହିପରି କୁରାଢମଲ୍ଲ ଓ ପାନବରଜ ଟିମ୍ ମଧ୍ୟରେ ଦ୍ୱିତୀୟ ମ୍ୟାଚ୍ ଅନୁଷ୍ଠିତ ହୋଇଥିଲା। କୁରାଢମଲ୍ଲ ଟିମ୍ ପ୍ରଥମେ ବ୍ୟାଟିଂ କରି ୧୩ ଓଭରରେ ୧୦ ଉଇକେଟ ହରାଇ ୯୬ ରନ କରିଥିଲା। ଦଳ ପକ୍ଷରୁ ହେମନ୍ତ ରାଉତ ୧୯ ବଲରୁ ୩୦ ରନ କରିଥିଲେ। ଜବାବରେ ପାନବରଜ ଟିମ୍ ୧୧ ଓଭରରେ ୩ ଉଇକେଟ ହରାଇ ୯୭ ରନ କରିଥିଲା। ଫଳରେ ପାନବରଜ ଟିମ୍ ୭ ଉଇକେଟରେ ଜିତିଥିଲା। ସମରେନ୍ଦ୍ର ମହାନ୍ତି ୩୫ ବଲରୁ ୫୬ ରନ କରି ମ୍ୟାନ ଅଫ୍ ଦି ମ୍ୟାଚ ବିବେଚିତ ହୋଇଥିଲେ। ଝଜ ସାମନ୍ତରାୟ ଓ ଆକାଶ ପରିଡ଼ା ଖେଳ ପରିଚାଳନା କରିଥିବାବେଳେ ଜିତେନ୍ଦ୍ର ପ୍ରଧାନ ସ୍କୋରର ରହିଥିଲେ। ଶଶୀଭୂଷଣ ସିଂହ ଭାଷ୍ୟକାର ଦାୟିତ୍ୱ ତୁଲାଇଥିଲେ। ଅତିଥି ଭାବେ କୁରାଢମଲ୍ଲ ସରପଞ୍ଚ ଶ୍ରୀରାମ ପ୍ରସାଦ ମହାନ୍ତି, ପ୍ରସନ୍ନ କୁମାର ସାମନ୍ତରାୟ, ଜ୍ୟୋତି ଶଙ୍କର ପରିଡ଼ା ପ୍ରମୁଖ ଯୋଗଦେଇ ଶ୍ରେଷ୍ଠ ଖେଳାଳିଙ୍କୁ ପୁରସ୍କୃତ କରିଥିଲେ। ମଙ୍ଗଳବାର ସୁଆଙ୍ଗ ଓ ଯାଆଁଳା ମଧ୍ୟରେ ପ୍ରଥମ ମ୍ୟାଚ୍ ଏବଂ ଗୁରୁଜଙ୍ଗ ଓ ଗଙ୍ଗପଡ଼ା ମଧ୍ୟରେ ଦ୍ୱିତୀୟ ମ୍ୟାଚ୍ ଅନୁଷ୍ଠିତ ହେବ ବୋଲି କମିଟି ପକ୍ଷରୁ ସୂଚନା ଦିଆଯାଇଛି।

## ପ୍ଲାଷ୍ଟିକ ପ୍ରଦୂଷଣ ସଚେତନତା କାର୍ଯ୍ୟକ୍ରମ

ଟାଙ୍ଗୀ,୮।୧୨(ରଘୁନାଥ ସାହୁ)

ଟାଙ୍ଗୀସ୍ଥିତ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ପରିବେଶ ସୁରକ୍ଷା ଅଭିଯାନ ସ୍ୱେଚ୍ଛାସେବୀ ସଙ୍ଗଠନ ଆନୁକୂଲ୍ୟରେ ଏକକ ପ୍ଲାଷ୍ଟିକ ପ୍ରଦୂଷଣ ରୋକିବା ସଂକ୍ରାନ୍ତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ଭାଲେଣ୍ଟିନା ନାହାକ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ମାର୍ଗଦର୍ଶକ ଭାବେ ଅବସରପ୍ରାପ୍ତ କମିଶନର ପ୍ରଦୀପ କୁମାର ରଥ, ଗୋପୀ କଲ୍ୟାଣ ମହାପାତ୍ର, ଅବସରପ୍ରାପ୍ତ ବ୍ୟାଙ୍କ ଅଧିକାରୀ ରଘୁନାଥ ପୃଷ୍ଟି, ଅବସରପ୍ରାପ୍ତ ପ୍ରଫେସର କଲ୍ୟାଣୀ ମହାନ୍ତି ପ୍ରମୁଖ ଯୋଗଦେଇ ଏକକ ବ୍ୟବହୃତ ପ୍ଲାଷ୍ଟିକର ଭୟାବହତା ସମ୍ପର୍କରେ ବୁଝାଇଥିଲେ। ପ୍ଲାଷ୍ଟିକ କିପରି ଜଳ, ବାୟୁ ଓ ଜୀବଜଗତ ଉପରେ କୁପ୍ରଭାବ ପକାଇଥାଏ ସେ ନେଇ ଅତିଥିମାନେ ଛାତ୍ରୀଛାତ୍ରଙ୍କୁ ବୁଝାଇବା ସହ ପରିବେଶ ସୁରକ୍ଷା ପାଇଁ କାର୍ଯ୍ୟ କରିବାକୁ ଶପଥ ପାଠ କରାଇଥିଲେ। ଶିକ୍ଷକ ଶମ୍ଭୁନାଥ ନାୟକ ଧନ୍ୟବାଦ ଦେଇଥିଲେ।

# ମହିଳା ହିଂସା ବିରୋଧୀ ସଚେତନତା ଅଭିଯାନ

ବାଣପୁର,୮।୧୨(ଦିଲ୍ଲୀପ କୁମାର ସ୍ୱାଇଁ)

ଏକତା ପରିଷଦ ଟ୍ରଷ୍ଟ ପକ୍ଷରୁ ଆୟୋଜିତ ମହିଳା ହିଂସା ବିରୋଧୀ ସଚେତନତା ଅଭିଯାନର ୧୩ତମ ଦିବସରେ ବାଣପୁର ବ୍ଲକ ବରବରା ପଞ୍ଚାୟତ କାର୍ଯ୍ୟାଳୟରେ ମହିଳାଙ୍କ ସାମାଜିକ ସୁରକ୍ଷା ନିମନ୍ତେ ଆଇନଗତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବାଣପୁର କୋର୍ଟର ସିନିୟର ସିଭିଲ ଜଜ୍ ଅମରେଶ ମହାପାତ୍ର ମୁଖ୍ୟ ଅତିଥି, ବାଣପୁର ଓକିଲ ସଂଘ ସମ୍ପାଦକ ଜଗଦୀଶ ପଟ୍ଟନାୟକ ଓ ବରବରା ସରପଞ୍ଚ ବୀଣାପାଣି ଷଣ୍ଢ ସମ୍ମାନିତ ଅତିଥି ଭାବେ ଯୋଗଦେଇଥିଲେ। ଆଇନ ସହାୟତା କମିଟି ଅଧ୍ୟକ୍ଷ ତଥା



ସଚେତନତା କାର୍ଯ୍ୟକ୍ରମରେ ଉପସ୍ଥିତ ମହିଳାମାନେ।

ସିନିୟର ସିଭିଲଜଜ୍ ଯୋଗଦେଇ ମହିଳା, ଆଦିବାସୀ ଓ ଦଳିତ ଅସହାୟଙ୍କ ପାଇଁ ଥିବା ଆଇନ ସୁବିଧା ସମ୍ପର୍କରେ ଆଲୋକପାତ କରିଥିଲେ। ଟ୍ରଷ୍ଟର ମ୍ୟାନେଜିଂ ଟ୍ରଷ୍ଟି ସନ୍ଧ୍ୟା ଦେବୀ ଆଦିବାସୀଙ୍କ ଜମି ଓ ଜଙ୍ଗଲ ସୁରକ୍ଷା ସହ ବନ୍ୟଜନ୍ତୁଙ୍କ ଫସଲ କ୍ଷତିର କ୍ଷତିପୂରଣ ପାଇବା ନେଇ ଥିବା ଅସୁବିଧା ସମ୍ପର୍କରେ ଆଇନଗତ ମାର୍ଗ ସମ୍ବନ୍ଧରେ ସୂଚନା ଦେଇଥିଲେ। ଜଗଦୀଶ ପଟ୍ଟନାୟକ ଘରେ ଘରେ ଆଇନ ସହାୟତା କିପରି ପହଞ୍ଚିପାରିବ ତଥା ଜାଗୃତି ଯୋଜନା ବିଷୟରେ ବୁଝାଇଥିଲେ। ସରପଞ୍ଚ ବୀଣାପାଣି ଧନ୍ୟବାଦ ଦେଇଥିଲେ।

# ଇଣ୍ଟରନେଟ୍ ସେବା ଠପ୍, ପଞ୍ଚାୟତ ଅଫିସ କାର୍ଯ୍ୟ ପ୍ରଭାବିତ

ନିରାକାରପୁର,୮।୧୨(ମାନସ ଚନ୍ଦ୍ର ପଟ୍ଟନାୟକ)

ଟାଙ୍ଗୀ ବ୍ଲକର ୨୬ଟି ପଞ୍ଚାୟତ ମଧ୍ୟରୁ ୨୧ଟି ପଞ୍ଚାୟତର କାର୍ଯ୍ୟାଳୟରେ ଲାଗିଥିବା ଇଣ୍ଟରନେଟ୍ ସଂଯୋଗ ଦୀର୍ଘ ବର୍ଷ ଧରି ବନ୍ଦ ରହିଛି। ଫଳରେ ପଞ୍ଚାୟତର ଦୈନିକ କାର୍ଯ୍ୟ ପ୍ରଭାବିତ ହେଉଛି। ପଞ୍ଚାୟତ, ଡିଜିଟାଲ୍ ଇଣ୍ଡିଆ, ସେବା ସମ୍ପ୍ରସାରଣ ମିଶନ ପରି ସରକାରୀ ନୀତିଗୁଡ଼ିକ ଅନୁଯାୟୀ ପ୍ରତ୍ୟେକ ପଞ୍ଚାୟତରେ ସ୍ଥାୟୀ ଭାବେ ଉଚ୍ଚଗତିର ଇଣ୍ଟରନେଟ୍ ବ୍ୟବସ୍ଥା ଥିବା ଆବଶ୍ୟକ। କିନ୍ତୁ ଏହି ପଞ୍ଚାୟତରେ ଲାଗିଥିବା ବିଏସ୍‌ଏନ୍‌ଏଲ୍ ସଂଯୋଗ ଦୀର୍ଘଦିନ ଧରି ନିଷ୍କ୍ରିୟ ରହିଥିବାରୁ ସରକାରୀ କାର୍ଯ୍ୟ ବାଧାପ୍ରାପ୍ତ ହୋଇଛି। ପଞ୍ଚାୟତ କାର୍ଯ୍ୟାଳୟକୁ ପ୍ରତିଦିନ ସହସ୍ରାଧିକ ଲୋକ ବିଭିନ୍ନ ଜରୁରୀ ପ୍ରମାଣପତ୍ର, କାଗଜପତ୍ର, ଭତ୍ତା ଆଦି ପାଇଁ ଆସୁଛନ୍ତି। କିନ୍ତୁ ଇଣ୍ଟରନେଟ୍ ବନ୍ଦ ଥିବାରୁ ପଞ୍ଚାୟତ କର୍ମଚାରୀମାନେ କୌଣସି ପୋର୍ଟାଲ୍ ଲଗ୍ ଇନ୍ କରିପାରୁନାହାନ୍ତି। ଫାଇଲ୍



ଡିଆ ଅସ୍ଥାୟୀ ପଞ୍ଚାୟତ କାର୍ଯ୍ୟାଳୟରେ ଅଚଳ ହୋଇପଡ଼ିଥିବା ଇଣ୍ଟରନେଟ୍।

ଅପଲୋଡ୍ କିମ୍ବା ଅନୁମୋଦନ କାର୍ଯ୍ୟ ହୋଇପାରୁନାହିଁ। ଇ-ଗଭର୍ନାନ୍ସ ନିର୍ଦ୍ଦେଶାବଳୀ ଅନୁଯାୟୀ ପ୍ରତ୍ୟେକ ପଞ୍ଚାୟତରେ ନିରବଚ୍ଛିନ୍ନ ଇଣ୍ଟରନେଟ୍, ବ୍ୟାକଅପ୍ ଲାଇନ୍ ଓ ତତ୍କାଳ ମରାମତି ବ୍ୟବସ୍ଥା ରହିବା କଥା। ସେହିପରି ଗ୍ରାମୀଣ ବ୍ରଡ୍‌ବ୍ୟାଣ୍ଡ ଯୋଜନା ଅନୁଯାୟୀ ପ୍ରତ୍ୟେକ ପଞ୍ଚାୟତକୁ ଫାଇବର୍ ଇଣ୍ଟରନେଟ୍ ଲିଙ୍କ ଦେବାକୁ ବିବର୍ତ୍ତିତ ମାନକ ନିର୍ଦ୍ଦେଶ ରହିଛି। ଏହାସତ୍ତ୍ୱେ ଏଠାରେ କିଛି ସୁବିଧା ନାହିଁ। ପଞ୍ଚାୟତ କାର୍ଯ୍ୟାଳୟକୁ ଆସିଲେ ଗୋଟିଏ ଦିନର କାମ ନଷ୍ଟ ହେଉଛି ବୋଲି ଲୋକେ ଅଭିଯୋଗ କରିଛନ୍ତି। ଲୋକେ ବିଭିନ୍ନ ସରକାରୀ ଯୋଜନାର ଲାଭ ପାଇବାରୁ ବଞ୍ଚିତ ହେଉଛନ୍ତି। ଏନେଇ ନିରାକାରପୁର ପଞ୍ଚାୟତ ନିର୍ବାହୀ ଅଧିକାରୀ ସଂଜୀବ ପାଇକରାୟ କହିଛନ୍ତି, ଏଭଳି ସମସ୍ୟା ବହୁଦିନରୁ ଲାଗିରହିଛି। ବିଭାଗୀୟ କର୍ମଚାରୀ ଚେକ୍ କରିବାକୁ ଆସୁଛନ୍ତି, କିନ୍ତୁ କିଛି ସୁଫଳ ମିଳୁନାହିଁ। ତେଣୁ ଆମେ ବାଧ୍ୟ ହୋଇ ନିଜ ମୋବାଇଲ ନେଟ୍‌ରେ କାର୍ଯ୍ୟ କରୁଛୁ। ସେହିପରି ଟାଙ୍ଗୀ ବିଡିଓ ରୁମାନା ଜାଫ୍ରିନ କହିଛନ୍ତି, ୨୧ ପଞ୍ଚାୟତରେ ବ୍ରଡ୍‌ବ୍ୟାଣ୍ଡ ଲାଗିଥିବାବେଳେ ୫ଟି ପଞ୍ଚାୟତରେ ଲାଗିନାହିଁ। ଅନ୍ୟପକ୍ଷରେ ବାଲୁଗାଁ ଟେଲିକମ୍ ଏସ୍‌ଡିଓ ରଘୁନାଥ ମିଶ୍ର କହିଛନ୍ତି, ସମ୍ପୃକ୍ତ ପଞ୍ଚାୟତରେ ବିଏସ୍‌ଏନ୍‌ଏଲ ସଂଯୋଗ ଦିଆଯାଇଛି। ଅନେକ ପଞ୍ଚାୟତ କାର୍ଯ୍ୟାଳୟର ନିଜସ୍ୱ ଗୃହ ସମେତ ବିଭିନ୍ନ ପ୍ରକାର ସମସ୍ୟା ରହିଥିବାରୁ ଇଣ୍ଟରନେଟ୍ ସେବା କାର୍ଯ୍ୟକାରୀ ହୋଇପାରୁନାହିଁ।

# ଧିମେଇଛି ପାଇକ ସ୍ମାରକୀ ନିର୍ମାଣ କାର୍ଯ୍ୟ

## ଶିଳାନ୍ୟାସକୁ ପୂରିଲା ୭ବର୍ଷ

ଖୋର୍ଦ୍ଧା,୮।୧୨(ପ୍ରଭାତ ପାଣିଗ୍ରାହୀ)

ପାଇକ ବିଦ୍ରୋହ ହେଉଛି ଓଡ଼ିଆ ଜାତିର ଅସ୍ମିତା। ଭାରତୀୟ ସ୍ୱାଧୀନତା ସଂଗ୍ରାମରେ ପାଇକ ବିଦ୍ରୋହକୁ ପ୍ରଥମ ସ୍ୱାଧୀନତା ଆନ୍ଦୋଳନ ଭାବେ ଅଭିହିତ କରାଯାଏ। ପାଇକ ବିଦ୍ରୋହରେ ଅବଦାନ ରଖିଥିବା ପାଇକ ବୀରଙ୍କ ସ୍ମୃତିରେ ପାଇକ ସ୍ମାରକୀ ନିର୍ମାଣ ଲାଗି ୨୦୧୯ ଡିସେମ୍ବର ୮ରେ ବରୁଣେଇ ପାଦଦେଶରେ ତତ୍କାଳୀନ ରାଷ୍ଟ୍ରପତି ରାମନାଥ କୋବିନ୍ଦ ଶିଳାନ୍ୟାସ କରିଥିଲେ। ବହୁ ବିଳମ୍ବରେ ତଥା ସମସ୍ୟା ମଧ୍ୟରେ ସ୍ମାରକୀ ସ୍ଥଳ ପାଚେରି ନିର୍ମାଣ ହୋଇଥିବାବେଳେ ଏବେ କାର୍ଯ୍ୟ ଧିମେଇ ଯାଇଛି। ଫଳରେ ଖୋର୍ଦ୍ଧାବାସୀଙ୍କ ମଧ୍ୟରେ ଅସନ୍ତୋଷ ପ୍ରକାଶ ପାଇଛି।

ସୂଚନା ଅନୁଯାୟୀ, ଏହି ସ୍ମାରକୀ ନିର୍ମାଣ ପାଇଁ କେନ୍ଦ୍ର ସରକାର ୫୦ ଏକର ଜାଗା ମାଗିଥିବାବେଳେ ରାଜ୍ୟ ସରକାର ୧୦ ଏକର ଜାଗା ଯୋଗାଇ ଦେଇଥିଲେ। ୨୦୨୨ ଜୁଲାଇରେ ଖୋର୍ଦ୍ଧା ମୌଜାର



ବରୁଣେଇ ପାହାଡ଼ ପାଦଦେଶରେ ୯ ଏକର ୬୮୫ ଡେସିମିଲ ସରକାରୀ ଜମିକୁ ପାଇକ ସ୍ମାରକୀ ନିର୍ମାଣ ନିମନ୍ତେ ତତ୍କାଳୀନ ରାଜ୍ୟ ସରକାର ବିନା ପ୍ରିମିୟମ, କ୍ୟାପିଟାଲ ଭ୍ୟାଲୁ ଏବଂ ଇନ୍ସିଡେଣ୍ଟାଲ ଚାର୍ଜରେ ଭାରତ ସରକାରଙ୍କ ସଂସ୍କୃତି ମନ୍ତ୍ରାଳୟ ସପକ୍ଷରେ ଦେଇଥିଲେ। ଏଥିଲାଗି ରାଜ୍ୟ କ୍ୟାବିନେଟର ଅନୁମୋଦନ କ୍ରମେ ୩୧ କୋଟି ୯୬ ଲକ୍ଷ, ୬୨,୩୩୪ ଟଙ୍କା ରାଜସ୍ୱ ଦେୟ ଛାଡ଼ କରିଥିଲେ।

୨୦୨୨ ଡିସେମ୍ବର ୨୬ରେ ସ୍ଥାନୀୟ ପ୍ରଶାସନ ଉପସ୍ଥିତିରେ ନିର୍ମାଣ ଦାୟିତ୍ୱରେ ଥିବା ଅଏଲ ଇଣ୍ଡିଆ ଫାଉଣ୍ଡେଶନ ପକ୍ଷରୁ ଭୂମିପୂଜା କରାଯାଇ ନିଅଁ ଖୋଳାଯାଇଥିଲା। ତେବେ ଜଙ୍ଗଲ ବିଭାଗର ତାଗିଦ୍ ଯୋଗୁ ୨୦୨୩ ଜାନୁଆରୀରୁ ନିର୍ମାଣ କାର୍ଯ୍ୟ ବନ୍ଦ ରହିଥିଲା। ଜଙ୍ଗଲ ବିଭାଗକୁ ୫୫ ଲକ୍ଷ ଟଙ୍କା ଜମା ଦେବା ପରେ ପ୍ରସ୍ତାବିତ ଜମିରେ ଜଙ୍ଗଲ ବିଭାଗର ୧୩ଶହ ଗଛରୁ ୭୭୯ ଗଛ ଅନ୍ୟତ୍ର ସ୍ଥାନାନ୍ତରିତ କରାଯାଇଥିଲା। ସେହିପରି ବିଦ୍ୟୁତ ବିଭାଗକୁ ୩ କୋଟି ୧୦ଲକ୍ଷ ଟଙ୍କା ବ୍ୟୟ ପଇଠ ପରେ ଉକ୍ତ ଜମିରେ ୩୩ ଓ ୧୧ କେଭି ତାର, ଉଚ୍ଚ କ୍ଷମତାସମ୍ପନ୍ନ ଖୁଣ୍ଟ ସମ୍ପ୍ରସାରଣ କରାଯାଇଛି। ପରେ ସ୍ମାରକୀ ନିର୍ମାଣ ସ୍ଥଳ ଚାରିପଟେ ପାଚେରି ନିର୍ମାଣ କରାଯାଇଛି। ପୂର୍ବରୁ କେନ୍ଦ୍ରମନ୍ତ୍ରୀ ଧର୍ମେନ୍ଦ୍ର ପ୍ରଧାନ, ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ା ଏବଂ ସଂସ୍କୃତି ମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜ ଖୋର୍ଦ୍ଧା ଆସି ଏହାର ସମୀକ୍ଷା ସହ ସ୍ମାରକୀ ନିର୍ମାଣ କାର୍ଯ୍ୟ ପାଇଁ ଅର୍ଥର ଅଭାବ ରହିବ ନାହିଁ ବୋଲି କହିଥିଲେ। ତେବେ ଏହା ସତ୍ତ୍ୱେ ପ୍ରଶାସନିକ ଅଧିକାରୀ ଏବଂ ସ୍ଥାନୀୟ ଲୋକ ପ୍ରତିନିଧିଙ୍କ ମଧ୍ୟରେ ସମନ୍ୱୟ ଅଭାବରୁ ପାଇକ ସ୍ମାରକୀ ନିର୍ମାଣ କାର୍ଯ୍ୟ ଆଗେଇପାରୁନାହିଁ ବୋଲି ସାଧାରଣରେ ମତ ପ୍ରକାଶ ପାଇଛି। ଏନେଇ ବିଭିନ୍ନ ମହଲରେ ଅସନ୍ତୋଷ ପ୍ରକାଶ ପାଇଛି। ଖୁବଶୀଘ୍ର ନିର୍ମାଣ କାର୍ଯ୍ୟ ଆରମ୍ଭ କରିବା ଲାଗି ବିଭିନ୍ନ ମହଲରେ ଦାବି ହୋଇଛି।

## ଶ୍ରୀମନ୍ଦିର ହୁଣ୍ଡିରୁ ଆୟ



୮।୧୨।୨୦୨୫

| | |
|---|---|
| ୫,୧୭,୨୮୯ ଟଙ୍କା | |
| ସୁନା | ୨.୮୦୦ ଗ୍ରାମ୍ |
| ରୁପା | ୬୨.୫୦୦ ଗ୍ରାମ୍ |

# ହସ୍ତଶିଳ୍ପ ଆମ ଅସ୍ମିତା, ଗୌରବର ପ୍ରତିଫଳନ

■ ଜାତୀୟ ହସ୍ତଶିଳ୍ପ ସପ୍ତାହ ଉଦ୍‌ଘାଟିତ

■ ହସ୍ତଶିଳ୍ପ ଆମ ସଂସ୍କୃତି, ପରମ୍ପରା ଓ ଅର୍ଥନୀତିର ତ୍ରିବେଣୀ ସଙ୍ଗମ: ମନ୍ତ୍ରୀ

କୋଣାର୍କ,୮।୧୨(ଜ୍ୟୋତିରାଜ ମହାନ୍ତି)



ଉଦ୍‌ଘାଟନୀ କାର୍ଯ୍ୟକ୍ରମରେ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତଙ୍କ ସମେତ ଅନ୍ୟ ଅତିଥିମାନେ।

ହସ୍ତଶିଳ୍ପ ଆମ ଅସ୍ମିତା ଓ ଗୌରବର ପ୍ରତିଫଳନ। ଶିଳ୍ପୀମାନଙ୍କର ସ୍ୱର୍ଦ୍ଧିତ କଳାର ପ୍ରଦର୍ଶନ ଓ ପରିପ୍ରକାଶ ଏହାକୁ ଅଧିକ ଋଦ୍ଧିମନ୍ତ ଓ ପ୍ରେରଣାଦାୟୀ କରାଉଛି ବୋଲି ସମବାୟ, ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ମନ୍ତ୍ରୀ ପ୍ରଦୀପ ବଳ ସାମନ୍ତ କହିଛନ୍ତି। କୋଣାର୍କ ଅର୍ବାନ ହାଟ ଠାରେ ହସ୍ତତନ୍ତ, ବୟନ ଓ ହସ୍ତଶିଳ୍ପ ବିଭାଗ ପକ୍ଷରୁ ଆୟୋଜିତ ହସ୍ତଶିଳ୍ପ ସପ୍ତାହକୁ ମନ୍ତ୍ରୀ ବଳସାମନ୍ତ ଉଦ୍‌ଘାଟନ କରିବା ସହ ଏହି ସପ୍ତାହବ୍ୟାପୀ କାର୍ଯ୍ୟକ୍ରମରେ ଶିଳ୍ପୀଙ୍କୁ ସେମାନଙ୍କ ଦକ୍ଷତା ପ୍ରଦର୍ଶନର ଏକ ସୁନ୍ଦର ପ୍ଲାଟଫର୍ମ ପ୍ରଦାନ କରାଯାଇଛି। ୧୯୫୦ ମସିହାରୁ ଏହା କାର୍ଯ୍ୟକ୍ରମ କରାଯାଉଛି। ପ୍ରଧାନମନ୍ତ୍ରୀଙ୍କ ଆତ୍ମନିର୍ଭର ଭାରତ ପାଇଁ ଯେଉଁ ଆହ୍ୱାନ ଦେଇଛନ୍ତି, ଆମେ ତାହାର ଅନୁପାଳନ କରୁଛୁ। ରାଜ୍ୟରେ ୩୦ ଲକ୍ଷରୁ ଊର୍ଦ୍ଧ୍ୱ ଶିଳ୍ପୀ ରହିଥିବା ବେଳେ ୭୦ ଭାଗ ମହିଳା ଅଟନ୍ତି। ଏଠାରେ ଶିଳ୍ପୀମାନଙ୍କ ଲାଇଭ୍ ଡେମୋନେଷ୍ଟ୍ରେଶନ ହେବ। ଏହାକୁ ସମସ୍ତେ ଦେଖିପାରିବେ। ଏଠାରେ ୬୭ଟି ଷ୍ଟଲ କରାଯାଇଛି। ଚଳିତବର୍ଷ ଭୁବନେଶ୍ୱର ତୋଷାଳୀ ମେଳାରେ ପ୍ରାୟ ୭୦୦ ଷ୍ଟଲ୍ ହେବ ଓ କେବଳ ସ୍ୱଦେଶୀ ଆଧାରିତ ହେବ। ଏପରିକି ସମସ୍ତ ସାଂସ୍କୃତିକ କାର୍ଯ୍ୟକ୍ରମ ମଧ୍ୟ ଓଡ଼ିଆ ସଂସ୍କୃତି ଆଧାରିତ ହେବ ବୋଲି ମନ୍ତ୍ରୀ କହିଛନ୍ତି।

ଏହା କାର୍ଯ୍ୟକ୍ରମ ଆମ ସଂସ୍କୃତି, ପରମ୍ପରା ଓ ଅର୍ଥନୀତିର ତ୍ରିବେଣୀ ସଙ୍ଗମ ହେବ। ବିଭାଗର କମିଶନର ତଥା ଶାସନ ସଚିବ ଗୁହା ପୁନମ ତାପସ କୁମାର ସମସ୍ତଙ୍କୁ ସ୍ୱାଗତ କରିବା ସହ ହସ୍ତଶିଳ୍ପୀଙ୍କ ଦକ୍ଷତା ଅନନ୍ୟ ବୋଲି କହିଥିଲେ। କାର୍ଯ୍ୟକ୍ରମରେ ଅତିରିକ୍ତ ଜିଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରା, ସଚିବ ସୁବ୍ରତ କୁମାର ବେହେରା, ଉକ୍ରଳିକାର ଏମ୍‌ଡି ମମତା ନାୟକ ପ୍ରମୁଖ ଉପସ୍ଥିତ ଥିଲେ। ଶେଷରେ ହସ୍ତଶିଳ୍ପ ନିର୍ଦ୍ଦେଶକ ଡ. ନିବେଦିତା ପୃଷ୍ଟି ଧନ୍ୟବାଦ ଦେଇଥିଲେ। ଚଳିତ ମାସ ୧୪ ତାରିଖ ପର୍ଯ୍ୟନ୍ତ ଏହି କାର୍ଯ୍ୟକ୍ରମ ଚାଲିବ ବୋଲି ହସ୍ତଶିଳ୍ପ ଉପନିର୍ଦ୍ଦେଶକ ବିଷ୍ଣୁପଦ ମାରାଣ୍ଡି ସୂଚନା ଦେଇଥିଲେ। କାର୍ଯ୍ୟକ୍ରମରେ ମୃତ୍ୟୁଞ୍ଜୟ ରଥ ମଞ୍ଚ ସଞ୍ଚାଳନ କରିଥିଲେ।

## ମା' ଦୁର୍ଗାଙ୍କ ଆଧାତ୍ମିକ ସଙ୍ଗୀତରେ ଫ୍ୟାଶନ ଶୋ'

■ ଓଡ଼ିଆ ଅସ୍ମିତାକୁ ଭୁଲିଗଲେ ସରକାର

■ ବୁଦ୍ଧିଜୀବୀ ଓ ସଂସ୍କୃତିପ୍ରେମୀ ମହଲରେ ଅସନ୍ତୋଷ

କୋଣାର୍କ,୮।୧୨(ଜ୍ୟୋତିରାଜ ମହାନ୍ତି)

ଡିସେମ୍ବର ୧ ତାରିଖଠାରୁ ଆରମ୍ଭ ହୋଇଥିବା ସୁଭଦ୍ରା ଶକ୍ତିମେଳା ରବିବାର ସନ୍ଧ୍ୟାରେ ଉଦ୍‌ଯାପିତ ହୋଇଯାଇଛି। ଏହି ମେଳାରେ ୧୫୦ ଷ୍ଟଲ ପ୍ରଦର୍ଶନ କରାଯାଇଥିଲା। ମେଳାରେ ଯୋଗଦେଇଥିବା ପ୍ରତିଯୋଗୀଙ୍କୁ ପେଟପୂରା ଖାଦ୍ୟ ଦିଆ ଯାଇ ନ ଥିବା ଅଂଶଗ୍ରହଣ କରିଥିବା ପ୍ରତିଯୋଗୀମାନେ ନାମ ଗୋପନ ରଖି ପ୍ରକାଶ କରିଛନ୍ତି। ଗତ ୫ଦିନ ଧରି ନାମକୁମାତ୍ର ସାଂସ୍କୃତିକ କାର୍ଯ୍ୟକ୍ରମ ପରିବେଷଣ କରାଯାଇଥିଲା ବେଳେ ଉଦ୍‌ଯାପନୀ ସନ୍ଧ୍ୟାରେ ମା' ଦୁର୍ଗାଙ୍କ ଆଧାତ୍ମିକ ସଙ୍ଗୀତରେ ଫ୍ୟାଶନ ଶୋ' ପ୍ରଦର୍ଶନ କରିବା ଘଟଣା ଓଡ଼ିଆ ଅସ୍ମିତା ଓ ସଂସ୍କୃତିକୁ ଅସମ୍ମାନ ଓ ଅଣଦେଖା କରିବା ଘଟଣାରେ କୋଣାର୍କ ଅଞ୍ଚଳର ବୁଦ୍ଧିଜୀବୀ, ସଚେତନ ନାଗରିକ, ସଂସ୍କୃତିପ୍ରେମୀ ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଉଦ୍‌ଯାପନୀ ସନ୍ଧ୍ୟାରେ ଉପମୁଖ୍ୟମନ୍ତ୍ରୀ ପ୍ରଭାତୀ ପରିଡ଼ାଙ୍କ ଉପସ୍ଥିତିରେ ଓଡ଼ିଆ ଅସ୍ମିତାର ବିରୋଧୀ ଓ ଓଡ଼ିଆ ଅସ୍ମିତାକୁ ଅସମ୍ମାନ ପ୍ରଦର୍ଶନ କରି ମା' ଦୁର୍ଗାଙ୍କ ଆଧାତ୍ମିକ ସଙ୍ଗୀତରେ ଫ୍ୟାଶନ ଶୋ ପ୍ରଦର୍ଶନ ସାଧାରଣରେ ନାପସନ୍ଦ କରାଯାଇ ସଂସ୍କୃତିବିରୋଧୀ କାର୍ଯ୍ୟକଳାପକୁ ପ୍ରୋତ୍ସାହିତ କରୁଛି ବୋଲି ବୁଦ୍ଧିଜୀବୀ ମହଲରେ ତୀବ୍ର ଅସନ୍ତୋଷ ପ୍ରକାଶ ପାଇଛି। ଏହି ଘଟଣାର ଉଚ୍ଚସ୍ତରୀୟ ତଦନ୍ତ ପାଇଁ ଦାବି ହେଉଛି।

## ସଂକ୍ଷେପରେ

### ଗାଡ଼ି ଧକ୍କାରେ ବାଇକ୍ ଚାଳକ ମୃତ

ବଳଙ୍ଗା,୮।୧୨(କେଦାରେଶ୍ୱର ନନ୍ଦ)

ବଳଙ୍ଗା-ନିମାପଡା ରାସ୍ତାର ସାଇ ସନ୍ତୋଷୀ ହସ୍ପିଟାଲ ସାମ୍ନାରେ ସୋମବାର ଅଜଣା ଗାଡ଼ି ଧକ୍କାରେ ଜଣେ ବାଇକ ଚାଳକଙ୍କ ମୃତ୍ୟୁ ଘଟିଛି। ମୃତ ଯୁବକ ଜଣଙ୍କ ହେଲେ ବ୍ରହ୍ମଗିରି ଥାନା ଅଞ୍ଚଳର କହ୍ନେଇ ଦାଶ। ସେ ନିମାପଡ଼ା ଥାନା ଅନ୍ତର୍ଗତ ଉହାଙ୍ଗ ଗ୍ରାମରେ ମାମୁଘରେ ରହୁଥିଲେ। ତାଙ୍କ ବୋଉଙ୍କୁ ନିଜ ଗାଁ ବ୍ରହ୍ମଗିରି ଅଞ୍ଚଳରେ ଛାଡ଼ି ସନ୍ଧ୍ୟାରେ ଫେରୁଥିଲେ। ହସ୍ପିଟାଲ ସାମ୍ନାରେ ନିମାପଡ଼ାରୁ ବଳଙ୍ଗା ଅଭିମୁଖେ ଯାଉଥିବା ଏକ ଗାଡ଼ି ତାଙ୍କୁ ଧକ୍କା ଦେଇଥିଲା। ଫଳରେ କହ୍ନେଇ ୧୦ଫୁଟ ପର୍ଯ୍ୟନ୍ତ ଛିଟିକି ପଡ଼ିଥିଲା ବେଳେ ତାଙ୍କ ହାତ ଓ ଗୋଡ଼ ସମ୍ପୂର୍ଣ୍ଣ ଭାଙ୍ଗି ଯାଇଥିଲା। ଖବରପାଇ ବଳଙ୍ଗା ପୋଲିସ ପହଞ୍ଚି ଗୁରୁତର ଅବସ୍ଥାରେ ତାଙ୍କୁ ନିମାପଡ଼ା ଗୋଷ୍ଠୀ ସାସ୍ଥ୍ୟକେନ୍ଦ୍ରରେ ଭର୍ତ୍ତି କରିଥିଲେ। ସେଠାରେ ଡାକ୍ତର ତାଙ୍କୁ ମୃତଘୋଷଣା କରିଥିଲେ।

### ଶ୍ରୀଜଗନ୍ନାଥ ଜ୍ଞାନ ପରୀକ୍ଷା ପୁରସ୍କାର ଉତ୍ସବ

ପୁରୀ,୮।୧୨(ଅଜିତ୍ କୁମାର ମହାନ୍ତି)

ପୁରୀ ଅନ୍ତର୍ଜାତୀୟ ଚାରଣ ଗୋଷ୍ଠୀ ପକ୍ଷରୁ ରାଷ୍ଟ୍ରୀୟ ଶ୍ରୀଜଗନ୍ନାଥ ସଂସ୍କୃତି ଜ୍ଞାନ ପରୀକ୍ଷା ଓ ପୁରସ୍କାର ପ୍ରଦାନ ଉତ୍ସବ ଗୋଷ୍ଠୀର ମୁଖ୍ୟ କାର୍ଯ୍ୟାଳୟରେ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟସ୍ତରୀୟ ପ୍ରତିଯୋଗିତାରେ ଶ୍ରେଷ୍ଠ ସ୍ଥାନ ଅଧିକାର କରିଥିବା ୪୭ ଜଣ ପରୀକ୍ଷାର୍ଥୀଙ୍କୁ ନେଇ ଆଜି ଚୂଡ଼ାନ୍ତ ପରୀକ୍ଷା କରାଯାଇଥିଲା। ସେମାନଙ୍କ ମଧ୍ୟରୁ ନୟାଗଡ଼ର ଲିପ୍ସା ପ୍ରିୟଦର୍ଶିନୀ ସାହୁ ପ୍ରଥମ, ନୟାଗଡ଼ ଓଡ଼ଗାଁର ଗାୟତ୍ରୀ ସାହୁ ଦ୍ୱିତୀୟ ଏବଂ ଯାଜପୁର କୋରେଇର ମୋନାଲିସା ମଲ୍ଲିକ ତୃତୀୟ ସ୍ଥାନ ଅଧିକାର କରିଛନ୍ତି। ପୂର୍ବତନ ବିଧାୟକ ଜୟନ୍ତ ଷଡ଼ଙ୍ଗୀ, କୃଷ୍ଣଚନ୍ଦ୍ର ପୂଜାପଣ୍ଡା, ଭଗବାନ ସୁଆର, ଲୋକନାଥ ଦାସ ମହାପାତ୍ର ପ୍ରମୁଖ ଅତିଥି ଭାବେ ଯୋଗଦେଇଥିଲେ। ଚାରଣ ଗୋଷ୍ଠୀର ମୁଖ୍ୟ କର୍ମକର୍ତ୍ତା ଦଳପତି ଡ. ଗୋପାଳ ଚନ୍ଦ୍ର ରଥ, ଉପଦଳପତି ପଞ୍ଚାନନ ସ୍ୱାଇଁ, ସମ୍ପାଦକ ଗୋବିନ୍ଦ ଚନ୍ଦ୍ର ବେହେରା, ପରୀକ୍ଷା ସମ୍ପାଦକ ଶ୍ରୀରାମକୃଷ୍ଣ ସାହୁ, ନିରାକାର ସ୍ୱାଇଁ, ଗୋଦାବରୀଶ ବସନ୍ତିଆ, ମୁରଲୀଧର ଦାଶ ସହ-ସମ୍ପାଦକ, ବିପିନ ବିହାରୀ ତ୍ରିପାଠୀ କୋଷାଧ୍ୟକ୍ଷ ଓ ପ୍ରଭାତ ଚନ୍ଦ୍ର ମିଶ୍ର ପୁରୀ ଆଶ୍ରମ ତତ୍ତ୍ୱାବଧାରକ ପ୍ରମୁଖ ଉପସ୍ଥିତ ଥିଲେ। ସୁରେଶ ଚନ୍ଦ୍ର ବରାଡ଼ ପୁରସ୍କାର ଉତ୍ସବ ସଂଯୋଜନା କରିଥିଲେ।

### ପ୍ଲାଷ୍ଟିକ ପ୍ରଦୂଷଣ ସଚେତନତା କାର୍ଯ୍ୟକ୍ରମ

ଟାଙ୍ଗୀ,୮।୧୨(ରଘୁନାଥ ସାହୁ)

ଟାଙ୍ଗୀସ୍ଥିତ ଓଡ଼ିଶା ଆଦର୍ଶ ବିଦ୍ୟାଳୟରେ ପରିବେଶ ସୁରକ୍ଷା ଅଭିଯାନ ସ୍ୱେଚ୍ଛାସେବୀ ସଙ୍ଗଠନ ଆନୁକୂଲ୍ୟରେ ଏକକ ପ୍ଲାଷ୍ଟିକ ପ୍ରଦୂଷଣ ରୋକିବା ସଂକ୍ରାନ୍ତ ସଚେତନତା କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି। ବିଦ୍ୟାଳୟର ଅଧ୍ୟକ୍ଷ ଭାଲେଣ୍ଟିନା ନାହାକ କାର୍ଯ୍ୟକ୍ରମକୁ ଉଦ୍‌ଘାଟନ କରିଥିଲେ। ମାର୍ଗଦର୍ଶକ ଭାବେ ଅବସରପ୍ରାପ୍ତ କମିଶନର ପ୍ରଦୀପ କୁମାର ରଥ, ଗୋପୀ କଲ୍ୟାଣ ମହାପାତ୍ର, ଅବସରପ୍ରାପ୍ତ ବ୍ୟାଙ୍କ ଅଧିକାରୀ ରଘୁନାଥ ପୃଷ୍ଟି, ଅବସରପ୍ରାପ୍ତ ପ୍ରଫେସର କଲ୍ୟାଣୀ ମହାନ୍ତି ପ୍ରମୁଖ ଯୋଗଦେଇଥିଲେ।

## ଓଡ଼ିଶା ଆର୍ଟ ଆଣ୍ଡ ଲିଟରେଚର୍ ଫେଷ୍ଟିଭାଲ୍ ଉଦ୍‌ଘାଟିତ


ପୁରୀ ସଂସ୍କୃତି ଭବନ ପରିସରରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ଅତିଥିଙ୍କ ଗହଣରେ କୃତୀ ପ୍ରତିଯୋଗୀ।

ପୁରୀ,୮।୧୨(ଅଜିତ୍ କୁମାର ମହାନ୍ତି)

ଧଉଳି ରିଭ୍ୟୁ ଟ୍ରଷ୍ଟ, ଭୁବନେଶ୍ୱର ଦ୍ୱାରା ଆୟୋଜିତ 'ଓଡ଼ିଶା ଆର୍ଟ ଆଣ୍ଡ ଲିଟରେଚର୍ ଫେଷ୍ଟିଭାଲ - ୨୦୨୫' ସ୍ଥାନୀୟ ସଂସ୍କୃତି ଭବନଠାରେ ସୋମବାର ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୁଖ୍ୟ ଅତିଥି ଭାବେ କେନ୍ଦ୍ର ସାହିତ୍ୟ ଏକାଡେମୀ ପୁରସ୍କାରପ୍ରାପ୍ତ କବି ଡ. ଫନୀ ମହାନ୍ତି ଯୋଗଦେଇ ଓଡ଼ିଆ କବିତା ସର୍ବଭାରତୀୟ ସ୍ତରରେ ତା'ର ସ୍ଥାନ ବଜାୟ ରଖିଛି। ଲେଖକ, ପାଠକ, ପ୍ରକାଶକ ଓ ସମ୍ପାଦକଙ୍କ ମଧ୍ୟରେ ସମନ୍ୱୟ ରହିଲେ ଓଡ଼ିଆ ସାହିତ୍ୟର ବିକାଶ ହେବ ବୋଲି ସେ କହିଥିଲେ। ଉଦ୍‌ଘାଟନୀ ଅଧିବେଶନରେ ଅନ୍ୟତମ ଅତିଥିଭାବେ ଗଙ୍ଗାଧର ମେହେର ବିଶ୍ୱବିଦ୍ୟାଳୟର ଭୀମ ଭୋଇ ରିସର୍ଚ୍ଚ ଚେୟାର ପ୍ରଫେସର ଡ. ସନ୍ତୋଷ କୁମାର ରଥ, ବରିଷ୍ଠ ପ୍ରଶାସନିକ ଅଧିକାରୀ ତଥା ଅନାମ କବି ନେତ୍ରାନନ୍ଦ ସାମନ୍ତରାୟ, କଥାଶିଳ୍ପୀ ପରେଶ ପଟ୍ଟନାୟକ ଏବଂ ବର୍ଷିଆନ୍ ସାହିତ୍ୟିକ ସହଦେବ ସାହୁ ପ୍ରମୁଖ ଯୋଗ ଦେଇଥିଲେ। ପ୍ରଥମ ଅଧିବେଶନରେ ଅନୁଷ୍ଠିତ 'ପୁରୀ: ଓଡ଼ିଶାର କଳା, ସାହିତ୍ୟ ଓ ସଂସ୍କୃତିର ପ୍ରାଣକେନ୍ଦ୍ର' ଶୀର୍ଷକ ଆଲୋଚନାଚକ୍ରରେ କବି ସୁଚେତା ମିଶ୍ର, କବି ଲକ୍ଷ୍ମୀକାନ୍ତ ତ୍ରିପାଠୀ ଏବଂ ସାହିତ୍ୟ ସମାଲୋଚକ ପବିତ୍ରମୋହନ ଦାଶ ଅଂଶଗ୍ରହଣ କରିଥିଲେ। ଦ୍ୱିତୀୟ ଅଧିବେଶନରେ 'ଅନାମ କବିତାରେ ସାମାଜିକ ଦାୟିତ୍ୱବୋଧ' ବିଷୟ ଉପରେ ଓଡ଼ିଆ ସାହିତ୍ୟ ଗବେଷକ ଡକ୍ଟର ସନ୍ତୋଷ କୁମାର ରଥ ବକ୍ତବ୍ୟ ରଖିଥିଲେ। ଉଦ୍‌ଯାପନୀ ଅଧିବେଶନରେ ଅଧ୍ୟାପିକା ପ୍ରିୟଦର୍ଶିନୀ ପଲେଇ ଏବଂ ସ୍ମୃତିକଳା ମହାନ୍ତିଙ୍କ ସଂଯୋଜନାରେ ସ୍ୱରଚିତ କବିତା ପାଠୋତ୍ସବ ଅନୁଷ୍ଠିତ ହୋଇ ୩୦ ଜଣ ପ୍ରତିଷ୍ଠିତ କବି କବିତା ପାଠ କରିଥିଲେ। ଓଡ଼ିଶା ଆର୍ଟ ଆଣ୍ଡ ଲିଟରେଚର୍ ଫେଷ୍ଟିଭାଲ ପୁରୀର ଆବାହକ ଶ୍ୟାମ ପ୍ରକାଶ ସେନାପତି ଓ କାମଦେବ ମହାରଣା ସମସ୍ତ ଅଧିବେଶନକୁ ସଞ୍ଚାଳନ କରିଥିଲେ। କାର୍ଯ୍ୟକ୍ରମରେ ବହୁ ସାହିତ୍ୟିକ, ବୁଦ୍ଧିଜୀବୀ ଏବଂ ବିଭିନ୍ନ ମହାବିଦ୍ୟାଳୟର ଛାତ୍ରୀଛାତ୍ରମାନେ ଉପସ୍ଥିତ ଥିଲେ।

### ୯୫ ବୋତଲ ମଦ ଜବତ, ୨ ଗିରଫ

ଯୋଗେଶ୍ୱରପୁର,୮।୧୨(ରଶ୍ମିରଞ୍ଜନ ସାହୁ)

ନୟାହାଟ ଫାଣ୍ଡି ଅନ୍ତର୍ଗତ ଶାସନ ଛକ ଓ ବାଲିଦେଣ୍ଡାଠାରେ ଥିବା ପାନ ଦୋକାନ ଉପରେ ପୋଲିସ ପକ୍ଷରୁ ଚଢ଼ାଉ କରି ୨ଜଣଙ୍କଠାରୁ ୯୫ ବୋତଲ ମଦ ଜବତ କରାଯାଇଛି। ନୟାହାଟ ଫାଣ୍ଡି ଅଧିକାରୀ ଶ୍ରୀଧର ମଲ୍ଲିକ ଗୋପ ଥାନା ଏସ୍‌ଆଇଙ୍କ ମିଳିତ ଉଦ୍ୟମରେ ବାଲିଦେଣ୍ଡାରୁ ଝୁଲିଆ ବେହେରାଙ୍କଠାରୁ ୭୦ ବୋତଲ ବିଦେଶୀ ମଦ ଓ ଶାସନ ଛକ ବଉଳାଙ୍ଗ ଗ୍ରାମରୁ ମାଧବ ଝୁଣ୍ଟିଆଙ୍କଠାରୁ ୨୫ ବୋତଲ ଦେଶୀ ମଦ ଜବତ କରାଯାଇଛି। ଏ ସଂକ୍ରାନ୍ତରେ ଗୋପ ଥାନା କେସ୍ ନମ୍ବର ୪୧୨/୨୫ ଓ ୪୧୩/୨୫ ରେ ଦୁଇଟି ମାମଲା ରୁଜୁ କରାଯାଇଛି।

### ପୋଲିସ ଆଇନର ୩୦ ଧାରା ୯୦ ଦିନ ପର୍ଯ୍ୟନ୍ତ ବଳବତ୍ତର

ପୁରୀ,୮।୧୨(ଅଜିତ୍ କୁମାର ମହାନ୍ତି)

ପୋଲିସ ଆଇନର ୩୦ ଧାରା ପୁରୀ ଜିଲାରେ ଲାଗୁ କରାଯାଇଛି। ଏହା ନଭେମ୍ବର ୨୩ ତାରିଖଠାରୁ ୨୦୨୬ ମସିହା ଫେବୃଆରୀ ୨୦ ତାରିଖ ୯୦ ଦିନ ପର୍ଯ୍ୟନ୍ତ ପୁରୀ ଜିଲାର ସମସ୍ତ ପୋଲିସ ଷ୍ଟେଶନ ଅଞ୍ଚଳ, ପୁରୀ ମ୍ୟୁନିସିପାଲ୍‌ଟି, ପିପିଲି, କୋଣାର୍କ ଓ ନିମାପଡ଼ା ଏନ୍‌ଏସି ଅଞ୍ଚଳରେ ବଳବତ୍ତର ରହିବ ବୋଲି ଏସ୍‌ପି ପ୍ରତୀକ ସିଂ ସୂଚନା ଦେଇଛନ୍ତି।

## ଜିଲାସ୍ତରୀୟ ବିଜ୍ଞାନ କୁଇଜ୍ ପ୍ରତିଯୋଗିତା



ଜିଲାସ୍ତରୀୟ ବିଜ୍ଞାନ କୁଇଜ୍ ପ୍ରତିଯୋଗିତାର କୃତୀ ଛାତ୍ରୀଛାତ୍ରମାନେ।

ପୁରୀ,୮।୧୨(ଅଜିତ କୁମାର ମହାନ୍ତି)

ପୁରୀ ଜିଲା ଶିକ୍ଷା ବିଭାଗ ଆନୁକୂଲ୍ୟରେ ସ୍ଥାନୀୟ ପୋଲିସ ସଂଯୁକ୍ତ ଉଚ୍ଚ ବିଦ୍ୟାଳୟ ପରିସରରେ ଜିଲାସ୍ତରୀୟ ବିଜ୍ଞାନ କୁଇଜ୍ ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଜିଲା ବିଜ୍ଞାନ ନିରୀକ୍ଷକ ଶ୍ରୀକୁମାର ଆଚାର୍ଯ୍ୟଙ୍କ ପ୍ରତ୍ୟକ୍ଷ ତତ୍ତ୍ୱାବଧାନରେ ଜିଲାର ୧୧ଟି ବ୍ଲକରୁ ମୋଟ ୨୨ଜଣ ପ୍ରତିଯୋଗୀ ଭାଗ ନେଇଥିଲେ। ପୋଲିସ ସଂଯୁକ୍ତ ଉଚ୍ଚ ବିଦ୍ୟାଳୟର ପ୍ରଧାନଶିକ୍ଷକ ଶିବରାମ ମିଶ୍ରଙ୍କ ଦ୍ୱାରା ପ୍ରତିଯୋଗିତା ଉଦ୍‌ଘାଟିତ ହୋଇଥିଲା। ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ମୁଖ୍ୟ ଅତିଥି ଭାବେ ଜିଲା ଶିକ୍ଷାଧିକାରୀ ଦୀପକ କୁମାର ପାଢ଼ୀ ଯୋଗଦେଇ କୃତୀ ଛାତ୍ରୀଛାତ୍ରଙ୍କୁ ପୁରସ୍କୃତ କରିଥିଲେ। କାର୍ଯ୍ୟକ୍ରମରେ ଅନ୍ୟମାନଙ୍କ ମଧ୍ୟରେ ଅତିରିକ୍ତ ଜିଲା ଶିକ୍ଷାଧିକାରୀ ଦ୍ୟୁତିକାନ୍ତ ପ୍ରଧାନ, ଶିକ୍ଷକ ଦେବବ୍ରତ ବେଦମାତା ଅତିଥି ଭାବେ ଯୋଗ ଦେଇଥିଲେ। ବିଜ୍ଞାନ କୁଇଜ୍ କନିଷ୍ଠ ବିଭାଗ ପ୍ରତିଯୋଗିତାରେ ବ୍ରହ୍ମଗିରି ଓଏଭିର ପ୍ରତୀକ ପ୍ରୀତମ ପରିଡ଼ା ପ୍ରଥମ, ବଳଗଣ୍ଡି ଉଚ୍ଚ ବିଦ୍ୟାଳୟର ଦେବାଶିଷ ମହାପାତ୍ର ଦ୍ୱିତୀୟ, ସୌଦାମିନୀ ପ୍ରଧାନ ତୃତୀୟ ଏବଂ ବରିଷ୍ଠ ବିଭାଗରେ ନିମାପଡ଼ା ଉଚ୍ଚବିଦ୍ୟାଳୟର ସୋମେଶ ପ୍ରତାପ ପ୍ରଧାନ ପ୍ରଥମ, ଲିପ୍ସା ଅବିଶିପ୍ସା ପଟ୍ଟନାୟକ ଦ୍ୱିତୀୟ, ଚିରଞ୍ଜୀବ ନାୟକ ତୃତୀୟ ସ୍ଥାନ ହାସଲ କରିଥିଲେ। ବିଚାରକ ଭାବେ ଶିକ୍ଷକ ପି. ରାକେଶ, ଗୌତମ ମହାପାତ୍ର, ମନୋରଞ୍ଜନ ନାୟକ, ଅଂଶୁମାନ ଚମ୍ପତିରାୟ କାର୍ଯ୍ୟ ତୁଲାଇଥିଲେ। ଶିକ୍ଷକ ଉମାକାନ୍ତ ମିଶ୍ର ମଞ୍ଚ ପରିଚାଳନା କରିଥିଲେ। ଆୟନ ଚକ୍ରବର୍ତ୍ତୀ, ନିରଞ୍ଜନ ସେଠୀ, ହିରଣ୍ୟ ସେଠୀ ସଭାକାର୍ଯ୍ୟରେ ସହଯୋଗ କରିଥିଲେ। ଶେଷରେ ବିଜ୍ଞାନ ନିରୀକ୍ଷକ ଶ୍ରୀକୁମାର ଆଚାର୍ଯ୍ୟ ଧନ୍ୟବାଦ ଦେଇଥିଲେ।

## ଜିଲାସ୍ତରୀୟ ଅଭିଯୋଗ ଶୁଣାଣି

ପୁରୀ/ଅସ୍ତରଙ୍ଗ/କାକଟପୁର,୮।୧୨
(ଅଜିତ୍ କୁମାର ମହାନ୍ତି/ ପ୍ରଦୀପ୍ତ କୁମାର ଦୀକ୍ଷିତ/ମମତା ଜେନା/ ଶୁଭଦର୍ଶନ ମିଶ୍ର)

ପୁରୀ ଜିଲାସ୍ତରୀୟ ଅଭିଯୋଗ ଶୁଣାଣି ଶିବିର ସୋମବାର ଅସ୍ତରଙ୍ଗ ବ୍ଲକ ସମ୍ମିଳନୀ କକ୍ଷରେ ଅତିରିକ୍ତ ଜିଲାପାଳ (ପ୍ରଶାସନ) ଶରତ ଚନ୍ଦ୍ର ବେହେରାଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ହୋଇଯାଇଛି। ଏଥିରେ ମୋଟ ୨୦୧ଟି ଅଭିଯୋଗ ମିଳିଥିଲା। ସେଥିରୁ ୧୮୯ ଗୋଟି ବ୍ୟକ୍ତିଗତ, ୧୦ ଗୋଟି ଗ୍ରାମ ସମ୍ବନ୍ଧୀୟ, ମୁଖ୍ୟମନ୍ତ୍ରୀ ରିଲିଫ୍ ପାଣ୍ଠିରୁ ସହାୟତା ସମ୍ପର୍କରେ ୧ଟି ଓ ରେଡକ୍ରସରୁ ସହାୟତା ସମ୍ପର୍କରେ ୧ଟି ଅଭିଯୋଗ ରହିଥିଲା। ତତ୍‌କ୍ଷଣାତ ୭ ଗୋଟିର ସମାଧାନ କରାଯାଇଥିଲା। ଅନ୍ୟ ଅଭିଯୋଗଗୁଡ଼ିକର ଆଇନ ଅନୁସାରେ ସମାଧାନ ପାଇଁ ସମ୍ପୃକ୍ତ ବିଭାଗଗୁଡ଼ିକୁ ପ୍ରେରଣ କରାଯାଇଥିଲା। ଏହି ଶୁଣାଣିରେ ସିଡିଏମ୍‌ଓ ଡ. ଅକ୍ଷୟ କୁମାର ଶତପଥୀ, ନିମାପଡ଼ା ପୋଲିସ ଏସ୍‌ଡିପିଓ ଜନାର୍ଦ୍ଦନ ପାଢ଼ୀ, ଅସ୍ତରଙ୍ଗ ବିଡିଓ ସସ୍ମିତା ବେହେରା, ତହସିଲଦାର ପ୍ରିୟଙ୍କା ପ୍ରିୟଦର୍ଶିନୀ ପତି, ଡେପୁଟି କଲେକ୍ଟର ଅନୁସ୍ରବ ଗନ୍ତାୟତ, ଅଭିଯୋଗ ଶୁଣାଣି ଅଧିକାରୀ ବିବେକାନନ୍ଦ ସାହୁ ଓ ଅନ୍ୟ ଜିଲାସ୍ତରୀୟ ଅଧିକାରୀ ଯୋଗ ଦେଇଥିଲେ। ଆସନ୍ତା ୧୫ ତାରିଖରେ ପିପିଲି ବ୍ଲକ, ୨୨ ତାରିଖରେ ଡେଲାଙ୍ଗ ବ୍ଲକ ଓ ୨୯ ତାରିଖରେ ଗୋପ ବ୍ଲକ ସମ୍ମିଳନୀ ଗୃହରେ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହେବ ବୋଲି ଅଭିଯୋଗ ପ୍ରକୋଷ୍ଠ ସୂତ୍ରରୁ ପ୍ରକାଶ।

## ନୃତ୍ୟ, ସଙ୍ଗୀତ ଦ୍ୱାରା ଦିବ୍ୟାଙ୍ଗ ପିଲାଙ୍କ ଭାବନାତ୍ମକ କୌଶଳ ବୃଦ୍ଧି ହୋଇଥାଏ

ଗୋପ,୮।୧୨(ଭାରତୀ ଭୂଷଣ ଉପାଧ୍ୟାୟ)




ସମାଜରେ ଦିବ୍ୟାଙ୍ଗ ପ୍ରତିଭାଙ୍କୁ ଲୋକଲୋଚନକୁ ଆଣିବାରେ ଆମେ ସବୁବେଳେ ଚେଷ୍ଟିତ। ନୃତ୍ୟ, ସଙ୍ଗୀତ ଦ୍ୱାରା ପିଲାମାନଙ୍କର ସାମାଜିକ ଓ ଭାବନାତ୍ମକ କୌଶଳ ବୃଦ୍ଧି କରିଥାଏ ବୋଲି ରବିବାର ଗୋପ ସନ୍ନିକଟ ମାଟିଆଖାତସ୍ଥିତ ମୁକ୍ତି ଇନ୍‌ଷ୍ଟିଚ୍ୟୁଟରେ ଆୟୋଜିତ କାର୍ଯ୍ୟକ୍ରମରେ ପ୍ରତିଷ୍ଠାତା ଅଶୋକ ନନ୍ଦ କହିଥିଲେ। ଏହି ଅବସରରେ କୋରାପୁଟ ଜିଲାର ପଟାଙ୍ଗୀ, ଜୟପୁର, ମାଲକାନଗିରି ଜିଲାର ଗୋବିନ୍ଦପାଲି, ନବରଙ୍ଗପୁର ଜିଲାର ଉମରକୋଟ, କଳାହାଣ୍ଡି ଜିଲାର ଧର୍ମଗଡ଼ ଇନ୍‌ଷ୍ଟିଚ୍ୟୁଟ୍‌ର ଶତାଧିକ ଦିବ୍ୟାଙ୍ଗ ଛାତ୍ରୀଛାତ୍ର ଯୋଗଦେଇ ନୃତ୍ୟ, ସଙ୍ଗୀତ ମାଧ୍ୟମରେ ଭାବର ଆଦାନ ପ୍ରଦାନ କରିଥିଲେ। ମୁକ୍ତି ଇନ୍‌ଷ୍ଟିଚ୍ୟୁଟର ଅଧ୍ୟକ୍ଷ ଗଣେଶ ଚନ୍ଦ୍ର ଦାଶ, ସ୍ୱତନ୍ତ୍ର ଶିକ୍ଷୟିତ୍ରୀ ରୀତା ମିଶ୍ର, ଶୁଭଶ୍ରୀ ମହାରଣା, ବନିତା ଦାସ, ଲକ୍ଷ୍ମୀପ୍ରିୟା ଦାସ ଯୋଗଦେଇ ଦିବ୍ୟାଙ୍ଗ ଛାତ୍ରୀଛାତ୍ର ଗୀତ ଶୁଣନ୍ତି, ଗୀତ ଗାଆନ୍ତି, ବାଦ୍ୟଯନ୍ତ୍ର ବଜାନ୍ତି, ସେମାନଙ୍କ ବୃଦ୍ଧି ସକ୍ରିୟ ହୋଇଥିବା ବେଳେ ନିଜର ଦୈନନ୍ଦିନର କାର୍ଯ୍ୟ ଠିକ୍ ଭାବେ କରିପାରିଥାନ୍ତି ବୋଲି ମତବ୍ୟକ୍ତ କରିଥିଲେ। ଏହି ଅବସରରେ ବିଭିନ୍ନ ଜିଲାରୁ ଆସିଥିବା ଦିବ୍ୟାଙ୍ଗ ଛାତ୍ରୀଛାତ୍ର ବିଭିନ୍ନ ନୃତ୍ୟ ସଙ୍ଗୀତ ସହିତ ଅନ୍ୟାନ୍ୟ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଥିଲା।

## ସେଣ୍ଟ୍ ଜାଭିୟର ହାଇସ୍କୁଲ ବାର୍ଷିକ ଉତ୍ସବ ଉଦ୍‌ଯାପିତ

ପିପିଲି,୮।୧୨(ଦୁର୍ଗା ମାଧବ ମିଶ୍ର)

ପିପିଲିସ୍ଥିତ ସେଣ୍ଟ୍ ଜାଭିୟର ହାଇସ୍କୁଲର ବାର୍ଷିକ ଉତ୍ସବ ସୋମବାର ଉଦ୍‌ଯାପିତ ହୋଇଯାଇଛି। ଦ୍ୱିତୀୟ ସନ୍ଧ୍ୟାରେ ଅଧ୍ୟକ୍ଷା ସୀମିତା ତ୍ରିପାଠୀଙ୍କ ଅଧ୍ୟକ୍ଷତାରେ ମୁଖ୍ୟ ଅତିଥି ଭାବେ ପିପିଲି ସାଂସ୍କୃତିକ ପରିଷଦ ସମ୍ପାଦକ ରମେଶ ମହାପାତ୍ର ଏବଂ ମୁଖ୍ୟବକ୍ତା ଭାବେ ପିପିଲି ବ୍ଲକର ବରିଷ୍ଠ ବିଜ୍ଞାନ ଶିକ୍ଷକ ହେମନ୍ତ ପ୍ରଧାନ ଯୋଗଦେଇ ଜୀବନରେ ଜଣେ ଜଣେ ଭଲ ମଣିଷ ହୋଇ ଗଢ଼ିତୋଳିବା ପାଇଁ ପରାମର୍ଶ ଦେଇଥିଲେ। ପୂର୍ବରୁ ଅନୁଷ୍ଠିତ ବିଭିନ୍ନ ପ୍ରତିଯୋଗିତାର କୃତୀ ପ୍ରତିଯୋଗୀଙ୍କୁ ଅତିଥିମାନେ ମାନପତ୍ର ଦେଇ ସମ୍ବର୍ଦ୍ଧିତ କରିଥିଲେ। ଛାତ୍ରୀଛାତ୍ରଙ୍କୁ ସୁନ୍ଦର ଶୈଳୀରେ ପଢ଼ାଉଥିବା ୨ ଶିକ୍ଷୟିତ୍ରୀ ସ୍ନିଗ୍ଧା ଚାଉଡ଼ା ଏବଂ ଖୁଶବୁ ଅଗ୍ରୱାଲଙ୍କୁ ଅତିଥିମାନେ ସମ୍ବର୍ଦ୍ଧିତ କରିଥିଲେ। ଏହି ଅବସରରେ ଚଳିତବର୍ଷ ମାଟ୍ରିକ୍ ଟପ୍ପର ପ୍ରତୀକ୍ଷା ଶ୍ୱେତପଦ୍ମାଙ୍କୁ ବିଦ୍ୟାଳୟ ତରଫରୁ ବେଷ୍ଟ ଷ୍ଟୁଡେଣ୍ଟ ଆୱାର୍ଡ ଏବଂ ସାମାଜିକ ଅନୁଷ୍ଠାନ ଆମିତି ଇଣ୍ଡିଆ ଚାରିଟେବଲ୍ ଟ୍ରଷ୍ଟ ପକ୍ଷରୁ ବିଦ୍ୟାରତ୍ନ ସମ୍ମାନରେ ସମ୍ମାନିତ କରାଯାଇଥିଲା। ବିଦ୍ୟାଳୟ ସମ୍ପାଦକ ଅଜୟ ମିଶ୍ର ବିବରଣୀ ପାଠ ଏବଂ ଉପାଧ୍ୟକ୍ଷା ଆଭାରାଣୀ ପଣ୍ଡା ଧନ୍ୟବାଦ ଦେଇଥିଲେ। ଶେଷରେ ପିଲାମାନଙ୍କ ଦ୍ୱାରା ସାଂସ୍କୃତିକ କାର୍ଯ୍ୟକ୍ରମ ହୋଇଥିଲା। ସମସ୍ତ କାର୍ଯ୍ୟକ୍ରମକୁ ଶିକ୍ଷୟିତ୍ରୀ ଅନିତା ଦାଶ, ମୀନାକ୍ଷୀ ସାହୁ, ଅପ୍‌ସନା ଖାତୁନ, ରଶ୍ମିତା ଜେନା, ଶ୍ୱେତପଦ୍ମା ପ୍ରଧାନ, ବାଣୀ ବନ୍ଦନା ଲେଙ୍କା, ସଙ୍ଗୀତା ପଟ୍ଟନାୟକ ଏବଂ ଉତ୍କଳିକା ମିଶ୍ର ପ୍ରମୁଖ ପରିଚାଳନା କରିଥିଲେ।

# କଲେଜରେ ସିସିଟିଭି ଅଚଳ ଅଭିଯୋଗ

ଗୋପ,୮।୧୨(ଭାରତୀ ଭୂଷଣ ଉପାଧ୍ୟାୟ)

■ ଅଧ୍ୟକ୍ଷା କହିଲେ ଗୋଟିଏ ଚାଲୁଛି, ଗୋଟିଏ ଅଚଳ

■ ଦୁଇ ଗୋଟି ଶ୍ରେଣୀଗୃହରେ ୧୨୮ ପରୀକ୍ଷାର୍ଥୀ

ସରକାର ପରୀକ୍ଷାଗୁଡ଼ିକ ଉପରେ ଅଧିକ ସ୍ୱଚ୍ଛତା ଆଣିବା ପାଇଁ ବ୍ୟାପକ ପଦକ୍ଷେପ ନେଉଥିବା ବେଳେ ସିସିଟିଭି କ୍ୟାମେରା ଲଗାଇବା ବାଧ୍ୟତାମୂଳକ ହୋଇଛି। ସୋମବାର ଗୋପ ମହାବିଦ୍ୟାଳୟରେ ଉତ୍କଳ ବିଶ୍ୱବିଦ୍ୟାଳୟ ଅଧୀନରେ ଚାଲିଥିବା ଯୁକ୍ତ ୩ ଶେଷବର୍ଷ ୫ମ ସେମିଷ୍ଟର ପରୀକ୍ଷାରେ ଅନିୟମିତତା ହେବା ସହ ଅଚଳ ସିସିଟିଭିରେ ପରୀକ୍ଷାର୍ଥୀମାନେ ପରୀକ୍ଷା ଦେଇଥିବା ଜଣାପଡ଼ିଛି। ଏପରିକି ସରକାରୀ ନିର୍ଦ୍ଦେଶକୁ ଖୁଲମଖୁଲା ଉଲ୍ଲଂଘନ କରାଯାଇ ପରୀକ୍ଷା କରାଯାଇଥିବା ବେଳେ ୧୨୮ ଛାତ୍ରୀଛାତ୍ର ଏହି ପରୀକ୍ଷା ଦେଇଛନ୍ତି।

ପ୍ରକାଶ ଯେ, ଏହି କଲେଜରେ ବ୍ୟାପକ ଅବ୍ୟବସ୍ଥା ଲାଗି ରହିଥିବା ବେଳେ ଯୁକ୍ତ ୩ ଶେଷବର୍ଷ ୫ମ ସେମିଷ୍ଟର ପରୀକ୍ଷାରେ ମଧ୍ୟ ଅଧିକ ଅବ୍ୟବସ୍ଥା ଦେଖାଦେଇଛି। ଗୋପ ମହାବିଦ୍ୟାଳୟରେ ବହୁପୂର୍ବରୁ ସିସିଟିଭି କ୍ୟାମେରା ଲାଗିଥିବାବେଳେ କିପରି ଓ କାହିଁକି ସରକାରୀ ନିୟମକୁ ଖୁଲମଖୁଲା ଉଲ୍ଲଂଘନ କରାଯାଇ ସିସିଟିଭି ସଚଳ କରାଯାଇନାହିଁ, ତାହା ଏବେ ସାଧାରଣରେ ପ୍ରଶ୍ନବାଚୀ ସୃଷ୍ଟି କରିଛି। ସୋମବାର ପୂର୍ବାହ୍ନ ୧୦ଟାରେ ଯୁକ୍ତ ୩ ଶେଷବର୍ଷ କଳା ବିଭାଗର ୧୧୨ ଛାତ୍ରୀଛାତ୍ର ପରୀକ୍ଷା ଦେଉଥିବା ବେଳେ ବିଜ୍ଞାନ ବିଭାଗର ୧୬ ଛାତ୍ରୀଛାତ୍ର ଏହି ୫ମ ସେମିଷ୍ଟର ପରୀକ୍ଷା ୨ଟି ଶ୍ରେଣୀଗୃହରେ ପରୀକ୍ଷା ଦେଉଥିଲେ। ହେଲେ ୨ଟି ଶ୍ରେଣୀଗୃହ ମଧ୍ୟରୁ ଗୋଟିଏ ଶ୍ରେଣୀଗୃହରେ ସିସିଟିଭି ସଚଳ ଥିବାବେଳେ ଗୋଟିଏ ଅଚଳ ଥିବା କଲେଜ ଅଧ୍ୟକ୍ଷା ପ୍ରିୟମ୍ବଦା ପଣ୍ଡା ସୂଚନା ଦେଇଥିଲେ। ହେଲେ ପ୍ରକୃତପକ୍ଷେ ସମସ୍ତ ସିସିଟିଭିକୁ ଅଚଳ କରାଯାଇଥିବା ଜଣାପଡ଼ିଛି। ଅପରପକ୍ଷରେ ଏହି ସିସିଟିଭିକୁ ଅଚଳ କରାଯାଇ ବ୍ୟାପକ ଭାବରେ କପି କରାଯାଉଥିବା ମଧ୍ୟ ଜଣାପଡ଼ିଛି। ପରୀକ୍ଷା ନିୟନ୍ତ୍ରଣ କରୁଥିବା ସ୍କ୍ୱାଡ୍ ଏପରି ଏକ ଅଭିଯୋଗ ଉପରେ ଗୁରୁତ୍ୱ ଦେବାକୁ ଦାବି କରାଯାଇଥିବା ବେଳେ ଗୋଟିଏ ବେଞ୍ଚରେ ୩/୪ ଜଣ ଛାତ୍ରୀଛାତ୍ର ବସି ପରୀକ୍ଷା ଦେବା ମଧ୍ୟ ସମସ୍ତଙ୍କୁ ଚକିତ କରିଛି। ଏପରି ଏକ ଗୁରୁତ୍ୱପୂର୍ଣ୍ଣ ପ୍ରସଙ୍ଗରେ ଉତ୍କଳ ବିଶ୍ୱବିଦ୍ୟାଳୟ କର୍ତ୍ତୃପକ୍ଷ, ବିଭାଗୀୟ ଉଚ୍ଚଶିକ୍ଷା ମନ୍ତ୍ରୀ ଦୃଷ୍ଟିଦେବାକୁ ଦାବି ହୋଇଛି। ଏ ସମ୍ପର୍କରେ ପରୀକ୍ଷା ପରିଚାଳନା କରୁଥିବା ସୁପରିଣ୍ଟେଣ୍ଡେଣ୍ଟ ପ୍ରତିମା ଦେଇଙ୍କୁ ପଚାରିବାରେ କୌଣସି ସନ୍ତୋଷଜନକ ଉତ୍ତର ମିଳି ନ ଥିଲା।


ପୁରୀ ସମଙ୍ଗ ନିକଟରେ ଖାଦ୍ୟ ଅନ୍ୱେଷଣରେ ବିଲ ମଝିରେ ବସି ରହିଥିବା ପକ୍ଷୀମାନଙ୍କର ମନୋରମ ଦୃଶ୍ୟ।



ପୁରୀ ୟୁଥ୍ ହଷ୍ଟେଲ୍ ପରିସରରେ ପୀତବାସ ମିଶ୍ରଙ୍କ ରଚିତ ପୁସ୍ତକ 'ନିକିତି ତଉଲରେ ମୋହନ ସରକାର'କୁ ଅତିଥିମାନେ ଉନ୍ମୋଚନ କରୁଛନ୍ତି।



ବିନାୟକ ବିଦ୍ୟାମନ୍ଦିରର ବାର୍ଷିକ କ୍ରୀଡ଼ା ପ୍ରତିଯୋଗିତାରେ କୃତିତ୍ୱ ହାସଲ କରିଥିବା ଛାତ୍ର।

# ଘରକୁ ଡାକି ମହିଳାଙ୍କୁ ବଳାତ୍କାର

**ପଡ଼ୋଶୀ ମହିଳାଙ୍କୁ ଚାଉଳ ଚୂନା କରିଦେବାକୁ କହି ଘରକୁ ଡାକିଲେ। ପରେ ସ୍ତ୍ରୀଙ୍କ ସହଯୋଗରେ ଉକ୍ତ ମହିଳାଙ୍କୁ ଘର ଭିତରେ ବଳାତ୍କାର କଲେ। ଏପରି କି ଅଭିଯୁକ୍ତ ବଳାତ୍କାର କରୁଥିବା ସମୟରେ ତାଙ୍କ ସ୍ତ୍ରୀ ଏହାର ଭିଡିଓ ଉତ୍ତୋଳନ କରିଥିଲେ। ଯେତେବେଳେ ଡାକିଲେ ଆସିବୁ, ନଚେତ୍ ଭିଡିଓ ଭାଇରାଲ୍ କରିଦେବାର ଧମକ୍ ଦେଲେ। ଏଭଳି ଏକ ଅଭାବନୀୟ ଘଟଣା ବାଲେଶ୍ୱର ଜିଲା ସିଂଲା ଥାନା ଅନ୍ତର୍ଗତ କଷାଫଳ ଗ୍ରାମରେ ଘଟିଛି। ଘଟଣାଟି ଗତ ୨୮ତାରିଖରେ ଘଟିଥିବାବେଳେ ଏହାକୁ ଚପାଇ ଦେବାପାଇଁ ପୀଡ଼ିତା ମହିଳାଙ୍କ ଉପରେ ଚାପ ପକାଯାଇଥିଲା। ଏପରି କି ସମ୍ପୃକ୍ତା ମହିଳା ଗତ ୩ତାରିଖରେ ଏତଲା ଦେଇଥିଲେ ସୁଦ୍ଧା ପୋଲିସ ମାମଲା ରୁଜୁ କରି ନ ଥିଲା। ପରେ ବିଜେଡିର କେତେଜଣ ନେତା ପୋଲିସ ଡିଆଇଜି ପିନାକ ମିଶ୍ରଙ୍କୁ ଭେଟି ଘଟଣା ସମ୍ପର୍କରେ କହିବା ପରେ ପୋଲିସ ଗତ ୬ତାରିଖରେ ବଳାତ୍କାର ମାମଲା ରୁଜୁ କରିଥିଲା। ହେଲେ ଅଭିଯୁକ୍ତ ଗଣେଶ ରଣାଙ୍କୁ ଗିରଫ କରୁନାହିଁ। ରାଜନୈତିକ ଚାପରେ ପୋଲିସ ଅଭିଯୁକ୍ତଙ୍କୁ ସୁରକ୍ଷା ଦେଉଥିବା କୁହାଯାଉଥିବାବେଳେ ପୀଡ଼ିତା ଜଣେ ପୂର୍ବତନ ବିଧାୟକଙ୍କ ପୁତୁରା ବୋହୂ ବୋଲି ଜଣାପଡ଼ିଛି।**

■ ସ୍ୱାମୀ ବଳାତ୍କାର କରୁଥିବାବେଳେ ସ୍ତ୍ରୀ କଲେ ଭିଡିଓ

■ ଚାପରେ ଅଭିଯୁକ୍ତଙ୍କୁ ଧରୁନି ପୋଲିସ

ବାଲେଶ୍ୱର,୮।୧୨(ବାଞ୍ଛାନିଧି ଦେ)

ବାଲେଶ୍ୱର ଜିଲା ସିଂଲା ଥାନା ସାର୍ଥା ଫାଣ୍ଡି ଅନ୍ତର୍ଗତ କଷାଫଳ ଗ୍ରାମର ଗଣେଶ ଗତ ୨୮ ତାରିଖରେ ସେହି ଗ୍ରାମର ଜଣେ ମହିଳାଙ୍କୁ ଚୂନା (ଚାଉଳ ଗୁଣ୍ଡ) କୁଟିବା ପାଇଁ ଘରକୁ ଡାକିଥିଲେ। ଗଣେଶଙ୍କ ସ୍ତ୍ରୀ ମଧ୍ୟ ଘରେ ଥିଲେ। ଏହି ସମୟରେ ସ୍ୱାମୀଙ୍କ ପାଖରେ ଉକ୍ତ ମହିଳାଙ୍କୁ ଶୋଇବା ପାଇଁ ଗଣେଶଙ୍କ ସ୍ତ୍ରୀ କହିଥିଲେ। ମହିଳା ଜଣକ ରାଜି ନ ହୋଇ ପଳାଇ ଆସୁଥିବାବେଳେ ସମ୍ପୃକ୍ତ ଦମ୍ପତି ଜୋରଜବରଦସ୍ତ ତାଙ୍କୁ ଅଟକାଇଥିଲେ। ମହିଳାଙ୍କୁ ଗଣେଶ ବଳାତ୍କାର କରୁଥିବା ସମୟରେ ସ୍ତ୍ରୀ ମୋବାଇଲରେ ଭିଡିଓ ଉତ୍ତୋଳନ କରିଥିଲେ। ପୁଣି ଥରେ ତାଙ୍କ ସହ ସମ୍ପର୍କ ରଖିବାକୁ କହିଥିଲେ। ନହେଲେ ଭିଡିଓ ଭାଇରାଲ୍ କରିଦେବେ ବୋଲି ଧମକ ଦେଇଥିଲେ। ଏନେଇ ମହିଳା ଜଣକ ସେହିଦିନ ସାର୍ଥା ଫାଣ୍ଡିରେ ଲିଖିତ ଅଭିଯୋଗ କରିଥିଲେ। ହେଲେ ପୋଲିସ ମାମଲା ରୁଜୁ ନ କରି ମହିଳାଙ୍କୁ ଫେରାଇ ଦେଇଥିବା ଅଭିଯୋଗ ହୋଇଛି। ଏ ସମ୍ପର୍କରେ ଗତ ୬ ତାରିଖରେ ବିଜେଡିର ପୂର୍ବତନ ବିଧାୟକ ସ୍ୱରୂପ ଦାସ, ଜ୍ୟୋତି ପ୍ରକାଶ ପାଣିଗ୍ରାହୀ, ସୁକାନ୍ତ ନାୟକ ଓ ସୁଧାଂଶୁ ଶେଖର ପରିଡ଼ା ପ୍ରମୁଖ ପୂର୍ବାଞ୍ଚଳ ଡିଆଇଜି ମିଶ୍ରଙ୍କୁ ଭେଟି ଘଟଣା ସମ୍ପର୍କରେ ଆଲୋଚନା କରିଥିଲେ। ଏଭଳି ଏକ ସମ୍ବେଦନଶୀଳ ଘଟଣାରେ ପୋଲିସ ମାମଲା ରୁଜୁ ନ କରି ଚୁପ୍ ବସିଥିବା ଅଭିଯୋଗ କରିଥିଲେ। ଡିଆଇଜିଙ୍କ ନିର୍ଦ୍ଦେଶ କ୍ରମେ ଗତ ୬ ତାରିଖରେ ସିଂଲା ଥାନାରେ ଏକ ମାମଲା (ନଂ. ୨୮୬/୨୫) ରୁଜୁ ହୋଇଥିଲା। ଅପରପକ୍ଷରେ ଗଣେଶଙ୍କ ସ୍ତ୍ରୀ ମଧ୍ୟ ଥାନାରେ ପାଲଟା ଅଭିଯୋଗ କରିଥିଲେ। ମହିଳା ଜଣକ ତାଙ୍କ ସ୍ୱାମୀ ଗଣେଶଙ୍କ ସହ ଜୋରଜବରଦସ୍ତ ଶାରୀରିକ ସମ୍ପର୍କ ରଖିବା ଏବଂ ମହିଳାଙ୍କ ସ୍ୱାମୀ, ଦିଅର ମିଶି ମାରପିଟ୍ କରିବା ସହ ଘରେ ପଶି ଭଙ୍ଗାରୁଜା କରିବା ଏବଂ ସୁନା ମଙ୍ଗଳସୂତ୍ର ଓ ୨୦ହଜାର ଟଙ୍କା ନେଇଥିବା ଏତଲାରେ ଦର୍ଶାଇଥିଲେ। ଏନେଇ ଏକ ମାମଲା (ନଂ. ୨୮୭/୨୫) ରୁଜୁ ହୋଇଛି। ଅଭିଯୁକ୍ତ ଗଣେଶ ଫେରାର ଥିବାବେଳେ ଉଭୟପକ୍ଷର ଅନ୍ୟ ସମସ୍ତଙ୍କୁ ଥାନା ପକ୍ଷରୁ ନୋଟିସ୍ ଦିଆଯାଇଥିବା ପୋଲିସ କହିଛି। ଅପରପକ୍ଷରେ ଗଣେଶଙ୍କୁ ପୋଲିସ ରାଜନୈତିକ ଚାପରେ ଗିରଫ କରୁ ନ ଥିବା ଆଲୋଚନା ହେଉଛି।

# ୫ ଅଭିଯୁକ୍ତଙ୍କ ଚାର୍ଜଫ୍ରେମ୍, ୧୯ରେ ବିଚାର

## ଗୋପାଳପୁର ବେଳାଭୂମିରେ ଛାତ୍ରୀଙ୍କୁ ଗଣବଳାତ୍କାର ମାମଲା

ବ୍ରହ୍ମପୁର,୮।୧୨(ସୁବାସ ଚନ୍ଦ୍ର ପାଢ଼ୀ)

ଗଞ୍ଜାମ ଜିଲା ଗୋପାଳପୁର ବେଳାଭୂମିରେ ଛାତ୍ରୀଙ୍କୁ ଗଣବଳାତ୍କାର ମାମଲାର ତଦନ୍ତ କ୍ରାଇମବ୍ରାଞ୍ଚ କରୁଥିବା ବେଳେ ଅତିରିକ୍ତ ଜିଲା ଦୌରାଜଜ୍ (ଏଡିଜେ-୨) ଆୟୁଷ୍ମାନ ମହନ୍ତଙ୍କ କୋର୍ଟରେ ଏହାର ବିଚାର ଚାଲିଛି। ସୋମବାର ଚାର୍ଜଫ୍ରେମ୍ ପାଇଁ ଦିନ ଧାର୍ଯ୍ୟ ହୋଇଥିଲା। ଗିରଫ ପରଠାରୁ ବ୍ରହ୍ମପୁର ମଣ୍ଡଳ କାରାଗାରରେ ଥିବା ୫ ଅଭିଯୁକ୍ତ ପ୍ରମୋଦ ନାୟକ, କୁନାଲ ପ୍ରଧାନ, ବାବୁରାମ ଦଳାଇ, ଲକ୍ଷ୍ମଣ ପ୍ରଧାନ, ଦୀପକ ତରାଇଙ୍କୁ ପୋଲିସ କଡ଼ା ସୁରକ୍ଷାରେ ଆଣି କୋର୍ଟରେ ହାଜର କରିଥିଲା। ସେମାନଙ୍କ ବିରୋଧରେ କ୍ରାଇମବ୍ରାଞ୍ଚ ଯେଉଁସବୁ ଦଫା ଲଗାଇଛି ସେ ନେଇ ଜଜ୍ କହିଥିଲେ। ସେ ସବୁ ଚାର୍ଜଫ୍ରେମ୍ ହୋଇଛି ବୋଲି ଜଜ୍ ସେମାନଙ୍କୁ କହିଥିଲେ। ଆସନ୍ତା ୧୯ ତାରିଖରେ ପ୍ରଥମ ସାକ୍ଷୀ କୋର୍ଟରେ ହାଜର ହୋଇ ବୟାନ ରଖିବା ନିମନ୍ତେ କୋର୍ଟ ପକ୍ଷରୁ ଦିନ ଧାର୍ଯ୍ୟ କରାଯାଇଛି ବୋଲି ତଦନ୍ତକାରୀ ଅଧିକାରୀ ତଥା କ୍ରାଇମବ୍ରାଞ୍ଚ ଡିଏସ୍‌ପି ସରିତା ମହାପାତ୍ର ସୂଚନା ଦେଇଛନ୍ତି। ସରକାରଙ୍କ ପକ୍ଷରୁ ସ୍ୱତନ୍ତ୍ର ପିପି କାଳୀ ଚରଣ ମିଶ୍ର ଏହି ମାମଲା ପରିଚାଳନା କରୁଛନ୍ତି।

ସୂଚନାଯୋଗ୍ୟ, ଗତ ଜୁନ୍ ୧୫ ସନ୍ଧ୍ୟାରେ ଯୁକ୍ତ ୩ ଶେଷବର୍ଷ ଛାତ୍ରୀଙ୍କୁ ଗୋପାଳପୁର ବେଳାଭୂମିରେ ତାଙ୍କ ପୁରୁଷବନ୍ଧୁଙ୍କ ଆଗରେ ଗଣବଳାତ୍କାର କରାଯାଇଥିଲା। ଏନେଇ ଅଭିଯୋଗ ପରେ ଗୋପାଳପୁର ଥାନା ପୋଲିସ ନଂ.୧୮୬/୨୫ରେ ମାମଲା ରୁଜୁ କରିଥିଲା। ଜୁନ ୧୬ରେ ୬ ଜଣ ସାବାଳକଙ୍କୁ ଗିରଫ କରି କୋର୍ଟ ଚାଲାଣ କରିଥିବା ବେଳେ ୪ ନାବାଳକଙ୍କୁ ଧରି ଜୁଭେନାଇଲ ଜଷ୍ଟିସ୍ ବୋର୍ଡ (ଜେଜେବି)ରେ ହାଜର କରିଥିଲା। ରାଜ୍ୟ ସରକାରଙ୍କ ନିର୍ଦ୍ଦେଶରେ କ୍ରାଇମବ୍ରାଞ୍ଚ ଜୁନ୍ ୧୭ରେ ଉକ୍ତ ମାମଲାର ତଦନ୍ତ ଭାର ନେଇଥିଲା। ୪୪ ଦିନରେ କ୍ରାଇମବ୍ରାଞ୍ଚ ବ୍ରହ୍ମପୁର ଜେଏମଏଫସି (ଗ୍ରାମାଞ୍ଚଳ) ରିତିକା ଜେନା କୋର୍ଟରେ ୫୭୪ ପୃଷ୍ଠାର ଚାର୍ଜଶିଟ ଦାଖଲ କରିଥିଲେ। ସେଥିରେ ୫ଜଣ ସାବାଳକ ଯଥା ପ୍ରମୋଦ ନାୟକ, କୁନାଲ ପ୍ରଧାନ, ବାବୁରାମ ଦଳାଇ, ଲକ୍ଷ୍ମଣ ପ୍ରଧାନ, ଦୀପକ ତରାଇ ଓ ୪ ନାବାଳକଙ୍କୁ ଅଭିଯୁକ୍ତ ଦର୍ଶାଯାଇଥିଲା। ଅନ୍ୟତମ ଅଭିଯୁକ୍ତ ଓମ୍ ପ୍ରଧାନଙ୍କୁ ଚାର୍ଜଶିଟରୁ କ୍ରାଇମବ୍ରାଞ୍ଚ ବାଦ୍ ଦେଇଥିଲା। ଓମ୍‌ଙ୍କୁ ମାମଲାରୁ ଡିସଚାର୍ଜ କରିବାକୁ ତାଙ୍କ ଓକିଲ ତଳ କୋର୍ଟ ଓ ପରେ ଜିଲା ଜଜକୋର୍ଟରେ ପିଟିଶନ ଦାଖଲ କରିଥିଲେ। ଏଠାରେ ତାହା ଖାରଜ ପରେ ହାଇକୋର୍ଟରେ ବିଚାରାଧୀନ ରହିଛି।

# ନକଲି ସୁନାଶଙ୍ଖ ସହ ୬ ଗିରଫ

## ଡକାୟତି ଉଦ୍ୟମ ପଣ୍ଡକଲା ପୋଲିସ

ପାପଡ଼ାହାଣ୍ଡି,୮।୧୨(ସ୍ୱପ୍ନଜିତ ପଟ୍ଟନାୟକ)

ଜଙ୍ଗଲ ନିକଟରେ ଚାଲିଥିଲା ଡକାୟତି ଉଦ୍ୟମ, ଖବରପାଇ ମାଡ଼ି ବସିଲା ପୋଲିସ। ଘଟଣାସ୍ଥଳରୁ ୬ ଅଭିଯୁକ୍ତଙ୍କୁ ଗିରଫ କରାଯାଇଥିବାବେଳେ ମୁଖ୍ୟ ଅଭିଯୁକ୍ତ ଫେରାର ହୋଇଯାଇଛନ୍ତି। ଅଭିଯୁକ୍ତମାନଙ୍କଠାରୁ ଏକ ନକଲି ସୁନାଶଙ୍ଖ ସହ ଗୋଟିଏ କାର୍, ଅନେକ ମାରଣାସ୍ତ୍ର, ୯ ମୋବାଇଲ ଓ ନଗଦ ୧୪ହଜାର ୫୦୦ ଟଙ୍କା ମିଳିଥିବା ଏଏସ୍‌ପି ଆଦିତ୍ୟ ସେନ ସୋମବାର ଖବରଦାତା ସମ୍ମିଳନୀରେ ସୂଚନା ଦେଇଛନ୍ତି। ଗିରଫ ଅଭିଯୁକ୍ତମାନେ ହେଲେ ରାମ ଚାଲାଣ, ଗୋପାଳ ମାଝୀ, ଅସ୍ତୁ ମାଝୀ, କ୍ରିଷ୍ଣା ପନକା, ତ୍ରିପତି ବିଦ୍ଧାଣି, ଉମେଶ ରାଜ ଭାରତୀ। ଫେରାର ଅଭିଯୁକ୍ତ ହେଲେ ବଳରାମ ହରିଜନ।

ପୋଲିସ ସୂଚନାନୁଯାୟୀ, ଶନିବାର ରାତିରେ ମୈଦଲପୁର ଥାନା ଅଧିକାରୀ ବିପିନ କୁମାର କୁଲଦୀପଙ୍କ ଟିମ୍ ମୈଦଲପୁରସ୍ଥିତ ନୀଳାଦ୍ରିଗୁଡ଼ା ନିକଟରେ ପାଟ୍ରୋଲିଂ କରୁଥିଲେ। ଏହି ସମୟରେ କେତେଜଣ ଯୁବକ ମୈଦଲପୁର ଜଙ୍ଗଲରେ କାର୍ ରଖି କଥା ହେଉଥିବା ଦେଖି ପୋଲିସକୁ ସନ୍ଦେହ ହେବାରୁ ତାଙ୍କ ନିକଟରେ ପହଞ୍ଚି ପଚରାଉଚରା କରିଥିଲା। ଏହି ସମୟରେ ବଳରାମ ଘଟଣାସ୍ଥଳରୁ ଦୌଡ଼ିପଳାଇଥିଲେ। ଅନ୍ୟମାନଙ୍କୁ ପୋଲିସ କାବୁକରି ଯାଞ୍ଚ କରିବାବେଳେ ନକଲି ସୁନାଶଙ୍ଖ ସହ ମାରଣାସ୍ତ୍ର, ମୋବାଇଲ, ଟଙ୍କା ଆଦି ମିଳିଥିଲା। ପୋଲିସ ସେମାନଙ୍କୁ ଗିରଫକରି କୋର୍ଟ ଚାଲାଣ କରିଛି। ଖବରଦାତା ସମ୍ମିଳନୀରେ ପାପଡ଼ାହାଣ୍ଡି ଏସ୍‌ଡିପିଓ ସତ୍ୟଜିତ କାଣ୍ଡେଲକେଲ, ଆଇଆଇସି ବିପିନ କୁମାର କୁଲଦୀପ, ଏଏସ୍‌ଆଇ କମଳ ଲୋଚନ ନାୟକ ଓ ଲୋକେଶ କୁମାର ଭୋଇ ପ୍ରମୁଖ ଉପସ୍ଥିତ ଥିଲେ।



ଖବରଦାତା ସମ୍ମିଳନୀରେ ପୋଲିସ ଘଟଣା ଓ ଅଭିଯୁକ୍ତଙ୍କ ସମ୍ପର୍କରେ ସୂଚନା ଦେଉଛନ୍ତି।

# ୬୮ ଲକ୍ଷର ବ୍ରାଉନସୁଗାର ଜବତ, ମା' ପୁଅ ଗିରଫ

କାମାକ୍ଷାନଗର, ୮।୧୨ (ସୁଧୀର କୁମାର ପରିଡ଼ା)

ଢେଙ୍କାନାଳ ଜିଲା କାମାକ୍ଷାନଗର ଅବକାରୀ ବିଭାଗ ପକ୍ଷରୁ ରବିବାର ସନ୍ଧ୍ୟାରେ ମୁଣ୍ଡିଦେଉଳି ଅଞ୍ଚଳରେ ଚଢ଼ାଉ କରାଯାଇ ୬୮୦ ଗ୍ରାମ ବ୍ରାଉନସୁଗାର ଜବତ କରାଯାଇଛି, ଯାହାର ଆନୁମାନିକ ମୂଲ୍ୟ ୬୮ ଲକ୍ଷ ଟଙ୍କା ବୋଲି ଅବକାରୀ ବିଭାଗ ସୂଚନା ଦେଇଛି। ଏହି ଘଟଣାରେ ସଂପୃକ୍ତ ମା' ଓ ପୁଅଙ୍କୁ ଗିରଫ କରାଯାଇଛି। ଅନ୍ୟ ଜଣେ ପୁଅ ଘଟଣାସ୍ଥଳରୁ ଫେରାର ହୋଇଯାଇଛନ୍ତି।

ପ୍ରକାଶ ଯେ, କାମାକ୍ଷାନଗର ଥାନା କାଦୁଆ ପଞ୍ଚାୟତ ଗାଲୁକାଟେଣୀ ଗ୍ରାମର ମମତା ସାହୁ (୪୩) ଓ ତାଙ୍କ ପୁଅ ଆଶୁତୋଷ ମୁଣ୍ଡିଦେଉଳି ଅଞ୍ଚଳରେ ଏକ ଭଡ଼ା ଘର ନେଇ ବ୍ରାଉନସୁଗାର କାରବାର କରୁଥିଲେ। ଅବକାରୀ ବିଭାଗ ଓ ପୋଲିସକୁ ଚକ୍‌ମା ଦେଇ ଦୀର୍ଘଦିନ ଧରି ସେମାନେ ଏହି କାରବାର ଚଳାଇ ଆସୁଥିଲେ। ରବିବାର ସନ୍ଧ୍ୟାରେ ଅବକାରୀ ବିଭାଗ କୌଣସି ସୂତ୍ରରୁ ଖବର ପାଇ ଡିଏସ୍‌ପି ସାତ୍ୱନ କୁମାର ଭୋଳଙ୍କ ନେତୃତ୍ୱରେ କାମାକ୍ଷାନଗର ଅବକାରୀ ଥାନା ଅଧିକାରୀ ସୌରଭ ମିଶ୍ର, ଏସ୍‌ଆଇ ପୁରୁଷୋତ୍ତମ ମିଶ୍ର, ସୁନିତା କେରକେଟାଙ୍କ ସମେତ ଅନ୍ୟ କର୍ମଚାରୀମାନେ ଚଢ଼ାଉ କରିଥିଲେ। ସେମାନଙ୍କଠାରୁ ୬୮୦ ଗ୍ରାମର ବ୍ରାଉନସୁଗାର ଜବତ କରିବା ସହିତ ମା' ଓ ପୁଅଙ୍କୁ ଗିରଫ କରିଥିଲେ। ତେବେ ଏହି ବ୍ରାଉନସୁଗାର କେଉଁଠୁ ଆସୁଥିଲା ଓ କେଉଁଠାକୁ ଚାଲାଣ ହେଉଥିଲା ଏବଂ ଏହି କାରବାରରେ ରାଜ୍ୟ ବାହାର ବେପାରୀମାନଙ୍କ ସମ୍ପର୍କ ରହିଛି କି ନାହିଁ ସେ ନେଇ ଅବକାରୀ ବିଭାଗ ତଦନ୍ତ ଚଳାଇଛି।

# ବ୍ୟାଟ୍‌ରେ ଗଞ୍ଜେଇ ଚାଲାଣ, ୨ ବଙ୍ଗୀୟ ଯୁବକ ଗିରଫ

ବ୍ରହ୍ମପୁର, ୮।୧୨(ସୁବାସ ଚନ୍ଦ୍ର ପାଢ଼ୀ)

ଗଞ୍ଜେଇ ଚାଲାଣକାରୀମାନେ ବିଭିନ୍ନ ଉପାୟରେ ସେମାନଙ୍କ କାରବାର ଚଳାଇଛନ୍ତି। ସୋମବାର ୨ ଯୁବକ କ୍ରିକେଟ ବ୍ୟାଟ ଭିତରେ ଗଞ୍ଜେଇ ଚାଲାଣ କରୁଥିବା ବେଳେ ଧରାପଡିଛନ୍ତି।

ଖୋର୍ଦ୍ଧା ଡିଭିଜନ ରେଳ ସୁରକ୍ଷା ବଳ (ଆର୍‌ପିଏଫ)ର ସ୍ପେଶାଲ ଟାସ୍କ ଫୋର୍ସ ଗୋଇନ୍ଦା ସୂଚନା ଆଧାରରେ ବ୍ରହ୍ମପୁର ରେଳ ଷ୍ଟେଶନ ଫୁଟ ଓଭର ବ୍ରିଜରେ ଛିଡା ହୋଇଥିବା ୨ ଯୁବକଙ୍କୁ କାବୁ କରିଥିଲା। ସେମାନେ ଧରିଥିବା ଅଖା ବସ୍ତାଗୁଡିକ ଯାଞ୍ଚ କରିବାରୁ ସେଥିରେ ୧୦ଟି କ୍ରିକେଟ ବ୍ୟାଟ, ୧୩ଟି ଏୟାର ବ୍ୟାଗ ଥିବା ଜଣାପଡିଥିଲା। ବ୍ୟାଟଗୁଡିକ କାଟିବା ବେଳେ ତାହା ଭିତରୁ ଗଞ୍ଜେଇ ମିଳିଥିଲା। ସେହିପରି ବ୍ୟାଗଗୁଡିକରେ ମଧ୍ୟ ଗଞ୍ଜେଇ ରହିଥିଲା। ସେଠାରୁ ମୋଟ ୧୭କେଜି ୫୦୦ ଗ୍ରାମ ଗଞ୍ଜେଇ ଜବତ ହୋଇଛି। ପରେ ଉକ୍ତ ଟିମ୍ ଜିଆରପିରେ ଗଞ୍ଜେଇ ସହ ୨ ଅଭିଯୁକ୍ତଙ୍କୁ ଜିମା ଦେଇଥିଲା। ଅଭିଯୁକ୍ତ ଯୁବକ ହେଲେ ପଶ୍ଚିମବଙ୍ଗ ମୁର୍ଶିଦାବାଦର ଅଲ୍ଲୀ ହୁସେନ(୨୨) ଓ ରୋନି ଶେଖ(୨୦)। ପୋଲିସକୁ ଦେଖି ରୋନି ରେଳବାଇ ଫୁଟ ଓଭରବ୍ରିଜ ଉପରୁ ଡେଇଁ ଆହତ ହୋଇଥିବର ସୂଚନା ମିଳିଛି। ସେମାନେ କନ୍ଧମାଳରୁ ଗଞ୍ଜେଇ ଆଣି କେରଳ ଚାଲାଣ କରୁଥିଲେ। ବିବେକ ଏକ୍ସପ୍ରେସ ଟ୍ରେନରେ ବ୍ରହ୍ମପୁରରୁ ଏର୍ନାକୁଲମ ଯିବା ପାଇଁ ସେକେଣ୍ଡ କ୍ଲାସ ଏସିରେ ଟିକେଟ କରିଥିଲେ। ମାମଲା ନଂ. ୧୫୩/୨୫ରେ ଉଭୟଙ୍କୁ କୋର୍ଟ ଚାଲାଣ କରାଯାଇଛି।

## Business

# ସ୍ୱଚ୍ଛ ଶକ୍ତି ପରିବର୍ତ୍ତନକୁ ଇରେଡ଼ାର ଗୁରୁତ୍ୱ



ଭୁବନେଶ୍ୱର,୮।୧୨

ପୁରୀରେ ଅନୁଷ୍ଠିତ ଗ୍ଲୋବାଲ ଏନର୍ଜି ଲିଡର୍ସ ସମ୍ମିଳନୀ ୨୦୨୫ରେ ଭାରତୀୟ ଅକ୍ଷୟ ଶକ୍ତି ବିକାଶ ଏଜେନ୍ସି ଲିମିଟେଡ (ଇରେଡା)ର ଅଧ୍ୟକ୍ଷ ଓ ପରିଚାଳନା ନିର୍ଦ୍ଦେଶକ ପ୍ରଦୀପ କୁମାର ଦାସ ଯୋଗଦେଇଥିଲେ। 'ଗ୍ରିନ୍ ଆଣ୍ଡ କ୍ଲିନ୍: ବାଲାନ୍ସିଂ ଇକୋଲଜି ଆଣ୍ଡ ଇକୋନମି' ଶୀର୍ଷକ ପ୍ୟାନେଲରେ ପ୍ରଦୀପ କହିଥିଲେ, ସବୁଜ ଶକ୍ତି କ୍ଷେତ୍ରକୁ ଫାଇନାନ୍ସ ପ୍ରଦାନ କରୁଥିବା ଇରେଡା ଦେଶରେ ୨.୭ ଲକ୍ଷ କୋଟି ଟଙ୍କା ମଞ୍ଜୁର ଓ ୧.୭ ଲକ୍ଷ କୋଟି ଟଙ୍କାକୁ ଆବଣ୍ଟନ କରିଛି। ଇସ୍ପାତ ଓ ଆଲୁମିନିୟମର ଏକ ପ୍ରମୁଖ ଉତ୍ପାଦନକାରୀ ଭାବେ ଧାତବ ରିସାଇକ୍ଲିଂ ଓ ଗ୍ରୀନ ହାଇଡ୍ରୋଜେନ ସମନ୍ୱୟ ସହ ସର୍କୁଲାର ବିନିର୍ମାଣ ହାସଲ କରିବାକୁ ଓଡ଼ିଶା ପ୍ରସ୍ତୁତ ଅଛି। ରପ୍ତାନି ପାଇଁ ପ୍ରିମିୟମ ସବୁଜ ଇସ୍ପାତ ଉତ୍ପାଦନକୁ ସକ୍ଷମ କରିବ ଓ ରାଜ୍ୟର ଜିଡିପିକୁ ବଢ଼ାଇବ। ଘୋଷଣା କରାଯାଇଥିବା ୭ ଏମଟିପିଏରୁ ଅଧିକ ଗ୍ରୀନ ଆମୋନିଆ କ୍ଷମତା ଓ ଅନେକ ଶିଳ୍ପ କ୍ଲଷ୍ଟର ସହ ସାରା ଓଡ଼ିଶାରେ ଗ୍ରୀନ ହାଇଡ୍ରୋଜେନକୁ ନେଇ ରହିଥିବା ବ୍ୟାପକ ସମ୍ଭାବନା ଉପରେ ସେ କହିଥିଲେ। ଓଡ଼ିଶାରେ ଏଜେନ୍ସି ପକ୍ଷରୁ ୨୪୦୦ କୋଟି ଟଙ୍କାରୁ ଅଧିକ ଆବଣ୍ଟନ କରାଯାଇଥିବା ବେଳେ ଜଳ, ସୌର, ଇଥାନଲ ଓ ବିନିର୍ମାଣ କ୍ଷେତ୍ରରେ ଏହାର ଲୋନ୍ ବୁକ୍ ୧୮୦୦ କୋଟି ଟଙ୍କା ରହିଛି। ମିଳିତ ହାଇଡ୍ରୋଜେନ ଭିତ୍ତିଭୂମି, ପ୍ଲଗ ଆଣ୍ଡ ପ୍ଲେ ଆର୍‌ଇ ପାର୍କ, ଆବଣ୍ଟିତ ସୋଲାର ପାଇଁ ଫାଇନାନ୍ସ ଓ ବିଦେଶୀ ମୁଦ୍ରା ଋଣକୁ ଏହାର ଗିଫ୍ଟ ସିଟି ସହାୟକ ସଂସ୍ଥା ଜରିଆରେ ପ୍ରଦାନ କରିବାକୁ ଇରେଡା ପ୍ରସ୍ତୁତ ରହିଛି।

# ସ୍ୱଦେଶ ଫ୍ଲାଗଶିପ୍ ଷ୍ଟୋରରେ ସ୍ୱତନ୍ତ୍ର କାର୍ଯ୍ୟକ୍ରମ

## ନୀତା ଅମ୍ବାନୀଙ୍କ ସହ ଓଡ଼ିଶାରୁ ଗୁଞ୍ଜନଙ୍କ ଯୋଗଦାନ

ଭୁବନେଶ୍ୱର,୮।୧୨

ରିଲାଏନ୍ସ ଫାଉଣ୍ଡେଶନର ପ୍ରତିଷ୍ଠାତା ଓ ଅଧ୍ୟକ୍ଷା ନୀତା ଅମ୍ବାନୀ ମୁମ୍ବାଇର ଇରୋସରେ ସ୍ୱଦେଶ ଫ୍ଲାଗଶିପ ଷ୍ଟୋରରେ ଭାରତୀୟ କଳାକାର ଏବଂ କାରିଗରମାନଙ୍କୁ ସମ୍ମାନିତ କରିବା ପାଇଁ ଏକ ସ୍ୱତନ୍ତ୍ର କାର୍ଯ୍ୟକ୍ରମରେ ସାମିଲ ହୋଇଥିଲେ। ନୀତା ଅମ୍ବାନୀ ବହୁ ପିଢ଼ି ଧରି କଳା ସହିତ ଜଡ଼ିତ ହୋଇ ରହିଥିବା ସଫଳ ଓ ଶ୍ରେଷ୍ଠ ଜାତୀୟ ପୁରସ୍କାର-ବିଜେତା କାରିଗରମାନଙ୍କ ସହିତ ଯୋଗ ଦେଇଥିଲେ। ଏହି ଶ୍ରେଷ୍ଠ କାରିଗରମାନଙ୍କ ମଧ୍ୟରେ ଓଡ଼ିଶା ଇକତ୍ ବସ୍ତ୍ର ଶିଳ୍ପୀ ଓ ୨୦୨୪ରେ ଜାତୀୟ ପୁରସ୍କାର ବିଜୟିନୀ ଗୁଞ୍ଜନ ଜୈନ, ଟାଙ୍ଗାଇଲ ଏବଂ ଜାମଦାନୀ ବୁଣା ପାଇଁ ପ୍ରସିଦ୍ଧ ୨୦୨୧ରେ ପଦ୍ମଶ୍ରୀ ପୁରସ୍କାରପ୍ରାପ୍ତ ବୀରେନ ବସକ, ୨୦୧୯ରେ ଶିଳ୍ପୀ ଗୁରୁ ପୁରସ୍କାର ଏବଂ ୨୦୧୧ରେ ଜାତୀୟ ପୁରସ୍କାରରେ ସମ୍ମାନିତ ତାଞ୍ଜୋର ଚିତ୍ରଶିଳ୍ପୀ ଭି. ପନ୍ନିରସେଲଭମ, ସପ୍ତମ ପିଢ଼ିର ମିନିଏଚର ଚିତ୍ରଶିଳ୍ପୀ ଏବଂ ୨୦୧୪ରେ ଜାତୀୟ ରାଷ୍ଟ୍ରପତି ପୁରସ୍କାରପ୍ରାପ୍ତ ଶମ୍ଭି ବନ୍ନୁ ଶର୍ମା, ପ୍ରସିଦ୍ଧ ପୈଠାନୀ ବସ୍ତ୍ର ଡିଜାଇନର ଓ ହସ୍ତତନ୍ତ ପୁନରୁଦ୍ଧାରକାରୀ ଘନଶ୍ୟାମ ସରୋଡ ପ୍ରମୁଖ ଉପସ୍ଥିତ ଥିଲେ।

# ନଭେମ୍ବରରେ ଯାନ ବିକ୍ରି ବୃଦ୍ଧି

## ୨ ଚକିଆ ବିକ୍ରି ୩% ହ୍ରାସ

ଭୁବନେଶ୍ୱର,୮।୧୨

୨୦୨୫ ନଭେମ୍ବରରେ ଭାରତର ଅଟୋମୋବାଇଲ ରିଟେଲ ବିକ୍ରୟ ପାର୍ବଣ ଋତୁ ପରେ ମଧ୍ୟ ଭଲ ପ୍ରଦର୍ଶନ କରିଛି। ଯାନ ରେଜିଷ୍ଟ୍ରେଶନ ୨% ବୃଦ୍ଧି ପାଇ ୩୩ ଲକ୍ଷ ୟୁନିଟ୍‌ରେ ପହଞ୍ଚିଛି, ଯେଉଁଥିରେ ପାସେଞ୍ଜର୍ ଯାନ, ବାଣିଜ୍ୟିକ ଯାନ, ତିନି ଚକିଆ ଏବଂ ଟ୍ରାକ୍ଟର ସେଗ୍‌ମେଣ୍ଟରେ ଦୃଢ଼ ଚାହିଦା ଦେଖାଯାଇଛି। ଫେଡେରେଶନ ଅଫ୍ ଅଟୋମୋବାଇଲ ଡିଲର୍ସ ଆସୋସିଏଶନ(ଫାଡା) ତଥ୍ୟ ଅନୁସାରେ, ୨୦୨୪ ନଭେମ୍ବରରେ ୩୨,୩୧,୫୨୬ ୟୁନିଟ୍ ବିକ୍ରୟ ହୋଇଥିବାବେଳେ ଚଳିତବର୍ଷ ଏହା ୩୩,୦୦,୮୩୨ ୟୁନିଟକୁ ବୃଦ୍ଧି ପାଇଛି। ଫାଡା ଅଧ୍ୟକ୍ଷ ସି.ଏସ.ବିଘ୍ନେଶ୍ୱର କହିଛନ୍ତି, ଜିଏସ୍‌ଟି ହାରରେ ସଂଶୋଧନ ଏବଂ ଅରିଜିନାଲ ଇକ୍ୱିପମେଣ୍ଟ ମାନ୍ୟୁଫ୍ୟାକ୍ଚରର(ଓଇଏମ୍)-ଡିଲର ଅଫରଗୁଡ଼ିକ ଗ୍ରାହକମାନଙ୍କୁ ଗାଡ଼ି କିଣିବାକୁ ଉତ୍ସାହିତ କରିଛି। ପାସେଞ୍ଜର୍ ଯାନ ସେଗମେଣ୍ଟରେ ୨୦% ବୃଦ୍ଧି ହୋଇଛି। ଗତବର୍ଷ ୩,୨୯,୨୫୩ ୟୁନିଟ୍ ବିକ୍ରି ହୋଇଥିବାବେଳେ ଏବର୍ଷ ୩,୯୪,୧୫୨ ୟୁନିଟ୍ ରେଜିଷ୍ଟ୍ରେଶନ ହୋଇଛି। ମାତ୍ର ୨ ଚକିଆ ବିକ୍ରୟ ୩% ହ୍ରାସ ପାଇଛି ଅର୍ଥାତ୍ ୨୫,୪୬,୧୮୪ ୟୁନିଟ୍ ବିକ୍ରି ହୋଇଛି। ବାଣିଜ୍ୟିକ ଯାନ ରେଜିଷ୍ଟ୍ରେଶନ ୨୦% ବୃଦ୍ଧି ପାଇ ୯୪,୯୩୫ ୟୁନିଟ ହୋଇଛି। ୩ ଚକିଆ ରିଟେଲ ୨୪% ବୃଦ୍ଧି ପାଇ ୧,୩୩,୯୫୧ ୟୁନିଟ୍ ଏବଂ ଟ୍ରାକ୍ଟର୍ ୫୭% ବୃଦ୍ଧି ପାଇ ୧,୨୬,୦୩୩ ୟୁନିଟ୍ ହୋଇଛି। ଗ୍ରାମ୍ୟ ଅର୍ଥନୀତିରେ ସୁଧାର ଯୋଗୁ ଆଗାମୀ ମାସର ଆଉଟଲୁକ ସକାରାତ୍ମକ ରହିଛି। ଆଗାମୀ ତିନି ମାସରେ ଜିଏସ୍‌ଟି ୨.୦ର ଟ୍ୟାକ୍ସ ରେସନାଲାଇଜେଶନ, ଦୃଢ଼ ଏନ୍‌କ୍ୱାରି ପାଇପଲାଇନ ଏବଂ ଗ୍ରାମ୍ୟ ଅର୍ଥନୀତିର ସୁଧାର ଯୋଗୁ ଅଟୋ ରିଟେଲ ସେକ୍ଟରରେ ତୀବ୍ରତା ବଜାୟ ରହିବ। ଏଥିରେ ୭୪% ଡିଲର ବୃଦ୍ଧିର ଆଶା କରୁଛନ୍ତି। ଜାନୁଆରୀରେ ଯାନଗୁଡ଼ିକର ମୂଲ୍ୟ ବୃଦ୍ଧିର ଆଶଙ୍କା ଅଛି । ମାତ୍ର ୨୦୨୬ର ନୂଆ ମଡେଲ ଲଞ୍ଚ, ବିବାହ ଋତୁ ଏବଂ ଗ୍ରାମ୍ୟ ବଜାରରେ ଫସଲ ବିକ୍ରୟରୁ ଲିକ୍ୱିଡିଟି ଯୋଗୁ କନଭରସନରେ ଆହୁରି ତୀବ୍ରତା ଆସିବାର ଆଶା କରାଯାଉଛି।

# ରେଳଷ୍ଟେଶନରେ ବନ୍ଦ ହେବ ଅନଧିକୃତ ବ୍ୟବସାୟ

## ଅନଧିକୃତ ବିକ୍ରେତା ପରିଚ୍ଛନ୍ନତାକୁ ଗୁରୁତ୍ୱ ଦେଉନାହାନ୍ତି

ଭୁବନେଶ୍ୱର,୮।୧୨ (ଅନୁରାଧା ମହାରଣା)



ଖୋର୍ଦ୍ଧା ରୋଡ ରେଳମଣ୍ଡଳ ପରିସୀମା ମଧ୍ୟରେ ବିଭିନ୍ନ ଷ୍ଟେଶନ ଏବଂ ଟ୍ରେନ୍‌ରେ ଖାଦ୍ୟ ଏବଂ ଅନ୍ୟାନ୍ୟ ସାମଗ୍ରୀ ବିକ୍ରି କରୁଥିବା ଅନଧିକୃତ ବିକ୍ରେତାଙ୍କ କାର୍ଯ୍ୟକୁ ବନ୍ଦ କରିବା ପାଇଁ ଖୋର୍ଦ୍ଧା ରୋଡ ରେଳମଣ୍ଡଳ ଏକ ସ୍ୱତନ୍ତ୍ର ଅଭିଯାନ ଆରମ୍ଭ କରିଛି। ଭାରତୀୟ ରେଳ ଆଇନର ବ୍ୟବସ୍ଥା ଅନୁଯାୟୀ କଡ଼ାକଡ଼ି ଭାବରେ ପାଳନ କରି ଯାତ୍ରୀ ସୁରକ୍ଷା, ପରିଷ୍କାର ପରିଚ୍ଛନ୍ନତା ଏବଂ ସୁରକ୍ଷା ସୁନିଶ୍ଚିତ କରିବା ଏହି ଅଭିଯାନର ଲକ୍ଷ୍ୟ ରହିଛି। ଅନଧିକୃତ ବିକ୍ରେତାଙ୍କ କାର୍ଯ୍ୟ ଚିହ୍ନଟ କରିବା ପାଇଁ ବାଣିଜ୍ୟିକ କର୍ମଚାରୀଙ୍କୁ ସ୍ୱତନ୍ତ୍ର ଭାବରେ ନିୟୋଜିତ କରାଯାଇଛି। ସେମାନଙ୍କ ସହିତ ରେଳ ସୁରକ୍ଷା ବଳ (ଆରପିଏଫ୍) ଏବଂ ସରକାରୀ ରେଳ ପୋଲିସ (ଜିଆର୍‌ପି) କର୍ମଚାରୀମାନେ ମଧ୍ୟ ଏହି କାର୍ଯ୍ୟାନୁଷ୍ଠାନ ଅଭିଯାନରେ ଅଂଶଗ୍ରହଣ କରୁଛନ୍ତି । ଅନଧିକୃତ ବିକ୍ରେତା ପରିଚ୍ଛନ୍ନତା ପ୍ରତି ବାଧା ସୃଷ୍ଟି କରିବା ସହ ବିକ୍ରି କରୁଥିବା ଦ୍ରବ୍ୟର ଅଧିକ ମୂଲ୍ୟ ଓ ଗୁଣବତ୍ତା ଏବଂ ସମ୍ଭାବ୍ୟ ସୁରକ୍ଷା ସମସ୍ୟା ସମେତ ଅନେକ ଚିନ୍ତା ସୃଷ୍ଟି କରିଥାନ୍ତି । ରେଳ ଆଇନ ଅନୁଯାୟୀ, ଅପରାଧୀମାନେ ଦଣ୍ଡ ଏବଂ ଜରିମାନା ସହ ଦଣ୍ଡିତ ହୋଇପାରିବେ । ଏହି ଅଭିଯାନକୁ ବରିଷ୍ଠ ମଣ୍ଡଳ ବାଣିଜ୍ୟିକ ପ୍ରବନ୍ଧକ ଅନିଲ କୁମାର ଏସ୍ ନିଜେ ତଦାରଖ କରୁଛନ୍ତି ।

# ଏଆଇ ମିଶନକୁ ଆମାଜନର ସମର୍ଥନ

ଭୁବନେଶ୍ୱର,୮।୧୨

ଭାରତ ସରକାରଙ୍କ ଏଆଇ ମିଶନକୁ ସମର୍ଥନ କରି ଆମାଜନ ପକ୍ଷରୁ ୨୦୩୦ ସୁଦ୍ଧା ସବୁ ଭାରତୀୟଙ୍କ ପାଖରେ ଆର୍ଟିଫିସିଆଲ ଇଣ୍ଟେଲିଜେନ୍ସ (ଏଆଇ) ପହଞ୍ଚାଇବାକୁ ଲକ୍ଷ୍ୟ ରଖାଯାଇଛି। କମ୍ପାନୀ ସ୍ଥାନୀୟ କ୍ଲାଉଡ୍ ଓ ଏଆଇ ଭିତ୍ତିଭୂମିରେ ୧୨.୭ ବିଲିୟନ ଡଲାର ନିବେଶ କରି ୧୫ ନିୟୁତରୁ ଅଧିକ କ୍ଷୁଦ୍ର ବ୍ୟବସାୟ ପାଖରେ ଏଆଇର ଲାଭ ପହଞ୍ଚିପାରିବ। ୨୦୩୦ ସୁଦ୍ଧା ୪ ନିୟୁତ ସରକାରୀ ସ୍କୁଲ ଛାତ୍ରୀଛାତ୍ରଙ୍କ ପାଖରେ ଏଆଇ ସାକ୍ଷରତା ଓ କ୍ୟାରିୟର ସଚେତନତା ପହଞ୍ଚାଇବାକୁ ଯୋଜନା ରହିଛି। ଆମାଜନ ଇଣ୍ଡିଆର କଣ୍ଟ୍ରି ମ୍ୟାନେଜର ସମୀର କୁମାର କହିଛନ୍ତି, ଛୋଟ ବ୍ୟବସାୟୀ ଏଆଇକୁ ବ୍ୟବହାର କରି ପ୍ରଫେସନାଲ ଉତ୍ପାଦ ଲିଷ୍ଟିଂ କରିବେ, ସରକାରୀ ସ୍କୁଲର ଛାତ୍ର ନୂଆ କ୍ୟାରିୟର ବାଛିପାରିବେ ଓ ଗ୍ରାହକମାନେ ନିଜ ଭାଷାରେ ସପିଂ କରିପାରିବେ। ସ୍ଥାନୀୟ ଭାରତ ଏଆଇ ମିଶନର ସିଇଓ ଅଭିଷେକ ସିଂହ କହିଛନ୍ତି, ଶ୍ରେଣୀ ଗୃହରେ ଏଆଇକୁ ସମନ୍ୱିତ କରିବା କେବଳ ଏକ ଦକ୍ଷତା ଅଭିଯାନ ନୁହେଁ, ଏହା ରାଷ୍ଟ୍ର ଗଠନର ଉଦ୍ୟମ।

# ସ୍ମାର୍ଟ ମିଟର ସହ ଏଏସ୍‌ଡି ଜଡ଼ିତ ନୁହେଁ : ଟିପିସିଓଡିଏଲ୍

ଭୁବନେଶ୍ୱର,୮।୧୨(ଅନୁରାଧା ମହାରଣା)

ଟିପି ସେଣ୍ଟ୍ରାଲ୍ ଓଡ଼ିଶା ଡିଷ୍ଟ୍ରିବ୍ୟୁଶନ୍ ଲିମିଟେଡ୍ (ଟିପିସିଓଡିଏଲ୍) ପକ୍ଷରୁ ସ୍ପଷ୍ଟ କରାଯାଇଛି ଯେ, ନିକଟରେ କିଛି ଉପଭୋକ୍ତାଙ୍କୁ ଜାରି କରାଯାଇଥିବା ଅତିରିକ୍ତ ସୁରକ୍ଷା ଜମା (ଏଏସ୍‌ଡି) ଡିମାଣ୍ଡ ନୋଟିସ୍ ହେଉଛି ଓଡ଼ିଶା ବିଦ୍ୟୁତ୍ ନିୟାମକ ଆୟୋଗ (ଓଇଆର୍‌ସି) ବଣ୍ଟନ (ଯୋଗାଣ ସର୍ତ୍ତାବଳୀ) କୋଡ୍, ୨୦୧୯ ଦ୍ୱାରା ପରିଚାଳିତ ଏକ ବାଧ୍ୟତାମୂଳକ ବାର୍ଷିକ ବୈଧାନିକ ଅନୁପାଳନ। ଏହାର ସ୍ମାର୍ଟ ମିଟର ସ୍ଥାପନା କିମ୍ବା ପରିଚାଳନା ସହିତ କୌଣସି ସମ୍ପର୍କ ନାହିଁ। ବୈଧାନିକ ଢାଞ୍ଚା ଏବଂ ଆଇନଗତ ଆଧାର ବିଦ୍ୟୁତ୍ ଆଇନ, ୨୦୦୩ର ଧାରା ୪୭ ଅନୁଯାୟୀ ସୁରକ୍ଷା ଜମା ସଂଗ୍ରହ କରିବା ବାଧ୍ୟତାମୂଳକ । ଏହି ଆଇନ ବିଦ୍ୟୁତ୍ ବଣ୍ଟନ କମ୍ପାନୀଗୁଡ଼ିକୁ ବିଦ୍ୟୁତ୍ ଯୋଗାଣ ବାବଦରେ ଉପଭୋକ୍ତାଙ୍କଠାରୁ ଉପଯୁକ୍ତ ସୁରକ୍ଷା ରାଶି ଦାବି କରିବାକୁ କ୍ଷମତା ପ୍ରଦାନ କରେ। ଏହି ଆଇନକୁ ଆଧାର କରି ଓଇଆର୍‌ସି ବଣ୍ଟନ (ଯୋଗାଣ ସର୍ତ୍ତାବଳୀ) କୋଡ୍, ୨୦୧୯ର ନିୟମାବଳୀ ୫୨, ୫୩, ୫୪ ଏବଂ ୫୫ ପ୍ରଣୟନ କରିଛନ୍ତ। ନିୟମାବଳୀ ୫୩ ଅନୁଯାୟୀ, ସୁରକ୍ଷା ଜମା ପର୍ଯ୍ୟାପ୍ତ ଅଛି କି ନାହିଁ ତାହା ପ୍ରତିବର୍ଷ ସମୀକ୍ଷା କରାଯାଏ। ଏହି ସମୀକ୍ଷା ଗତ ଆର୍ଥିକ ବର୍ଷ (୨୦୨୪-୨୫)ରେ ଉପଭୋକ୍ତାଙ୍କ ହାରାହାରି ବିଦ୍ୟୁତ୍ ବ୍ୟବହାର ଉପରେ ଆଧାରିତ। ଯଦି ଜଣେ ଉପଭୋକ୍ତାଙ୍କ ବିଦ୍ୟୁତ୍ ବ୍ୟବହାର ବୃଦ୍ଧି ପାଇଛି, ତେବେ ପୂର୍ବରୁ ଥିବା ସୁରକ୍ଷା ଜମା (୨ ମାସର ବିଲିଂ ପାଇଁ ଗଣନା କରାଯାଇଥିବା) କମ୍ ପଡିଥାଏ। ତେଣୁ ଉପଭୋକ୍ତାଙ୍କୁ ଏହି ପାର୍ଥକ୍ୟ ରାଶିକୁ ଅତିରିକ୍ତ ସୁରକ୍ଷା ଜମା (ଏଏସ୍‌ଡି) ଭାବରେ ପୈଠ କରିବାକୁ ପଡିଥାଏ। ଅନ୍ୟପକ୍ଷରେ ଯେଉଁ ଉପଭୋକ୍ତା ମାନଙ୍କର ବିଦ୍ୟୁତ୍ ବ୍ୟବହାର ୨୦୨୪-୨୫ ଆର୍ଥିକ ବର୍ଷରେ ହ୍ରାସ ପାଇଛି ଏବଂ ଫଳସ୍ୱରୂପ ସୁରକ୍ଷା ଜମା ଅଧିକ (ଆବଶ୍ୟକ ରାଶିର ୧୦%ରୁ ଅଧିକ) ରହିଛି, ସେମାନେ ସେମାନଙ୍କ ବିଦ୍ୟୁତ୍ ବିଲ୍‌ରେ ଆଡଜଷ୍ଟମେଣ୍ଟ ମାଧ୍ୟମରେ ଅତିରିକ୍ତ ରାଶି ଫେରସ୍ତ ପାଇବାକୁ ଯୋଗ୍ୟ ଅଟନ୍ତି। ଉପଭୋକ୍ତାମାନଙ୍କୁ ସେମାନଙ୍କ ସୁରକ୍ଷା ଜମା ଉପରେ ବାର୍ଷିକ ୬.୫୦% ହାରରେ (ଓଇଆର୍‌ସି ଦ୍ୱାରା ନିର୍ଦ୍ଧାରିତ) ସୁଧ ପ୍ରଦାନ କରାଯାଏ। ଏହା ବ୍ୟାଙ୍କଗୁଡିକ ଦ୍ୱାରା ଫିକ୍ସଡ୍ ଡିପୋଜିଟ୍ ଉପରେ ଦିଆଯାଉଥିବା ସୁଧ ହାର ସହ ପ୍ରାୟ ସମାନ। ଏହି ସୁଧ ବାର୍ଷିକ ଭାବରେ ଉପଭୋକ୍ତାଙ୍କ ବିଦ୍ୟୁତ୍ ବିଲ୍‌ରେ ଆଡଜଷ୍ଟ ହୋଇଥାଏ। ଓଇଆରସିର ନିର୍ଦ୍ଦେଶାବଳୀ ଅନୁଯାୟୀ, ସଂଗୃହିତ ସୁରକ୍ଷା ଜମା ଟିପିସିଓଡିଏଲର ବ୍ୟବସାୟିକ କାର୍ଯ୍ୟ ପାଇଁ ବ୍ୟବହୃତ ହୁଏନାହିଁ। ଏହାକୁ ସିଡ୍ୟୁଲ୍ ବ୍ୟାଙ୍କଗୁଡିକରେ ଫିକ୍ସଡ୍ ଡିପୋଜିଟ୍ ଆକାରରେ ସୁରକ୍ଷିତ ରଖାଯାଏ। ଏହି ଫିକ୍ସଡ୍ ଡିପୋଜିଟ୍ ଉପରେ ମିଳୁଥିବା ସୁଧ ଏଆରଆର ମାଧ୍ୟମରେ ଉପଭୋକ୍ତାମାନେ ହସ୍ତାନ୍ତର କରାଯାଏ। ନିୟମାବଳୀ ୫୫ ଅନୁଯାୟୀ, ଉପଭୋକ୍ତାମାନଙ୍କୁ ନିର୍ଦ୍ଦିଷ୍ଟ ସମୟ ମଧ୍ୟରେ ଏଏସ୍‌ଡି ପୈଠ କରିବା ଆବଶ୍ୟକ। ଏଥିରେ ବିଫଳ ହେଲେ ବକେୟା ରାଶି ଉପରେ ବାର୍ଷିକ ୧୫% ସରଚାର୍ଜ ଲାଗୁ ହୋଇଥାଏ। ଟିପିସିଓଡିଏଲ ପକ୍ଷରୁ କୁହାଯାଇଛି, ଅତିରିକ୍ତ ସୁରକ୍ଷା ଜମା ଦାବି ଏକ ନିୟମିତ ଏବଂ ବୈଧାନିକ ପ୍ରକ୍ରିୟା, ଯାହା ବାର୍ଷିକ ଭିତ୍ତିରେ ଉପଭୋକ୍ତାଙ୍କ ବିଦ୍ୟୁତ୍ ବ୍ୟବହାର ଏବଂ ପ୍ରଚଳିତ ଦର (ଟାରିଫ୍) ଅନୁଯାୟୀ କରାଯାଇଥାଏ। ସ୍ମାର୍ଟ ମିଟର ସ୍ଥାପନ, ଏହାର ଭଡ଼ା କିମ୍ବା କାର୍ଯ୍ୟକାରିତା ସହିତ ଏହାର କୌଣସି ସମ୍ପର୍କ ନାହିଁ।

# ୧୨୨ ବର୍ଷ ପରେ ସୂର୍ଯ୍ୟମନ୍ଦିର ଗର୍ଭଗୃହରୁ ବାହାରିବ ବାଲି

**ସ୍ଥିତି ଯାଞ୍ଚ ପାଇଁ କୋର୍ ଡ୍ରିଲ୍ କାର୍ଯ୍ୟ ଆରମ୍ଭ**

- ବ୍ୟବହାର ହେଉଛି ଡାଇମଣ୍ଡ୍ କଟର ଓ ଜିରୋ ଭାଇବ୍ରେଟର ମିଟର
- ସୂର୍ଯ୍ୟ ମନ୍ଦିର ସମ୍ପୂର୍ଣ୍ଣ ସୁରକ୍ଷିତ: ଏଏସ୍ଆଇ ଆଞ୍ଚଳିକ ନିର୍ଦ୍ଦେଶକ

କୋଣାର୍କ,୮।୧୨(ଜ୍ୟୋତିରାଜ ମହାନ୍ତି)


ସୂର୍ଯ୍ୟମନ୍ଦିରରୁ ବାଲି କାଢ଼ିବା ପ୍ରକ୍ରିୟା ଆରମ୍ଭ କରାଯାଇଛି।

୧୨୨ ବର୍ଷ ପରେ ସୂର୍ଯ୍ୟମନ୍ଦିର ଗର୍ଭଗୃହରୁ ବାଲି ବାହାରିବ। ଏନେଇ ରବିବାର ୧୦ ଜଣିଆ ବିଶେଷଜ୍ଞ ଦଳ ସ୍ଥିତି ଯାଞ୍ଚ କରିବା ସହ ୧୬ ସେଣ୍ଟିମିଟର ଗୋଲେଇରେ କୋର୍ ଡ୍ରିଲ କାର୍ଯ୍ୟ ଆରମ୍ଭ କରିଥିଲେ। ଏଥିସହ ଅପରାହ୍ନରେ ୭ ମିଟର ବା ୨୧ ଫୁଟରୁ ଊର୍ଦ୍ଧ୍ୱ ଲମ୍ବର ଗର୍ତ୍ତ ଖୋଳାଯାଇଛି। ମନ୍ଦିର ପଥରର କୌଣସି କ୍ଷତି ନ ପହଞ୍ଚିବା ପାଇଁ ଡାଇମଣ୍ଡ ଡ୍ରିଲ ମେଶିନ ସହ ଜିରୋ ଭାଇବ୍ରେଶନ ମେଶିନ ବ୍ୟବହାର କରାଯାଇଛି। ୭ ତାରିଖ ସକାଳେ ପ୍ରତ୍ନତତ୍ତ୍ୱ ବିଭାଗ କର୍ତ୍ତୃପକ୍ଷଙ୍କ ଦ୍ୱାରା ସ୍ୱତନ୍ତ୍ର ପୂଜାପାଠ ପରେ ସୋମବାର ବାଲିକଢ଼ା କାର୍ଯ୍ୟ ପାଇଁ ପ୍ରକ୍ରିୟା ଆରମ୍ଭ କରାଯାଇଥିଲା।

ପ୍ରତ୍ନତତ୍ତ୍ୱ ବିଭାଗର ଆଞ୍ଚଳିକ ନିର୍ଦ୍ଦେଶକ ଦିଲୀପ ଖମାରୀ, ସୁପରିଣ୍ଟେଣ୍ଡେଣ୍ଟ ଡି. ବି. ଗଡ଼ନାୟକ, ପ୍ରତ୍ନତତ୍ତ୍ୱ ବିଭାଗ କୋର୍ କମିଟି ସଦସ୍ୟ ଆଇଆଇଟି ମାଡ୍ରାସ୍‌ର ପ୍ରଫେସର ଅରୁଣ ମେନନ, ବିଶିଷ୍ଟ ସ୍ଥପତି ଇଞ୍ଜିନିୟର ଅଶୋକ କୁମାର ବାସାଙ୍କ ଉପସ୍ଥିତିରେ ଆଇଆଇଟି ମାଡ୍ରାସ୍‌ର ୧୦ ଜଣିଆ ଇଞ୍ଜିନିୟରିଂ ଟିମ୍ ଏହି ଖନନ କାର୍ଯ୍ୟ ଆରମ୍ଭ କରିଛନ୍ତି। ଜିରୋ ଭାଇବ୍ରେଟର୍ ମିଟର ଓ ଡାଇମଣ୍ଡ୍ କଟର ସାହାଯ୍ୟରେ ଖନନ କରାଯାଉଛି। ସମ୍ପୂର୍ଣ୍ଣ ଖନନ ପରେ ମନ୍ଦିର ଗର୍ଭଗୃହରେ ଥିବା ବାଲିର ସ୍ଥିତି ଓ ଗର୍ଭଗୃହ କାନ୍ଥକୁ ସୁରକ୍ଷା ଦେବା ପାଇଁ ଇଂରେଜ ସରକାରଙ୍କ ଦ୍ୱାରା ନିର୍ମିତ କାନ୍ଥର ସ୍ଥିତି ଜଣାପଡ଼ିବ। ୭ ମିଟର ଚଉଡ଼ାରେ ଖନନ ପରେ ମନ୍ଦିର କାନ୍ଥର ପଥର ସ୍ଥିତି ଭଲ ଅଛି ଓ ମନ୍ଦିର ପ୍ରତି କୌଣସି ବିପଦ ନ ଥିବା ପ୍ରତ୍ନତତ୍ତ୍ୱ ବିଭାଗ ଆଞ୍ଚଳିକ ନିର୍ଦ୍ଦେଶକ ଦିଲୀପ ଖମାରୀ କହିଛନ୍ତି। ଏହି ଖନନ କାର୍ଯ୍ୟ ଶେଷ ପରେ ସୂର୍ଯ୍ୟ ମନ୍ଦିରର ପରବର୍ତ୍ତୀ ସଂରକ୍ଷଣ କାର୍ଯ୍ୟ ଗର୍ଭଗୃହରୁ ବାଲି କାଢ଼ିବା ପାଇଁ ଦ୍ୱିତୀୟ ପର୍ଯ୍ୟାୟ କାର୍ଯ୍ୟ ଆରମ୍ଭ ହେବ ବୋଲି ପ୍ରତ୍ନତତ୍ତ୍ୱ ବିଭାଗ ସୁପରିଣ୍ଟେଣ୍ଡେଣ୍ଟ ଡି. ବି. ଗଡ଼ନାୟକ କହିଛନ୍ତି। ମନ୍ଦିର ସୁରକ୍ଷାକୁ ଦୃଷ୍ଟିରେ ରଖି ବାଲି କାଢ଼ିବା ପାଇଁ ଆରମ୍ଭ ହୋଇଥିବା କୋର୍ ଡ୍ରିଲ୍ କାର୍ଯ୍ୟକୁ ପର୍ଯ୍ୟଟକ ଓ କୋଣାର୍କ ସୁରକ୍ଷା ସମିତି ପକ୍ଷରୁ ସଭାପତି ସୌମ୍ୟସୌରଭ ଦାଶ ଓ ଆବାହକ ଭାଗୀରଥି ସ୍ୱାଇଁ ପ୍ରମୁଖ ସ୍ୱାଗତ କରିଥିଲେ ମଧ୍ୟ ଐତିହ୍ୟକୁ ସୁରକ୍ଷିତ ରଖି ଅତ୍ୟନ୍ତ ଯତ୍ନ ସହକାରେ ବାଲି କାଢ଼ିବା ପ୍ରକ୍ରିୟା କରାଯାଉ ବୋଲି ସେମାନେ ଦାବି କରିଛନ୍ତି।

# ଆଦର୍ଶ ବିଦ୍ୟାଳୟ ଶିକ୍ଷୟିତ୍ରୀଶିକ୍ଷକଙ୍କ ଶାନ୍ତିପୂର୍ଣ୍ଣ ଧାରଣା



ବିଧାନସଭା ସମ୍ମୁଖ ଲୋୟର ପିଏମ୍‌ଜିରେ ଆଦର୍ଶ ବିଦ୍ୟାଳୟ ଶିକ୍ଷୟିତ୍ରୀ ଶିକ୍ଷକଙ୍କ ଧାରଣା।

ଭୁବନେଶ୍ୱର,୮।୧୨
(ସୁଚିସ୍ମିତା ସାହୁ)

ଆଦର୍ଶ ବିଦ୍ୟାଳୟ ଶିକ୍ଷକ ମହାସଂଘ (ଏଭିଟିଏ)ର ଆହ୍ୱାନକ୍ରମେ ଓଡ଼ିଶା ଆଦର୍ଶ ବିଦ୍ୟାଳୟ ସଙ୍ଗଠନ (ଓଏଭିଏସ୍)ର ହଜାର ହଜାର ଶିକ୍ଷୟିତ୍ରୀଶିକ୍ଷକ ଆନ୍ଦୋଳନକୁ ଓହ୍ଲାଇଛନ୍ତି। ସମୂହ ଛୁଟିରେ ରହି ସୋମବାର ଭୁବନେଶ୍ୱର ଲୋୟର ପିଏମଜିରେ ବିକ୍ଷୋଭ ପ୍ରଦର୍ଶନ କରିବା ସହ ଶାନ୍ତିପୂର୍ଣ୍ଣ ଗଣଧାରଣା ଦେଇଛନ୍ତି। ସେମାନଙ୍କ ୧୩ ଦଫା ଦାବି ମଧ୍ୟରେ ସମସ୍ତ ଓଏଭିଏସ୍ କର୍ମଚାରୀଙ୍କୁ ସରକାରୀ ମାନ୍ୟତା ସହ ଏଚ୍ଆର୍ଏମ୍ଏସ୍ ସୁବିଧା, ଏକକ କ୍ୟାଡର ନିୟମ, ସମାନ କାମକୁ ସମାନ ଦରମା ନୀତିରେ ସଙ୍ଗୀତ, କ୍ରୀଡ଼ା ଓ କମ୍ପ୍ୟୁଟର ଶିକ୍ଷକଙ୍କ ପାଇଁ ୪୬୦୦ ଗ୍ରେଡ୍ ପେ’, ପ୍ରତ୍ୟେକ ବିଦ୍ୟାଳୟରେ ପିଜିଟି (ଓଡ଼ିଆ, ହିନ୍ଦୀ, ସଂସ୍କୃତ ଇତ୍ୟାଦି) ପଦବୀ ସୃଷ୍ଟି ସହ କଳା ବିଭାଗ ଖୋଲିବା, ଜୁନିୟର କ୍ଲର୍କ-କମ୍-ଆକାଉଣ୍ଟାଣ୍ଟମାନଙ୍କୁ ନିୟମିତକରଣ ଆଦି ରହିଛି। ଦାବିଗୁଡିକ ପୂରଣ ପାଇଁ କୌଣସି ଦୃଢ ପ୍ରତିଶ୍ରୁତି ନ ଥିବାରୁ ବାଧ୍ୟ ହୋଇ ଗଣଧାରଣା ଦେବାକୁ ପଡିଲା ବୋଲି ଏଭିଟିଏ ସଭାପତି ରିତୁଦମନ ସୌରଭ ମିଶ୍ର କହିଛନ୍ତି।

# ମାସକ ମଧ୍ୟରେ ପଦକ୍ଷେପ ନେବାକୁ ହାଇକୋର୍ଟଙ୍କ ନିର୍ଦ୍ଦେଶ

**ପୂର୍ବ ପଦବୀ ପାଇଁ ପୋଲିସ ଅଧିକାରୀଙ୍କ ଆବେଦନ ମାମଲା**

କଟକ,୮।୧୨(କାର୍ତ୍ତିକ ସାହୁ)

ରାଜ୍ୟ ସରକାରଙ୍କ ଜି.ଏ. ବିଭାଗର ତ୍ରୁଟି ଯୋଗୁ ୮ବର୍ଷ ଧରି ଜଣେ ପୋଲିସ ଅଧିକାରୀଙ୍କ ପଦରେ ଅବନତି ଘଟିଥିଲା। ହେଲେ ତାଙ୍କୁ ପୁନଃ ପୂର୍ବ ପଦରେ ଚାକିରି ଜାରି ରଖିବା ନିମନ୍ତେ ହାଇକୋର୍ଟ ଦେଇଥିବା ଆଦେଶର ଅବମାନନା ହୋଇଥିବା ନେଇ ରୁଜୁ ମାମଲାରେ ମୁଖ୍ୟ ଶାସନ ସଚିବଙ୍କୁ ଅଦାଲତ ତାଗିଦ କରିଛନ୍ତି। ହାଇକୋର୍ଟ ବିଚାରପତି ବିରଜା ପ୍ରସନ୍ନ ଶତପଥୀ ମାମଲାର ଶୁଣାଣି କରି ଆବେଦନକାରୀଙ୍କୁ ପୂର୍ବ ପଦରେ ଚାକିରି ଜାରି ରଖିବା ନେଇ ମାସକ ମଧ୍ୟରେ ପଦକ୍ଷେପ ନେବାକୁ ମୁଖ୍ୟ ଶାସନ ସଚିବଙ୍କୁ ନିର୍ଦ୍ଦେଶ ଦେଇଛନ୍ତି।

ମାମଲାର ବିବରଣୀ ଅନୁସାରେ, ଓଡ଼ିଶା ପୋଲିସ ସେବା ଅଧିକାରୀ ନିବେଦିତା ସୋରେନଙ୍କୁ ଜି.ଏ. ବିଭାଗର ସାମାନ୍ୟ ତ୍ରୁଟି ଯୋଗୁ ଓଡ଼ିଶା ପୋଲିସ ସେବା (ଗ୍ରୁପ-ଏ)ରୁ ଓଆର୍ଏସ୍ (ଗ୍ରୁପ-ବି)କୁ ଅବନତି ଦେଇ ୨୦୧୮ରୁ ଗୃହ ବିଭାଗରୁ ତାଙ୍କର ଚାକିରି ସମାପ୍ତ କରାଯାଇଥିଲା। ଏ ନେଇ ନିବେଦିତା ୨୦୧୮ରେ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ତାଙ୍କ ଆବେଦନକୁ ନେଇ ରୁଜୁ ମାମଲାର ଶୁଣାଣି କରି ହାଇକୋର୍ଟ ୨୦୨୪ ଡିସେମ୍ବର ୨ରେ ଆବେଦନକାରୀଙ୍କୁ ଆଶ୍ୱସ୍ତି ପ୍ରଦାନ କରିଥିଲେ। ହାଇକୋର୍ଟ ତାଙ୍କର ଅବନତି ଆଦେଶକୁ ନାକଚ କରି ଓଡ଼ିଶା ପୋଲିସ ସେବାରେ ଚାକିରି ଜାରି ରଖିବାକୁ ନିର୍ଦ୍ଦେଶ ଦେଇଥିଲେ। ମାତ୍ର ଇତି ମଧ୍ୟରେ ବର୍ଷେ କାଳ ବିତିଯାଇଥିଲେ ମଧ୍ୟ ଉକ୍ତ ଆଦେଶ ପାଳନ ହୋଇ ନ ଥିବାରୁ ନିବେଦିତା ପୁନଶ୍ଚ ହାଇକୋର୍ଟଙ୍କ ଦ୍ୱାରସ୍ଥ ହୋଇଥିଲେ। ଏହି ଅବମାନନାକୁ ଗୁରୁତର ସହ ନେଇ ହାଇକୋର୍ଟ ମୁଖ୍ୟ ଶାସନ ସଚିବଙ୍କୁ ଆଉ ମାସେ ସମୟ ଦେଇଛନ୍ତି। ନିର୍ଦ୍ଧାରିତ ସମୟସୀମା ମଧ୍ୟରେ ପୂର୍ବ ଆଦେଶ କାର୍ଯ୍ୟକାରୀ ନ ହେଲେ ଏହାକୁ ଏକ ଉଦ୍ଦେଶ୍ୟମୂଳକ ନ୍ୟାୟିକ ଅବମାନନା ରୂପେ ଧରାଯିବ ବୋଲି ହାଇକୋର୍ଟ କ୍ଷୋଭ ପ୍ରକାଶ କରି ତାଙ୍କ ଆଦେଶରେ ସ୍ପଷ୍ଟ କରିଛନ୍ତି। ଆବେଦନକାରୀଙ୍କ ପକ୍ଷରୁ ଆଇନଜୀବୀ ବିଦ୍ୟାଲୋକ ମହାପାତ୍ର ମାମଲା ପରିଚାଳନା କରୁଥିଲେ।

## ସେଲ୍ଫି କର୍ଣ୍ଣର ଧରିତ୍ରୀ

ଆମକୁ ପଠାନ୍ତୁ ଆପଣଙ୍କ ସେଲ୍ଫି
metroselfie@gmail.com


@ ବିଦ୍ୟାଭୂଷଣ


@ ସ୍ୱପ୍ନେଶ୍ୱର


@ ବାବୁ


@ ଲିଙ୍ଗରାଜ

ସେଲ୍ଫି ପଠାଇବା ସମୟରେ ନିଜର ନାମ ଏବଂ ମୋବାଇଲ ନମ୍ବର ଦେବାକୁ ଭୁଲନ୍ତୁ ନାହିଁ। ଯୋଗ୍ୟବିବେଚିତ ଫଟୋ ପ୍ରକାଶ ପାଇବ।

# ନୋଟାରୀ ଅଟୋମେଶନ ପୋର୍ଟାଲ ଉଦ୍‌ଘାଟିତ

**ନୋଟାରୀ ମ୍ୟାନେଜ୍‌ମେଣ୍ଟ ସିଷ୍ଟମ ସହଜ ହେବ: ମନ୍ତ୍ରୀ**

ଭୁବନେଶ୍ୱର, ୮।୧୨ (ବନ୍ଦନା ସେଠୀ)


ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ନୋଟାରୀ ଅଟୋମେଶନ ପୋର୍ଟାଲ ସମ୍ପର୍କରେ ସୂଚନା ଦେଉଛନ୍ତି।

ଆଇନ ବିଭାଗ ପକ୍ଷରୁ ନୂତନ ଭାବେ ନୋଟାରୀ ଅଟୋମେଶନ ପୋର୍ଟାଲ ଖୋଲାଯାଇଛି। ସୋମବାର ଲୋକସେବା ଭବନସ୍ଥିତ କନ୍‌ଭେନ୍‌ସନ୍ ହଲ୍‌ରେ ଆଇନ, ପୂର୍ତ୍ତ ଓ ଅବକାରୀ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଏହାକୁ ଉଦ୍‌ଘାଟନ କରିଛନ୍ତି। ଏହି ଅବସରରେ ମନ୍ତ୍ରୀ କହିଲେ, ବିଭିନ୍ନ ନ୍ୟାୟିକ ଦସ୍ତାବିଜକୁ ପ୍ରମାଣିକୃତ ଓ ବୈଧ କରିବା କ୍ଷେତ୍ରରେ ନୋଟାରୀମାନେ ପ୍ରମୁଖ ଭୂମିକା ଗ୍ରହଣ କରି ଆସୁଛନ୍ତି। ତେଣୁ ନୋଟାରୀ ମ୍ୟାନେଜ୍‌ମେଣ୍ଟ ସିଷ୍ଟମକୁ ସହଜ ଓ ସରଳ କରିବା କ୍ଷେତ୍ରରେ ନୋଟାରୀ ଅଟୋମେଶନ ପୋର୍ଟାଲ ବେଶ୍ ଉପଯୋଗୀ ସାବ୍ୟସ୍ତ ହେବ। ଏଣିକି ନୋଟାରୀମାନଙ୍କର ନୂତନ ନିଯୁକ୍ତି, ପଞ୍ଜୀକରଣ, ଦୈନିକ ଡକ୍ୟୁମେଣ୍ଟ ଅପ୍‌ଲୋଡ୍ କାର୍ଯ୍ୟ ବିବରଣୀ ଆଦି କାର୍ଯ୍ୟ ଅନ୍‌ଲାଇନ୍‌ରେ ସମ୍ଭବ ହୋଇପାରିବ। ଫଳରେ ସମୟ ବଞ୍ଚିବା ସହିତ ଆଇନ ପ୍ରକ୍ରିୟାରେ ସ୍ୱଚ୍ଛତା ଆସିପାରିବ। ଏଥିସହ ମନ୍ତ୍ରୀ ବିଭିନ୍ନ ବିଭାଗରେ କାର୍ଯ୍ୟରତ ସହକାରୀ ନିର୍ଦ୍ଦେଶକ, ଆଇନଙ୍କ ବିଭାଗୱାରୀ କାର୍ଯ୍ୟର ସମୀକ୍ଷା କରି କହିଲେ, ରାଜ୍ୟ ସରକାରଙ୍କୁ ଆଇନଗତ ପରାମର୍ଶ ଦେବା ଏବଂ ଚାଲିଥିବା ମାମଲା ପରିଚାଳନା କ୍ଷେତ୍ରରେ ସହକାରୀ ନିର୍ଦ୍ଦେଶକମାନେ ନିଜର ଦାୟିତ୍ୱ ନିର୍ବାହ କରିଆସୁଛନ୍ତି। ଏହି ଅଧିକାରୀମାନେ ରାଜ୍ୟ ସରକାରଙ୍କ ପ୍ରମୁଖ ଅଙ୍ଗ ସଦୃଶ। ତେଣୁ କାର୍ଯ୍ୟରତ ସହକାରୀ ନିର୍ଦ୍ଦେଶକ, ଆଇନ୍‌ମାନେ ବିଭିନ୍ନ ମାମଲା, ବିଶେଷକରି ପୁରୁଣା ମାମଲାଗୁଡିକୁ ଭଲ ଭାବେ ତର୍ଜମା କରି ବିଭାଗକୁ ଠିକ୍ ପରାମର୍ଶ ଦେବା ଉପରେ ମନ୍ତ୍ରୀ ଗୁରୁତ୍ୱାରୋପ କରିଥିଲେ। ବିଭାଗୀୟ ପ୍ରମୁଖ ଶାସନ ସଚିବ ପବିତ୍ର ମୋହନ ସାମଲ ସବୁ ବିଭାଗରେ ପଡିଥିବା ମାମଲାର ସ୍ଥିତି ବାବଦରେ ସହକାରୀ ନିର୍ଦ୍ଦେଶକଙ୍କଠାରୁ ତଥ୍ୟ ମାଗିବା ସହ କାର୍ଯ୍ୟଦକ୍ଷତା ବୃଦ୍ଧି ଉପରେ ଗୁରୁତ୍ୱ ଦେଇଥିଲେ। କାର୍ଯ୍ୟକ୍ରମରେ ସ୍ୱତନ୍ତ୍ର ଶାସନ ସଚିବ ପ୍ରଣବ କୁମାର ପାତ୍ର ଓ ଭଗବାନ ପ୍ରସାଦ ସାହୁ, ଅତିରିକ୍ତ ଶାସନ ସଚିବ ଶିବପ୍ରସାଦ ମହାପାତ୍ର ପ୍ରମୁଖ ଉପସ୍ଥିତ ଥିଲେ।

# କ୍ଲବ୍ ପବ୍‌ରେ ଫାୟାର ସେଫ୍‌ଟି ଯାଞ୍ଚ ନିର୍ଦ୍ଦେଶ

ଭୁବନେଶ୍ୱର,୮।୧୨(ସତ୍ୟଜିତ ରାଉତ)

ଗୋଆର ଏକ ନାଇଟ୍ କ୍ଲବ୍‌ରେ ଭୟାବହ ଅଗ୍ନିକାଣ୍ଡ ଘଟି ୨୫ ଜଣଙ୍କ ଜୀବନହାନି ଘଟଣାକୁ ନେଇ ଦେଶବ୍ୟାପୀ ଚର୍ଚ୍ଚା ଲାଗି ରହିଛି। ରାଜ୍ୟର ଏଭଳି ଘଟଣା ଯେପରି ନ ଘଟିବ ସେଦିଗରେ ଓଡ଼ିଶା ଅଗ୍ନିଶମ ବାହିନୀ ସଚେତନ ହୋଇଛି। ରାଜଧାନୀ ଭୁବନେଶ୍ୱର ସମେତ ଅନ୍ୟାନ୍ୟ ଅଞ୍ଚଳରେ ଥିବା ସମସ୍ତ କ୍ଲବ୍ ଓ ପବ୍‌ଗୁଡିକରେ ଅଗ୍ନି ନିରାପତ୍ତା ବ୍ୟବସ୍ଥା ଯାଞ୍ଚ କରିବାକୁ ନିର୍ଦ୍ଦେଶ ଦିଆଯାଇଛି। ଅଗ୍ନିଶମ ଡିଜି ସୁଧାଂଶୁ ଷଡଙ୍ଗୀ ଏନେଇ ନିର୍ଦ୍ଦେଶ ଦେଇ ପଦକ୍ଷେପ ନେବାକୁ କହିଛନ୍ତି। ଏପରିକି ୧୦୦ଜଣ କ୍ଷମତାବିଶିଷ୍ଟ ରେସ୍ତୋରାଁରେ ମଧ୍ୟ ଫାୟାର ସେଫ୍‌ଟି ଯାଞ୍ଚ କରିବାକୁ ମଧ୍ୟ କୁହାଯାଇଛି।

# ଓପିଆର୍‌ବିର ଡିଏସ୍‌ପିଙ୍କୁ ସିବିଆଇର ପଚରାଉଚରା

**ପୋଲିସ ଏସ୍ଆଇ ପରୀକ୍ଷା ଜାଲିଆତି ମାମଲା**

ଭୁବନେଶ୍ୱର,୮।୧୨(ତ୍ରିନାଥ ମହାନ୍ତି)

ପୋଲିସ ଏସ୍ଆଇ ପରୀକ୍ଷା ଜାଲିଆତି ମାମଲାରେ ଓଡ଼ିଶା ପୋଲିସ ରିକ୍ରୁଟମେଣ୍ଟ ବୋର୍ଡ(ଓପିଆର୍‌ବି)ର ଜଣେ ଡିଏସ୍‌ପିଙ୍କୁ ସିବିଆଇ ପଚରାଉଚରା କରିଛି। ସମନ୍ ପାଇ ଡିଏସ୍‌ପି ଜଣଙ୍କ ସିବିଆଇ ଅଫିସରେ ହାଜର ହୋଇଥିଲେ। ତାଙ୍କୁ ୩ ଘଣ୍ଟାରୁ ଅଧିକ ସମୟ ମାରାଥନ ଜେରା କରାଯାଇଥିବା ଜଣାପଡ଼ିଛି। ବିରଞ୍ଚି ନାରାୟଣ ଗିରଫ ହେବାପରେ ଏହି ଅଧିକାରୀଙ୍କ ନାମ ପଦାକୁ ଆସିଲା। ଏସ୍ଆଇ ପରୀକ୍ଷା ଜାଲିଆତିରେ ଡିଏସ୍‌ପି ର୍‍ୟାଙ୍କର ଅଧିକାରୀଙ୍କ ପ୍ରମୁଖ ଭୂମିକା ରହିଥିବା ସିବିଆଇ ଜାଣିବାକୁ ପାଇଛି। କିଛିଦିନ ପୂର୍ବରୁ ବିରଞ୍ଚି ନାୟକଙ୍କୁ ଜେରାବେଳେ ନିମାଇଁ ଓ ଅର୍ଜୁନଙ୍କ ସମ୍ପୃକ୍ତି ସମ୍ପର୍କରେ ସିବିଆଇ ଜାଣିବାକୁ ପାଇଥିଲା। ଏହାପରେ ଅର୍ଜୁନ ଓ ନିମାଇଁଙ୍କୁ ଗିରଫ କରି ରିମାଣ୍ଡରେ ଆଣି ସିବିଆଇ ପଚରାଉଚରା କରିଥିବାବେଳେ ଅନେକ ତଥ୍ୟ ହାସଲ କରିଛି। ସିବିଆଇ ଏହି ରାକେଟରେ ସମ୍ପୃକ୍ତ ଥିବା ଓପିଆର୍‌ବିର ୨ଜଣ କର୍ମଚାରୀଙ୍କୁ ମଧ୍ୟ ପୂର୍ବରୁ ପଚରାଉଚରା କରିଛି। ପୋଲିସ ଏସ୍ଆଇ ପରୀକ୍ଷା ଦୁର୍ନୀତି ପଛରେ ଆନ୍ତଃରାଜ୍ୟ ଲିଙ୍କ୍ ଥିବା ଜଣାପଡ଼ିବା ପରେ ରାଜ୍ୟର ପ୍ରମୁଖ ଦଲାଲଙ୍କ ସମେତ ଅନ୍ୟ ରାଜ୍ୟର ଲୋକ ମଧ୍ୟ ଏହି କେଳେଙ୍କାରିରେ ସମ୍ପୃକ୍ତ ଅଛନ୍ତି।

# ମହିଳା ସ୍ୱାଧୀନତା ସଂଗ୍ରାମୀଙ୍କ ଜୀବନୀ ଉପରେ ଆଲୋଚନା

ଭୁବନେଶ୍ୱର,୮।୧୨(ସୌମ୍ୟରଞ୍ଜନ ରାଉତ)

ଓଡ଼ିଆ ଭାଷା ସାହିତ୍ୟ ଓ ସଂସ୍କୃତି ବିଭାଗ ଆନୁକୂଲ୍ୟରେ ପ୍ରଦର୍ଶନୀ ପଡିଆରେ ଚାଲିଥିବା ଓଡ଼ିଶା ରାଜ୍ୟ ପୁସ୍ତକ ମହୋତ୍ସବର ସୋମବାର ଥିଲା ତୃତୀୟ ଦିବସ। କବି ରମାକାନ୍ତ ରଥ ମଞ୍ଚରେ ରାଜ୍ୟ ସଂଗ୍ରହାଳୟ ଓ ଲେଖିକା ସଂସଦ ପକ୍ଷରୁ ମହିଳା ସ୍ୱାଧୀନତା ସଂଗ୍ରାମୀଙ୍କ ଜୀବନୀକୁ ନେଇ ଆଲୋଚନାଚକ୍ର ଓ କବିତା ପାଠ ଅନୁଷ୍ଠିତ କରାଯାଇଥିଲା। ମୁଖ୍ୟ ଅତିଥିଭାବେ ଓଡ଼ିଶା ରାଜ୍ୟ ସଂଗ୍ରହାଳୟର ଅଧୀକ୍ଷକ ଭାରତୀ ପାଲ ଯୋଗଦେଇଥିଲେ। ଶକୁନ୍ତଳା ବଳିଆର ସିଂଙ୍କ ସଭାପତିତ୍ୱରେ ଆୟୋଜିତ କାର୍ଯ୍ୟକ୍ରମରେ ଅତିଥିମାନେ ଓଡ଼ିଶାର ମହିଳା ସ୍ୱାଧୀନତା ସଂଗ୍ରାମୀଙ୍କର ଜୀବନୀ ଉପରେ ଆଲୋକପାତ କରିଥିଲେ।

# ୨୯,୦୬୨ ଗ୍ରାମ ଜଙ୍ଗଲ ଅଧିକାର ପାଇବାରୁ ବଞ୍ଚିତ

**ରାଜ୍ୟସ୍ତରୀୟ ଗଣସମ୍ମିଳନୀରେ ଉଦ୍‌ବେଗ**

ଭୁବନେଶ୍ୱର, ୮।୧୨(ବନ୍ଦନା ସେଠୀ)

‘ଜଙ୍ଗଲ ଅଧିକାର ଆଇନ-୨୦୦୬’ ଜଙ୍ଗଲ ଉପରେ ନିର୍ଭରଶୀଳ ଆଦିବାସୀ ଓ ଅନ୍ୟାନ୍ୟ ପାରମ୍ପରିକ ବନବାସୀଙ୍କ ପାଇଁ ଏକ ଐତିହାସିକ ଆଇନ। ଏଥିରେ ପୁରୁଷାନୁକ୍ରମେ ଦଖଲ ଓ ଚାଷ କରି ଆସୁଥିବା ଜଙ୍ଗଲଜମି ଉପରେ ବ୍ୟକ୍ତିଗତ ଅଧିକାର ସମେତ ଜଙ୍ଗଲର ସୁରକ୍ଷା, ସଂରକ୍ଷଣ ଏବଂ ପରିଚାଳନା ନିମନ୍ତେ ଗ୍ରାମସଭାକୁ ଆଇନଗତ ଅଧିକାର ପ୍ରଦାନ କରାଯାଇଛି। ମାତ୍ର ଆଇନ ପ୍ରଣୟନ ହେବାର ୨୦ବର୍ଷ ସମ୍ପୂର୍ଣ୍ଣ ହେବାକୁ ଯାଉଥିଲେ ମଧ୍ୟ କେନ୍ଦ୍ର ଓ ରାଜ୍ୟ ସରକାର ଏହି ଆଇନକୁ କାର୍ଯ୍ୟକାରୀ କରିବାରେ ବିଫଳ ହୋଇଛନ୍ତି। ରାଜ୍ୟର ମୋଟ ୫୩,୮୪୫ ଗ୍ରାମ ମଧ୍ୟରୁ ୩୫,୫୬୨ ଗ୍ରାମ ଜଙ୍ଗଲ ଅଧିକାର ପାଇବା ପାଇଁ ଉପଯୁକ୍ତ। ରାଜ୍ୟରେ ଭୌଗୋଳିକ ଅଞ୍ଚଳର ୩୯% ଭୂଭାଗ ହେଉଛି ଜଙ୍ଗଲ କିସମ। ରାଜ୍ୟରେ ପ୍ରାୟ ୨କୋଟି ୫୦ଲକ୍ଷ ଜନସଂଖ୍ୟା ଜୀବନ ଜୀବିକା ନିର୍ବାହ ପାଇଁ ନିବିଡ଼ ଭାବେ ଜଙ୍ଗଲ ଉପରେ ନିର୍ଭରଶୀଳ। ବର୍ତ୍ତମାନ ସୁଦ୍ଧା ପ୍ରାୟ ୬୫୦୦ ଗ୍ରାମକୁ ଗୋଷ୍ଠୀଗତ ଜଙ୍ଗଲ ଅଧିକାର ପ୍ରଦାନ କରାଯାଇଥିବାବେଳେ ୨୯୦୬୨ ଗ୍ରାମ ଏହି ଆଇନଗତ ଅଧିକାର ପାଇବାରୁ ବଞ୍ଚିତ ଅଛନ୍ତି ବୋଲି ସୋମବାର ଓଡ଼ିଶା ଜଙ୍ଗଲ ଅଧିକାର ମଞ୍ଚ ପକ୍ଷରୁ କସ୍ତୁରବା ନାରୀ ମହଲଠାରେ ଜଳ, ଜମି, ଜଙ୍ଗଲ ଏବଂ ଭବିଷ୍ୟତ ଉପରେ ରାଜ୍ୟସ୍ତରୀୟ ଗଣସମ୍ମିଳନୀରେ ଏହି ମତ ପ୍ରକାଶ ପାଇଛି। ସେହିପରି ବିକାଶ ନାମରେ ବୃହତ ଶିଳ୍ପ ଏବଂ ଖଣି ଖାଦାନ ପାଇଁ ରାଜ୍ୟରେ ୨୦୨୪ ସୁଦ୍ଧା ୬୮ ହଜାର ୧୬୫ ହେକ୍ଟର ଜଙ୍ଗଲଜମି କିସମ ପରିବର୍ତ୍ତନ କରାଯାଇଛି। କେବଳ ଶେଷ ୧୦ ବର୍ଷ ମଧ୍ୟରେ ରାଜ୍ୟରେ ୨୫ହଜାର ୧୫୩ ହେକ୍ଟର ଜଙ୍ଗଲ ଜମି କିସମ ପରିବର୍ତ୍ତନ କରାଯାଇଛି। ପୁଞ୍ଜିପତି ବ୍ୟବସାୟୀଙ୍କ ଉଦ୍ଦେଶ୍ୟରେ ଜଙ୍ଗଲଜମିକୁ ଧ୍ୱଂସ କରାଯାଉଥିବାବେଳେ ଆଦିବାସୀ ଏବଂ ଅନ୍ୟାନ୍ୟ ପାରମ୍ପରିକ ବନବାସୀଙ୍କୁ ଆଇନଗତ ଅଧିକାରରୁ ବଞ୍ଚିତ କରାଯାଉଥିବାରୁ ଅତିଥିମାନେ କ୍ଷୋଭ ପ୍ରକାଶ କରିଥିଲେ। ସମ୍ମିଳନୀରେ ବାମପନ୍ଥୀ ନେତା ତଥା ସିପିଆଇ (ଏମ୍)ର ରାଜ୍ୟ ସମ୍ପାଦକ ସୁରେଶ ପାଣିଗ୍ରାହୀ, ବାମପନ୍ଥୀ ନେତା ତଥା ପୂର୍ବତନ ବିଧାୟକ ରାଧାକାନ୍ତ ସେଠୀ, ସାମାଜିକ କର୍ମୀ ନରେନ୍ଦ୍ର ମହାନ୍ତି, ଗବେଷକ ସନ୍ଦୀପ ପଟ୍ଟନାୟକ, ତୁଷାର ଦାସ, ସାମାଜିକ କର୍ମୀ ଅରୁଣ ପ୍ରସାଦ ଦିହୁଡ଼ି, ହାଇକୋର୍ଟର ଆଇନଜୀବୀ ସନ୍ତୋଷ କୁମାର ପ୍ରଧାନ ପ୍ରମୁଖ ଯୋଗଦେଇଥିଲେ। ଗୋଲାପ ନିଆଲ ଧନ୍ୟବାଦ ଅର୍ପଣ କରିଥିଲେ। ଏଥିରେ ବିଭିନ୍ନ ଜିଲାରେ ଥିବା ଓଡ଼ିଶା ଜଙ୍ଗଲ ଅଧିକାର ମଞ୍ଚ ସହିତ ଜଡ଼ିତ ବିଭିନ୍ନ ଗଣସଂଗଠନର କର୍ମକର୍ତ୍ତା ଯୋଗଦେଇଥିଲେ।



ସମ୍ମିଳନୀରେ ବାମପନ୍ଥୀ ନେତା ସୁରେଶ ପାଣିଗ୍ରାହୀଙ୍କ ସହ ଅନ୍ୟମାନେ।



# ଭାରତୀୟ ଦଳର କଡ଼ା ଅଭ୍ୟାସ

କଟକ,୮।୧୨(ଅନାଦି କର)

ଦକ୍ଷିଣ ଆଫ୍ରିକା ବିପକ୍ଷ ପ୍ରଥମ ଟି୨୦ ମ୍ୟାଚ୍ ପାଇଁ ଭାରତୀୟ ଦଳ ସୋମବାର ଅପରାହ୍ନରେ ଜୋରଦାର ପ୍ରାକ୍ଟିସ କରିଛି। ଏହା ଏକ ଅପ୍ସନାଲ ପ୍ରାକ୍ଟିସ ସେଶନ ହୋଇଥିବା ବେଳେ ଏଥିରେ ପ୍ରାୟ ଖେଳାଳି ଓ ଦଳର ମୁଖ୍ୟ କୋଚ୍ ଗୌତମ ଗମ୍ଭୀରଙ୍କ ସମେତ ପୂରା ସପୋର୍ଟ ଷ୍ଟାଫ୍ ସାମିଲ ହୋଇଥିଲେ। କେବଳ ଅଲରାଉଣ୍ଡର ହାର୍ଦ୍ଦିକ ପାଣ୍ଡ୍ୟା ବିଶ୍ରାମ ନେଇଥିଲେ। ସେ ରବିବାର ସନ୍ଧ୍ୟାରେ ବାରବାଟୀରେ ଫ୍ଲଡଲାଇଟ୍‌ରେ ଅଭ୍ୟାସ କରିଥିଲେ। ବେକଜନିତ ସମସ୍ୟାରୁ ମୁକୁଳିଥିବା ଶୁବମନ ଗିଲ ଦୀର୍ଘ ସମୟ ଧରି ବ୍ୟାଟିଂ ପ୍ରାକ୍ଟିସ କରିଥିଲେ।

ଅପରାହ୍ନ ପ୍ରାୟ ୧ଟାରେ ଭାରତୀୟ ଦଳର ଖେଳାଳିମାନେ ଗ୍ରାଉଣ୍ଡରେ ପହଞ୍ଚିବା ପରେ ୩ରୁ ସାଢ଼େ ୩ ଘଣ୍ଟା ଧରି ଅଭ୍ୟାସ କରିଥିଲେ। ପ୍ରଥମ ଅଧ ଘଣ୍ଟା ନିଜକୁ ୱାର୍ମଅପ୍ କରିବା ପାଇଁ ବିଭିନ୍ନ ପ୍ରକାର ଡ୍ରିଲ୍ସ କରିଥିଲେ। ୱାର୍ମଅପ୍ ଶେଷ କରିବା ପରେ ଖେଳାଳିମାନେ ଫିଲ୍ଡିଂ ଓ କ୍ୟାଚିଂ ପ୍ରାକ୍ଟିସ କରିଥିଲେ। ଏହାପରେ ଗିଲ୍ ମୁଖ୍ୟକୋଚ୍ ଗମ୍ଭୀରଙ୍କ ତତ୍ତ୍ୱାବଧାନରେ ନେଟ୍ସରେ ବ୍ୟାଟିଂ ପ୍ରାକ୍ଟିସ କରିଥିଲେ। ପ୍ରଥମେ ସେ ବାଉଣ୍ଡ୍ରି ଲାଇନ ନେଟ୍ସରେ ଅଭିଷେକ ଶର୍ମା, ଅକ୍ଷର ପଟେଲ, ଯଶପ୍ରୀତ ବୁମରା ଓ ଅର୍ଶଦୀପ ସିଂଙ୍କ ଭଳି ବୋଲରଙ୍କ ସମ୍ମୁଖୀନ ହୋଇଥିଲେ। ପରେ କୋଚ୍ ଗମ୍ଭୀରଙ୍କ ସହ ଆଲୋଚନା ପରେ ସେ ସେଣ୍ଟର ନେଟ୍ସରେ ବ୍ୟାଟିଂ କରିଥିଲେ। ସେଣ୍ଟର ନେଟ୍ସରେ ଶିବମ ଦୁବେଙ୍କ ସହ ଗିଲ ବଡ଼ ବଡ଼ ଶଟ୍ ଖେଳି ଗ୍ୟାଲେରିରେ ଉପସ୍ଥିତ ଥିବା ଦର୍ଶକଙ୍କ ମନୋରଞ୍ଜନ କରାଇଥିଲେ। ତାଙ୍କ ଭଳି ସଞ୍ଜୁ ସାମସନ, ତିଲକ ବର୍ମା, ଅଧିନାୟକ ସୂର୍ଯ୍ୟକୁମାର ଯାଦବ ପ୍ରଥମେ ବାଉଣ୍ଡ୍ରି ଲାଇନ୍ ନେଟ୍ସରେ ବ୍ୟାଟିଂ କରିବା ପରେ ସେଣ୍ଟର ଉଇକେଟକୁ ଓହ୍ଲାଇଥିଲେ। ଅନ୍ୟପକ୍ଷରେ ବ୍ୟାଟିଂ ଅଲରାଉଣ୍ଡର ଦୁବେ ବୋଲିଂ କୋଚ୍ ମର୍ନି ମର୍କେଲଙ୍କ ତତ୍ତ୍ୱାବଧାନରେ ପ୍ରଥମେ ବୋଲିଂ ଅଭ୍ୟାସ କରିଥିଲେ।

## ପୁରୀ ଯିବେ ଖେଳାଳି

ଭାରତୀୟ ଦଳର କିଛି ସଦସ୍ୟ ସକାଳେ ପୁରୀ ଯାଇ ମହାପ୍ରଭୁ ଜଗନ୍ନାଥଙ୍କ ଦର୍ଶନ କରିବେ। ଟିମ ମ୍ୟାନେଜମେଣ୍ଟ ଓ ସୁରକ୍ଷା ଦାୟିତ୍ୱରେ ଥିବା ଅଧିକାରୀଙ୍କ ସହ ଆଲୋଚନା ପରେ ସ୍ୱତନ୍ତ୍ର ବ୍ୟବସ୍ଥା କରାଯାଇଥିବା ନେଇ ଭାରତୀୟ ଦଳର ଲୋକାଲ ମ୍ୟାନେଜର ସରୋଜ କୁମାର ସାହୁ ସୂଚନା ଦେଇଛନ୍ତି। ତେବେ ସେ କେଉଁ ଖେଳାଳିମାନେ ପୁରୀ ଯିବାକୁ ଯୋଜନା କରିଛନ୍ତି, ତାହା ସେ ଉଲ୍ଲେଖ କରିବାକୁ ମନା କରିଛନ୍ତି।

## ବାରବାଟୀରେ ଦୁଇ ସୂର୍ଯ୍ୟ



ସୂର୍ଯ୍ୟକୁମାର ଯାଦବଙ୍କ ସହ ଓଡ଼ିଶାର ସୂର୍ଯ୍ୟକାନ୍ତ ପ୍ରଧାନ।



ରଙ୍ଗୀନ ଅଲୋକରେ ଝଲସୁଛି ବାରବାଟୀ ଷ୍ଟାଡିୟମ। (ଫଟୋ: ରାଜକିଶୋର ମହାନ୍ତି)


**ODISHA ECOTOURISM SOCIETY**
O/o PRINCIPAL CHIEF CONSERVATOR OF FOREST WILDLIFE & CHIEF WILDLIFE WARDEN, ODISHA
PRAKRUTI BHAWAN, SAHEED NAGAR, BHUBANESWAR

**Invitation of Tender for Empanelment of Agencies for supply of Linen Items & Promotional Merchandise.**

No.OETS/01/2025-26 Dt.06.12.2025

No.MM-349: Odisha Ecotourism Society invites sealed bids from eligible agencies for empanelment for supply of Linen Items and Promotional Merchandise.
Bid Start Date-08.12.2025
Bid end Date- 22.12.2025 upto 1.00 P.M.
For more details visit www.wildlife.odisha.gov.in
Bid must be submitted either physically or by Speed Post/ Registry Post only in the below address.

O/o PCCF (WL) & CWLW, Odisha
Plot No.-1459, Prakruti Bhawan, Saheed Nagar, Bhubaneswar, Odisha-751007

OIPR-08141/11/0025/2526 Sd./- Dy. Conservator of Forests (ET)

**COUNCIL OF HIGHER SECONDARY EDUCATION ODISHA**
C/2 PRAJNAPITHA, SAMANTAPUR, BHUBANESWAR-13
**NOTIFICATION**
Bhubaneswar, Dated 06th December, 2025
**Extension of Timeline for Central Sector Scheme of Scholarship**

**No.N-224**: No.S.W.116/2025/6474/CHSE(O), This is for information of the Students and INO/DNO that timeline for all Post Matric/Top class Central Sector Schemes of Scholarship has been extened as under.

| Particulars | Extension Granted Upto |
|---|---|
| Last date for filling up of applications forms | 15.12.2025 |
| Last date for first level (L1) verification of application forms | 31.12.2025 |
| Last date for second level (L2) verification of application forms | 15.01.2026 |

Please visit the web-site (NSP) www.scholarships.gov.in for further information.

By order of the Chairman
OIPR-11003/11/0027/2526 Sd./- Secretary

**ODISHA LIFT IRRIGATION CORPORATION LIMITED**
(A GOVERNMENT OF ODISHA UNDERTAKING)
**OFFICE OF THE EXECUTIVE ENGINEER, LIFT IRRIGATION DIVISION, BALASORE**
No.CAD-2604: E-mail: eelidvnbls@yahoo.com
**e-Procurement Notice**
**Bid Identification No.05/2025-26/Dt.05.12.2025**

1.Name of the Tender inviting officer: Executive Engineer, L.I.Division, Balasore representing Odisha Lift Irrigation Corporation Ltd.,Bhubaneswar. 2.Name of the Work: Installation, Energisation of 155 nos. (New BKVY-155 nos.) CLIP in Sadar, Remuna, Nilagiri, Oupada, Bahanaga, Soro, Khaira & Simulia Block of Balasore District. 3. No. of Packages: 155 nos. (BKVY-2025-26). 4. Cost of Tender Amount: Varies from Rs.27,36,173/- to Rs.33,50,122/-. 5. Date and time of availability of bid document in portal for online bidding from 11.12.2025 at 11.00 hrs. to dated 23.12.2025 at 17.00 hrs. 6. Last date and time of receipt of bid in the portal dated 23.12.2025 upto 17.00 hrs. 7. Last date & time to seek clarification dated 22.12.2025 upto 17.00 hrs. 8. Date of opening of Technical bid (Cover-1) dated 24.12.2025 at 11.00 hrs. 9. Date of opening of Financial bid will be informed after evaluation of Technical bid. 10. Further details can be seen from the e-procurement portal of Govt. of Odisha i.e. www.tenderodisha.gov.in.11. Subsequent Corrigendum/ addendum/ Cancellation if required shall be available in above portal.

Sd./- Er. S.C. Munda
OIPR-32150/11/0007/2526 Executive Engineer, L.I. Division, Balasore

**ତା.୨୬.୧୧.୨୦୨୫ରିଖ**
**ସାମାଜିକ ସୁରକ୍ଷା ଓ ଭିନ୍ନକ୍ଷମ ସଶକ୍ତିକରଣ ବିଭାଗ**

No.୨୨-30: ଏତଦ୍ୱାରା ରାଜ୍ୟର ସମସ୍ତ ଜନସାଧାରଣ ତଥା ମଧୁବାବୁ ପେନସନ୍ ହିତାଧିକାରୀମାନଙ୍କୁ ସୂଚିତ କରାଯାଉଅଛି କି, ଚଳିତ ୨୦୨୫ ମସିହା ଅଗଷ୍ଟ ମାସଠାରୁ ମଧୁବାବୁ ପେନସନ୍ ଯୋଜନାରେ ଅନ୍ତର୍ଭୁକ୍ତ ସମସ୍ତ ବର୍ଦ୍ଧିତ ୩୫୦୦ ଟଙ୍କା ହିତାଧିକାରୀମାନଙ୍କର ଭତ୍ତା ବଣ୍ଟନ ସମୟରେ ମୋବାଇଲ application ଜରିଆରେ ଫଟୋ ଉଠାଯାଇ ଭତ୍ତା ବଣ୍ଟନ କରାଯାଉଅଛି । ଏହି application ସମସ୍ତ ପଞ୍ଚାୟତ କାର୍ଯ୍ୟନିର୍ବାହୀ ଅଧିକାରୀ (Executive Officer) ଙ୍କ ମୋବାଇଲରେ ଉପଲବ୍ଧ ଅଛି ।

ମାତ୍ର, ଏହା ପରିଲକ୍ଷିତ ହେଉଅଛି ଯେ, କିଛି ହିତାଧିକାରୀମାନେ କ୍ରମାଗତ ଭାବେ ଫଟୋ ଉଠାଇବା ନିମନ୍ତେ ସହଯୋଗ ନ କରିବା କାରଣରୁ ସେମାନଙ୍କର ଫଟୋ ଉଠାଇବା ସମ୍ଭବପର ହୋଇପାରୁନାହିଁ । ଏଣୁ ସମସ୍ତ ୩୫୦୦ ଟଙ୍କା ଭତ୍ତା ହିତାଧିକାରୀମାନଙ୍କୁ ଅବଗତ କରାଯାଉଅଛି ଯେ, ଯେଉଁମାନେ ଏ ପର୍ଯ୍ୟନ୍ତ ନିଜର ଫଟୋ ଉଠାଇବାରେ ସହଯୋଗ କରି ନାହାନ୍ତି, ସେମାନେ ଆସନ୍ତା ଡିସେମ୍ବର ମାସରେ ନିଜର ଫଟୋ ଉଠାଇବା ନିଶ୍ଚିତ ରୂପରେ କରାଇନିଅନ୍ତୁ । ଯେଉଁ ବର୍ଦ୍ଧିତ ୩୫୦୦ ଟଙ୍କା ଭତ୍ତା ହିତାଧିକାରୀମାନେ ରୋଗଗ୍ରସ୍ତ କିମ୍ବା ଅନ୍ୟ କାରଣରୁ ନିଜ ବାସସ୍ଥାନରୁ ଭତ୍ତା ରାଶି ଗ୍ରହଣ କରୁଅଛନ୍ତି, ସେମାନଙ୍କୁ ମଧ୍ୟ ନିଜ ଫଟୋ ଉଠାଇବା ଚଳିତ ଡିସେମ୍ବର ମାସରେ କରାଇ ଦେବାକୁ ଅନୁରୋଧ କରାଯାଉଅଛି ।

ସ୍ୱେଚ୍ଛା ଏତଦ୍ୱାରା ଘୋଷଣା କରାଯାଉଅଛି ଯେ, ଯେଉଁମାନେ ନିଜର ଫଟୋ ଉଠାଇବା ନାହାନ୍ତି ଏବଂ ଆସନ୍ତା ମାସ ମଧ୍ୟରେ ଫଟୋ ଉଠାଇବା ନିମନ୍ତେ ସହଯୋଗ କରିବେ ନାହିଁ, ସେମାନଙ୍କର ନାମ ହିତାଧିକାରୀ ତାଲିକାରୁ ବାଦ୍ କରାଯିବ ଏବଂ ୨୦୨୬ ମସିହା ଜାନୁଆରୀ ମାସରୁ ସେମାନଙ୍କୁ ସରକାରଙ୍କ ତରଫରୁ ମାସିକ ୩୫୦୦ ଟଙ୍କା ଭତ୍ତା ରାଶି ଯୋଗାଇ ଦିଆଯିବ ନାହିଁ ।

OIPR-46001/11/0076/2526 Sd./- ନିର୍ଦ୍ଦେଶିକା

**[GOVERNMENT OF ODISHA]**
**BLOCK DEVELOPMENT OFFICER PANCHAYAT SAMITI, NUAGAON**
E-mail : ori-snuagaon@nic.in
**INVITATIONS FOR BIDS (I.F.B.)**
**e-Procurement Notice**
**IDENTIFICATION NO. SNG 01/2025-26**
**No.2845/PSNuagaon** **Dt.03.12.2025**
**e-Tender Notice Bid Identification No. PSNuagaon-01/2025-26**

**No.i-414** : The BDO, Nuagaon Panchayat Samiti on behalf of Governor of Odisha invites Percentage Rate bids in online mode for Construction of the work as detailed below.

| | | | |
|---|---|---|---|
| 1. | Number of works | : | 1 (One) |
| 2. | Nature of work | : | Civil Construction work |
| 3. | Class of Contractor | : | C & D |
| 4. | Period of completion | : | 6 (Six) Calendar Months |
| 5. | Estimated cost | : | Rs.1682095/- lakh |
| 6. | Date & time of online availability of details of this notice and the Tender Documents | : | 06.12.2025, 11.00 A.M. to 18.12.2025 upto 5.00 P.M. in the Site www. tendersorissa.gov.in and in the office of the BDO, Nuagaon Panchayat Samiti (on working days) |
| 7. | Last date of receipt of online Bid | : | 18.12.2025 upto 5.00 P.M. |
| 8. | Mode of submission of Tender documents | : | The documents should be uploaded through online |
| 9. | The date of opening of Bids received on-line | : | 19.12.2025 at 11.00 A.M. in the office of the BDO, Nuagaon Panchayat Samiti |
| 10. | Designation and address of the authority inviting Bids | : | BDO, Nuagaon Panchayat Samiti |

The bidders have to participate through online bidding only.

Sd./- Block development Officer
OIPR-19358/11/0010/2526 Nuagaon Panchayat Samiti

**"e" PROCUREMENT NOTICE REFERENCE NO-E.E.(A), MAYURBHANJ DIVISION, BARIPADA-04/25-26**
**No.3287** **Date : 06.12.2025**

**No.L-27** : Bid documents consisting of work, estimate cost, cost of Tender Papers, EMD/BID Security Declaration, Time of Completion, Class of Contractors and the set of term and conditions of contract and other necessary documents can be seen/downloaded from Govt. website i.e. https://tenderodisha.gov.in.

1. No. of work : 20
2. Estimated cost : Rs.2,25,764.00 To Rs.39,52,939.00
3. Period of completion : 30 days to 90 days
4. Date & time of availability of the Bid documents in the portal : Dt.08.12.2025 at 10.30 A.M. to Dt.19.12.2025 at 5.30 P.M.
5. Online Submission Last date in portal : Dt.19.12.2025 at 5.30 P.M.
6. Last date & time receipt of bids in offline drop : Dt.09.12.2025 at 10.30 A.M. to Dt.20.12.2025 at 5.30 P.M.
7. Bids received online shall be opened on : Dt.22.12.2025 at 11.00 A.M.
8. Name and address of the officer inviting Bids : Executive Engineer (Agril.) Mayurbhanj Division, Baripada

Further details can be seen/downloaded from the procurement portal i.e. https://tenderodisha.gov.in.

Sd./- Executive Engineer (Agril.)
OIPR-01474/11/0014/2526 Mayurbhanj Division, Baripada

**Odisha State Road Transport Corporation**
Paribahan Bhawan, Sachivalaya Marg
Bhubaneswar, Odisha 751009
Email: osrtc@od.gov.in, Phone No.0674-2530908
No.14538, Date:06/12/2025
No.CAD-2620
**EXPRESSION OF INTEREST**
**EXPRESSION OF INTEREST (EOI) MASTER CONCESSIONAIRE FOR REVENUE GENERATION THROUGH ADVERTISEMENTS IN VIDEO WALLS/ HOARDINGS/ OPEN SPACES IN OSRTC BUS STANDS/ DEPOTS AS WELL AS IN ATAL BUS STANDS UNDER OSRTC.**

Odisha State Road Transport Corporation (OSRTC) invites Proposal from interested agencies for the above-mentioned EoI. Please refer to the EoI document for details.

- The EoI document shall be available from 08.12.2025 onwards in the following web portal: www.osrtc.org and https://tendersodisha.gov.in. **Any further intimation (i.e. Corrigendum/ Addendum/ Responses to the queries/ Clarifications) shall be uploaded in the above website only.**
- Applicants are required to submit a duly filled EoI Proposal as per the prescribed formats online on or before 29.12.2025 by 05.00 P.M. The EoI Proposals received shall be opened at 04.30 PM on 30.12.2025.
- In case of any queries/ clarifications, E-mail at **osrtc@od.gov.in**
- OSRTC reserves the right to accept or reject bid process without assigning any reasons thereof.

Sd./- General Manager (Admin)
OIPR-38002/11/0035/2526 OSRTC, Bhubaneswar

**GOVERNMENT OF ODISHA** No.B-808
**OFFICE OF THE SUPERINTENDING ENGINEER, SAMBALPUR (R&B) DIVISION NO. II, SAMBALPUR**
E-mail - eesbprnbdivision2@gmail.com, Phone : 0663-2410104
**BID IDENTIFICATION No. SE / R and B / SBP II / 06 (online) / 2025-26**
**No. 5321** **/Dated. 04.12.2025**
**E-procurement notice**

| | | | |
|---|---|---|---|
| 1 | The **Superintending Engineer, Sambalpur (R&B) Division No.II, Sambalpur** on behalf of Governor of Odisha, invites Percentage Rate bids in **Double/Single cover System** in ONLINE MODE. | | |
| 2 | No. of works | : | **3 nos works**<br>**Road works - 2 nos.**<br>**Building work - 1 no.** |
| 3 | Tender Cost | : | Rs.10,000/- & Rs. 6,000/- Each paper |
| 4 | Class of Contractor | : | **'C', & 'B' Class Contractor** |
| 5 | Availability of bid document in the website | : | **11:00 Hours 09.12.2025 to 17:00 Hours of 20.12.2025** |
| 6 | Date of Opening of Tenders | : | **11:30 Hours** on dated **22.12.2025** |
| 7 | The Bidders have to participate in ONLINE bidding only. Further details can be seen from the Website **www.tendersodisha.gov.in** only. Any Corrigendum / Addendum / Cancellation of tender will be displayed in the website said only. | | |

Sd./- Superintending Engineer
OIPR-34136/11/0021/2526 Sambalpur (R&B) Division No.II

ଓଡ଼ିଶା ଗ୍ରାମ୍ୟ ଉନ୍ନୟନ ଓ ବିପଣନ ସମିତି
ପଞ୍ଚାୟତିରାଜ ଓ ପାନୀୟ ଜଳ ବିଭାଗ, ଓଡ଼ିଶା ସରକାର ORMAS BHUBANESWAR
**Odisha Rural Development & Marketing Society**
*creating competence and values in rural Odisha*
Panchayati Raj and DW Department, Government of Odisha
No.3679 Date : 06.12.2025
File No. :
**Request For Proposal (RFP)**
**Selection of agency for Tentage and Allied Works for Sisir Saras-2026 in Bhubaneswar, Odisha**

**No.CAD-2627** : ORMAS under the Panchayati Raj & Drinking Water Department, Government of Odisha (The Client) invites sealed proposals (under two bid systems) from the eligible bidders through e-tender process for "Selection of agency for Tentage and Allied Works for Sisir Saras-2026 in Bhubaneswar, Odisha". Bidders fulfilling the prescribed eligibility criteria of the RFP can access and download the complete RFP Document and other details from www.ormas.org/panchayat.odisha.gov.in/www.tendersodisha.gov.in

The major events under the bid process are :

| Sr. No. | List of Key Events | Critical Dates |
|---|---|---|
| 1 | Date of Issue of RFP | 06.12.2025 |
| 2 | Date of Pre-proposal Meeting | 16.12.2025 (at 11:30 A.M.) |
| 3 | Last Date for Submission of Proposal | 26.12.2025 (by 10:00 A.M.) |
| 4 | Date of Opening of Technical Bid & Technical presentation | 26.12.2025 (at 10:30 A.M.) |
| 5 | Date of Opening of financial proposal | 26.12.2025 at 04:30 P.M. |
| 6 | Method of Selection | Quality cum Cost Based Selection (QCBS) |

The bidders must apply their proposal through e-tender process latest by 26.12.2025 at 10:00 A.M. clearly mentioning "Request For Proposal - Selection of agency for Tentage and Allied Works for Sisir Saras-2026 in Bhubaneswar, Odisha". The proposals received beyond the last date and time will be rejected without assigning any reason. The authority reserves all the rights to reject any/all proposals at any stage without assigning any reason thereof.

By order of CEO, ORMAS
OIPR-19004/11/0033/2526 Sd./- Additional CEO (Finance), ORMAS

**ZILLA SWASTHYA SAMITI, JHARSUGUDA**
**Office of the CDM&PHO-cum-Dist. Mission Director**
**Jharsuguda, Odisha-768204**
**No.3865/NHM/IEC/25** **Dt:06.12.25**
**TENDER CALL NOTICE**

No.E-578: Sealed tenders are invited from reputed registered firms/agencies/ dealers having adequate experience in taking up the works of printing of forms, Booklets, Poster, Calendar, Leaflets, Banner, Sun Board with vinyl print, Standee, Flex Printing for hoarding & fixing IEC Materials, forms etc. of ZSS, Jharsuguda. The willing Agencies/ firms are requested to submit sealed tenders on or before 29.12.2025 till 5.00 PM through Speed Post/ Registered Post/ Courier only. The detailed Tender document and terms conditions is available in the district website www.jharsuguda.odisha.gov.in. This office will not entertain any tender after the due date/time fixed for in any circumstances. The undersigned reserves the right to reject any or whole RFP without assigning any reason thereof.

Sd./- CDM&PHO cum District
OIPR-10037/11/0023/2526 Mission Director, NHM, Jharsuguda

**GOVERNMENT OF ODISHA**
**OFFICE OF THE ADDITIONAL CHIEF ENGINEER UPPER INDRAVATI DAM CIRCLE**
AT/PO-KHATIGUDA, DIST-NABARANGPUR, PIN-764085
No.A-1084: Email I.D.: add.ceuidc@gmail.com
**e-Procurement Notice**
**Bid Identification No.ACEUIDC-01(04)/2025-26, Dated:- 06.12.2025**

Bid documents consisting of work, Estimated Cost of bid document, time of completion, Class of Contractors and the set of terms and conditions of contract and other necessary documents can be seen in Govt. website i.e. www.tendersodisha.gov.in.

| | | |
|---|---|---|
| 1. | Name of the Work | Road Works |
| 2. | No. of Works | Four Numbers |
| 3. | Estimated Cost | Rs.2.37 Crore to Rs.2.38 Crore (Four number of works) |
| 4. | Class of Contractor | 'B' & 'A' |
| 5. | Period of Completion | Two Calendar Months (Four number of works) |
| 6. | Date of Clarification | 11.12.2025 to 17.12.2025 only During Office Hour |
| 7. | Time for Receipt of Bid in the Portal | From 11.12.2025 11.00 AM to 25.12.2025 (upto 5.00 PM) |
| 8. | Date & Place of Opening of the Technical Bid online | 26.12.2025 (11.30 AM) O/o. Additional Chief Engineer, Upper Indravati Dam Circle, Khatiguda, Nabarangpur, Odisha |
| 9. | Name of the Tender Inviting Authority (TIA) | Additional Chief Engineer, Upper Indravati Dam Circle, Khatiguda |

Further details can be seen from the e-procurement portal **http://tendersodisha.gov.in.**

Sd./- Additional Chief Engineer
OIPR-32075/11/0002/2526 Upper Indravati Dam Circle, Khatiguda

**GOVERNMENT OF ODISHA**
**OFFICE OF THE DEPUTY DIRECTOR, GEOLOGY GROUND WATER DEVELOPMENT DIVISION, BOLANGIR**
Jyotinagar, Laitikra, P.O.:Rajendra College, Dist-Bolangir, PIN-767002
e-mail: srgeologistbolangir@gmail.com
No.A-1067: Letter No.992, Date: 04.12.2025
**National Competitive Bidding Through e-Procurement**
**Identification No.03/GWDBLGR/CHHATA/ARUA 2025-26 of 2025-26, Dt.08.12.25**
**e-Procurement Notice**

01. Name of the Work : 05 Nos. Work
02. Type of Bid : Single System
03. Estimated Cost : Rs.07.77 Lakh to 18.21 Lakhs
04. Period of Completion : 01 Calendar Month
05. Date & Time of availability of bid document in the Portal : From 11.00 AM of dt.08.12.2025 to 5.00 P.M. of 18.12.2025
06. Last date/time of receipt of bids in the Portal : 5.00 P.M. of 18.12.2025
07. Date & Time of opening of technical Bids : At 11.30 AM of 19.12.2025
08. Name and address of the Officer Inviting Bid : Deputy Director, Geology Ground Water Development Division, Jyotinagar, Laitikra, P.O.-Rajendra College 767002, Bolangir, Dist-Bolangir

Further details can be seen from the website www.tendersodisha.gov.in.

Sd./- Deputy Director, Geology
OIPR-32471/11/0009/2526 G.W.D. Division, Bolangir

**DIRECTORATE OF MINOR MINERALS**
**STEEL AND MINES DEPARTMENT, GOVT. OF ODISHA**
**LOKSEVA BHAWAN, BHUBANESWAR-751001**
Tel No.0674-2532113, E-mail : dirmms-rev@od.gov.in
No.DOMM-DMM-ESTT-0012-2023 3160 Date : 08.12.2025
**TENDER NOTICE FOR PROVIDING OFFICE ASSISTANT SERVICE & PEON/ ATTENDANT/OFFICE SUPPORT STAFF SERVICE IN DIRECTORATE OF MINOR MINERALS, ODISHA, BHUBANESWAR THROUGH OUTSOURCING**

**No.G-44** : Bids in sealed cover are invited under two-bid system from reputed and experienced manpower service provider for **providing Office Assistant service and Peon/Attendant/Office support staff in the Directorate of Minor Minerals, Odisha, Bhubaneswar-751001 on outsourcing basis**.
The details of the bidding process are as follows :

| SL. NO. | BIDDING SCHEDULE | DATELINE |
|---|---|---|
| 1 | Date of commencement of Sale of Tender Paper | 09.12.2025 |
| 2 | Last date of Issue of Tender Paper | 23.12.2025 |
| 3 | Cost of Tender document / Bid processing fee | Rs.1180/- (including GST) |
| 4 | Last date of Receipt of Tender paper (Only through Regd. Post/Speed Post) | 23.12.2025, 5.00 P.M. |
| 5 | Date of Opening of the Tender<br>i. Technical bid<br>ii. Financial bid of eligible bidders | <br>24.12.2025, 11.45 A.M.<br>29.12.2025, 11.45 A.M. |
| 6 | Place of opening tender paper | Directorate of Minor Minerals, Block No.06, Ground Floor, Lokseva Bhawan, Odisha, Bhubaneswar-751001 |
| 7 | Address to receipt of Bid documents | Directorate of Minor Minerals, Block No.06, Ground Floor, Lokseva Bhawan, Odisha, Bhubaneswar-751001 |

Bidders are required to submit the Technical and Financial Bids separately. The bids in sealed **Cover-I** containing **"Technical Bid"** and sealed **Cover-II** containing **"Financial Bid"** should be placed in a third sealed cover superscribed **"BID FOR PROVIDING OFFICE ASSISTANT SERVICE & PEON/ATTENDANT/OFFICE SUPPORT STAFF SERVICE IN DIRECTORATE OF MINOR MINERALS, ODISHA, BHUBANESWAR THROUGH OUTSOURCING"** must reach the undersigned on or before **dt.23.12.2025 by 5.00 P.M. by Speed Post/Registered Post only**. Manually submitted (in-person/hand-delivered) bid documents shall be rejected. In case the closing date for sale of tender paper or/and last date for receipt of tender document happens to be a holiday, the activity will be held on the immediate next working day at the same time and place.
The bid documents containing eligibility criteria, scope of the work, terms and conditions of the tender and draft agreement can be downloaded from **www.odishaminerals.gov.in**
Complete address for submission of bid :
**The Director of Minor Minerals, Block No.06, Ground Floor, Lokseva Bhawan, Odisha, Bhubaneswar-751001**

Sd./- DIRECTOR OF MINOR MINERALS
OIPR-30001/11/0018/2526 ODISHA, BHUBANESWAR

**OFFICE OF THE DIVISIONAL FOREST OFFICER PURI (WL) DIVISION**
Phone No.06752-228281 (Office) Email:dfo.puriwl@odisha.gov.in
Notice No: 02/2025-26 Dated 06.12.2025
**EOI (EXPRESSION OF INTEREST) FOR PREPARATION OF DETAILED PROJECT REPORT(DPR) FOR THE DEVELOPMENT OF PROPOSED BLUE FLAG BEACHES AT PIR JAHANIA (ASTARANG), BELESWAR BEACH AND TOURIST BEACH AT PHULPATNA BEACH, PURI, ODISHA**

**No.MM-353:**The Divisional Forest Officer, Puri Wildlife Division invites Expression of Interest (EOI) for preparation of **Detailed Project Report (DPR)** for development of proposed Blue Flag Beaches at Pir Jahania (Astarang), Beleswar Beach and a Tourist Beach at Phulpatna, Puri, Odisha. Agencies/individuals interested in applying may submit their duly filled application with complete information as required as per the EOI document. The last date for submission of bids is **15.12.2025 up to 5.30 PM.** The parties will present their detailed plan of execution before a committee on **16th December,2025** at 11.00 AM in the conference hall of the undersigned. For detailed notice and for participation, please visit the websites **www.puri.odisha.gov.in** & **www.odishaforest.in**. All queries may be emailed to **dfo.puriwl@odisha.gov.in** .
**NB: Cost of Application Form =Rs.500/- (in form of Demand Draft)**

Sd./- Divisional Forest Officer
OIPR-08140/11/0023/2526 Puri (WL) Division, Puri

**ODISHA STATE SEEDS CORPORATION LTD**
**(A GOVERNMENT UNDERTAKING)**
SANTARAPUR, BHUBANESWAR - 751002.
Tel- MD 0674-2340573, Email- mdosscltd456@gmail.com
**TENDERS No. - OSSC/ENGG - 137/2025**

**No.CAD-2617** : Managing Director, Odisha State Seeds Corporation Ltd. invites Item Wise Rate Tender in **Double Cover System** through **ONLINE MODE ONLY** for the works below.

| | | |
|---|---|---|
| 1 | Nature of Work | Supply of Producer Labels for the year 2025-26 |
| 2 | No. of Work | 1 job - 63,00,000 Nos. of Producer label to be purchased |
| 3 | Bid Cost | Rs.6,720/- |
| 4 | Value of Tender | Rs.39,00,000.00 (Approx without GST) |
| 5 | EMD | Rs.78,000.00 |
| 6 | Class of Contractor | Manufacturer / Supplier |
| 7 | Availability of Bid Document | 11.00 hours on dt.09.12.2025 to 17.00 hours on dt.18.12.2025 |
| 8 | Last Date of receipt of tender in the Portal | 17.00 hours on dt.18.12.2025 |
| 9 | Last date of Receipt of Sample only through Speed Post/Regd. Post | 17.00 hours on dt.18.12.2025 |
| 10 | Date / Time of Opening of Bid | 11.30 hours on dt.19.12.2025 |

Further details can be seen from the website https://tendersodisha.gov.in. Any addendum/corrigendum/cancellation can also be seen in the said website.

Sd./- Managing Director
OIPR-01045/11/0117/2526 OSSC Ltd., BBSR

**OFFICE OF THE CHIEF EXECUTIVE, RPRC, BHUBANESWAR**
(e-mail id: rprcbbsr@gmail.com), Tel.: (0674)- 2557925
No.T/40/1985/RPRC, Date:06.12.2025
**REQUEST FOR PROPOSAL**
**Bid Identification No.RPRC/42/2025-26**

No.MM-348: The Chief Executive, RPRC, Bhubaneswar on behalf of Forest, Environment & Climate Change Department, Govt. of Odisha invites RFP for "Design, Development, Supply, Installation and Commissioning of Musical Water Fountain in RPRC, Bhubaneswar" from eligible bidders through e-tendering process though two bid system. The bidders fulfilling the eligibility criteria of the RFP document can access and download the complete RFP and other details from RPRC website www.rprcbbsr.in/ e-portal https://rprc.ewizard.in. The bid calendar under the end-to-end process are.

| EMD in Rs. | Cost of Bid Document in Rs. | Availability of RFP document (online) | | Date of Opening of (Technical Bid) |
|---|---|---|---|---|
| | | From | To | |
| 35,000/- (Online) | 6,000.00 (Online) | 07.12.2025/ 10.00 AM | 22.12.2025/ 10.00 AM | 22.12.2025/ 11.30 AM |

Addendum/Corrigendum/Cancellation, if any, will be published in RPRC website and e-portal. Bidder needs to register on the portal after successful Registration and send a mail to eprochelpdesk.101@gmail.com with details (For new bidders). For any other queries regarding registration & online tender submission contact to: Mr. Shivendra Kumar, Mobile-9355030613 and Jitesh Kumar, Mobile-9355030604, e-mail: eprochelpdesk.101@gmai.com

OIPR-08004/11/0049/2526 Sd./-Chief Executive, RPRC, Bhubaneswar

**ODISHA TOURISM DEVELOPMENT CORPORATION LIMITED**
(A GOVT. OF ODISHA UNDERTAKING)
PANTHANIVAS (OLD BLOCK): LEWIS ROAD: BHUBANESWAR-14
Letter No. **INVITATIONS FOR BIDS (IFB)** Date:06.12.2025
No.CAD-2635: **NOTICE INVITATION FOR BIDS (NIFB)**
**E-Procurement Notice No.BP-I/20/2025-26 dt.03.10.2025**

1.Nature of Work: Civil, P.H., Interior, Electrical Works & Architech Consultant. 2. Total No. of Works: 07 Nos., 3. Value of Works: From Rs.1,88,88,000.00 to 35,00,000.00, 4. Bid Security: As per NIT., 5. Class of Contractor: As per NIT., 6. Period of Completion: 02 (Two) to 09 (Nine) Months., 7. Other details as follows:

| Procurement Officer | Bid Identification No. | Availability of Bid Online | | Date, Time & Place of Opening of Tender |
|---|---|---|---|---|
| Superintending Engineer, OTDC Ltd., Bhubaneswar | BP-I/24/2025-26 Dt.06.12.2025 | From 15.12.2025 | To 29.12.2025 | 11.30 Hours of dt.30.12.2025 in the office of the Superintending Engineer, OTDC Ltd., Bhubaneswar |

Further details can be seen from the Govt. Website **www.etenderodisha.gov.in**

OIPR-37002/11/0131/2526 Sd./- Superintending Engineer, O.T.D.C. Ltd., Bhubaneswar

## ଜନ୍ମଦିନର ଶୁଭେଚ୍ଛା

ନାମ: ..................................
ବୟସ:..................................
ଜନ୍ମ ତାରିଖ: ..............................



ପ୍ରାଜ୍ୱଲ୍
ପରିବାରବର୍ଗ

ଏଠାରେ ୨ X ୨ ସେ.ମି. ଫଟୋ ଲଗାନ୍ତୁ

ସର୍ତ୍ତାବଳୀ: ଏହି କୁପନ ବ୍ୟବହାର କରି ସମ୍ପୂର୍ଣ୍ଣ ମାଗଣାରେ ଜନ୍ମଦିନର ଶୁଭେଚ୍ଛା ଜଣାନ୍ତୁ। ଫଟୋଗ୍ରାଫ ସହିତ କୁପନଟି ପ୍ରକାଶନ ତାରିଖର ୭ ଦିନ ପୂର୍ବରୁ ଜନ୍ମଦିନ ଶୁଭେଚ୍ଛା, ଧରିତ୍ରୀ, ବି-୨୬, ରସୁଲଗଡ ଶିଳ୍ପାଞ୍ଚଳ, ଭୁବନେଶ୍ୱର-୧୦ ଠିକଣାରେ ପହଞ୍ଚିବା ଆବଶ୍ୟକ।


# ୨୨ ଦେଶରୁ ଭାଗନେବେ ୫୭୮ ଖେଳାଳି

ଭୁବନେଶ୍ୱର, ୮।୧୨ (ତପନ ସ୍ୱାଇଁ)

କଟକର ଜବାହରଲାଲ ନେହେରୁ ଇନ୍‌ଡୋର ଷ୍ଟାଡିୟମରେ ମଙ୍ଗଳବାରଠାରୁ ଆରମ୍ଭ ହେବାକୁ ଯାଉଛି ଓଡ଼ିଶା ମାଷ୍ଟର୍ସ ବିଡବ୍ଲ୍ୟୁଏଫ୍ ଟୁର୍ ସୁପର ୧୦୦ ବ୍ୟାଡ୍‌ମିଣ୍ଟନ ଟୁର୍ଣ୍ଣାମେଣ୍ଟ। ୧୪ ତାରିଖ ପର୍ଯ୍ୟନ୍ତ ଚାଲିବାକୁଥିବା ଏହି ପ୍ରତିଯୋଗିତାରେ ୨୨ ଦେଶରୁ ୫୭୮ ଖେଳାଳି ଅଂଶଗ୍ରହଣ କରିବେ। ଓଡ଼ିଶାରୁ ମୋଟ ୧୩ ଖେଳାଳି ଏଥିରେ ଭାରତରୁ ପ୍ରତିନିଧିତ୍ୱ କରିବେ। ଭାରତ ବ୍ୟତୀତ ମାଲେସିଆ, ଇଣ୍ଡୋନେସିଆ, ଚାଇନିଜ୍ ତାଇପେ, ଶ୍ରୀଲଙ୍କା, ୟୁନାଇଟେଡ ଆରବ ଏମିରେଟ୍ସ (ୟୁଏଇ), ଜାପାନ, ହଂକଂ, ଇଜିପ୍ଟ, ଫିନ୍‌ଲାଣ୍ଡ, ସ୍ପେନ୍, ଇସ୍ରାଏଲ, ଆମେରିକା, ଅଷ୍ଟ୍ରେଲିଆ, ଇଂଲଣ୍ଡ, ବାଂଲାଦେଶ, ବୁଲଗେରିଆ, ଉଗାଣ୍ଡା, ଭେନେଜୁଏଲା, ସୌଦୀ ଆରବ, ରୁଷିଆ ଓ ୟୁକ୍ରେନରୁ ଖେଳାଳି ଭାଗନେବେ।

ଓଡ଼ିଶାରୁ ଭାଗ ନେବାକୁ ଯାଉଥିବା ଖେଳାଳିଙ୍କ ମଧ୍ୟରେ ଆୟୁଷ ଦାଶ ଓ ଆର୍ଯ୍ୟ ମାଝି ପୁରୁଷ ସିଙ୍ଗଲ୍ସ, ହର୍ଷିତା ରାଉତ ଓ ତନଭି ପତ୍ରି ମହିଳା ସିଙ୍ଗଲ୍ସ, ଅବିନାଶ ମହାନ୍ତି, ଆୟୁଷ ପଟ୍ଟନାୟକ, କେ. ମୁରଲୀ କ୍ରିଷ୍ଣା, ଅଭିଜିତ ମହାରଣା, ମହିଳା ଡବଲ୍ସରେ ରତପର୍ଣ୍ଣା ପଣ୍ଡା, ଶ୍ୱେତପର୍ଣ୍ଣା ପଣ୍ଡା, ହର୍ଷିତା ରାଉତ, ପୂର୍ବା ପ୍ରତ୍ୟାଶା ପଣ୍ଡା ଓ ବିଶାଖା ଟପ୍ପୋ ଏବଂ ମିକ୍ସଡ ଡବଲ୍ସରେ ଆୟୁଷ ଦାଶ, ପୂର୍ବା ପ୍ରତ୍ୟାଶା ପଣ୍ଡା, ହର୍ଷିତା ରାଉତ ଓ ତନ୍ମୟ କୁମାର ରାଉତ ଅଂଶଗ୍ରହଣ କରିବେ। ବିଶ୍ୱର ଟପ୍ ର୍‍ୟାଙ୍କ୍‌ପ୍ରାପ୍ତ ଖେଳାଳିଙ୍କ ମଧ୍ୟରେ ପୁରୁଷ ସିଙ୍ଗଲ୍ସରେ ଭାରତର ଏଚ୍.ଏସ. ପ୍ରଣୟ (ବିଶ୍ୱ ର୍‍ୟାଙ୍କ୍-୩୪), ଥରୁନ ମାନ୍ନେପଲ୍ଲୀ (୪୧), ଫିନ୍‌ଲାଣ୍ଡର ଜୋଆକିମ ଓଲ୍ଡର୍ଫ (୪୩), ମହିଳା ଡବଲ୍ସରେ ବୁଲଗେରିଆର ଗାବ୍ରିଏଲା ସ୍ତୋଏଭା-ଷ୍ଟିଫାନି ସ୍ତୋଏଭା (୧୩), ମିକ୍ସଡ ଡବଲ୍ସରେ ରୋହନ କପୁର-ରୁଥଭିକା ଶିବାନୀ (୩୩), ମହିଳା ସିଙ୍ଗଲ୍ସରେ ଭାରତର ଉନ୍ନତି ହୁଡା (୨୮) ଏବଂ ମହିଳା ଡବଲ୍ସରେ ଭାରତର ତ୍ରିଶା ଜୋଲି-ଗାୟତ୍ରୀ ଗୋପିଚାନ୍ଦ (୧୪) ଅନ୍ୟତମ। ଥରୁନ ମାନ୍ନେପଲ୍ଲୀ ୨୦୨୪ ଓଡ଼ିଶା ମାଷ୍ଟର୍ସରେ ରନରଅପ୍ ହୋଇଥିଲେ। ସେହିପରି ବିଶ୍ୱର ନାମୀ ଅନ୍ତର୍ଜାତୀୟ ଖେଳାଳିଙ୍କ ମଧ୍ୟରେ ମହିଳା ଡବଲ୍ସରେ ବିଶ୍ୱର ଟପ୍-୨୦ରେ ଥିବା ବୁଲଗେରିଆର ସ୍ତୋଏଭା ସିଷ୍ଟର୍ସ, ଇଣ୍ଡୋନେସିଆର ଅଲିମ୍ପିକ୍ ଗୋଲ୍ଡ ମେଡାଲିଷ୍ଟ ଆପ୍ରିୟାନି ରାହାୟୁ-ସିତି ଫଦିଆ, ପୂର୍ବତନ ବିଶ୍ୱ ଜୁନିୟର ନଂ୧ ଥାଇଲାଣ୍ଡର ଲାଲିନରାତ ଚାଇୱାନ, ପୁରୁଷ ଡବଲ୍ସରେ ପୂର୍ବତନ ବିଶ୍ୱର ନଂ୧ ଇଣ୍ଡୋନେସିଆର ମହମ୍ମଦ ରିଆନ ଆର୍ଡିଆଣ୍ଟୋ ପ୍ରମୁଖ ଆକ୍ସନରେ ଦେଖିବାକୁ ମିଳିବେ।

### ଆଜିଠୁ ଓଡ଼ିଶା ମାଷ୍ଟର୍ସ ସୁପର୧୦୦ ବ୍ୟାଡ୍‌ମିଣ୍ଟନ



ଅତିଥିଙ୍କଠାରୁ ପୁରସ୍କାର ଗ୍ରହଣ ଅବସରରେ ଭୁବନେଶ୍ୱର ଫୁଟବଲ ଲିଗ୍ ଚାମ୍ପିୟନ କିଶୋର କ୍ଲବ ଦଳ।

# ମହିଳାଙ୍କୁ ୪ବର୍ଷ ଜେଲ

### ଫୁଟ୍‌ବଲ ଖେଳାଳିଙ୍କୁ ବ୍ଲାକ୍‌ମେଲ

ସିଓଲ, ୮।୧୨ (ଏପି)

ଫୁଟବଲ ଷ୍ଟାର ସନ୍ ହିଅଙ୍ଗ ମିନ୍‌ଙ୍କୁ ବ୍ଲାକ୍‌ମେଲ କରିଥିବା ଅଭିଯୋଗରେ ଦକ୍ଷିଣ କୋରିଆର ଏକ କୋର୍ଟ ଜଣେ ମହିଳାଙ୍କୁ ୪ବର୍ଷ ଜେଲ ଦଣ୍ଡ କରିଛି। ମହିଳା ଜଣଙ୍କୁ ଚିହ୍ନଟ କରାଯାଇଛି। ତାଙ୍କ ନାମ ୟାଙ୍ଗ୍ ବୋଲି ଜଣାପଡ଼ିଛି। ସେ ୟଙ୍ଗ ନାମକ ଜଣେ ପୁରୁଷ ବ୍ୟକ୍ତିଙ୍କ ସହ ମିଶି ଏକ ଷଡ଼ଯନ୍ତ୍ର କରିଥିଲେ। ୟାଙ୍ଗ ୨୦୨୪ରେ ସେ ସନ୍‌ଙ୍କ ନିକଟକୁ ଏକ ଶିଶୁର ଏକ ଅଲ୍‌ଟ୍ରା ସାଉଣ୍ଡ ଫଟୋ ପଠାଇ ଚୁପ୍ ରହିବା ଲାଗି ତାଙ୍କଠାରୁ ୩୦୦ ନିୟୁତ ଓନ୍ (୨୦୪,୦୦୦ ଡଲାର) ଟଙ୍କା ଦାବି କରିଥିଲେ। ସୋମବାର ସିଓଲ ସେଣ୍ଟ୍ରାଲ ଡିଷ୍ଟ୍ରିକ୍ଟ କୋର୍ଟ କହିଛନ୍ତି, ୟାଙ୍ଗ୍ ସନ୍‌ଙ୍କୁ ମିଛ କହିଛନ୍ତି। ତାଙ୍କ ପେଟରେ କାହାର ସନ୍ତାନ ଥିଲା ତାହାର ପ୍ରାମାଣିକ ତଥ୍ୟ ସେ ଦେଇପାରି ନ ଥିଲେ। କୋର୍ଟ କହିଛନ୍ତି ୟାଙ୍ଗ୍ ବ୍ଲାକ୍‌ମେଲ କରି ଅର୍ଥ ଆଦାୟ ଉଦ୍ୟମକୁ ଅସ୍ୱୀକାର କରିଛନ୍ତି। ସ୍ୱୀକାର କରିଥିବା ୟଙ୍ଗଙ୍କୁ ୨ ବର୍ଷ ଜେଲ ଦଣ୍ଡ ହୋଇଛି। ୩୩ ବର୍ଷୀୟ ସନ୍‌ଙ୍କୁ ଏସିଆର ଅନ୍ୟତମ ମହାନ୍ ଖେଳାଳି ବିବେଚନା କରାଯାଇଥାଏ। ପ୍ରିମିୟର ଲିଗ୍‌ରେ ଟୋଟେନହାମ୍ ହଟ୍ସପୁର ଦଳ ପାଇଁ ଏକ ଦଶନ୍ଧି ଧରି ଖେଳିବା ପରେ ଦକ୍ଷିଣ କୋରିଆର ଏହି ଫୁଟ୍‌ବଲ ଷ୍ଟାର ଗତ ଅଗଷ୍ଟରେ ଏଲ୍‌ଏଏଫ୍‌ସିରେ ଯୋଗ ଦେଇଛନ୍ତି। ଦକ୍ଷିଣ କୋରିଆ ନ୍ୟୁଜ ଏଜେନ୍ସି ୟନହାପ୍ ଗତ ମେ' ମାସରେ ଏକ ରିପୋର୍ଟରେ ଉଲ୍ଲେଖ କରିଥିଲା ଯେ, ଗତ ବର୍ଷ ଜୁନ୍‌ରେ ସନ୍‌ଙ୍କୁ ବ୍ଲାକମେଲ କରିଥିବା ଅଭିଯୋଗରେ ଜଣେ ୨୦ ବର୍ଷୀୟା ମହିଳା ଓ ଜଣେ ୪୦ ବର୍ଷୀୟ ପୁରୁଷ ବ୍ୟକ୍ତିଙ୍କୁ ଅଟକ ରଖାଯାଇଛି।

# ଭାରତୀୟ ଦଳକୁ ଜରିମାନା

ଦୁବାଇ, ୮।୧୨ (ପି.ଟି.)

ରାୟପୁରଠାରେ ଅନୁଷ୍ଠିତ ଦକ୍ଷିଣ ଆଫ୍ରିକା ବିପକ୍ଷ ଦ୍ୱିତୀୟ ଅନ୍ତର୍ଜାତୀୟ ଦିନିକିଆ କ୍ରିକେଟ ମ୍ୟାଚରେ ସ୍ଲୋ ଓଭର-ରେଟ୍ ପାଇଁ ଭାରତକୁ ସୋମବାର ସେମାନଙ୍କ ମ୍ୟାଚ୍ ଫିଁର ୧୦ପ୍ରତିଶତ ଜରିମାନା କରିଛି ଅନ୍ତର୍ଜାତୀୟ କ୍ରିକେଟ ପରିଷଦ (ଆଇସିସି)। ଭାରତ ଏହି ମ୍ୟାଚରେ ପରାଜିତ ହେବାଦ୍ୱାରା ଦକ୍ଷିଣ ଆଫ୍ରିକା ସିରିଜ ୧-୧ ସ୍ତରକୁ ନେଇ ଆସିବାରେ ସମର୍ଥ ହୋଇଥିଲା। କେ.ଏଲ୍. ରାହୁଲଙ୍କ ଦଳ ଅନୁମତି ସମୟ ମଧ୍ୟରେ ଟାର୍ଗେଟଠାରୁ ୨ ଓଭର ପଛରେ ରହିଥିବାରୁ ଏଲିଟ୍ ପ୍ୟାନେଲ ମ୍ୟାଚ ରେଫରି ରିଚି ରିଚାର୍ଡସନ ଏହି ଦଣ୍ଡବିଧାନ କରିଛନ୍ତି। ରାହୁଲ ଦୋଷୀ ସାବ୍ୟସ୍ତ ହୋଇଥିଲେ ଏବଂ ପ୍ରସ୍ତାବିତ ଦଣ୍ଡକୁ ଗ୍ରହଣ କରିନେବାରୁ ଶୁଣାଣିର ଆବଶ୍ୟକତା ପଡ଼ି ନ ଥିଲା। ଅନ୍‌ଫିଲ୍ଡ ଅମ୍ପାୟର ରଡ୍ ଟକର ଓ ରୋହନ ପଣ୍ଡିତ, ତୃତୀୟ ଅମ୍ପାୟର ସାମ୍ ନଗ୍‌ଜାସ୍କି ଏବଂ ୪ର୍ଥ ଅମ୍ପାୟର ଓ ଜୟରମଣ ମଦନଗୋପାଳଙ୍କ ପକ୍ଷରୁ ଏହି ଅଭିଯୋଗ ଅଣାଯାଇଥିଲା।

# ଭୁବନେଶ୍ୱର ଫୁଟବଲ ଲିଗ୍ ;କିଶୋର କ୍ଲବ ଚାମ୍ପିୟନ

ଭୁବନେଶ୍ୱର, ୮।୧୨ (ତପନ ସ୍ୱାଇଁ)

ଭୁବନେଶ୍ୱର ଆଥଲେଟିକ୍ ଆସୋସିଏଶନ ଆନୁକୂଲ୍ୟରେ ଆୟୋଜିତ ଗତିକୃଷ୍ଣ ସ୍ମାରକୀ ଭୁବନେଶ୍ୱର ଫୁଟବଲ ଲିଗ୍ ସୋମବାର ଉଦ୍‌ଯାପିତ ହୋଇଛି। ୟୁନିଟ-୧ସ୍ଥିତ ଭୁବନେଶ୍ୱର ଫୁଟବଲ ଏକାଡେମୀ ପଡ଼ିଆରେ ଅନୁଷ୍ଠିତ ଫାଇନାଲରେ ଆର୍ଡୋର କ୍ଲବକୁ ୩-୦ ଗୋଲରେ ହରାଇ କିଶୋର କ୍ଲବ ଚାମ୍ପିୟନ ହୋଇଛି। ବିଜୟୀ ଦଳ ପକ୍ଷରୁ ଆଶିଷ ବେହେରା, ରାଜେଶ ନାୟକ ଓ ବାହୁଲ ସିଂ ଗୋଟିଏ ଲେଖାଏ ଗୋଲ ଦେଇଥିଲେ। ଆଶିଷ ବେହେଲାଙ୍କୁ ପ୍ଲେୟର ଅଫ୍ ଦି ଫାଇନାଲ ପୁରସ୍କାର ପ୍ରଦାନ କରିଥିଲେ ଗତିକୃଷ୍ଣଙ୍କ ପୁଅ ଶିବ ପ୍ରସାଦ ପଣ୍ଡା। ଗତିକୃଷ୍ଣଙ୍କ ଅନ୍ୟତମ ପୁଅ ବିଷ୍ଣୁ ପ୍ରସାଦ ପଣ୍ଡା, ଆସୋସିଏଶନର ଫୁଟବଲ ସମ୍ପାଦକ ଦିଲୀପ କୁମାର ଦାସ, ପୂର୍ବତନ କ୍ରୀଡ଼ା ଅଧିକାରୀ ଅଶୋକ ମହାନ୍ତି ପ୍ରମୁଖ ରେଫରିମାନଙ୍କୁ ପୁରସ୍କୃତ କରିଥିଲେ। ଓଡ଼ିଶା ଅଲିମ୍ପିକ୍ ଆସୋସିଏଶନ ସଭାପତି ସମିର ମହାନ୍ତି ମୁଖ୍ୟ ଅତିଥି ଭାବେ ଯୋଗଦେଇ ଚାମ୍ପିୟନ କିଶୋର କ୍ଲବକୁ ଏବଂ ସମ୍ମାନିତ ଅତିଥି ବରିଷ୍ଠ ଭାଜପା ନେତା ଜଗନ୍ନାଥ ପ୍ରଧାନ ଆର୍ଡୋର କ୍ଲବକୁ ରନରଅପ୍ ଟ୍ରଫି ପ୍ରଦାନ କରିଥିଲେ। ଆସୋସିଏଶନ ସଭାପତି ସୁରେଶ କୁମାର ରାଉତରାୟ ସଭା ପରିଚାଳନା କରିଥିବାବେଳେ ସମ୍ପାଦକ ସୌର୍ଯ୍ୟରଞ୍ଜନ ପରିଜା ଧନ୍ୟବାଦ ଅର୍ପଣ କରିଥିଲେ।

# ରାଜ୍ୟସ୍ତରୀୟ ବାହୁକୁସ୍ତି ପ୍ରତିଯୋଗିତା

ଆଠଗଡ ୮।୧୨(ସତ୍ୟ ପ୍ରସାଦ ରଥ)

ଆଠଗଡ଼ସ୍ଥିତ ବିଜୁ ପଟ୍ଟନାୟକ କଲ୍ୟାଣ ମଣ୍ଡପରେ ଚତୁର୍ଥ ରାଜ୍ୟସ୍ତରୀୟ ବାହୁକୁସ୍ତି ପ୍ରତିଯୋଗିତା ଅନୁଷ୍ଠିତ ହୋଇଯାଇଛି। ଏହାପୂର୍ବରୁ ରଥଗଡାଛକଠାରୁ ଏକ ମଶାଲ ଶୋଭାଯାତ୍ରା ନଗର ପରିକ୍ରମା କରି ବିଜୁ କଲ୍ୟାଣ ମଣ୍ଡପ ନିକଟକୁ ଆସିଥିଲା। ଆଠଗଡ ବାହୁକୁସ୍ତି ଆସୋସିଏଶନର ସଭାପତି ତଥା ମୁଖ୍ୟ ଅତିଥି ଲକ୍ଷ୍ମୀ ନାରାୟଣ ଭଞ୍ଜ ଏହାକୁ ଉଦ୍‌ଘାଟନ କରିଥିଲେ। ଉଦ୍‌ଘାଟନୀ ଉତ୍ସବରେ ମନୋଜ ମୁଖୀ, ସାଗର ନାୟକ, ପ୍ରବୀର ଷଡ଼ଙ୍ଗୀ, ପ୍ରମୋଦ ମୁଖୀ, ରୁଦ୍ର ନାୟକ, ମନୋଜ ସିଂ ପ୍ରମୁଖ ଉପସ୍ଥିତ ଥିଲେ। ଜୁନିୟର ବିଭାଗରେ ୫୦ କେଜିରୁ କମ୍, ୫୦ରୁ ୬୦, ୬୦ରୁ ୭୦, ୭୦ରୁ ୮୦, ୮୦ରୁ ୯୦ କେଜି ଓ ୯୦ କେଜିରୁ ଊର୍ଦ୍ଧ୍ୱ ବ୍ୟକ୍ତିଙ୍କ ମଧ୍ୟରେ ପ୍ରତିଯୋଗିତା ହୋଇଥିଲା। ସେହିପରି ବରିଷ୍ଠ ବିଭାଗରେ ୫୫, ୬୦, ୬୫, ୭୦, ୭୫, ୮୦, ୮୫ ଓ ୯୦ କେଜି ବ୍ୟକ୍ତିଙ୍କ ମଧ୍ୟରେ ପ୍ରତିଯୋଗିତା ହେବା ସହ ବିଭିନ୍ନ ବର୍ଗର କୃତୀ ପ୍ରତିଯୋଗୀଙ୍କ ନାମ ଘୋଷିତ ହୋଇଥିଲା। ଜୁନିୟର ବିଭାଗରେ କଟକର ଆଦିତ୍ୟ ନାୟକ ଓ ବରିଷ୍ଠ ବିଭାଗରେ ଚନ୍ଦନ ମହାପାତ୍ର ଚାମ୍ପିୟନ ହୋଇଥିଲେ। ପୁରସ୍କାର ବିତରଣ ଉତ୍ସବରେ ମୁଖ୍ୟ ଅତିଥି ଲକ୍ଷ୍ମୀ ନାରାୟଣ ଭଞ୍ଜ ଯୋଗଦେଇ କୃତୀ ପ୍ରତିଯୋଗୀଙ୍କୁ ପୁରସ୍କୃତ କରିଥିଲେ। ଏହି ପ୍ରତିଯୋଗିତାରେ ନବରଙ୍ଗପୁର, ରାୟଗଡା, ରାଉରକେଲା, ଭୁବନେଶ୍ୱର, କଟକ, ଖୋର୍ଦ୍ଧା, ପୁରୀ, ବ୍ରହ୍ମପୁର, ଭଦ୍ରକ ଆଦି ଅଞ୍ଚଳରୁ ୧୭୦ ପ୍ରତିଯୋଗୀ ଅଂଶ ଗ୍ରହଣ କରିଥିଲେ।

# ଓଡ଼ିଶା ଏଚ୍‌ପିସି ଚାମ୍ପିୟନ



ଚାମ୍ପିୟନ ଓଡ଼ିଶା ନାଭାଲ ଟାଟା ହକି ଏଚ୍‌ପିସି ଦଳ।

### ଖେଲୋ ଇଣ୍ଡିଆ ମହିଳା ହକି ସିଟି ଲିଗ୍

ଭୁବନେଶ୍ୱର, ୮।୧୨ (ତପନ ସ୍ୱାଇଁ)

ଭାରତୀୟ କ୍ରୀଡ଼ା ପ୍ରାଧିକରଣ (ସାଇ) ପକ୍ଷରୁ ସୋମବାର ଦେଶବ୍ୟାପୀ ଖେଲୋ ଇଣ୍ଡିଆ ମହିଳା ହକି ସିଟି ଲିଗ୍ ଅନୁଷ୍ଠିତ ହୋଇଯାଇଛି। ଏହି କ୍ରମରେ ସ୍ଥାନୀୟ କଳିଙ୍ଗ ଷ୍ଟାଡିୟମରେ ଅନୁଷ୍ଠିତ ଭୁବନେଶ୍ୱର ସିଟି ଲିଗ୍-୨୦୨୫ରେ ଓଡ଼ିଶା ନାଭାଲ ଟାଟା ହକି ଏଚ୍‌ପିସି ଚାମ୍ପିୟନ ହୋଇଛି। କିଟ୍ ଓ କିସ୍ ରନରଅପ୍ ଏବଂ କଟକ ତୃତୀୟ ସ୍ଥାନ ଅଧିକାର କରିଛି। ଉଦ୍‌ଯାପନୀ କାର୍ଯ୍ୟକ୍ରମରେ ରାଜ୍ୟ କ୍ରୀଡ଼ା ବିଭାଗର ଅତିରିକ୍ତ ସଚିବ ବି.କେ. ସ୍ୱାଇଁ, ଉପ ସଚିବ ସୌମ୍ୟ ସାର୍ଥକ ମିଶ୍ର ଓ ଓଡ଼ିଶା ହକି ସାଧାରଣ ସମ୍ପାଦକ ସନାତନ ସାହୁ ପ୍ରମୁଖ ଉପସ୍ଥିତ ରହି ପୁରସ୍କାର ପ୍ରଦାନ କରିଥିଲେ।

# ଏଫ୍‌ଆଇଏଚ୍ ଜୁନିୟର ମହିଳା ହକି: ୱେଲ୍ସକୁ ହରାଇଲା ଭାରତ

ସାଣ୍ଟିଆଗୋ (ଚିଲି), ୮।୧୨ (ପି.ଟି.)

ଏଫ୍‌ଆଇଏଚ୍ ଜୁନିୟର ମହିଳା ହକି ବିଶ୍ୱକପ୍‌ର ୯ମ ସ୍ଥାନ ପାଇଁ ହୋଇଥିବା ଏକ କ୍ଲାସିଫିକେଶନ ମ୍ୟାଚ୍‌ରେ କ୍ୱାର୍ଟରଫାଇନାଲ ଦୌଡ଼ରୁ ବାଦ୍ ପଡ଼ିଥିବା ଭାରତ ୩-୧ ଗୋଲ୍‌ରେ ୱେଲ୍ସକୁ ପରାସ୍ତ କରିଛି। ଦଳ ତରଫରୁ ହୀନା ବାନୋ (୧୪ତମ ମିନିଟ), ସୁନେଲିତା ଟପ୍ପୋ (୨୪ତମ) ଓ ଇଶିକା(୩୧ତମ) ଗୋଟିଏ ଲେଖାଏ ଗୋଲ୍ ସ୍କୋର କରିଥିବା ବେଳେ ୱେଲ୍ସ ପାଇଁ ଏଲୋଇଜ୍ ମୋଟ୍ (୫୨ତମ) ଏକମାତ୍ର ଗୋଲ ଦେଇଥିଲେ। ପୁଲ୍ ପର୍ଯ୍ୟାୟରେ ଦୁଇ ବିଜୟ ଓ ଗୋଟିଏ ପରାଜୟ ବରଣ କରିଥିବା ଭାରତ ଶ୍ରେଷ୍ଠ ବାହାରେ ୯ମ ସ୍ଥାନ ଅଧିକାର କରିଛି।


# Classified Everyday
0674-2580101, 9692975378



REAL ESTATE
SALE

ଭୁବନେଶ୍ୱର ଜଟଣୀଗେଟରୁ ଅଳ୍ପ ଦୂରତାରେ 1500Sqft. ପ୍ଲଟ୍ 6,75,000ରେ ବିକ୍ରିହେବ। 9776974912. D-14

2BHK flat 960sqft. second floor, Near Hi-Tech Plaza- kuha, Bhubaneswar, For sale, Contact- 9861150062. D-2764

Retanga Railway Station ପାଖରେ 46000 Sqft. Yellowzone Gharabari Plot Sale ହେବ। Contact: 9778928492. D-74735



All types of physiotherapy with massage, Contact number 9556924059/ 7656969134. D-2766

The massage felt totally professional! & comfortable at all times-7978109255. D-221

## AFFIDAVIT

By virtue of an affidavit sworn before Executive Magistrate, Bhadrak, dated 03.12.2025, I, TIKI NAYAK, Address: At- Fakirpur, P.O.- Sahapur, P.S.- Pirahat, Bhadrak, Odisha, 756131 declare that I have changed the name of my daughter from Lila Nayak to Siprarani Nayak. Henceforth, she shall be known as Siprarani Nayak for all purposes.
Tiki Nayak
D-2780

By virtue of an Affidavit sworn before the Executive Magistrate, Bhubaneswar, dtd. 08.12.2025, I, SUSHREE SANGITA PATRA, W/o.- Satyajit Patra, permanent resident of At- Naharkanta, P.O.- Naharkanta, P.S.- Pahal, Dist.- Khordha, Odisha, PIN- 752101, declare that my name has been changed from SUSHREE SANGITA ROUTRAY to SUSHREE SANGITA PATRA. I shall be known as SUSHREE SANGITA PATRA for all future purposes.
Sushree Sangita Patra
D-2783

I, Debashree Debadarshini, daughter of Binod Chandra Pradhan, resident of B105, Centre Point, Sailashree Vihar, Phase 7, Chandrasekharpur, Bhubaneswar, Odisha, 751021 do hereby declare that in my official documents my husband's name has been wrongly mentioned as Chandrakant Sahoo, instead of his correct name Chandrakanta Sahoo. D-2781

By virtue of an affidavit sworn before the Executive Magistrate, Titilagarh, dated 17.11.2025, I, Kishor Chandra Dash, address: At- Sargiguda, P.O./P.S.- Titilagarh, Dist.- Bolangir, Odisha, PIN- 767033 declare that I have changed my Son's name from Arya Kumar Dash to Arya Kumar Gyanendra Dash. Henceforth, he shall be known as Arya Kumar Gyanendra Dash for all propose.
Kishor Chandra Dash
D-2784

### ପାଠକଙ୍କ ପାଇଁ ସୂଚନା

କ୍ଲାସିଫାଏଡରେ ପ୍ରକାଶିତ କେତେକ ବିଜ୍ଞାପନକୁ ଭିତ୍ତିକରି କିଛି ପାଠକ ଠକାମିର ଶିକାର ହେଉଥିବା ଆମର ଦୃଷ୍ଟିଗୋଚର ହେଉଛି। ବିଜ୍ଞାପନ ଦେଉଥିବା ସଂସ୍ଥାମାନଙ୍କ ସହ କାରବାର କରିବା ପୂର୍ବରୁ ସବିଶେଷ ତଥ୍ୟ ଓ ନିଜର ବିବେକ ଖଟାଇ କାରବାର କରନ୍ତୁ। ଏଥିପାଇଁ ଧରିତ୍ରୀ କର୍ତ୍ତୃପକ୍ଷ ଦାୟୀ ରହିବେ ନାହିଁ।

By virtue of an affidavit sworn before the Executive Magistrate, Kotagarh, dtd. 6.12.2025, I, Shankar Baliarsingh, Village- Srirampur, Post- Srirampur, P.S.- Kotagarh, Dist.- Kandhamal declare that now I have changed my minor son's name from Alibha Kumar Baliarsingh to Abhijit Baliarsingh. Hence forth my minor son will be known as Abhijit Baliarsingh for all purposes.
D-2782

ଧରିତ୍ରୀ DHARITRI
Scan & Pay
ଧରିତ୍ରୀ କ୍ଲାସିଫାଏଡ୍ ବିଜ୍ଞାପନ ବାବଦୀୟ ଦେୟକୁ ନିମ୍ନପ୍ରଦତ୍ତ QR Code ସ୍କାନ୍ କରି ଯେକୌଣସି UPI App ମାଧ୍ୟମରେ ସହଜରେ ପେଠ କରନ୍ତୁ।
BHIM | UPI
ଦେୟ ପେଠ ହେଲାପରେ ରସିଦ୍‌ର Screenshotକୁ classifieddharitri@gmail.com ରେ ଇମେଲ୍ କରନ୍ତୁ।

## ମନେ ପଡ଼ନ୍ତି

### ଦ୍ୱାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



୰କେଦାରନାଥ ସ୍ୱାଇଁ
କୁଲାଡ, ନାଲକୋ ନଗର, ଅନୁଗୋଳ
ଆବିର୍ଭାବ: ୦୧।୦୭।୧୯୪୪
ତିରୋଧାନ: ୨୮।୧୧।୨୦୨୫
ଆମକୁ ପର କରି ଆମଠାରୁ ଅନେକ ଦୂରକୁ ଚାଲିଗଲ। ତୁମେ ଯେଉଁଠି ଥାଅ ଭଲରେ ଥାଅ। ତୁମର ସ୍ନେହ, ଶ୍ରଦ୍ଧା, କର୍ତ୍ତବ୍ୟନିଷ୍ଠା, ଆମ ଜୀବନରେ ପାଥେୟ ହେଉ। ତୁମ ଅମର ଆତ୍ମାର ସଦ୍‌ଗତି ନିମନ୍ତେ ମହାପ୍ରଭୁ ଶ୍ରୀଜଗନ୍ନାଥଙ୍କ ନିକଟରେ ବିନମ୍ର ପ୍ରାର୍ଥନା କରୁଛୁ।
ଶୋକସନ୍ତପ୍ତ:
ପୁତ୍ର- କିଶୋର ଚନ୍ଦ୍ର ସ୍ୱାଇଁ, ମାନସ ରଞ୍ଜନ ସ୍ୱାଇଁ, ଝିଅ- ନନ୍ଦିତା ସ୍ୱାଇଁ, ମମତା ସ୍ୱାଇଁ, ବନ୍ଧୁ, ପରିବାର ଓ ଆତ୍ମୀୟସ୍ୱଜନ ତଥା ଗ୍ରାମବାସୀବୃନ୍ଦ।
D-2785

### ଦ୍ୱାଦଶାହ ଉପଲକ୍ଷେ ଅଶ୍ରୁଳ ଶ୍ରଦ୍ଧାଞ୍ଜଳି



ସ୍ୱର୍ଗତ ଶରତ କୁମାର ଦାଶ (ଟୁକୁ)
ପୂଜାରୀପୁଟ, କୋରାପୁଟ
ଆବିର୍ଭାବ ୦୯.୦୮.୧୯୫୨
ତିରୋଧାନ ୨୮.୧୧.୨୦୨୫
(ମାର୍ଗଶୀର ଶୁକ୍ଳପକ୍ଷ ଅଷ୍ଟମୀ)
ବାବା ଆପଣଙ୍କର ସ୍ନେହ, ଶ୍ରଦ୍ଧା, କର୍ତ୍ତବ୍ୟନିଷ୍ଠା ଓ ସ୍ୱାଭିମାନ ଆମମାନଙ୍କ ପାଇଁ ପାଥେୟ ହେଉ। ଆପଣଙ୍କ ଅବର୍ତ୍ତମାନରେ ପରିବାରରେ ସୃଷ୍ଟି ଶୂନ୍ୟସ୍ଥାନ ଚିରକାଳ ଅପୂରଣୀୟ ରହିବ। ଆପଣଙ୍କର ଅମର ଆତ୍ମାର ସଦଗତି ନିମନ୍ତେ ମହାପ୍ରଭୁ ଶ୍ରୀ ଜଗନ୍ନାଥଙ୍କ ଚରଣାବିନ୍ଦରେ ଭକ୍ତିପୂତ ପ୍ରାର୍ଥନା କରୁଛୁ। ଆମମାନଙ୍କ ପ୍ରତି ଆପଣଙ୍କର ଆଶୀର୍ବାଦ ସର୍ବଦା ରହିଥାଉ।
ଶୋକସନ୍ତପ୍ତ - ଆତ୍ମୀୟ ସ୍ୱଜନ ଓ ପରିବାର ବର୍ଗ
D-2786


## LEGAL NOTICE

ଅର୍ଡର ୫ ରୁଲ୍ ୨୦(ଏ) ମତେ ନୋଟିସ୍
ପୁରୀ ମୁକାମ ସିଭିଲ୍ ଜଜ୍ (କନିଷ୍ଠ ବିଭାଗ) ପୁରୀ
ସି.ଏସ୍. ନଂ୧୬୧/୨୦୧୮ ନମ୍ବର

ବିଜୟ କୁମାର ତ୍ରିପାଠୀ, ବ୫୦ର୍ଷ, ପିତା- ୰ ରାମ ଚନ୍ଦ୍ର ତ୍ରିପାଠୀ, ସାକିନ: ବନମାଳୀପୁର, ସାମିଲ ଜଗନ୍ନାଥବଲ୍ଲଭ, ପୋଷ୍ଟ- ବୀରହରେକୃଷ୍ଣପୁର, ଥାନା- ପୁରୀ ସଦର, ଜିଲ୍ଲା- ପୁରୀ।

..........ବାଦୀ

ବନାମ

୧. ମନିନ୍ଦ୍ର ପାଥିଶର୍ମା, ବ୭୦ର୍ଷ, ପିତା- ୰ ମଧୁସୂଦନ ପାଥିଶର୍ମା, ସାକିନ: ବନମାଳୀପୁର, ସାମିଲି ଜଗନ୍ନାଥବଲ୍ଲଭ, ପୋଷ୍ଟ- ବୀରହରେକୃଷ୍ଣପୁର, ଥାନା- ପୁରୀ ସଦର, ଜିଲ୍ଲା- ପୁରୀ। (ମୃତ)
୨. ମାନସୀ ପାଥିଶର୍ମା, ବ୪୪ର୍ଷ, ସ୍ୱାମୀ- ପ୍ରଶାନ୍ତ କୁମାର ମହାପାତ୍ର, ପିତା- ମନିନ୍ଦ୍ର ପାଥିଶର୍ମା, ସାକିନ: ବନମାଳୀପୁର, ସାମିଲି ଜଗନ୍ନାଥବଲ୍ଲଭ, ପୋଷ୍ଟ- ବୀରହରେକୃଷ୍ଣପୁର, ଥାନା- ପୁରୀ ସଦର, ଜିଲ୍ଲା- ପୁରୀ।
୩. ଜ୍ୟୋତିର୍ମୟୀ ପାଥିଶର୍ମା, ବ୩୮ର୍ଷ, ସ୍ୱାମୀ- ଦିଲ୍ଲିପ କୁମାର ରଥ, ପିତା- ମନିନ୍ଦ୍ର ପାଥିଶର୍ମା, ସାକିନ/ପୋଷ୍ଟ- ଚଉଦକୁଲାଟ, ପଟ୍ଟାମୁଣ୍ଡାଇ, କେନ୍ଦ୍ରାପଡା, ଜିଲ୍ଲା- କେନ୍ଦ୍ରାପଡା।
୪. ମୀନାକ୍ଷୀ ପାଥିଶର୍ମା, ବ୩୬ର୍ଷ, ମାର୍ଫତ- ଚନ୍ଦ୍ରଶେଖର ପାଟ୍ଟଯୋଶୀ, ସାକିନ/ପୋଷ୍ଟ- କୁମ୍ଭାରପଡା, କୁଶା ସାହି, ଥାନା- କୁମ୍ଭାରପଡା, ଜିଲ୍ଲା- ପୁରୀ।
୫. ଚିନ୍ମୟୀ ପାଥିଶର୍ମା, ବ୩୦ର୍ଷ, ସ୍ୱାମୀ- ସମ୍ବିତ୍ କୁମାର ମହାପାତ୍ର, ପିତା- ମନିନ୍ଦ୍ର ପାଥିଶର୍ମା, ମାର୍ଫତ- ସୀତାକାନ୍ତ ମହାପାତ୍ର, ସାକିନ- ବୀରହରେକୃଷ୍ଣପୁର, ଥାନା- ପୁରୀ ସଦର, ଜିଲ୍ଲା- ପୁରୀ।

...........ପ୍ରତିବାଦୀମାନେ।

ଏହିକି ଉପରୋକ୍ତ ମୋକଦ୍ଦମାରେ ତୁମ୍ଭେ ପ୍ରତିବାଦୀ ନଂ୨ ଓ ୩ନମ୍ବର ଥାଇ ତୁମ୍ଭକୁ ତୁମ୍ଭର ଉପରୋକ୍ତ ଠିକଣାରେ ବାରମ୍ବାର ସମନ ଜାରି କରାଗଲେ ମଧ ତୁମ୍ଭେ ଜାଣିଶୁଣି କୋର୍ଟଙ୍କ ଦ୍ୱାରା ପ୍ରେରିତ ସମନକୁ ଗ୍ରହଣ କରୁନାହଁ। ତେଣୁ ତୁମ୍ଭମାନଙ୍କୁ ଏତଦ୍ୱାରା ଜଣାଇଦିଆଯାଉଅଛି ଯେ ତା.୦୫.୦୧.୨୦୨୬ରିଖ ଦିବା ୧୦.୩୦ ମିନିଟ୍ ସମୟରେ ଉପରବର୍ଣ୍ଣିତ ମୋକଦ୍ଦମାରେ ତୁମ୍ଭେମାନେ ହାଜର ହୋଇ ତୁମ୍ଭର ପକ୍ଷ ରଖିବ। ନଚେତ୍ ମୋକଦ୍ଦମାଟି ଆଇନ ଅନୁଯାୟୀ ବିଚାର କରାଯିବ।

ସମ୍ପତ୍ତିର ବିବରଣୀ

ଜିଲ୍ଲା- ପୁରୀ, ମୌଜା- ଜଗନ୍ନାଥବଲ୍ଲଭ, ଖାତା ନଂ୧୬୮ନମ୍ବର, ପ୍ଲଟ ନଂ୧୦୪୩ନମ୍ବର(ଅଂଶ), ସରଜମିନରେ (ପୂର୍ବ-ପଶ୍ଚିମ)= ଫୁ୨୫ଟ×(ଉତ୍ତର-ଦକ୍ଷିଣ)= ଫୁ୬ଟ

ଖାତା ନଂ୩୦୨ନମ୍ବର, ପ୍ଲଟ ନଂ୧୦୪୨ନମ୍ବର(ଅଂଶ), ସରଜମିନରେ (ପୂର୍ବ-ପଶ୍ଚିମ)= ଫୁ୩୩ଟ × (ଉତ୍ତର-ଦକ୍ଷିଣ) ପ୍ରସ୍ଥ ଦକ୍ଷିଣ ତରଫ ଫୁ୬ଟ ଓ ଉତ୍ତର ତରଫ ପ୍ରସ୍ଥ ଫୁ୫ଟ।

ସ୍ୱା-ସିଭିଲ୍ ଜଜ୍, କନିଷ୍ଠ ବିଭାଗ, ପୁରୀ
D-2787

# ଦୁରାରୋଗ୍ୟ ନୁହେଁ ଏଣ୍ଡୋମେଟ୍ରିଓସିସ୍

**ଏଣ୍ଡୋମେଟ୍ରିଓସିସ୍ ମହିଳାଙ୍କଠାରେ ଦେଖାଦେଉଥିବା ଏଭଳି ଏକ ସ୍ୱାସ୍ଥ୍ୟ ସମସ୍ୟା ଯାହାକି ପ୍ରାରମ୍ଭିକ ପର୍ଯ୍ୟାୟରେ ସହଜରେ ଚିହ୍ନଟ ହୋଇପାରି ନ ଥାଏ। ତେଣୁ ଅନେକେ ଏହାକୁ ସାଧାରଣ ଯନ୍ତ୍ରଣା ମନେକରି ଅବହେଳା କରିବସନ୍ତି, ଯାହାକି ପରବର୍ତ୍ତୀ ସମୟରେ ଜଟିଳ ସମସ୍ୟାର ରୂପ ବି ନେଇପାରେ। ହେଲେ ପରିସ୍ଥିତି ଅସହ୍ୟ ହେବା ଯାଏ ଅପେକ୍ଷା ନ କରି ଏହାର କୌଣସି ଲକ୍ଷଣ ଦେଖାଦେବାମାତ୍ରେ ଆରମ୍ଭରୁ ଡାକ୍ତରଙ୍କ ପରାମର୍ଶକ୍ରମେ ଚିକିତ୍ସା କରାଇନେଲେ ଜଣେ ମହିଳା ସୁସ୍ଥ ରହିପାରିବେ ସେଥିରେ ସନ୍ଦେହ ନାହିଁ...**



ଏଣ୍ଡୋମେଟ୍ରିଓସିସ୍ ସମସ୍ୟା ଭାରତୀୟ ମହିଳାଙ୍କ କ୍ଷେତ୍ରରେ ଦିନକୁ ଦିନ ବଢ଼ିବାରେ ଲାଗିଛି। ଏକ ସର୍ଭେ ରିପୋର୍ଟ ମୁତାବକ ଆମ ଦେଶରେ ପ୍ରାୟ ୨.୫ରୁ ୪.୩ କୋଟି ମହିଳା ଏହି ସମସ୍ୟା ଦେଇ ଗତି କରୁଛନ୍ତି। ତେବେ ଅତ୍ୟନ୍ତ ପରିତାପର ବିଷୟ, ସେମାନଙ୍କ ମଧ୍ୟରୁ ଅନେକେ ଯଥା ସମୟରେ ଚିକିତ୍ସା କରାଇ ନ ପାରିବାରୁ ଜଟିଳ ସ୍ୱାସ୍ଥ୍ୟ ସମସ୍ୟାର ସମ୍ମୁଖୀନ ହେଉଛନ୍ତି।

**ଏଣ୍ଡୋମେଟ୍ରିଓସିସ୍ କ'ଣ:** ଗର୍ଭାଶୟର ଭିତର ପରସ୍ତ ବା ଏଣ୍ଡୋମେଟ୍ରିଅମ୍‌ର କିଛି ଟିସ୍ୟୁ ଯଦି ଗର୍ଭାଶୟର ବାହାରେ, ଫ୍ୟାଲୋପିଆନ୍ ଟ୍ୟୁବ୍, ଓଭାରି କିମ୍ବା ଖାଦ୍ୟନଳୀରେ ବଢ଼ିଯାଏ ତେବେ ଏହାକୁ ଏଣ୍ଡୋମେଟ୍ରିଓସିସ୍ କୁହାଯାଏ। ହର୍‌ମୋନାଲ ପରିବର୍ତ୍ତନ ବା ଅଧିକ ଇଷ୍ଟ୍ରୋଜେନ୍ ହର୍‌ମୋନ୍ କ୍ଷରଣ ଦ୍ୱାରା ଏହା ଧୀରେ ଧୀରେ ବୃଦ୍ଧିପାଇଥାଏ। ଏହାଦ୍ୱାରା ପାଖରେ ଥିବା ଅନ୍ୟ ଟିସୁଗୁଡ଼ିକରେ ଫୁଲିବା, ଜଳିବା, ଘା' ବା ସ୍କାର୍ ଟିସୁ ହେବା ସହ ଏଥିଯୋଗୁ ବିଭିନ୍ନ ଅର୍ଗାନ୍ ଯୋଡ଼ିହୋଇଯିବା ଭଳି ସମସ୍ୟା ଉପୁଜିଥାଏ। ତେବେ ଏହା କ୍ଷଣସ୍ଥାୟୀ ସମସ୍ୟା ନୁହେଁ ଯାହା ଆରମ୍ଭ ହେବା ମାତ୍ରେ ଜଣାପଡ଼ିଯାଏ ଏବଂ ତୁରନ୍ତ ଔଷଧ ସେବନ ଦ୍ୱାରା କମ୍ ହୋଇଯାଇଥାଏ। ଏହା ଏକ କ୍ରନିକ୍ ବା ଅଧିକ ଦିନ ଧରି ଲାଗି ରହୁଥିବା ସମସ୍ୟା ଯାହା ଜଣାପଡ଼ିବା ଲାଗି ପ୍ରାୟ ୬-୭ ବର୍ଷ ସମୟ ଲାଗିଥାଏ।

**ଲକ୍ଷଣ:** ଏଣ୍ଡୋମେଟ୍ରିଓସିସ୍ ସମସ୍ୟା ମୁଖ୍ୟତଃ କେତେକ ଲକ୍ଷଣରୁ ଜଣାପଡ଼ିଥାଏ। ଯାହା ମଧ୍ୟରୁ ମାସିକ ରକ୍ତସ୍ରାବ ବା ପିରିୟଡ୍ ସମୟରେ ଅତ୍ୟଧିକ ଯନ୍ତ୍ରଣା ଅନୁଭବ ହେବା, ପେଲ୍‌ଭିକ୍ ପେନ୍, ଅଧିକ ରକ୍ତସ୍ରାବ ହେବା ଆଦି ସବୁଠୁ ପ୍ରମୁଖ କାରଣ, ଯାହାକୁ ସାଧାରଣ ଯନ୍ତ୍ରଣା ଭାବି ଅବହେଳାକରି ବସନ୍ତି। ହେଲେ ବୟସ ବଢ଼ିବା ସହ ଧୀରେ ଧୀରେ ଅଧିକ କଷ୍ଟଦାୟକ ହୋଇଥାଏ। ଏହା ବ୍ୟତୀତ ଅନେକଙ୍କଠାରେ କନ୍‌ଷ୍ଟିପେଶନ ବା ମଳତ୍ୟାଗ ସମୟରେ କଷ୍ଟହେବା, ପରିସ୍ରା କରିବା ବେଳେ ଯନ୍ତ୍ରଣା ଅନୁଭବ କରିବା, ପେଟ ଫୁଲିବା ବା ବ୍ଲୋଟିଂ ହେବା ଭଳି ସମସ୍ୟା ଦେଖାଯାଏ। ବିବାହିତ ମହିଳାଙ୍କଠାରେ ସହବାସ ସମୟରେ ମଧ୍ୟ ଅତ୍ୟନ୍ତ ଯନ୍ତ୍ରଣା ଅନୁଭବ ହୋଇଥାଏ। ଏଥିପାଇଁ କେତେଜଣ ମହିଳାଙ୍କ ଠାରେ ଗର୍ଭଧାରଣ କରିବାରେ ବି ଜଟିଳତା ବା ଇନ୍‌ଫର୍ଟିଲିଟି ସମସ୍ୟା ଦେଖାଦେଇଥାଏ। ଯେଉଁ ଯୁବତୀ ବା ମହିଳାଙ୍କ ପରିବାରରେ ପୂର୍ବରୁ ମା' କିମ୍ବା ଭଉଣୀଙ୍କଠାରେ ଏହି ରୋଗ ପୂର୍ବରୁ ଥାଏ ତେବେ ସେମାନଙ୍କ କ୍ଷେତ୍ରରେ ଏହା ହେବା ଆଶଙ୍କା ଅଧିକ।





**ଚିକିତ୍ସା:**

– ଯଦିଓ ଏଣ୍ଡୋମେଟ୍ରିଓସିସ୍ ସମସ୍ୟା ସମ୍ପୂର୍ଣ୍ଣ ଭାବେ ଠିକ୍ ହୋଇ ନ ଥାଏ, ହେଲେ ଚିକିତ୍ସା, ସର୍ଜରି ଓ ଜୀବନଶୈଳୀରେ ପରିବର୍ତ୍ତନ ଦ୍ୱାରା ବହୁମାତ୍ରାରେ ସମସ୍ୟା କମ୍ କରାଯାଇପାରେ। ଏହାର ଚିକିତ୍ସା ଲାଗି ମୁଖ୍ୟତଃ ପେନ୍ କିଲର ବା ଓଭର ଦ କାଉଣ୍ଟର ମେଡିସିନ ଦିଆଯାଇ ରୋଗୀର କଷ୍ଟ କମ୍ କରାଯାଇଥାଏ।

– ବିଭିନ୍ନ ହର୍‌ମୋନ୍ ଥେରାପି, ଇଞ୍ଜେକ୍ସନ୍ ଆଦି ଦିଆଯାଇ ରୋଗୀର ଇଷ୍ଟ୍ରୋଜେନ୍ ହର୍‌ମୋନ ସ୍ତରକୁ ନିୟନ୍ତ୍ରଣରେ ରଖାଯାଇଥାଏ, ଫଳରେ ଏଣ୍ଡୋମେଟ୍ରିଓସିସ୍‌ର ଆକାର ବୃଦ୍ଧି ପାଇ ନ ଥାଏ ଏବଂ କଷ୍ଟ କମ୍ ହୋଇଥାଏ।

**କେବେ ଆବଶ୍ୟକ ସର୍ଜରି:** ଏହି ରୋଗରେ ସମସ୍ତଙ୍କ କ୍ଷେତ୍ରରେ ସର୍ଜରି ଆବଶ୍ୟକ ହୋଇ ନ ଥାଏ। ଆରମ୍ଭରୁ ରୋଗ ଚିହ୍ନଟ କରାଯାଇ ଚିକିତ୍ସା କରାଗଲେ ଆରୋଗ୍ୟ ହେବା ସମ୍ଭାବନା ଅଧିକ ଥାଏ। ହେଲେ ଯଦି ସମସ୍ୟା ଅଧିକ ଜଟିଳ ହୋଇଯାଇଥାଏ ଏବଂ ଔଷଧ ସେବନ କିମ୍ବା ଅନ୍ୟ ଚିକିତ୍ସା ଉପାୟରେ ରୋଗ ଠିକ୍ ହୋଇ ନ ପାରେ, ତେବେ ସେହି ମହିଳାଙ୍କ କ୍ଷେତ୍ରରେ ସର୍ଜରି ଆବଶ୍ୟକ ହୋଇଥାଏ। ଲାପାରୋସ୍କୋପି ସର୍ଜରି ଦ୍ୱାରା ଏଣ୍ଡୋମେଟ୍ରିଓସିସ୍ ଟିସୁକୁ କାଢ଼ି ଦିଆଯାଇଥାଏ।

**ଫର୍ଟିଲିଟି ଚିକିତ୍ସା:** ଏଣ୍ଡୋମେଟ୍ରିଓସିସ୍ ସମସ୍ୟାରେ ପୀଡ଼ିତ କେତେଜଣ ମହିଳାଙ୍କ ଠାରେ ପ୍ରଜନନ କ୍ଷମତା ବାଧାପ୍ରାପ୍ତ ହୋଇଥାଏ ଏବଂ ଗର୍ଭଧାରଣ କରିବାରେ ବି ଜଟିଳତା ଦେଖାଦେଇଥାଏ। ଏମିତିକି କେତେକଙ୍କ କ୍ଷେତ୍ରରେ ଏହା ଇନ୍‌ଫର୍ଟିଲିଟି ବା ବନ୍ଧ୍ୟାଦୋଷର କାରଣ ସାଜିଥାଏ। ଏହାର ଚିକିତ୍ସା ପାଇଁ ଆଇଭିଏଫ୍ (ଇନ୍‌ଭିଟ୍ରୋଫର୍ଟିଲାଇଜେଶନ) ଚିକିତ୍ସା ଅନେକଙ୍କ ପାଇଁ ଏକ ବରଦାନ ସଦୃଶ କାମ କରିଥାଏ।

ଏଣ୍ଡୋମେଟ୍ରିଓସିସ୍‌ର କୌଣସି ଲକ୍ଷଣ ଦେଖାଦେବା ମାତ୍ରେ ତୁରନ୍ତ ସ୍ତ୍ରୀରୋଗ ବିଶେଷଜ୍ଞ କିମ୍ବା ଏଣ୍ଡୋମେଟ୍ରିଓସିସ୍ ରୋଗ ବିଶେଷଜ୍ଞଙ୍କ ପରାମର୍ଶକ୍ରମେ ଅଲଟ୍ରାସାଉଣ୍ଡ କିମ୍ବା ଏମ୍‌ଆର୍‌ଆଇ ଦ୍ୱାରା ରୋଗ ଚିହ୍ନଟକରି ଚିକିତ୍ସା କରାଇନେବା ସହ ପ୍ରତିଦିନ ସନ୍ତୁଳିତ ଖାଦ୍ୟ ଖାଇବା ଏବଂ ଯୋଗ, ବ୍ୟାୟାମ କରିବା ଦ୍ୱାରା ଏହି ରୋଗରୁ ଉପଶମ ପାଇପାରିବେ ଓ ଏକ ଯନ୍ତ୍ରଣାମୁକ୍ତ ଜୀବନ ଜିଇପାରିବେ।

*–**ଡା. ଭାରତ ଭୂଷଣ**, ପ୍ରସୂତି ଓ ସ୍ତ୍ରୀରୋଗ ବିଶେଷଜ୍ଞ, ମଣିପାଲ ହସ୍ପିଟାଲ, ଭୁବନେଶ୍ୱର, ମୋ- ୮୨୮୦୧୧୭୮୮୯*







ଖାଦ୍ୟରୁଚି

## ଟର୍‌ମରିକ୍ ଟି



**ଆବଶ୍ୟକ ସାମଗ୍ରୀ:** ୩ କପ୍ ପାଣି, ଅଧା ଚାମଚ ଅଦା ଛେଚା, ୧.୧୫ ଇଞ୍ଚ କଞ୍ଚା ହଳଦୀ, ଚିମୁଟାଏ ଲେଖାଏ ଡାଲଚିନି ଏବଂ ଗୋଲମରିଚ ,୮-୧୦ଟି ଗୋଲାପ ପାଖୁଡ଼ା, ୨-୩ ବୁନ୍ଦା ଲେମ୍ବୁରସ, ମହୁ।

**ପ୍ରସ୍ତୁତି ପ୍ରଣାଳୀ:** ପ୍ରଥମେ ଚୁଲାରେ ଏକ ସସ୍‌ପ୍ୟାନ୍ ବସାଇ ୩ କପ୍ ପାଣି ଗରମ କରନ୍ତୁ। ପାଣି ଫୁଟିବା ଆରମ୍ଭ ହେଲେ ସେଥିରେ ଛେଚା ଅଦା ଏବଂ ହଳଦୀ ପକାଇ ୨ ମିନିଟ୍ ପର୍ଯ୍ୟନ୍ତ ଫୁଟାନ୍ତୁ। ସେଥିରେ ଗୋଲାପ ପାଖୁଡ଼ା, ଡାଲଚିନି ଏବଂ ଗୋଲମରିଚ ଗୁଣ୍ଡ ପକାନ୍ତୁ। ଚୁଲା ବନ୍ଦକରି ଚା'କୁ କପ୍‌ରେ ଛାଣିଦିଅନ୍ତୁ। ସେଥିରେ ଲେମ୍ବୁରସ ଏବଂ ସ୍ୱାଦାନୁସାରେ ମହୁ ପକାଇ ପିଅନ୍ତୁ। ଏହା ନା କେବଳ ପାଟିକୁ ସ୍ୱାଦିଷ୍ଟ ଲାଗେ ବରଂ ଏହାକୁ ପିଇଲେ ଶରୀରର ଇମ୍ୟୁନିଟି ପାୱାର ମଧ୍ୟ ବଢ଼ିଥାଏ।

## ରାତ୍ରିଭୋଜନ ବିଳମ୍ବରେ କରୁଥିଲେ

**ବିଭିନ୍ନ କାର୍ଯ୍ୟବ୍ୟସ୍ତତା ସହ ପରିବାର ସଦସ୍ୟ ଓ ପିଲାଙ୍କ ଖାଇବା ପରେ ଅଧିକାଂଶ ମହିଳା ରାତ୍ରିଭୋଜନ ବିଳମ୍ବରେ କରିଥା'ନ୍ତି। ହେଲେ ନିଜ ଖାଦ୍ୟ ପ୍ରତି ଅବହେଳା କରିବସିବା ଯେ ଅପରପକ୍ଷେ ସେମାନଙ୍କ ସ୍ୱାସ୍ଥ୍ୟ ଉପରେ ନକାରାତ୍ମକ ପ୍ରଭାବ ପକାଇଥାଏ ସେ ଦିଗରେ ସେମାନେ ଯତ୍ନଶୀଳ ନ ଥାନ୍ତି। ଯଦି ଆପଣଙ୍କର ବି ରାତ୍ରିଭୋଜନ ବିଳମ୍ବରେ କରିବାର ଅଭ୍ୟାସ ରହିଛି ତେବେ କେତୋଟି କଥା ନିହାତି ଜାଣିରଖନ୍ତୁ...**



**ମେଦବହୁଳତା:** ଡେରିରେ ଖାଇବା ଦ୍ୱାରା ଖାଦ୍ୟ ହଜମ ନ ହୋଇ ପାରିବା କାରଣରୁ ଅନେକଙ୍କଠାରେ ମେଟାବଲିଜମ୍ ସ୍ତର ଅନିୟନ୍ତ୍ରିତ ହୋଇଥାଏ। ଶରୀରରେ ଅଧିକ କ୍ୟାଲୋରି ଜମାହେବା ଫଳରେ ମେଦବହୁଳତା ଦେଖାଦିଏ, ଯାହାକି ପରବର୍ତ୍ତୀ ସମୟରେ ଡାଇବେଟିସ୍, ବ୍ଲଡ୍‌ପ୍ରେସର ଭଳି ବିଭିନ୍ନ ସ୍ୱାସ୍ଥ୍ୟ ସମସ୍ୟାର କାରଣ ସାଜିଥାଏ।

**ଦେଖାଦିଏ ପାଚନ ସମସ୍ୟା:** ରାତି ଖାଇବା ଡେରି ହେଲେ ହଜମକ୍ରିୟା ବାଧାପ୍ରାପ୍ତ ହୁଏ। ଆଉ ଏକ ଗୁରୁତ୍ୱପୂର୍ଣ୍ଣ କଥା ହେଉଛି, ଅନେକେ ବିଳମ୍ବରେ ଖାଉଥିବାରୁ ସଙ୍ଗେ ସଙ୍ଗେ ଶୋଇପଡ଼ନ୍ତି। ଫଳରେ ବଦହଜମି, ଏସିଡିଟି ହେବା ସହ ଛାତି ଜଳିବା, ଆମ୍ବିଳା ହାକୁଟି ହେବା ଭଳି ସମସ୍ୟା ଦେଖାଦିଏ। ତେଣୁ ପ୍ରତ୍ୟେକ ମହିଳା ରାତିରେ ବିଳମ୍ବ ନ କରି ପ୍ରତିଦିନ ଖାଇବାର ଏକ ଠିକ୍ ସମୟ ନିର୍ଦ୍ଧାରଣ କରିବା ଆବଶ୍ୟକ। ଏହାଦ୍ୱାରା ଖାଇବା ପରେ ଅଳ୍ପ ସମୟ ଚାଲବୁଲ କିମ୍ବା ଘରର କାମ କରିବା ପାଇଁ ସମୟ ମିଳିବ, ଯାହାକି ଖାଦ୍ୟ ଭଲ ଭାବେ ହଜମ ହେବାରେ ସାହାଯ୍ୟ କରିବ।

**ଦେଖାଦିଏ ନିଦ୍ରାହୀନତା:** ଅନେକ ମହିଳା ରାତିରେ ନିଦ ହେଉ ନ ଥିବା ନେଇ ଅଭିଯୋଗ କରିଥାଆନ୍ତି। ହେଲେ ଏକ ଗବେଷଣା ରିପୋର୍ଟ ମୁତାବକ ରାତ୍ରିଭୋଜନ ବିଳମ୍ବରେ କରିବା ଦ୍ୱାରା ବଦହଜମୀ, ଗ୍ୟାସ୍ ଭଳି ବିଭିନ୍ନ ସମସ୍ୟା ଉପୁଜିବା ସହ ରାତିରେ ନିଦ୍ରା ବାଧାପ୍ରାପ୍ତ ହୋଇଥାଏ। କେବଳ ଏତିକି ନୁହେଁ, ମସ୍ତିଷ୍କ ଠିକ୍ ଭାବେ ବିଶ୍ରାମ ନ ପାଇବାରୁ କେତେକଙ୍କଠାରେ ଅଜବ ସ୍ୱପ୍ନ ମଧ୍ୟ ଆସିଥାଏ।

**ପ୍ରଭାବିତ କରେ ମାନସିକ ସ୍ୱାସ୍ଥ୍ୟ:** ବିଳମ୍ବିତ ରାତିରେ ଖାଇବା ଦ୍ୱାରା ହଜମକ୍ରିୟା ବାଧାପ୍ରାପ୍ତ ହେବା ସହ ଠିକ୍ ଭାବେ ନିଦ ନ ହେବା କାରଣରୁ ମାନସିକ ସ୍ତରରେ ନକାରାତ୍ମକ ପ୍ରଭାବ ପଡ଼ିଥାଏ। ବାରମ୍ବାର ଏପରି ହେବା ଦ୍ୱାରା ଚିଡ଼ିଚିଡ଼ା ଲାଗିବା, ଡିପ୍ରେଶନ ଭଳି ବିଭିନ୍ନ ମାନସିକ ସମସ୍ୟା ଦେଖାଦେଇଥାଏ। ତେଣୁ ଏସବୁ ସମସ୍ୟାଠୁ ଦୂରେଇରହିବା ଲାଗି ପ୍ରତିଦିନ ରାତିରେ ଶୀଘ୍ର ଖାଇବାକୁ ଚେଷ୍ଟା କରନ୍ତୁ।



ସୌନ୍ଦର୍ଯ୍ୟ

## ସ୍କିନ୍ ଗ୍ଲୋ ବଢ଼ାଏ କିୱି

**ତ୍ୱଚାରେ ଦାଗ, ଟ୍ୟାନିଂ, ସ୍କିନ୍‌ଟୋନ୍ ଡଲ୍ ଲାଗିବା ଭଳି ସମସ୍ୟା ଦେଖାଦେଲେ ମହିଳାମାନଙ୍କ ଚିନ୍ତା ବଢ଼ିଯାଏ। ଏହା ଦୂରକରିବା ଲାଗି ଭିଟାମିନ୍ ସି, ଇ ଓ ଆଣ୍ଟି ଅକ୍ସିଡାଣ୍ଟଯୁକ୍ତ କିୱି ବେଶ୍ ଉପକାରୀ। ଜାଣନ୍ତୁ କିପରି ଏହାକୁ ବ୍ୟବହାର କରି ନିଜ ସ୍କିନ୍‌କୁ ସ୍ପଟ୍‌ଲେସ୍ ଏବଂ ଗ୍ଲୋଇଂ କରିପାରିବେ...**



**ଦହି, କିୱି ପ୍ୟାକ୍:** କିୱିକୁ କାଟି ଏହାର ପଲ୍ପ ବାହାର କରନ୍ତୁ। ୨ଚାମଚ ଏହି ପଲ୍ପ ସହ ୨ଚାମଚ ଦହି ମିଶାଇ ପ୍ୟାକ୍ ପ୍ରସ୍ତୁତ କରନ୍ତୁ। ପ୍ରଥମେ ମୁହଁକୁ ମାଇଲ୍ଡ ଫେସ୍‌ୱାସ୍ ଲଗାଇ ଧୋଇଦିଅନ୍ତୁ। ଧୀରେ ଧୀରେ ମୁହଁ ପୋଛି ଦିଅନ୍ତୁ ଏବଂ ଏହି ପ୍ୟାକ୍‌କୁ ମୁହଁରେ ଲଗାଇ ୧୫-୨୦ମିନିଟ୍ ପର୍ଯ୍ୟନ୍ତ ରଖନ୍ତୁ। ନଖ ଉଷୁମ ପାଣିରେ ଧୀରେ ଧୀରେ ଧୋଇଦିଅନ୍ତୁ। ମନେରଖନ୍ତୁ ତ୍ୱଚାକୁ ଆଦୌ ରଗଡ଼ନ୍ତୁ ନାହିଁ। ପ୍ୟାକ୍ ଛଡ଼ାଇବା ପରେ ମଶ୍ଚରାଇଜର ଲଗାଇବାକୁ ଭୁଲନ୍ତୁ ନାହିଁ। ସପ୍ତାହରେ ଥରେ ଏହି ପ୍ୟାକ୍ ଲଗାଇଲେ ତ୍ୱଚାର ଚମକ ବଢୁଥିବା ନିଜେ ଜାଣିପାରିବେ।

**କିୱି, ଅଣ୍ଡା ପ୍ୟାକ୍:** ଏକ ବଡ଼ ଚାମଚ କିୱି ପଲ୍ପ ନିଅନ୍ତୁ। ସେଥିରେ ୧ ଚାମଚ ଅଣ୍ଡାର ଧଳା ଅଂଶ, ଅଧା ଚାମଚ ଅଲିଭ୍ ଅଏଲ୍ ମିଶାଇ ଏକ ପ୍ୟାକ୍ ପ୍ରସ୍ତୁତ କରନ୍ତୁ। ମୁହଁକୁ ପାଣିରେ ଧୋଇ ଧୀରେ ଧୀରେ ପୋଛି ଦିଅନ୍ତୁ। ଏହି ପ୍ୟାକ୍‌କୁ ମୁହଁରେ ଲଗାଇ ୫-୧୦ ମିନିଟ୍ ରଖିବା ପରେ ପାଣିରେ ଧୋଇଦିଅନ୍ତୁ। ସପ୍ତାହରେ ଥରେ ଏହି ପ୍ୟାକ୍‌କୁ ମୁହଁରେ ଲଗାଇଲେ ଧୀରେ ଧୀରେ ସ୍କିନ୍‌ଟୋନ୍ ବଢ଼ିବା ସହ ଗ୍ଲୋ ମଧ୍ୟ ଆସିବ।

**ଆଲ୍‌ମଣ୍ଡ-କିୱି ପ୍ୟାକ୍:** ୪-୫ଟି ଆଲମଣ୍ଡକୁ ୫-୬ଘଣ୍ଟା ପର୍ଯ୍ୟନ୍ତ ଭିଜାଇ ଦିଅନ୍ତୁ। ଏହା ଭିଜିଗଲା ପରେ ଚୋପା ଛଡ଼ାଇ ବାଟିଦିଅନ୍ତୁ। ସେଥିରେ ୧ ଚାମଚ ବେସନ, ୧ ଚାମଚ କିୱି ପଲ୍ପ ମିଶାଇ ପ୍ୟାକ୍ ପ୍ରସ୍ତୁତ କରନ୍ତୁ। ଏହାକୁ ମୁହଁରେ ଲଗାଇ ୫-୧୦ମିନିଟ୍ ରଖିବା ପରେ ଧୋଇଦିଅନ୍ତୁ। ସପ୍ତାହରେ ଥରେ ଏହି ପ୍ୟାକ୍ ଲଗାଇଲେ ଧୀରେ ଧୀରେ ତ୍ୱଚାରୁ ସମସ୍ତ ଦାଗ ଚାଲିଯିବ ଏବଂ ତ୍ୱଚା ଅଧିକ ସୁନ୍ଦର ଓ ଗ୍ଲୋଇଂ ଦେଖାଯିବ।



ଧରିତ୍ରୀ 52 Years
ଧରିତ୍ରୀ DHARITRI
www.orissakhabar.com/ www.dharitri.com ପୃଷ୍ଠା ୧୪ Press Regd. No. R.N. 21326/74 Postal Regd. No. BN/42/24-26. ଭୁବନେଶ୍ୱର, ମଙ୍ଗଳବାର, ଡିସେମ୍ବର ୯/୨୦୨୫ Bhubaneswar, Tuesday, December 9/ 2025

# ବାରବାଟୀ ପ୍ରସ୍ତୁତ

**ଭାରତ-ଦକ୍ଷିଣ ଆଫ୍ରିକା ଟି୨୦ କ୍ରିକେଟ ମ୍ୟାଚ ପାଇଁ ବାରବାଟୀ ପ୍ରସ୍ତୁତ। ମଙ୍ଗଳବାର ଏଠାରେ ଅନୁଷ୍ଠିତ ହେବ ୫ ମ୍ୟାଚ ବିଶିଷ୍ଟ ସିରିଜର ପ୍ରଥମ ଟି୨୦। ଆଉ ଏକ ଅନ୍ତର୍ଜାତୀୟ ମ୍ୟାଚର ସାକ୍ଷୀ ରହିବ ଏହି ଐତିହାସିକ ଷ୍ଟାଡିୟମ...**

## ପରୀକ୍ଷାର କିଛି ଦିନ ପୂର୍ବରୁ ପଢ଼ା ଆରମ୍ଭ କରାଯାଏ ନାହିଁ

କଟକ,୮।୧୨(ଅନାଦି କର)

ପରୀକ୍ଷାରେ ଭଲ କରିବା ପାଇଁ ଯେମିତି ବର୍ଷ ତମାମ ପଢ଼ାଯାଏ, ଆମେ ସେହିଭଳି ବର୍ଷ ସାରା ପ୍ରସ୍ତୁତି କରିଛୁ। ପରୀକ୍ଷା ପୂର୍ବରୁ ଯେମିତି ୪ ଦିନ ପଢ଼ିଲେ କିଛି ହେବ ନାହିଁ। ସେଭଳି ଆମେ ବିଶ୍ୱକପ୍ ଲାଗି ପ୍ରସ୍ତୁତ କରୁ ନାହୁଁ। ଗତ ବର୍ଷ ଟି୨୦ ବିଶ୍ୱକପ୍ ଜିତିବା ପରଠାରୁ ଆମେ ପ୍ରସ୍ତୁତି କରୁଛୁ। ସେବେଠାରୁ ଆମେ ନୂଆ ନୂଆ ଖେଳାଳିଙ୍କୁ ଟ୍ରାଏ କରୁଛୁ ଏବଂ ସବୁକିଛି ସପକ୍ଷରେ ଆମ ସପକ୍ଷରେ ଯାଇଛି। ଭାରତୀୟ ଟି୨୦ ଦଳର ଅଧିନାୟକ ସୂର୍ଯ୍ୟକୁମାର ଯାଦବ ବାରବାଟୀ ଷ୍ଟାଡିୟମରେ ଆୟୋଜିତ ଖବରଦାତା ସମ୍ମିଳନୀରେ ଏଭଳି କହିଛନ୍ତି।


ଖବରଦାତା ସମ୍ମିଳନୀରେ ସୂର୍ଯ୍ୟକୁମାର ଯାଦବ।

ମୋ ମତରେ ଆମେ ଖେଳିଥିବା ଗତ ୫ରୁ ୬ ସିରିଜ୍‌ରେ ଭଲ ପ୍ରଦର୍ଶନ କରିଛୁ। ଆମେ ପ୍ରାୟ ସମାନ କମ୍ବିନେଶନ ସହ ପ୍ରତ୍ୟେକ ମ୍ୟାଚ୍ ଖେଳି ଜିତିଛୁ। ଆମେ ନିର୍ଦ୍ଦିଷ୍ଟ ଭାବେ ଏହି ସିରିଜ୍ ଲାଗି ଅଧିକ କିଛି ପରିବର୍ତ୍ତନ କରି ନାହୁଁ। ସବୁ କିଛି ଠିକ ଚାଲିଛି। ଏଣୁ ଆମେ ସେହିଭଳି ଖେଳିବାକୁ ଚାହୁଁ। ଦଳରେ ହାର୍ଦ୍ଦିକ ପାଣ୍ଡ୍ୟାଙ୍କ ଭଳି ଅଲରାଉଣ୍ଡରଙ୍କ ଉପସ୍ଥିତି ସହାୟତା ହେବ। କାରଣ ସେ ନୂଆ ବଲରେ ଏବଂ ଡେଥ ଓଭରରେ ମଧ୍ୟ ବୋଲିଂ କରନ୍ତି। ତାଙ୍କ ଉପସ୍ଥିତି ଦଳକୁ ସନ୍ତୁଳନ ପ୍ରଦାନ କରିବା ସହ ଆମ ପାଇଁ ଅନେକ କମ୍ବିନେଶନ ବ୍ୟବହାର କରିବା ଲାଗି ବାଟ ଖୋଲିଦିଏ। ମୋ ମତରେ ତାଙ୍କ ଅଭିଜ୍ଞତା ଆମ ପାଇଁ ଖୁବ ଗୁରୁତ୍ୱପୂର୍ଣ୍ଣ। କାରଣ ସେ ଆଇସିସି ଇଭେଣ୍ଟ ଭଳି ଅନେକ ଗୁରୁତ୍ୱପୂର୍ଣ୍ଣ ମ୍ୟାଚ୍‌ରେ ଭଲ ପ୍ରଦର୍ଶନ କରନ୍ତି ବୋଲି ଟିମ୍ କମ୍ବିନେଶନ ସମ୍ପର୍କରେ ପ୍ରଶ୍ନ କରାଯିବାରୁ ସୂର୍ଯ୍ୟ କହିଛନ୍ତି। ଉଲ୍ଲେଖଯୋଗ୍ୟ, ଭାରତୀୟ ଦଳର ଅନ୍ୟ ଖେଳାଳିଙ୍କଠାରୁ ଆଗୁଆ ଆସିଥିବା ହାର୍ଦ୍ଦିକ ରବିବାର ସନ୍ଧ୍ୟାରେ ବାରବାଟୀରେ ପ୍ରାକ୍ଟିସ କରିଥିଲେ। ଏଣୁ ସୋମବାର ଦଳର ଅପ୍ସନାଲ ପ୍ରାକ୍ଟିସରେ ଭାଗ ନେଇ ନ ଥିଲେ। ଏତଦ୍ ବ୍ୟତୀତ ଦଳରୁ ବାଦ୍ ପଡ଼ିଥିବା ରିଙ୍କୁ ସିଂଙ୍କୁ ଶିବମ ଦୁବେଙ୍କ ସହ ତୁଳନା କରାଯିବା ସମ୍ପର୍କରେ ସେ ପ୍ରକାଶ କରିଛନ୍ତି, ଦୁବେ ଜଣେ ଅଲରାଉଣ୍ଡର। ଏଣୁ ତାଙ୍କୁ ଓ ହାର୍ଦ୍ଦିକଙ୍କୁ ଅନ୍ୟ ଖେଳାଳିଙ୍କ ସହ ତୁଳନା କରାଯିବା ଉଚିତ ନୁହେଁ। ସବୁଠୁ ବଡ଼ କଥା ହେଲା ଯେ, ଆମ ଦଳର ୩ରୁ ୭-ନଂ ପର୍ଯ୍ୟନ୍ତ ବ୍ୟାଟର ଯେକୌଣସି ପୋଜିଶନରେ ବ୍ୟାଟିଂ କରିବାକୁ ଦକ୍ଷ। ବ୍ୟାଟିଂ ଲାଇନ୍‌ରେ ଓପନରଙ୍କୁ ଛାଡ଼ି ଦେଲେ ଅନ୍ୟ ବ୍ୟାଟରଙ୍କ ଲାଗି କୌଣସି ନିର୍ଦ୍ଦିଷ୍ଟ ପୋଜିଶନ ନାହିଁ। ମ୍ୟାଚ୍‌ର ପରିସ୍ଥିତିକୁ ଦେଖି ସେମାନଙ୍କ ବ୍ୟାଟିଂ ଅର୍ଡରରେ ପରିବର୍ତ୍ତନ କରାଯିବ। ଉଦାହରଣ ସ୍ୱରୂପ, ଅଷ୍ଟ୍ରେଲିଆ ବିପକ୍ଷ ଟି୨୦ ସିରିଜ୍‌ରେ ଦୁବେ ନଂ-୩ ପୋଜିଶନକୁ ପ୍ରମୋଟ କରାଯାଇଥିଲା।

**ସମୟ: ସନ୍ଧ୍ୟା ୭ଟା**
**ପ୍ରସାରଣ: ଷ୍ଟାର ସ୍ପୋର୍ଟ୍ସ**


ବାରବାଟୀରେ ସୋମବାର ଅଭ୍ୟାସ ଅବସରରେ ଟିମ୍ ଇଣ୍ଡିଆ ଅଧିନାୟକ ସୂର୍ଯ୍ୟକୁମାର ଯାଦବ ଓ ମୁଖ୍ୟ କୋଚ୍ ଗୌତମ ଗମ୍ଭୀର।


ଶୁବମନ ଗିଲ୍, ଅକ୍ଷର ପଟେଲ, ଅଭିଷେକ ଶର୍ମା, ଶିବମ୍ ଦୁବେ ଓ ୱାଶିଂଟନ ସୁନ୍ଦରଙ୍କ ଅଭ୍ୟାସ।

# ଖେଳାଳିଙ୍କ ଅଭ୍ୟାସ ଦେଖିବାକୁ ଗ୍ୟାଲେରିରେ ଭିଡ଼

କଟକ,୮।୧୨(ଶିଳ୍ପା ପ୍ରିୟଦର୍ଶିନୀ)

ବାରବାଟୀରେ ମଙ୍ଗଳବାର ଭାରତ ଓ ଦକ୍ଷିଣ ଆଫ୍ରିକା ମଧ୍ୟରେ ଟି୨୦ ମ୍ୟାଚ୍ ଖେଳା ଯିବାକୁ ଥିବାବେଳେ ଏହାକୁ ନେଇ ଓଡ଼ିଶାର ପ୍ରଶଂସକଙ୍କ ମଧ୍ୟରେ ଉତ୍କଣ୍ଠା ବୃଦ୍ଧି ପାଇଛି। ସୋମବାର ମଧ୍ୟାହ୍ନ ପ୍ରାୟ ୧୨ଟା୫୦ରେ ଭାରତୀୟ ଦଳ ନେଟ୍ ପ୍ରାକ୍ଟିସ ଲାଗି ପହଞ୍ଚିଥିଲା। ପ୍ରିୟ ଖେଳାଳିଙ୍କୁ ଦେଖିବା ପାଇଁ ପ୍ରାୟ ୪ରୁ ୫୦୦୦ ଦର୍ଶକ ଷ୍ଟାଡିୟମରେ ପହଞ୍ଚିଥିଲେ। ଅପରାହ୍ନ ପ୍ରାୟ ୪ଟା ୩୦ ସୁଦ୍ଧା ଦକ୍ଷିଣ ଆଫ୍ରିକା ଦଳ ବାରବାଟୀରେ ପହଞ୍ଚି ଫ୍ଲଡ୍ ଲାଇଟ୍ସରେ ନେଟ୍ସ ପ୍ରାକ୍ଟିସ କରିଥିଲା। ଓଡ଼ିଶା କ୍ରିକେଟ ଆସୋସିଏଶନ (ଓସିଏ) ପକ୍ଷରୁ ନେଟ୍ସ ଦେଖିବା ପାଇଁ ଦର୍ଶକଙ୍କ ନିମନ୍ତେ ପ୍ରଥମେ ୬ ଓ ୭ ନଂ. ଗ୍ୟାଲେରିକୁ ଖୋଲା ଯାଇଥିଲା। ପରେ ଦର୍ଶକଙ୍କ ସଂଖ୍ୟା ବଢ଼ିବାରୁ ୧ ଓ ୨ ନଂ. ଗ୍ୟାଲେରିକୁ ମଧ୍ୟ ଖୋଲିବାକୁ ପଡିଥିଲା। ଶୀତୁଆ ସନ୍ଧ୍ୟାରେ ଗ୍ୟାଲେରିଗୁଡିକ ଲୋକାରଣ୍ୟ ହୋଇ ଉଠିଥିଲା। ଖେଳାଳିମାନେ ପଡ଼ିଆରେ ପ୍ରବେଶ କରୁଥିବା ବେଳେ ଦର୍ଶକମାନେ କୋଳାହଳ ମାଧ୍ୟମରେ ସେମାନଙ୍କୁ ସ୍ୱାଗତ କରିଥିଲେ। ଅଧିକ ସଂଖ୍ୟକ ଦର୍ଶକଙ୍କୁ ଦେଖି ଖେଳାଳିମାନେ ମଧ୍ୟ ଉତ୍ସାହିତ ହୋଇଥିଲେ। ଅଭ୍ୟାସ ପରେ ଖେଳାଳିମାନେ ଗ୍ରାଉଣ୍ଡରୁ ଫେରୁଥିବା ବେଳେ ଭାରତୀୟ ଅଧିନାୟକ ସୂର୍ଯ୍ୟକୁମାର ଯାଦବଙ୍କ ହାତରେ ମହାପ୍ରଭୁ ଜଗନ୍ନାଥଙ୍କ ଫଟୋ ଦେଖିବାକୁ ମିଳିଥିଲା। ଅନ୍ୟପକ୍ଷରେ ଅଭ୍ୟାସ ବେଳେ ଗ୍ରାଉଣ୍ଡରେ ନିଯୁକ୍ତ ଥିବା ଜଣେ କର୍ମଚାରୀ ଅଚେତ ହୋଇ ପଡ଼ିଥିଲେ। ତାଙ୍କୁ ଷ୍ଟ୍ରେଚର ଯୋଗେ ଗ୍ରାଉଣ୍ଡରୁ ବାହାରକୁ ନିଆଯାଇଥିଲା।

## କଏନ, ଚାର୍ଜର, ପାଣି ବୋତଲ ମନା

ମଙ୍ଗଳବାର ସନ୍ଧ୍ୟା ୭ଟାରେ ଭାରତ-ଦକ୍ଷିଣ ଆଫ୍ରିକା ମ୍ୟାଚ୍ ଆରମ୍ଭ ହେବାକୁ ଥିବାବେଳେ ପ୍ରାୟ ୩ ରୁ ୪ ଘଣ୍ଟା ପୂର୍ବରୁ ଦର୍ଶକଙ୍କୁ ଷ୍ଟାଡିୟମ ପରିସରରେ ପ୍ରବେଶ କରିବାକୁ ଅନୁମତି ଦିଆଯିବ। ମ୍ୟାଚପାଇଁ ଦର୍ଶକଙ୍କଲାଗି ବାରଣ କରାଯାଇଥିବା ସାମଗ୍ରୀ ମଧ୍ୟରେ କଏନ, ମୋବାଇଲ ଚାର୍ଜର, ପାଣି ବୋତଲ ଆଦି ନିତ୍ୟ ବ୍ୟବହାର୍ଯ୍ୟ ସାମଗ୍ରୀ ସାମିଲ ରହିଛି।

ସାଧାରଣ ଦର୍ଶକଙ୍କ ପାଇଁ ଷ୍ଟାଡିୟମର ପ୍ରତ୍ୟେକ ଗ୍ୟାଲେରିରେ ପିଇବା ପାଣିର ବ୍ୟବସ୍ଥା କରାଯାଇଛି।

## ଉପସ୍ଥିତ ରହିବେ ରାଜ୍ୟପାଳ, ମୁଖ୍ୟମନ୍ତ୍ରୀ

ସେହିପରି ମ୍ୟାଚ୍‌ରେ ରାଜ୍ୟପାଳ ହରିବାବୁ କମ୍ଭମପାଟି, ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ, କ୍ରୀଡ଼ାମନ୍ତ୍ରୀ ସୂର୍ଯ୍ୟବଂଶୀ ସୂରଜଙ୍କ ସମେତ ଅନ୍ୟାନ୍ୟ ବିଭାଗୀୟ ମନ୍ତ୍ରୀ ଓ ବରିଷ୍ଠ ଅଧିକାରୀମାନେ ଉପସ୍ଥିତ ରହିବେ। ଏଥିସହିତ ବାରବାଟୀରେ ପ୍ରଥମକରି ମ୍ୟାଚ୍ ପୂର୍ବରୁ ଓ ମଧ୍ୟାନ୍ତରରେ ଡିଏମ୍‌ଏକ୍ସ ଶୋ (ଲାଇଟ୍ ଶୋ) କରାଯିବ। ସେହିପରି ଯେଉଁ ଦର୍ଶକ ଷ୍ଟାଡିୟମ ପରିସରକୁ ଆସି ମ୍ୟାଚ୍ ଦେଖିବାରୁ ବଞ୍ଚିତ ରହିବେ, ସେମାନଙ୍କ ପାଇଁ ଖାସ୍ କରି ଉପର ଓ ତଳ ବାଲିଯାତ୍ରା ପଡ଼ିଆ ସହ ଇନ୍‌ଡୋର ଷ୍ଟାଡିୟମରେ ଫ୍ୟାନ୍ ପାର୍କର ବ୍ୟବସ୍ଥା କରାଯାଇଛି। ଏଠାରେ ଦର୍ଶକଙ୍କ ପାଇଁ ଏଲ୍‌ଇଡି ସ୍କ୍ରିନର ବ୍ୟବସ୍ଥା କରାଯାଇଛି।

# ଆମେ ଏଣ୍ଟରଟେନିଂ କ୍ରିକେଟ ଖେଳିବୁ: ମାରକ୍ରମ

କଟକ,୮।୧୨(ଅନାଦି କର)

ଗତ ଟି୨୦ ବିଶ୍ୱକପ୍ ଫାଇନାଲରେ ଭାରତଠାରୁ ପରାଜିତ ହୋଇ ରନର ଅପ୍ ହୋଇଥିବା ଦକ୍ଷିଣ ଆଫ୍ରିକା ଦଳ ଏଡେନ ମାରକ୍ରମଙ୍କ ନେତୃତ୍ୱରେ ଅତ୍ୟଧିକ ଆଟାକିଂ କ୍ରିକେଟ ଖେଳି ଆସୁଛି। ଏହା ଦର୍ଶକଙ୍କୁ ଏଣ୍ଟରଟେନ କରୁଥିବା ବେଳେ ଏହି ଆପ୍ରୋଚ ଦକ୍ଷିଣ ଆଫ୍ରିକା ଲାଗି ଫଳପ୍ରଦ ସାବ୍ୟସ୍ତ ହୋଇ ନାହିଁ। ଏହି ଦଳ ଟି୨୦ ବିଶ୍ୱକପ୍ ପରଠାରୁ ବିଭିନ୍ନ ଦ୍ୱିପାକ୍ଷିକ ଟି୨୦ ସିରିଜ୍‌ରେ ପରାଜିତ ହୋଇଛି। ଏହାସତ୍ତ୍ୱେ ବାରବାଟୀରେ ଭାରତ ବିପକ୍ଷରେ ଆରମ୍ଭ ହେବାକୁ ଯାଉଥିବା ସିରିଜ୍ ଲାଗି ଭ୍ରମଣକାରୀ ଦଳ ତା'ର ଆଟାକିଂ ଆପ୍ରୋଚରେ କୌଣସି ପରିବର୍ତ୍ତନ କରିବ ନାହିଁ। ଏ ନେଇ ଦକ୍ଷିଣ ଆଫ୍ରିକା ଦଳର ପ୍ରାକ୍ଟିସ ପୂର୍ବରୁ ଅଧିନାୟକ ଏଡେନ ମାରକ୍ରମ ସ୍ପଷ୍ଟ କରିଛନ୍ତି।

ଆମେ ଯୋଜନାରେ କୌଣସି ପରିବର୍ତ୍ତନ କରିନାହୁଁ। ଏହା ଟି୨୦ କ୍ରିକେଟ, ଯାହାକି ଏଣ୍ଟରଟେନିଂ ଫର୍ମାଟ। ଆମେ ସେହି ବ୍ରାଣ୍ଡ୍‌ର ଖେଳ ପ୍ରଦର୍ଶନ କରିବାକୁ ଚାହୁଁ। ଆମେ ଚାହୁଁ, ଆମ ଖେଳାଳି ଭୟମୁକ୍ତ ହୋଇ ନିଜ ଖେଳକୁ ଏଞ୍ଜୟ କରନ୍ତୁ ବୋଲି ମାରକ୍ରମ ଖବରଦାତା ସମ୍ମିଳନୀରେ କହିଛନ୍ତି। ଏତଦ୍‌ବ୍ୟତୀତ ଦଳକୁ ପ୍ରତ୍ୟାବର୍ତ୍ତନ କରିଥିବା ଆନରିଚ ନର୍କିଆଙ୍କ ସମ୍ପର୍କରେ ସେ ପ୍ରକାଶ କରିଛନ୍ତି, ୧୪୦ରୁ ଊର୍ଦ୍ଧ୍ୱ ଗତିରେ ବୋଲିଂ କରିପାରୁଥିବା ନର୍କିଆଙ୍କ ଭଳି ବୋଲର ଫେରିବା ଦ୍ୱାରା ଦଳର ଶକ୍ତି ବୃଦ୍ଧି ପାଇଛି। ତାଙ୍କ ଇଞ୍ଜୁରି ଯୋଗୁ ଆମ ପାଖରେ ଫାଷ୍ଟ ବୋଲିଂ ବିକଳ୍ପ ବୃଦ୍ଧି ପାଇଛି। ଅନ୍ତିମ ଥର ଟି୨୦ ବିଶ୍ୱକପ୍ ଫାଇନାଲ ଖେଳିଥିବା ନର୍କିଆ ଦଳକୁ ଫେରୁଥିବାରୁ ନିଶ୍ଚିତ ଭାବେ ଉତ୍ସାହିତ ଥିବେ ଏବଂ ମୁଁ ନିଶ୍ଚିତ ଯେ, ସେ ନିଜର ଶତ ପ୍ରତିଶତ ଦେବେ।


ଏଡେନ ମାରକ୍ରମଙ୍କ ବୋଲିଂ ଅଭ୍ୟାସ।

## ଅଭିଷେକଙ୍କ ଉଇକେଟ ଆମ ପାଇଁ ଗୁରୁତ୍ୱପୂର୍ଣ୍ଣ

ମୁଁ ଅଭିଷେକଙ୍କ ସହ ଆଇପିଏଲ୍‌ରେ ସନରାଇଜର୍ସ ହାଇଦ୍ରାବାଦ୍ ପାଇଁ ଖେଳିଛି। ସେ ଖୁବ ଭଲ ଓ ଭୟମୁକ୍ତ ଖେଳାଳି। ସେ ପ୍ରଥମ ବଲରୁ ପ୍ରତିପକ୍ଷ ଦଳ ଉପରେ ଚାପ ପକାନ୍ତି। ଏଣୁ ତାଙ୍କ ଉଇକେଟ ଆମ ପାଇଁ ଖୁବ ଗୁରୁତ୍ୱପୂର୍ଣ୍ଣ। ଏଥିରେ କିଛି ଦ୍ୱନ୍ଦ୍ୱ ନାହିଁ। ଏବେ ଆଗକୁ ଆସୁଥିବା ନୂଆ ପିଢ଼ିର ଖେଳାଳିମାନେ ଆରମ୍ଭରୁ ବଡ଼ ବଡ଼ ଶଟ୍ ଖେଳିବାକୁ ଚାହାନ୍ତି। କାରଣ ଏହା ଏଣ୍ଟରଟେନମେଣ୍ଟ ଯୋଗାଏ ଏବଂ ଏହାଦ୍ୱାରା ସେମାନଙ୍କ ଲାଗି ବିଭିନ୍ନ ଲିଗ୍‌ରେ ଖେଳିବାର ବାଟ ଫିଟିଯାଏ। ବର୍ତ୍ତମାନ ଟି୨୦ କ୍ରିକେଟ ସେହି ଦିଗରେ ଆଗକୁ ଯାଉଛି ବୋଲି ଅଭିଷେକଙ୍କ ସମ୍ପର୍କରେ ପ୍ରଶ୍ନ କରାଯିବାରୁ ମାରକ୍ରମ କହିଛନ୍ତି। ୨୫ ବର୍ଷୀୟ ଅଭିଷେକ ଗତ ଏକ ବର୍ଷ ମଧ୍ୟରେ ନିଜକୁ ଜଣେ ବିସ୍ଫୋରକ ଓପନର ଭାବେ ପ୍ରତିଷ୍ଠିତ କରାଇଛନ୍ତି। ସେ ଗତ ଟି୨୦ ଏସିଆ କପ୍ ଓ ଅଷ୍ଟ୍ରେଲିଆ ବିପକ୍ଷ ଟି୨୦ ସିରିଜ୍‌ରେ ସର୍ବାଧିକ ରନ ସ୍କୋର କରିଥିଲେ। ଏପରି କି ଜାତୀୟ ଦଳଠାରୁ ଦୂରରେ ଥିଲା ବେଳେ ପଞ୍ଜାବ ପାଇଁ ସୟଦ ମୁସ୍ତାକ ଅଲୀ ଘରୋଇ ଟି୨୦ ପ୍ରତିଯୋଗିତାରେ ସେ ୬ ମ୍ୟାଚ୍‌ରେ ୫୦ରୁ ଊର୍ଦ୍ଧ୍ୱ ଆଭରେଜ ୨୪୯.୧୮ ଷ୍ଟ୍ରାଇକ୍‌ରେଟ୍‌ରେ ୩୦୪ ରନ କରିଛନ୍ତି।


ନେଟ୍ସରେ ନିଜ ପାଳିକୁ ଅପେକ୍ଷା କରିଛନ୍ତି ଦକ୍ଷିଣ ଆଫ୍ରିକାର ଡେଭିଡ ମିଲର।


ଭାରତ ଓ ଦକ୍ଷିଣ ଆଫ୍ରିକା ନେଟ୍ ପ୍ରାକ୍ଟିସ ଦେଖିବାକୁ ସୋମବାର ଗ୍ୟାଲେରିରେ ଦର୍ଶକଙ୍କ ଭିଡ଼। (ଫଟୋ ରାଜକିଶୋର ମହାନ୍ତି)

1-Printed and published by Adyasha Satpathy on behalf of Navajat Printers & Media Pvt. Ltd. and printed at Navajat Printers, B-15, Industrial Estate, Rasulgarh, Bhubaneswar, Editor - Tathagata Satpathy, ସମ୍ପାଦକ- ତଥାଗତ ସତପଥୀ